


ରଘୁ ପ୍ରସାଦ ବର୍ଷର ଶ୍ରେଷ୍ଠ ଅମ୍ପାୟର

▶ପୃଷ୍ଠା ୧୨ ଦେଖନ୍ତୁ...


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-143 ♦WEDNESDAY ♦19 NOVEMBER 2025 ♦PAGE-12 ♦₹ 6.00

SAMBALPUR

♦ବର୍ଷ-୪୩ ♦ସଂଖ୍ୟା-୧୪୩ ♦ବୁଧବାର ♦୧୯ ନଭେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦


## ଜୁଆରେ ହାରିଲେ ପତି; ପତ୍ନୀଙ୍କୁ ଗଣଦୁଷ୍କର୍ମ

■ ନୂଆଦିଲ୍ଲୀ, ୧୮ ।୧୧(ଏଜେନ୍ସି): ଉତ୍ତରପ୍ରଦେଶର ବାଗପତ ଜିଲ୍ଲାରୁ ମାନବିକତାକୁ ଲଜ୍ଜିତ କଲା ଭଳି ଏକ ଘଟଣା ସାମ୍ନାକୁ ଆସିଛି । ଜଣେ ପତି ଜୁଆରେ ହାରିବା ପରେ ନିଜ ନବବିବାହିତା ପତ୍ନୀଙ୍କୁ ଅନ୍ୟ ୮ ଜଣ ଲୋକଙ୍କୁ ସମର୍ପି ଦେଇଥିଲା । ଏହାପରେ ସେମାନେ ଜଣଙ୍କ ପରେ ଜଣେ ମହିଳାଙ୍କୁ ଦୁଷ୍କର୍ମ କରିଥିଲେ । ପୁଲିସ ଏହି ଜଘନ୍ୟ ମାମଲାର ଯାଞ୍ଚ କରୁଛି । ପୀଡିତା ନିବାଡା ଗାଁରେ ରୁହନ୍ତି । ଗତବର୍ଷ ଅକ୍ଟୋବର ୨୪ରେ ମିରଟର ଖିବାଇ ଗାଁର ଦାନିଶ ସହିତ ଏହି ମହିଳାଙ୍କର ବିବାହ ହୋଇଥିଲା । କିନ୍ତୁ ବିବାହର କିଛିଦିନ ପରେ ପତି ମଦ୍ୟପ ଓ ଜୁଆଡି ବୋଲି



ମହିଳା ଜାଣିବାକୁ ପାଇଥିଲେ । ଯୌତୁକ କମ୍ ମିଳିବା କାରଣରୁ ପତି ଓ ଶାଶୁଘର ଲୋକେ ତାଙ୍କୁ ନିର୍ଯାତନା ଦେଉଥିଲେ ।

ପତ୍ନୀଙ୍କ ଅଭିଯୋଗ ଅନୁଯାୟୀ ଦିନେ ସ୍ୱାମୀ ଜୁଆ ଖେଳି ଖେଳି ହାରି ଚାଲିଥିଲେ । ଶେଷରେ ସେ ପତ୍ନୀଙ୍କୁ ବାଜି ଲଗାଇ ଦେଇଥିଲେ । ହାରିବା ପରେ ଏହି ମହିଳାଙ୍କୁ ୮ ଜଣ ଦୁଷ୍କର୍ମ କରିଥିଲେ । ଅଭିଯୁକ୍ତଙ୍କ ମଧ୍ୟରେ ଉମେଶ ଗୁପ୍ତା, ମୋନୁ ଏବଂ ଅଂଶୁଲ ସାମିଲ ଅଛନ୍ତି । ଏମାନେ ଗାଜିଆବାଦର ବାସିନ୍ଦା । ପୀଡ଼ିତାଙ୍କ ଦୁଃଖ ଏତିକିରେ ଶେଷ ହୋଇ ଯାଇ ନ ଥିଲା । ନିଜ ଦେଢ଼ଶୂର, ନଣଦେଇ ଓ ଶଶୂର ମଧ ତାଙ୍କୁ ଦୁଷ୍କର୍ମ ▶ପୃଷ୍ଠା-୭

## ଆନ୍ଧ୍ରରେ ହେବ ପ୍ରଥମ 'ଏୟାର ଟ୍ୟାକ୍ସି କ୍ଲଷ୍ଟର'

■ ନୂଆଦିଲ୍ଲୀ, ୧୮ ।୧୧ (ଏଜେନ୍ସି): ଆନ୍ଧ୍ରପ୍ରଦେଶରେ ନିର୍ମାଣ ହେବ ଦେଶର ପ୍ରଥମ ଇଲେକ୍ଟ୍ରିକ୍ 'ଏୟାର ଟ୍ୟାକ୍ସି କ୍ଲଷ୍ଟର' । ଏଥିପାଇଁ ଆନ୍ଧ୍ର ସରକାର ସରଲା ଆଭିଏସନ ସହ ଏକ ଚୁକ୍ତି ସ୍ୱାକ୍ଷର କରିଛନ୍ତି । ଏହି ଚୁକ୍ତି ଅନୁଯାୟୀ, ରାଜ୍ୟରେ ଇଭିଟଲ୍ (ଇଲେକ୍ଟ୍ରିକ୍ ଭର୍ଟିକାଲ୍ ଟେକ୍-ଅଫ୍ ଏବଂ ଲ୍ୟାଣ୍ଡିଂ) ଉତ୍ପାଦନ କାରଖାନା ପ୍ରତିଷ୍ଠା କରାଯିବ । ଏହି ପ୍ରକଳ୍ପର ନାମ 'ସ୍କାଏ ଫ୍ୟାକ୍ଟ୍ରି' ରଖାଯାଇଛି । ଅନନ୍ତପୁର ଜିଲ୍ଲାରେ ଏହି କ୍ଲଷ୍ଟର ନିର୍ମାଣ କରାଯିବ, ଯେଉଁଠାରେ ଇଲେକ୍ଟ୍ରିକ୍ ଏୟାର ଟ୍ୟାକ୍ସି ଭଳି ବିମାନ ନିର୍ମାଣ ହେବ । କମ୍ପାନୀ ପ୍ରଥମ ପର୍ଯ୍ୟାୟରେ ଏହି ପ୍ରକଳ୍ପରେ ୩୩୦ କୋଟି ଟଙ୍କା ନିବେଶ ଯୋଜନା ରଖିଛି । ୨୦୨୯ ସୁଦ୍ଧା ବାଣିଜ୍ୟିକ ବିମାନ ଉଡ଼ାଣ ଆରମ୍ଭ କରିବାକୁ ଲକ୍ଷ୍ୟ ରଖାଯାଇଛି । ୧୫୦ ଏକର ଜମିରେ ପ୍ରତିଷ୍ଠା ହେବାକୁ ଥିବା ଏହି ପଦକ୍ଷେପ ଦେଶର ଗ୍ରୀନ ମୋବିଲିଟିକୁ ଆଗକୁ ବଢ଼ାଇବା ସହ ଏ କ୍ଷେତ୍ରରେ ଏହା ଏକ ଗେମ୍ ଚେଞ୍ଜର ହୋଇପାରେ । ଏଥିରେ ପ୍ରଡକ୍ସନ ଲାଇନ, ଗବେଷଣା ଏବଂ ବିକାଶ କେନ୍ଦ୍ର, କମ୍ପୋଜିଟ୍ ଲ୍ୟାବ୍ ଏବଂ ୨ କିମିର ରନୱେ ରହିବ, ଯେଉଁଠାରେ ଡିଜିସିଏ ପ୍ରମାଣପତ୍ର ସହ ପରୀକ୍ଷଣ କରାଯିବ । ଦ୍ୱିତୀୟ ପର୍ଯ୍ୟାୟରେ ଏଥିରେ ୧,୩୦୦ କୋଟି ଟଙ୍କା ନିବେଶ ହେବ । ଏହି ୟୁନିଟ୍‌ରେ 'ସରଲା'ର ଫ୍ଲାଗସିପ୍ ଶୂନ୍ୟ ହାଇବ୍ରିଡ୍ 'ଭିଟଲ୍' ବିମାନ ସହ ଇଲେକ୍ଟ୍ରିକାଲ ହାର୍ନେସ୍ ସିଷ୍ଟମ୍, ଲ୍ୟାଣ୍ଡିଂ ଗିୟର୍ ଏବଂ ଉନ୍ନତ ▶ପୃଷ୍ଠା-୭

**୨୦୨୭ ସୁଦ୍ଧା 'ଡ୍ରୋନ୍ ଟ୍ୟାକ୍ସି' ଉତ୍ପାଦନ ଲକ୍ଷ୍ୟ**

# ଏସ୍‌ସିବିରେ ଲଜ୍ଜା

## ଆଇସିୟୁରେ ଯୁବତୀଙ୍କୁ ଅସଦାଚରଣ




■ କଟକ, ୧୮ ।୧୧ (ସମିସ): ବିଷ ପିଇ ମୃତ୍ୟୁ ସହ ସଂଗ୍ରାମ କରୁଥିବା ଜଣେ ଯୁବତୀଙ୍କୁ ଗତ ରବିବାର ବିଳମ୍ବିତ ରାତିରେ ଏସ୍‌ସିବି ମେଡିସିନ୍ ଆଇସିୟୁରେ ଜଣେ ୱାର୍ଡ ଆଟେଣ୍ଡାଣ୍ଟ ଅସଦାଚରଣ କରିଥିବା ଅଭିଯୋଗ ହୋଇଛି । ଏଭଳି ଲଜ୍ଜାଜନକ ଘଟଣା ଘଟିବା ପରେ ହସ୍ପିଟାଲ୍ କର୍ତ୍ତୃପକ୍ଷ ଓ ମଙ୍ଗଳାବାଗ ପୁଲିସ ଏହାକୁ ଚାପିଦେବା ପାଇଁ ଉଦ୍ୟମ କରିଥିଲେ ହେଁ ଘଟଣା ପଦାକୁ ଆସିଛି । ମେଡିସିନ୍ ଆଇସିୟୁରେ କାର୍ଯ୍ୟରତ ୱାର୍ଡ ଆଟେଣ୍ଡାଣ୍ଟ ମାନସ ରଞ୍ଜନ ପତି ନିଶାସକ୍ତ ଅବସ୍ଥାରେ ଏଭଳି ଅମାନୁଷିକ କାଣ୍ଡ ଭିଆଇଛି । ଆଜି ମଙ୍ଗଳାବାଗ ଥାନା ପୁଲିସ ତାକୁ ଗିରଫ କରି କୋର୍ଟଚାଲାଣ କରିଛି । ଜାମିନ୍ ନାମଞ୍ଜୁର ହେବାରୁ ତାକୁ ଚୌଦ୍ୱାର ଜେଲ୍‌କୁ ପଠାଇ ଦିଆଯାଇଛି ।

ପୁଲିସ ସୂଚନାନୁସାରେ, ମାନସ ମେଡିସିନ୍ ବିଭାଗ ଆଇସିୟୁରେ ୱାର୍ଡ ଆଟେଣ୍ଡାଣ୍ଟ ଭାବେ କାମ କରେ । ଗତ ରବିବାର ସେ ମଦ ପିଇ ଡ୍ୟୁଟିକୁ ଆସିଥିଲା ।

**ଅଭିଯୁକ୍ତ ୱାର୍ଡ ଆଟେଣ୍ଡାଣ୍ଟ ଗିରଫ**

ଢେଙ୍କାନାଳ ଜିଲ୍ଲା କାମାକ୍ଷାନଗର ଅଞ୍ଚଳର ୨୩ ବର୍ଷୀୟ ଜଣେ ଯୁବତୀ ବିଷ ପିଇ ଗୁରୁତର ହୋଇପଡ଼ିବାରୁ ତାଙ୍କୁ ଆଇସିୟୁରେ ଭର୍ତ୍ତି କରାଯାଇଥିଲା । ବିଳମ୍ବିତ ରାତିରେ କାର୍ଯ୍ୟରତ ଡାକ୍ତର ଆଇସିୟୁରୁ ଯିବା ପରେ ମାନସ ଆଇସିୟୁ ଭିତରେ ବୁଲାବୁଲି କରୁଥିଲା । ସମ୍ପୃକ୍ତ ଯୁବତୀଜଣଙ୍କ ଯନ୍ତ୍ରଣାରେ ଛଟପଟ ହେଉଥିଲେ । ସାଲାଇନ୍ ସରିଯାଇଥିବାରୁ ସାଲାଇନ୍ ବୋତାଲ କାଢ଼ି ସେ ତଳେ ରଖିଥିଲା । ପରେ ମାନସ ତାଙ୍କ ପାଖକୁ ଯାଇ କ'ଣ ହେଉଛି ବୋଲି ପଚାରିଥିଲା । ଯୁବତୀଜଣଙ୍କ କୌଣସି ଉତ୍ତର ଦେବା ଅବସ୍ଥାରେ ନଥିଲେ । ଏହାର ସୁଯୋଗ ନେଇ ମାନସ ତାଙ୍କୁ ଅସଦାଚରଣ କରିଥିଲା । ଯେହେତୁ ଆଇସିୟୁରେ ଭିତରେ ସିସି କ୍ୟାମେରା ନାହିଁ, ତେଣୁ ଏଭଳି ଅପରାଧ କରିବାକୁ ଅଭିଯୁକ୍ତ ସାହସ ଜୁଟାଇଥିଲା । ଯୁବତୀଜଣଙ୍କ ପରେ ଏ ସଂପର୍କରେ ପରିବାରଲୋକଙ୍କୁ ଜଣାଇଥିଲେ ।

ପରିବାର ପକ୍ଷରୁ ପ୍ରଥମେ ଚିକିତ୍ସା କରୁଥିବା ଡାକ୍ତରଙ୍କୁ ସୂଚନା ଦିଆଯାଇଥିଲା । ଡାକ୍ତରଙ୍କ ସୁପାରିଶକ୍ରମେ ମଙ୍ଗଳାବାଗ ଥାନାରେ ଯୁବତୀଙ୍କ ସମ୍ପର୍କୀୟ ▶ପୃଷ୍ଠା-୭

### ଆମେରିକାରେ ଖାଦ୍ୟ ମୂଲ୍ୟ ବୃଦ୍ଧି ପରେ ଟ୍ରମ୍ପଙ୍କ ପଛଘୁଞ୍ଚା

# ୨୦୦ରୁ ଅଧିକ ଉତ୍ପାଦରୁ ହଟିଲା ଶୁଳ୍କ

■ ୱାଶିଂଟନ୍, ୧୮ ।୧୧ (ଏଜେନ୍ସି): ଆମେରିକାରେ ସମ୍ପ୍ରତି ଖାଦ୍ୟ ସାମଗ୍ରୀ ମୂଲ୍ୟ ମହଙ୍ଗା ହୋଇଯାଇଛି । ଭାରତ ଉପରେ ଉଚ୍ଚ ଟାରିଫ୍ ଲଗାଇବାର ଏହା ହେଉଛି ଫଳ । ଏହାର ପ୍ରଭାବରେ ଏବେ ଶୁଳ୍କ ପ୍ରସଙ୍ଗରେ ପଛକୁ ହଟିଛନ୍ତି ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ । ପଦକ୍ଷେପ ସ୍ୱରୂପ ଆମେରିକା ଭାରତରୁ ଆମଦାନୀ ହେଉଥିବା କଫି, ଚା, ମସଲା, ଟ୍ରପିକାଲ ଫ୍ରୁଟ୍ସ ଏବଂ ଫଳ ରସ ଭଳି ଭାରତୀୟ ଉତ୍ପାଦ ଉପରେ ୫୦% ପାରସ୍ପରିକ ଶୁଳ୍କ ଉଠାଇ ଦେଇଛି । ଏହା ଦେଶର ପ୍ରାୟ ୧ ବିଲିୟନ ଡଲାର (ପ୍ରାୟ ୯୦୦୦ କୋଟି) ଟଙ୍କା ମୂଲ୍ୟର କୃଷି ରପ୍ତାନିକୁ ଗୁରୁତ୍ୱପୂର୍ଣ୍ଣ ଆଶ୍ୱସ୍ତି ପ୍ରଦାନ କରିବ ।

ଏହି ଛାଡ଼ ନଭେମ୍ବର ୧୨ରେ ହ୍ୱାଇ




**ଚା, କଫି, ମସଲା ଉପରୁ ହଟିଲା ୫୦% ଟାରିଫ୍**

ହାଉସ୍ କାର୍ଯ୍ୟନିର୍ବାହୀ ଅର୍ଡରରେ ଜାରି କରାଯାଇଥିଲା ଏବଂ ନଭେମ୍ବର ୧୩ରେ କାର୍ଯ୍ୟକାରୀ ହୋଇଥିଲା । ରୁଷିଆ ତେଲ କ୍ରୟ କରିବା ପାଇଁ ଆମେରିକା ଭାରତ ଉପରେ ୫୦% ଶୁଳ୍କ ଲଗାଇଥିଲା । ୨୦୨୫ ଆର୍ଥିକବର୍ଷରେ ଆମେରିକାକୁ ଭାରତର କୃଷି ରପ୍ତାନି ୨.୫ ବିଲିୟନ ଡଲାର (୨୨,୦୦୦ କୋଟି ଟଙ୍କା) । ବୈଦେଶିକ ବାଣିଜ୍ୟ ମହାନିର୍ଦ୍ଦେଶାଳୟ (ଡିଜିଏଫ୍‌ଟି) କହିଛି ଯେ ଏହା ଭାରତୀୟ ରପ୍ତାନିକାରୀଙ୍କୁ ସମାନ ସୁଯୋଗ ପ୍ରଦାନ କରିବ । ଭାରତ ଏବଂ ଆମେରିକା ମଧ୍ୟରେ ବାଣିଜ୍ୟ ଚୁକ୍ତି ଏବେ ପ୍ରାୟ ଶେଷ ପର୍ଯ୍ୟାୟରେ ପହଞ୍ଚିଛି । ଭାରତର ବାଣିଜ୍ୟ ସଚିବ ରାଜେଶ ଅଗ୍ରୱାଲ କହିଛନ୍ତି ଯେ ଭାରତୀୟ ବଜାରରେ ପ୍ରବେଶ ପାଇଁ ଆମେରିକାର ଦାବି, ୨୫% ପାରସ୍ପରିକ ଶୁଳ୍କ ଏବଂ ଅଶୋଧିତ ତୈଳ ଉପରେ ଅତିରିକ୍ତ ୨୫% ଶୁଳ୍କ ଭଳି ପ୍ରସଙ୍ଗରେ ଏକ ଚୁକ୍ତି ପ୍ରାୟ ହୋଇଛି । ସେ କହିଛନ୍ତି ଯେ ଆମେ ଏହାକୁ ଖୁବ୍ ଶୀଘ୍ର ଚୂଡ଼ାନ୍ତ କରିବୁ । ଚଳିତବର୍ଷ ଫେବୃଆରୀ ମାସରୁ ଦୁଇ ଦେଶ ମଧ୍ୟରେ ବାଣିଜ୍ୟ ଚୁକ୍ତି ଉପରେ ଆଲୋଚନା ଚାଲିଛି । ତେବେ ଟ୍ରମ୍ପ ପ୍ରଶାସନ ସେହି ଉତ୍ପାଦଗୁଡ଼ିକ ଉପରେ ଶୁଳ୍କ ହଟାଇଛି ଯାହାର ଉତ୍ପାଦନ ଆମେରିକାରେ କମ୍ ଅଛି ।

# ଅମାନିଆ ବାବୁଙ୍କ ଉପରେ ମୁଖ୍ୟମନ୍ତ୍ରୀ ଖପ୍ପା

**ହୋଇପାରି ନାହିଁ ବରଗଡ଼ରେ କଂସ ଦରବାର, ଖଣ୍ଡପଡ଼ାରେ ପ୍ଲାନେଟୋରିୟମ**

**ମୁଖ୍ୟମନ୍ତ୍ରୀ କନ୍ୟା ବିବାହ ଯୋଜନା, ଶ୍ରୀଜଗନ୍ନାଥ ଦର୍ଶନ ଯୋଜନା ବିଳମ୍ବିତ**

**ଯୋଜନା ଓ କାର୍ଯ୍ୟକ୍ରମର ନିୟମିତ ସମୀକ୍ଷା ନିମନ୍ତେ ମୁଖ୍ୟ ସଚିବଙ୍କୁ ନିର୍ଦ୍ଦେଶ**

■ ଭୁବନେଶ୍ୱର, ୧୮ ।୧୧ (ସମିସ): ପ୍ରଶାସନିକ ସ୍ଥାଣୁତା ଯୋଗୁଁ ରାଜ୍ୟରେ ବିକାଶ କାମ ଏକପ୍ରକାର ଠପ୍ । କିଛି ଅମାନିଆ ବାବୁ ସରକାରୀ କାର୍ଯ୍ୟକ୍ରମକୁ କାର୍ଯ୍ୟାନ୍ୱୟନ କରିବାରେ ବିଳମ୍ବ କରୁଛନ୍ତି । ଏପରିକି ମୁଖ୍ୟମନ୍ତ୍ରୀଙ୍କ ଘୋଷଣା ଓ ନିର୍ଦ୍ଦେଶ ବି କାର୍ଯ୍ୟକାରୀ ହୋଇ ପାରିନାହିଁ । ଯାହାକୁ ନେଇ ଆଜି ଖୋଲାଖୋଲି କ୍ଷୋଭ ପ୍ରକାଶ କରିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ । ଜିଲ୍ଲାଗସ୍ତ ବେଳେ ମୁଖ୍ୟମନ୍ତ୍ରୀଙ୍କ ବିଭିନ୍ନ ଘୋଷଣାକୁ କାର୍ଯ୍ୟକାରୀ କରିବା ହେଉ ଅଥବା ବଜେଟରେ ଘୋଷିତ ନୂଆ



ଯୋଜନା କାର୍ଯ୍ୟକାରୀ କରିବା; ଦାୟିତ୍ୱରେ ଥିବା ବାବୁମାନେ ଅତ୍ୟନ୍ତ ହେୟଜ୍ଞାନ ମନୋଭାବ ନେଇ କାର୍ଯ୍ୟ କରୁଛନ୍ତି । ଦୁଇଦିନିଆ ଜିଲ୍ଲାପାଳ ଓ ଆରକ୍ଷୀ ଅଧୀକ୍ଷକ(ଏସପି) ସମ୍ମିଳନୀରେ ଏଥିନେଇ ତୀବ୍ର ଅସନ୍ତୋଷ ସହ କ୍ଷୋଭ ପ୍ରକାଶ କରିଛନ୍ତି ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ।

ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଗତବର୍ଷ ଧନୁଯାତ୍ରା ସମୟରେ ବରଗଡ଼ ଗସ୍ତ ସମୟରେ ଜୀରା ନଦୀରେ ଏକ ପୋଲ ଓ କଂସ ଦରବାର ନିର୍ମାଣ ପାଇଁ ହଜାର ହଜାର ଲୋକଙ୍କ ସାମ୍ନାରେ ଘୋଷଣା ହୋଇଥିଲା । ମାତ୍ର ତାହା ଆଜିଯାଏ କାର୍ଯ୍ୟକାରୀ ହୋଇପାରିଲା ନାହିଁ । ଏଥିପାଇଁ କିଏ ଉତ୍ତରଦାୟୀ ରହିବେ? ବରଗଡ଼ ଜିଲ୍ଲାପାଳ ଓ ସମ୍ପୃକ୍ତ ବିଭାଗ ଏ ସଂକ୍ରାନ୍ତରେ କ'ଣ ପଦକ୍ଷେପ ନେଇଛନ୍ତି? ଯଦି କିଛି ପଦକ୍ଷେପ ନିଆଯାଇ ନାହିଁ, ତେବେ ଏଥିପାଇଁ କିଏ ▶ପୃଷ୍ଠା-୭

### ମରେଡିମିଲ୍ଲି ଜଙ୍ଗଲରେ ପୁଲିସ-ମାଓବାଦୀ ଗୁଳିବିନିମୟ

# କୁଖ୍ୟାତ ମାଓନେତା ହିଡ଼ିମା ଦମ୍ପତି ମୃତ

■ ମାଲକାନଗିରି, ୧୮ ।୧୧ (ସମିସ): ସୁରକ୍ଷାବାହିନୀକୁ ବଡ଼ ସଫଳତା ମିଳିଛି । ଦେଶର ଆତଙ୍କ ସୃଷ୍ଟି କରିଥିବା ସବୁଠାରୁ ଦୁର୍ଦ୍ଦାନ୍ତ ମାଓବାଦୀ ମାଡ଼ଭି ହିଡ଼ମା ନିହତ ହୋଇଛି । ଛତିଶଗଡ଼-ଆନ୍ଧ୍ର ପ୍ରଦେଶ ସୀମାର ମରେଡିମିଲ୍ଲି ଜଙ୍ଗଲରେ ମଙ୍ଗଳବାର ସକାଳେ ହୋଇଥିବା ଏନ୍‌କାଉଣ୍ଟରରେ ସେ ପ୍ରାଣ ହରାଇଛି । ଖାଲି ହିଡ୍‌ମା ନୁହେଁ, ତା'ର ପତ୍ନୀ ରାଜେ ଓରଫ ରଜା ଏବଂ ୪ ଅନ୍ୟ ମାଓବାଦୀ ମଧ ସୁରକ୍ଷାବାହିନୀ ଗୁଳିରେ ନିହତ ହୋଇଛନ୍ତି ।



**ଉଭୟଙ୍କ ମୁଣ୍ଡ ପାଇଁ ଘୋଷଣା ହୋଇଥିଲା ୧ କୋଟିର ପୁରସ୍କାର**

**୪ ରାଜ୍ୟରେ ଆତଙ୍କ ଖେଳାଇଥିଲେ ହିଡ଼ିମା ଓ ସହଯୋଗୀ**

ବସ୍ତର ରେଞ୍ଜର ଆଇଜି ସୁନ୍ଦରରାଜ ପି ଏହି ସୂଚନା ଦେଇଛନ୍ତି । ଆନ୍ଧ୍ର ପ୍ରଦେଶ, ଛତିଶଗଡ଼ ଏବଂ ତେଲଙ୍ଗାନା ସୀମରେ ଥିବା ଏହି ଅଞ୍ଚଳରୁ ୬ ମାଓବାଦୀଙ୍କ ମୃତଦେହ ଉଦ୍ଧାର କରାଯାଇଛି । ଅଞ୍ଚଳରେ ଏବେ ବି ତଲାସୀ ଅଭିଯାନ ଜାରି ରହିଛି । ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ ଶାହା ମାଓବାଦୀ ହିଡ଼ମାକୁ ▶ପୃଷ୍ଠା-୭

### ଡିସେମ୍ବର ୨୪ରୁ ବିଶ୍ୱପ୍ରସିଦ୍ଧ ବରଗଡ଼ ଧନୁଯାତ୍ରା



## ସୁଶୀଲ ନୂଆ କଂସ


■ ବରଗଡ଼, ୧୮ ।୧୧ (ସମିସ): ଆସନ୍ତା ଡିସେମ୍ବର ୨୪ ତାରିଖରୁ ଆରମ୍ଭ ହେବାକୁ ଥିବା ବିଶ୍ୱପ୍ରସିଦ୍ଧ ବରଗଡ଼ ଧନୁଯାତ୍ରା ପାଇଁ କଳାକାରଙ୍କ ନାମ ଆଜି ଘୋଷଣା ହୋଇଛି । ଚଳିତବର୍ଷ କଂସ ମହାରାଜ ଭୂମିକା ପାଇଁ ସୁଶୀଲ ମେହେର ମନୋନୀତ ହୋଇଛନ୍ତି । ବରଗଡ଼ ଅତିରିକ୍ତ ଜିଲ୍ଲାପାଳ ମହେନ୍ଦ୍ର ମହାପାତ୍ର ଆଜି ତାଙ୍କ ନାମ ଘୋଷଣା କରିଛନ୍ତି । ସେହିପରି ଗୋଲାପ ଚନ୍ଦ୍ର ଦାଶ ମହାମନ୍ତ୍ରୀ ଭୂମିକା ପାଇଁ ମନୋନୀତ ହୋଇଥିବା ବେଳେ ହେମନ୍ତ ପଧାନ 'ସେନାପତି', ଜଗବନ୍ଧୁ ମହାଲିଙ୍ଗ 'ସାତ୍ୟକୀ', ଜଗନ୍ନାଥ ସାହୁ 'ଅକ୍ରୂର', ମୁଗ୍ଧା ଦାଶ 'ଦେବକୀ', ▶ପୃଷ୍ଠା-୭

# ଅକାଠୁଆ ଶୀତ



■ ଭୁବନେଶ୍ୱର, ୧୮ ।୧୧ (ସମିସ): ସାରା ରାଜ୍ୟରେ ହାଡ଼ଭଙ୍ଗା ଶୀତ ଜାରି ରହିଛି । ପୂର୍ବରୁ ପଶ୍ଚିମ, ଉତ୍ତରରୁ ଦକ୍ଷିଣ; ସବୁଠି ଜାଡ଼ରେ କଲବଲ ଲୋକେ । ଗତ ୨ ସପ୍ତାହ ହେବ କ୍ରମାଗତ ଭାବେ ରାଜ୍ୟରେ ତାପମାତ୍ରା ହ୍ରାସ ଯୋଗୁଁ ଏଭଳି ଥଣ୍ଡା ଜାରି ରହିଛି । ଫଳସ୍ୱରୂପ, ବିଭିନ୍ନ ସ୍ଥାନରେ ଶୀତ ନଭେମ୍ବର ମାସର ରେକର୍ଡ ଭାଙ୍ଗି ଚାଲିଛି । ଅନ୍ୟପଟେ କିଛି ଦିନର କାଠୁଆ ଶୀତ ପରେ ଆସନ୍ତା ୭ ଦିନରେ ଶୀତର ପରିମାଣ କିଛି ମାତ୍ରାରେ ହ୍ରାସ ଘଟିପାରେ । ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ, ▶ପୃଷ୍ଠା-୭



# ଦେଶ ବିଦେଶ






## ନାଇଜେରିଆ ବୋର୍ଡିଂ ସ୍କୁଲରୁ ୨୫ ଛାତ୍ରୀଙ୍କୁ ଅପହରଣ

### ଭାଇସ୍ ପ୍ରିନ୍ସପାଲ, ଗାର୍ଡଙ୍କୁ ହତ୍ୟା



ଅବୁଜା, ୧୮ ।୧୧(ଏଜେନ୍ସି): ପଶ୍ଚିମ ଆଫ୍ରିକୀୟ ଦେଶ ନାଇଜେରିଆରେ ଏକ ଅଭାବନୀୟ ଘଟଣା ଘଟିଛି । ଦେଶର କେବ୍ବି ରାଜ୍ୟରେ ସୋମବାର ସକାଳେ କିଛି ଅଜଣା ବନ୍ଧୁକଧାରୀ ଅସାମାଜିକ ଲୋକେ ଏକ ବୋର୍ଡିଂ ସ୍କୁଲ୍ ଉପରେ ଆକ୍ରମଣ କରିଛନ୍ତି । ଏକାଧିକ ଅସ୍ତ୍ର ଧରି ଆକ୍ରମଣକାରୀମାନେ ଆସିଥିଲେ । ସେମାନେ ସ୍କୁଲର ଭାଇସ୍ ପ୍ରିନ୍ସପାଲ୍ ଓ ଜଣେ ଗାର୍ଡଙ୍କୁ ହତ୍ୟା କରି ବାଳିକା ଛାତ୍ରାବାସକୁ ଯାଇ ୨୫ଜଣ ଛାତ୍ରୀଙ୍କୁ ଅପହରଣ କରିନେଇଛନ୍ତି । ଏହି ଘଟଣାରେ ଜଣେ ବ୍ୟକ୍ତି ଆହତ ମଧ୍ୟ ହୋଇଛନ୍ତି । ଏପର୍ଯ୍ୟନ୍ତ କୌଣସି ସଂଗଠନ ଏହି ଆକ୍ରମଣ ପାଇଁ ନିଜକୁ ଦାୟୀ କରିନାହାନ୍ତି । ଟଙ୍କା ପାଇଁ ଏହି ଅପହରଣ କରାଯାଇଛି ବୋଲି ସ୍ଥାନୀୟ ଲୋକେ କହିଛନ୍ତି । ସ୍ଥାନୀୟ ଅଞ୍ଚଳରେ ଅସାମାଜିକ ବ୍ୟକ୍ତିମାନେ ହିଁ ଏହି କାଣ୍ଡ ଘଟାଇଛନ୍ତି ବୋଲି ଅନୁମାନ କରାଯାଉଛି । ସେନା ଓ ପୁଲିସ ମିଳିତ ଭାବେ ଜଙ୍ଗଲରେ ଅପରେସନ ଆରମ୍ଭ କରିଛନ୍ତି । ଉଲ୍ଲେଖଥାଉ କି, ଉତ୍ତର ନାଇଜେରିଆରେ ଗତ ୧୦ ବର୍ଷ ମଧ୍ୟରେ ସ୍କୁଲଗୁଡ଼ିକରୁ ୧୫୦୦ରୁ ଊର୍ଦ୍ଧ୍ୱ ଛାତ୍ରୀଙ୍କୁ ଅପହରଣ କରାଯାଇଛି । ନାଇଜେରିଆରେ ଏଭଳି ଘଟଣା ଆଦୌ ନୂଆ ନୁହେଁ । ୨୦୧୪ରେ ଚିବୋକ ଅପହରଣ ପରେ ଏହି ଭୟ ସବୁବେଳେ ରହିଆସିଛି । କିନ୍ତୁ ସୁରକ୍ଷା ଓ ନିରାପତ୍ତା ବ୍ୟବସ୍ଥା ବୃଦ୍ଧି କରିବା କାରଣରୁ ଅପହରଣ ଘଟଣାରେ ଯଥେଷ୍ଟ ହ୍ରାସ ଦେଖାଯାଇଛି ।

## ଦିଲ୍ଲୀର ୩ କୋର୍ଟ, ୨ ସ୍କୁଲକୁ ବୋମା ଧମକ



ନୂଆଦିଲ୍ଲୀ, ୧୮ ।୧୧(ଏଜେନ୍ସି): ରାଜଧାନୀ ଦିଲ୍ଲୀରେ ମଙ୍ଗଳବାର ପୁଣି ବୋମା ଧମକ ମିଳିଛି । ଦିଲ୍ଲୀର ୩ଟି ଜିଲ୍ଲା କୋର୍ଟ ଓ ଦୁଇଟି ସ୍କୁଲକୁ ବୋମା ବିସ୍ଫୋରଣ କରି ଉଡ଼ାଇ ଦେବାକୁ ମେଲ୍‌ରେ ଏହି ଧମକ ଦିଆଯାଇଛି । ଧମକ ମିଳିବା ପରେ ପୁଲିସ ସାକେତ କୋର୍ଟ, ପଟିଆଲା କୋର୍ଟ ଓ ଦ୍ୱାରକା କୋର୍ଟକୁ ଖାଲି କରିବା ପରେ ଯାଞ୍ଚ ଆରମ୍ଭ କରିଥିଲା । ପାକିସ୍ତାନର କୁଖ୍ୟାତ ଆତଙ୍କବାଦୀ ସଂଗଠନ ଜୈସ-ଇ-ମହମ୍ମଦ ନାମର ଇମେଲ ଆଇଡିରୁ ଏହି ଧମକ ମିଳିଥିଲା । ଫଳରେ ୩ କୋର୍ଟ କ୍ୟାମ୍ପସରେ ବୋମା ନିଷ୍କ୍ରିୟକାରୀ ଦଳ ପହଞ୍ଚି ଯାଞ୍ଚ କରିଥିଲେ । ସୂଚନା ଅନୁଯାୟୀ, ଏନ୍ଆଇଏ ଆଜି ପଟିଆଲ ହାଉସ କୋର୍ଟରେ ଲାଲ୍‌କିଲ୍ଲା ବିସ୍ଫୋରଣ ମାମଲାରେ ଅନ୍ୟତମ ଅଭିଯୁକ୍ତ ଜସିର ବିଲାଲ ବାନୀକୁ ହାଜର କରାଯିବାର କାର୍ଯ୍ୟକ୍ରମ ଥିଲା । ଏହାର ଠିକ୍ ପୂର୍ବରୁ ସକାଳ ୧୧ଟାରେ ଏହି ମେଲ୍ ପଠାଯାଇଥିଲା । ଏହାପୂର୍ବରୁ ସିଆରପିଏଫ୍‌ର ଦୁଇଟି ସ୍କୁଲ୍‌କୁ ମଧ୍ୟ ବୋମା ଧମକ ମିଳିଥିଲା । ଜଣେ ଅଜଣା ବ୍ୟକ୍ତି ପୁଲିସ୍‌କୁ ଫୋନ୍ କରି ସ୍କୁଲ ପରିସରରେ ବିସ୍ଫୋରକ ରଖାଯାଇଛି ବୋଲି ଦାବି କରିଥିଲା । ସକାଳ ୯ଟାରେ ପ୍ରଶାନ୍ତ ବିହାର ଓ ଦ୍ୱାରକା ସ୍କୁଲ୍‌ରୁ କଲ୍ ମିଳିବା ପରେ ପୁଲିସ ଦୁଇଟି ସ୍କୁଲ୍‌କୁ ଖାଲି କରି ଯାଞ୍ଚ କରିଥିଲା । କିନ୍ତୁ ଯାଞ୍ଚ ପରେ କିଛି ମିଳି ନ ଥିଲା । ଏହାକୁ ଏକ ମିଛ ଧମକ ବୋଲି ପୁଲିସ ତରଫରୁ କୁହାଯାଇଛି ।

## ଇରାନରେ ବିନା ଭିସାରେ ଭାରତୀୟଙ୍କ ପ୍ରବେଶ ନିଷିଦ୍ଧ

ତେହେରାନ, ୧୮ ।୧୧(ଏଜେନ୍ସି): ଭାରତ ନାଗରିକଙ୍କ ପ୍ରବେଶ ନେଇ ଇରାନ ଏକ ବଡ଼ ନିଷ୍ପତ୍ତି ନେଇଛି । ଭାରତୀୟଙ୍କ ଭିସା ଫ୍ରି ଏଣ୍ଟ୍ରି ଉପରେ ଇରାନ ନିଷେଧାଦେଶ ଜାରି କରିଛି । ନଭେମ୍ବର ୨୨ରୁ ଏହି ନିଷ୍ପତ୍ତି ଲାଗୁ ହେବ । ବିଭିନ୍ନ କାରଣରୁ ଇରାନ ଏହି ନିଷ୍ପତ୍ତି ନେଇଛି । ଗତ କିଛି ମାସ ହେବ କେତେକ ଭାରତୀୟଙ୍କୁ ନକଲି ଚାକିରି, ପରିବହନ ଯାତ୍ରା ଓ ମାନବ ଚାଲାଣ ବାହାନାରେ ଇରାନକୁ ଆଣିବା ଓ ତା'ପରେ ଅପହରଣ କରାଯିବାରୁ ଇରାନ ସରକାର ଏହି ପଦକ୍ଷେପ ନେଇଛନ୍ତି । ୨୦୨୪ ଫେବୃଆରୀରେ ଇରାନ ଭାରତୀୟଙ୍କ ପାଇଁ ବିନା ଭିସାରେ ପ୍ରବେଶ ସୁବିଧା ଉପଲବ୍ଧ କରାଇଥିଲା । ଏହି ସୁବିଧା କେବଳ ପର୍ଯ୍ୟଟନ ଶିଳ୍ପ ପାଇଁ ଉଦ୍ଦିଷ୍ଟ ଥିଲା ଓ ପ୍ରତି ୬ ମାସରେ ୧୫ ଦିନ ପର୍ଯ୍ୟନ୍ତ ରହିବାର ସୁଯୋଗ ଦିଆଯାଇଥିଲା । କିନ୍ତୁ ଗତ କିଛି ଦିନ ମଧ୍ୟରେ ଏକାଧିକ ମାମଲାରେ ଏଜେଣ୍ଟମାନେ ଭାରତୀୟଙ୍କୁ ଚାକିରି ଓ ୟୁରୋପ ପହଞ୍ଚାଇଦେବା ନାମରେ ଇରାନ ଡକାଇଥିଲେ । ଫଳରେ ଭାରତସ୍ଥିତ ଇରାନ ଦୂତାବାସ ମନ୍ତବ୍ୟ ଦେଇଛି ଯେ, ଏବେ ଇରାନ ଯିବାକୁ ହେଲେ ଭାରତୀୟଙ୍କୁ ଭିସା ନେବାକୁ ହେବ । ଭାରତ ସରକାର ମଧ୍ୟ ଏ ନେଇ ମାର୍ଗଦର୍ଶିକା ଜାରି କରିଛି । ଏବେ ଇରାନ ଯାଉଥିବା ଭାରତୀୟଙ୍କୁ ସତର୍କ ରହିବାକୁ ହେବ ବୋଲି କୁହାଯାଇଛି । ଭିସା ଫ୍ରି ଏଣ୍ଟ୍ରି ନେଇ କୌଣସି ଏଜେଣ୍ଟଙ୍କ କଥାକୁ ଭରସା ନ କରିବାକୁ କୁହାଯାଇଛି ।

## ହସିନାଙ୍କ ସମର୍ଥନରେ ବାଂଲାଦେଶ ବନ୍ଦ



ଢାକା, ୧୮ ।୧୧(ଏଜେନ୍ସି): ବାଂଲାଦେଶ ପ୍ରଧାନମନ୍ତ୍ରୀ ଶେଖ ହସିନାଙ୍କୁ ଇଣ୍ଟରନ୍ୟାସନାଲ କ୍ରାଇମ ଟ୍ରିବୁନାଲ (ଆଇସିଟି) ମୃତ୍ୟୁଦଣ୍ଡରେ ଦଣ୍ଡିତ କରିବା ପରେ ସୋମବାର ସାରା ଦେଶରେ ବନ୍ଦ ଡାକରା ଦିଆଯାଇଛି । ହସିନାଙ୍କ ପାର୍ଟି ଆୱାମୀ ଲିଗ୍ ଏହି ବନ୍ଦ ଡାକରା ଦେଇଛି । ଆଇସିଟିର ରାୟକୁ ଆୱାମୀ ଲିଗ୍ ପ୍ରତ୍ୟାଖାନ କରିଛି । ଏଥିସହ ପାର୍ଟି କମଚଳା ସରକାରଙ୍କ ମୁଖ୍ୟ ଉପଦେଷ୍ଟା ମହମ୍ମଦ ୟୁନୁସଙ୍କ ଇସ୍ତଫା ଦାବି କରିଛି । ଆଇସିଟିର ଏହି ନିଷ୍ପତ୍ତି ତଥା ରାୟ ଏକପାଖିଆ ଓ ପକ୍ଷପାତପୂର୍ଣ୍ଣ ବୋଲି ଆୱାମୀ ଲିଗ୍‌ର ନେତା ଜାହାଙ୍ଗୀର କବୀର ନାନକ ପାର୍ଟି ଫେସବୁକ୍ ପେଜ୍‌ରେ ଏକ ଭିଡିଓ ଜାରି କରି କହିଛନ୍ତି । କୋର୍ଟଙ୍କ କାର୍ଯ୍ୟ ଓ ପ୍ରକ୍ରିୟା ନେଇ ସେ ପ୍ରଶ୍ନ ଉଠାଇଛନ୍ତି । ମକଦ୍ଦମା ଅଗଷ୍ଟ ୧୪ରେ ଆରମ୍ଭ ହୋଇଥିଲା ଓ ନଭେମ୍ବର ୧୭ରେ ଅନ୍ତିମ ରାୟ ଦିଆଯାଇଥିଲା । ଏହା କିପରି ସମ୍ଭବ ବୋଲି ସେ କହିଛନ୍ତି । ମାତ୍ର ଦୁଇମାସ ମଧ୍ୟରେ କୋର୍ଟରେ ୨୦ ଦିନ ଶୁଣାଣି ହୋଇଥିଲା । ୮୪ଜଣ ସାକ୍ଷୀଙ୍କ ମଧ୍ୟରୁ କେବଳ ୫୪ଜଣଙ୍କୁ ଶୁଣାଣିରେ ସାମିଲ କରାଯାଇଥିଲା । ମୁଖ୍ୟ ବିଚାରପତି ମାସେ ହେଲା ଅନୁପସ୍ଥିତ ଥିଲେ । ତେଣୁ କିପରି ଏହି ରାୟ ଦିଆଯାଇଛି ବୋଲି ସେ ପ୍ରଶ୍ନ କରିଛନ୍ତି । ହସିନାଙ୍କ ବିରୋଧରେ ଦିଆଯାଇଥିବା ଏହି ରାୟକୁ ବାଂଲାଦେଶ ଲୋକ ସ୍ୱୀକାର କରୁନାହାନ୍ତି ବୋଲି ସେ କହିଛନ୍ତି ।

## ସାଉଦିକୁ ଏଫ୍-୩୫ ବିକିବ ଆମେରିକା

ୱାଶିଂଟନ, ୧୮ ।୧୧(ଏଜେନ୍ସି): ସାଉଦି ଆରବକୁ ଆମେରିକା ଏଫ୍-୩୫ ବିମାନ ବିକ୍ରି କରିବ ବୋଲି ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ କହିଛନ୍ତି । ଏହି ବିମାନ ବିଶ୍ୱର ଅନ୍ୟତମ ଅତ୍ୟାଧୁନିକ ସାମରିକ ବିମାନ ବିବେଚିତ ହେଉଛି । ଟ୍ରମ୍ପ ସାଉଦି ଆରବକୁ ଏକ ମହାନ ଭାଗୀଦାରି ବୋଲି କହିଛନ୍ତି । ସାଉଦି ରାଜକୁମାର ମହମ୍ମଦ ବିନ ସଲମାନ (ଏମ୍‌ବିଏସ୍) ମଙ୍ଗଳବାର ହ୍ୱାଇଟ୍ ହାଉସ୍ ଯିବାର କାର୍ଯ୍ୟକ୍ରମ ରହିଥିବା ବେଳେ ଆମେରିକା ବିମାନ ଦେବାକୁ ନିଷ୍ପତ୍ତି ନେଇଛି । ଗତ କେତେବର୍ଷ ହେବ ସାଉଦି ଏଫ୍-୩୫ ବିମାନ କ୍ରୟ କରିବାକୁ ଚାହିଁ ଆସୁଛି । ମଧ୍ୟପ୍ରାଚ୍ୟରେ କେବଳ ଇସ୍ରାଏଲ ପାଖରେ ଏହି ବିମାନ ରହିଛି । ଆମେରିକୀୟ ସାଂସଦ ଚାହିଁଲେ ଏହି ବିମାନ କିଣାବିକା ପ୍ରକ୍ରିୟାକୁ ରୋକିପାରିବେ । କିନ୍ତୁ ସାଧାରଣତଃ ଏହା ହୋଇନଥାଏ । ଏଫ୍-୩୫ ୫ମ ପିଢ଼ିର ଫାଇଟର ଜେଟ୍ । ଏହାକୁ ଲକ୍‌ହିଡ୍ ମାର୍ଟିନ କମ୍ପାନୀ ତିଆରି କରିଛି । ୨୦୦୬ରୁ ଏହି ବିମାନ ତିଆରି କରିବା ପ୍ରକ୍ରିୟା ଆରମ୍ଭ ହେଉଛି । ୨୦୧୫ରେ ଏହାକୁ ଆମେରିକା ବାୟୁସେନାରେ ସାମିଲ କରାଯାଇଥିଲା । ପେଣ୍ଟାଗନ ଇତିହାସରେ ଏହା ସବୁଠାର ଦାମୀ ବିମାନ । ଏଫ୍-୩୫ର ୩ଟି ଭାରିଆଣ୍ଟ ରହିଛି ଓ ଏଗୁଡ଼ିକର ମୂଲ୍ୟ ୭୦୦ରୁ ଆରମ୍ଭ କରି ୯୪୪ କୋଟି ଟଙ୍କା ପର୍ଯ୍ୟନ୍ତ ରହିଛି । ପୁଣି ଏଫ୍-୩୫କୁ ଅପରେଟ୍ କରିବା ପାଇଁ ପ୍ରତିଘଣ୍ଟା ୩୧.୨୦ ଲକ୍ଷ ଟଙ୍କା ଖର୍ଚ୍ଚ ହୋଇଥାଏ ।



# ସାମ୍ନାକୁ ଆସିଲା ଆତ୍ମଘାତୀ ଉମରର ନୂଆ ଭିଡିଓ

## 'ଆତ୍ମଘାତୀ ଆକ୍ରମଣ ଦ୍ୱାରା ସହିଦ ହେବାର ମିସନ ଥିଲା'



- ଆତ୍ମଘାତୀ ଆକ୍ରମଣରୁ ଓହରି ଯାଇଥିଲା ଜସିର
- ଅଲ୍ ଫଲହା ବିଶ୍ୱବିଦ୍ୟାଳୟରେ ଡାକ୍ତର ପରିବାର ଗୃହବନ୍ଦୀ
- ୧୦ ଏମ୍‌ବିବିଏସ୍ ଛାତ୍ରଙ୍କ ମୋବାଇଲ ଜବତ

ନୂଆଦିଲ୍ଲୀ, ୧୮ ।୧୧(ଏଜେନ୍ସି): ଲାଲ୍‌କିଲ୍ଲା ବି ।ାସ୍ତ୍ରୋସ୍ଫୋରଣର ଆତ୍ମଘାତୀ ବୋମା ଉମର ନବୀର ଏକ ନୂଆ ଭିଡିଓ ସାମ୍ନାକୁ ଆସିଛି । ବିସ୍ଫୋରଣ ପୂର୍ବରୁ ସେ ଏହି ଭିଡିଓ ସୁଟ୍ କରିଥିଲା ବୋଲି ଜଣାପଡ଼ିଛି । ଏଥିରେ ସେ ଆତ୍ମଘାତୀ ଆକ୍ରମଣକୁ ନେଇ ନିଜର ମତ ରଖିଛି । ସେ ପୂର୍ବରୁ ହିଁ ଆତ୍ମଘାତୀ ଆକ୍ରମଣ କରିବାକୁ ଯୋଜନା କରିଥିଲା ବୋଲି ଏଥିରୁ ସ୍ପଷ୍ଟ ହୋଇଥିଲା । ଏହା ଏକ ଆତ୍ମଘାତୀ ଆକ୍ରମଣ ନୁହେଁ, ଏହା ସହିଦ ହେବାର ଏକ ମିସନ ବୋଲି ସେ କହିଛି । ଏଥିରୁ ସ୍ପଷ୍ଟ ହେଉଛି ଯେ ଉମର ହିଁ ଲାଲ୍‌କିଲ୍ଲା ନିକଟରେ ଆଇ-୨୦ କାର୍‌ରେ ବିସ୍ଫୋଣ କରିବା ସହ ନିଜକୁ ଉଡାଇ ଦେଇଥିଲା । ଏଥିରେ ୧୫ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ୨୦ରୁ ଅଧିକ ଲୋକ ଆହତ ହୋଇଥିଲେ । ଏହି ମାମଲାରେ ଏପର୍ଯ୍ୟନ୍ତ ୮ ଜଣଙ୍କୁ ଗିରଫ କରାଯାଇଛି ଓ ଏମାନଙ୍କ ମଧ୍ୟରେ ୬ ଜଣ ଡାକ୍ତର ସାମିଲ ରହିଛନ୍ତି ।

ଏହି ମାମଲାରେ ଏବେ ଆଉ ଏକ ରୋଚକ ତଥ୍ୟ ସାମ୍ନାକୁ ଆସିଛି । ଦିଲ୍ଲୀ ବିସ୍ଫୋରଣରେ ଉମରର ଅନ୍ୟତମ ସହଯୋଗୀ ଜସିର ବିଲାଲ ଓରଫ୍ ଦାନିଶକୁ ଗତକାଲି ଶ୍ରୀନଗରରୁ ଗିରଫ କରାଯାଇଥିଲା । ସେ ଆତ୍ମଘାତୀ ବିସ୍ଫୋରଣ ପାଇଁ ପ୍ରଥମ ପସନ୍ଦ ଥିଲା । କିନ୍ତୁ ସେ ଏହା କରିବାକୁ ମନା କରିଥିଲା । ଅନନ୍ତନାଗ ଜିଲ୍ଲାର କାଜିଗୁଣ୍ଡରେ ରହୁଥିବା ଜସିରକୁ ଏହି କାର୍ଯ୍ୟପାଇଁ ଉମର ପ୍ରବର୍ତ୍ତାଇଥିଲା । ରାଜନୀତି ବିଜ୍ଞାନର ଛାତ୍ର ଥିବା ଜସିରକୁ ୨୦୨୩ରୁ ଆତ୍ମଘାତୀ ବିସ୍ଫୋରଣ ପାଇଁ ପ୍ରବର୍ତ୍ତାଯାଉଥିଲା । କିନ୍ତୁ ସେ ଆତ୍ମଘାତୀ ଆକ୍ରମଣ କରିବାକୁ ମନା କରିଥିଲ । ଏହା ଇସ୍‌ଲାମ ଧର୍ମରେ ପାପ ବୋଲି ସେ କହିଥିଲା । ୨୦୨୩ ଅକ୍ଟୋବରରେ କୁଲଗାଁଓରେ ଜସିରକୁ ଏକ ମସଜିଦ୍‌ରେ ଏହି ଟେରର ମଡ୍ୟୁଲ ସହ ପରିଚିତ କରାଯାଇଥିଲା । ଏହାପରେ ଫରିଦାବାଦ୍‌ର ଅଲ ଫଲାହ ବିଶ୍ୱବିଦ୍ୟାଳୟ ନିକଟସ୍ଥ ଏକ ଭଡ଼ା ଘରେ ତାକୁ ରଖାଯାଇଥିଲା । କିନ୍ତୁ ୨୦୨୫ ଏପ୍ରିଲ୍‌ରେ ସେ ଏହି ମିସନରୁ ଓହରିଯାଇଥିଲା । ଖରାପ ଆର୍ଥିକ ସ୍ଥିତି ଓ ଇସ୍‌ଲାମରେ ଆତ୍ମହତ୍ୟା ପାପର ଦ୍ୱାହି ଦେଇ ସେ ଓହରିଯାଇଥିଲା । ଏହାପରେ ଉମର ନିଜେ ଆତ୍ମଘାତୀ ଆକ୍ରମଣ କରିବାକୁ ନିଷ୍ପତ୍ତି ନେଇଥିଲା ।

ଲାଲ୍‌କିଲ୍ଲା ବିସ୍ଫୋରଣ ପରେ ଯାଞ୍ଚ ଏଜେନ୍ସିଗୁଡିକ ଫରିଦାବାଦ୍‌ସ୍ଥିତ ଅଲ ଫଲ୍‌ହା ବିଶ୍ୱବିଦ୍ୟାଳୟରେ ଚଢ଼ାଉ ଜାରି ରଖିଛି । ଆତଙ୍କବାଦ ମଡ୍ୟୁଲ ସହିତ ଜଡିତ ଡାକ୍ତର ନିସାର ଉଲ ହାସନର ଡାକ୍ତର ପତ୍ନୀ ଓ ଏମ୍‌ବିବିଏସ୍ କରୁଥିବା ଝିଅ ବିଶ୍ୱବିଦ୍ୟାଳୟ ପରିସରରେ ଗୃହବନ୍ଦୀ କରିଛି । ଏହାକୁ ବାଦ୍ ଦେଲେ ଏମ୍‌ବିବିଏସ୍‌ର ୧୦ ଜଣ ଛାତ୍ରଙ୍କ ମୋବାଇଲ ଫୋନ୍ ଜବତ କରାଯାଇଛି ଓ ଏମାନଙ୍କୁ ବିଶ୍ୱବିଦ୍ୟାଳୟ ପରିସର ବାହର ଯିବା ନେଇ ବାରଣ କରାଯାଇଛି । ମୋବାଇଲର କଲ୍ ଡିଟେଲ ରେକର୍ଡିଂ ଓ ଅନ୍ୟ ତଥ୍ୟଗୁଡିକର ଯାଞ୍ଚ କରାଯାଉଛି । ଡାକ୍ତ ନିସାର ବିଶ୍ୱବିଦ୍ୟାଳୟ ମେଡିସିନ ବିଭାଗର ପ୍ରଫେସର ଅଛନ୍ତି । ନିସାର ଦିଲ୍ଲୀ ବିସ୍ଫୋରଣ ସହିତ ଜଡିତ ଡା ଉମର, ଡା ମୁଜମ୍ମିଲ ଶକିଲ ଓ ଡା ଶାହିନ ସଇଦର ସମ୍ପର୍କରେ ଥିଲେ । ବିସ୍ଫୋରଣ ପରେ ନାସିର ଫେରାର ହୋଇଯାଇଥିଲେ । ପରେ ପଶ୍ଚିମବଙ୍ଗରେ ତାଙ୍କୁ ଯାଞ୍ଚ ଏଜେନ୍ସି ଗିରଫ କରିଥିଲା । ଜମ୍ମୁ-କଶ୍ମୀରରେ ଆତଙ୍କବାଦୀ ନେଟ୍‌ୱର୍କ ଅଂଶ ଥିଲା ନାସିର ବୋଲି ଜଣାପଡ଼ିଛି ।

## ବାଚସ୍ପତି ପଦ ପାଇଁ ଟଣାଓଟରା

### ଗୃହ ବିଭାଗ ଛାଡ଼ିବାକୁ ନୀତୀଶ ନାରାଜ

ପାଟନା/ନୂଆଦିଲ୍ଲୀ, ୧୮।୧୧: ବିହାର ବିଧାନସଭା ନିର୍ବାଚନ ଫଳାଫଳ ପ୍ରକାଶ ପାଇବାରେ ୫ ଦିନ ବିତିଗଲାଣି, କିନ୍ତୁ ମନ୍ତ୍ରିମଣ୍ଡଳ ତାଲିକା ପ୍ରସ୍ତୁତ ହୋଇପାରୁ ନାହିଁ । ଆସନ୍ତା ୨୦ ତାରିଖରେ ମୁଖ୍ୟମନ୍ତ୍ରୀ ଓ ଅନ୍ୟ ମନ୍ତ୍ରୀଙ୍କ ଶପଥ ଗ୍ରହଣ ଉତ୍ସବ ପାଇଁ ଜୋରଦାର ପ୍ରସ୍ତୁତି ଚାଲିଛି । ନୀତୀଶ କୁମାର ହିଁ ମୁଖ୍ୟମନ୍ତ୍ରୀ ହେବା ନିଶ୍ଚିତ, କିନ୍ତୁ ବର୍ତ୍ତମାନ ସୁଦ୍ଧା ତାଙ୍କ ନାମର ଘୋଷଣା କରାଯାଇ ନାହିଁ । କୁହାଯାଉଛି ଯେ ବାଚସ୍ପତି ପଦ ଓ ଗୃହ ମନ୍ତ୍ରଣାଳୟକୁ ନେଇ ବିଜେପି ଏବଂ ନୀତୀଶଙ୍କ ଜେଡିୟୁ ମଧ୍ୟରେ ଟଣାଓଟରା ଚାଲିଥିବାରୁ ନେତା ନିର୍ବାଚନ ପାଇଁ ଏନଡିଏ ବୈଠକ ମଧ୍ୟ ବସିପାରୁ ନାହିଁ । ଉଭୟ ବାଚସ୍ପତି ପଦ ସହିତ ଗୃହ ବିଭାଗ ଜେଡିୟୁ ହାତରେ ରଖିବା ଲାଗି ନୀତୀଶ ଜିଦ୍ ଧରିଛନ୍ତି । କିନ୍ତୁ ବିଜେପି ଏଥିରେ ରାଜି ହେଉନାହିଁ । ବିଜେପି ନେତା ଯୁକ୍ତି କରୁଛନ୍ତି ଯେ ବିଜେପି ଅଧିକ ଆସନ ପାଇଥିଲେ ମଧ୍ୟ କମ୍ ଆସନ ପାଇଥିବା ଜେଡିୟୁକୁ ମୁଖ୍ୟମନ୍ତ୍ରୀ ପଦ ଛାଡ଼ି ଦିଆଯିବ । ଏହା ବଦଳରେ ବିଜେପିକୁ ବାଚସ୍ପତି ପଦ ସହିତ ଗୃହ ବିଭାଗ ମିଳିବା ଉଚିତ ।

ବିଦାୟୀ ବିଧାନସଭାରେ ବିଜେପିର ନନ୍ଦ କିଶୋର ଯାଦବ ବାଚସ୍ପତି ଅଛନ୍ତି । କିନ୍ତୁ ଗୃହ ବିଭାଗ ମୁଖ୍ୟମନ୍ତ୍ରୀ ନୀତୀଶ କୁମାର ନିଜ ହାତରେ ରଖିଛନ୍ତି । କୌଣସି ବି ପରିସ୍ଥିତିରେ ଗୃହ ବିଭାଗ ଛାଡ଼ିବାକୁ ପ୍ରସ୍ତୁତ ନୁହନ୍ତି ନୀତୀଶ । ଏହାସହିତ ପରିବର୍ତ୍ତିତ ପରିସ୍ଥିତିରେ ଆତଙ୍କିତ ହୋଇପଡ଼ିଥିବା ନୀତୀଶ କୁମାର ବାଚସ୍ପତି ପଦ ତାଙ୍କର ଜେଡିୟୁକୁ ମିଳୁ ବୋଲି ଜିଦ୍ ଧରିଛନ୍ତି । ବାଚସ୍ପତି ଦୌଡ଼ରେ ବିଜେପିର ପ୍ରେମ କୁମାର ଥିବା ବେଳେ ଜେଡିୟୁର ବିଜୟ ଚୌଧୁରୀଙ୍କୁ ବାଚସ୍ପତି କରିବାକୁ ଚାହୁଛନ୍ତି ନୀତୀଶ ।

ଅଚଳାବସ୍ଥା ଦୂର କରିବା ଲାଗି ନୂଆଦିଲ୍ଲୀରେ ବିଜେପି ଏବଂ ଜେଡିୟୁର ବରିଷ୍ଠ ନେତାମାନଙ୍କ ମଧ୍ୟରେ ଘନ ଘନ ବୈଠକ ଚାଲିଛି । ବର୍ତ୍ତମାନ ସୁଦ୍ଧା କୌଣସି ସହମତି ହୋଇପାରି ନାହିଁ । ସ୍ୱରାଷ୍ଟ୍ର ମନ୍ତ୍ରୀ ତଥା ବିଜେପି ନେତା ଅମିତ ଶାହଙ୍କ ଡକରା ପାଇ ଗତକାଲି ରାତିରେ ଜେଡିୟୁର ଦୁଇ ବରିଷ୍ଠ ନେତା ସଂଜୟ ଝା ଏବଂ ଲଲନ ସିଂହ ଦିଲ୍ଲୀ ଯାଇଥିଲେ । ଅମିତ ଶାହଙ୍କ ସହିତ ଦୀର୍ଘ ତିନି ଘଣ୍ଟା ଧରି ଏହି ଦୁଇ ନେତାଙ୍କର ରୁଦ୍ଧଦ୍ୱାର ବୈଠକ ହୋଇଛି । ବୈଠକରେ ବଜେପି ସଭପେତି ଜେପି ନଡ୍ଡା ମଧ୍ୟ ଉପସ୍ଥିତ ଥିଲେ । ବାଚସ୍ପତି ଓ ଗୃହ ବିଭାଗକୁ ନେଇ ସେମାନଙ୍କ ମଧ୍ୟରେ ଆଲୋଚନା ହୋଇଥିବା କୁହାଯାଉଛି ।

ଅମିତ ଶାହ ଆସନ୍ତାକାଲି ପାଟନା ଆସୁଛନ୍ତି । ଏହାପୂର୍ବରୁ ବାଚସ୍ପତି ଓ ଗୃହ ବିଭାଗ ନେଇ ବୁଝାମଣା ହୋଇଯିବ ବୋଲି କୁହାଯାଉଛି । ଆସନ୍ତାକାଲି ଏନ୍‌ଡିଏର ନବନିର୍ବାଚିତ ବିଧାୟକ ଦଳ ବୈଠକରେ ନୀତୀଶଙ୍କୁ ନେତା ନିର୍ବାଚିତ କରାଯିବାର ସମ୍ଭାବନା ରହିଛି । ଏହାପରେ ନୀତୀଶ ରାଜ୍ୟପାଳଙ୍କୁ ଭେଟି ଇସ୍ତଫା ଦେବା ସହିତ ନୂଆ ସରକାର ଗଠନ ପାଇଁ ଦାବି ଜଣାଇବେ ।

## ଅଲ-ଫଲାହ ପ୍ରତିଷ୍ଠାତାକୁ ଗିରଫ କଲା ଇଡି



ନୂଆଦିଲ୍ଲୀ, ୧୮।୧୧ (ଏଜେନ୍ସି): ଲାଲକିଲ୍ଲା ନିକଟରେ ହୋଇଥିବା ବିସ୍ଫୋରଣକୁ ନେଇ ଚର୍ଚ୍ଚାରେ ଥିବା ଅଲ୍-ଫଲାହ ୟୁନିଭର୍ସିଟି ପ୍ରତିଷ୍ଠାତା ଜୱାଦ ଅହମ୍ମଦ ସିଦ୍ଦିକିଙ୍କୁ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ମଙ୍ଗଳବାର ଗିରଫ କରିଛି । ମନି ଲଣ୍ଡରିଂ ନିରୋଧି ଆଇନ ଅନୁଯାୟୀ ଏହି କାର୍ଯ୍ୟାନୁଷ୍ଠାନ ନିଆଯାଇଛି । ଏହି ୟୁନିଭର୍ସିଟିର ତିନି ଏମ୍‌ବିବିଏସ ପ୍ରାଧ୍ୟାପକ ଦିଲ୍ଲୀ ବିସ୍ଫୋରଣ ଷଡ଼ଯନ୍ତ୍ରରେ ସାମିଲ ଥିଲେ । ଜଣେ ଆତ୍ମଘାତୀ ସାଜି ନିଜକୁ ଉଡ଼ାଇ ଦେଇ ବିସ୍ଫୋରଣ କରିଥିଲା । ଅଲ-ଫଲାହର ଅନେକ ମେଡିକାଲ ଛାତ୍ର ଏବେ ଯାଞ୍ଚ ଏଜେନ୍ସିର ରାଡାରରେ ଅଛନ୍ତି । ସୂଚନା ଅନୁଯାୟୀ ଇସିଆଇଆର ରେକର୍ଡ ଜାଲିଆତି କରିଥିବା ନେଇ ଅଲ-ଫଲାହ ବିରୋଧରେ ଅଭିଯୋଗ ଲାଗିଥିଲା । ଦିଲ୍ଲୀ ପୁଲିସ ଏ ନେଇ ଦୁଇଟି ଏତଲା ରୁଜୁ କରିଥିଲା । ଏହି ମାମଲାରେ ଇଡି ତୁହାକୁ ତୁହା ଚଢ଼ଉ ଜାରି ରଖିଥିଲା । ଯାଞ୍ଚ ଏବଂ ପ୍ରମାଣର ବିଶ୍ଳେଷଣ ଆଧାରରେ ସିଦ୍ଦିକିକୁ ଗିରଫ କରାଯାଇଛି । ଏହା ପୂର୍ବରୁ ଦୀର୍ଘ ଘଣ୍ଟା ପର୍ଯ୍ୟନ୍ତ ଅଲ-ଫଲାହ ୟୁନିଭର୍ସିଟି ସହିତ ଏହାର ଓଖଲା ଅଫିସ ଏବଂ ପ୍ରମୋଟରଙ୍କ ଠିକଣାରେ ଚଢ଼ଉ କରାଯାଇଥିଲା । ଏହି ୟୁନିଭର୍ସିଟି ୟୁଜିସି ଏବଂ ନାକ୍ ନିୟମ ଉଲ୍ଲଙ୍ଘନ କରିଥିବା ଜଣାପଡ଼ିଥିଲା । ଦିଲ୍ଲୀ କାର୍ ବିସ୍ଫୋରଣକୁ ନେଇ ଯାଞ୍ଚ ଏଜେନ୍ସି ୨୫ଟି ସ୍ଥାନରେ ଚଢ଼ଉ କରିଥିଲା । ଏହି ଗ୍ରୁପ ସହ ୯ଟି ସେଲ୍ ଫାର୍ମ ସାମିଲ ଥିଲା । ସବୁ କମ୍ପାନୀର ଠିକଣା ସମାନ ଥିଲା । ଏବେ ସବୁ କମ୍ପାନୀ ତଦନ୍ତର ପରିସର ଭୁକ୍ତ ହୋଇଛନ୍ତି ।

## ଦିଲ୍ଲୀ ବିସ୍ଫୋରଣ ଚେର ବାଂଲାଦେଶକୁ ଲମ୍ବିଛି

ନୂଆଦିଲ୍ଲୀ, ୧୮ ।୧୧(ଏଜେନ୍ସି): ଲାଲ୍‌କିଲ୍ଲା ବିସ୍ଫୋରଣର ଯାଞ୍ଚ ଏବେ ବାଂଲାଦେଶରେ ପହଞ୍ଚିଛି । ନ୍ୟାସନାଲ ଇନଭେଷ୍ଟିଗେସନ ଏଜେନ୍ସି (ଏନ୍ଆଇଏ) ଦିଲ୍ଲୀ ବିସ୍ଫୋରଣ ସହିତ ବାଂଲାଦେଶର ଅଲ-କାଏଦାର ସମ୍ପର୍କ ଥିବା ଜାଣିବାକୁ ପାଇଛି । ଏନ୍ଆଇଏ ଅନସରୁଲ୍ଲା ବାଂଲା ଟମ୍ (ଏବିଟି)ର ଜଣେ ସଦସ୍ୟ ଇଖତାରକୁ ଗିରଫ କରିବା ପରେ ଏହା ସ୍ପଷ୍ଟ ହୋଇଛି । ଏବେ ଭାରତ ଓ ବାଂଲାଦେଶ ସୀମାରେ ଥିବା ଜିଲ୍ଲାଗୁଡିକ ଉପରେ ଏନ୍ଆଇଏ ନଜର ରଖିଛି । ଇଖତାର ଲାଲ୍‌କିଲ୍ଲା ବିସ୍ଫୋରଣ ପାଇଁ ବିସ୍ଫୋରକ ଯୋଗାଇବାର ଅଭିଯୋଗ ହୋଇଛି । ଏଥିସହ ବିସ୍ଫୋରଣ ସହ ସୀମାପାରର ସମ୍ପର୍କ ରହିଛି ବୋଲି ଏନ୍ଆଇଏ ବିଶ୍ୱାସ କରୁଛି । ବାଂଲାଦେଶର ମହମ୍ମଦ ୟୁନୁସଙ୍କ ଅନ୍ତରୀଣ ସରକାର ଏହି ଅଭିଯୋଗକୁ ଖଣ୍ଡନ କରୁଥିଲେ ମଧ୍ୟ ଏନ୍ଆଇଏ ଏହାକୁ ବେଶ୍ ଗୁରୁତ୍ୱ ଦେଉଛି । ପାକିସ୍ତାନର ଲସ୍କର-ଇ- ତୋଇବା ସହ ପଶ୍ଚିମବଙ୍ଗର ମାଳଦା ଓ ମୁର୍ଶିଦାବାଦରେ ମୌଳବାଦୀମାନେ ଭିଡିଓ କନଫରେନ୍ସରେ ଯୋଗାଯୋଗ କରିଥିଲେ । ବିସ୍ଫୋରଣର କିଛିଦିନ ପୂର୍ବରୁ ସୈଫୁଲ୍ଲା ସହ ଯୋଗାଯୋଗ ହୋଇଥିଲା । ସୈଫୁଲ୍ଲା ସହ ବାଂଲାଦେଶ ସରକାରଙ୍କ ଅଧିକାରୀମାନଙ୍କ ମଧ୍ୟରେ ବୈଠକ ହୋଇଥିଲା । ଫଳରେ ସୀମାପାର ମୌଳବାଦୀ ନେଟ୍‌ୱର୍କ ନେଇ ଗଭୀର ଚିନ୍ତା ସୃଷ୍ଟି କରିଛି ।

## ମନୁଷ୍ୟ-ବନ୍ୟଜନ୍ତୁ ସଂଘର୍ଷକୁ ପ୍ରାକୃତିକ ବିପର୍ଯ୍ୟୟ ଘୋଷଣା କର



ନୂଆଦିଲ୍ଲୀ, ୧୮।୧୧ (ଏଜେନ୍ସି): ମଣିଷ-ବନ୍ୟଜନ୍ତୁ ସଂଘର୍ଷକୁ ନେଇ ସୁପ୍ରିମକୋର୍ଟ ଗୁରୁତ୍ୱପୂର୍ଣ୍ଣ ରାୟ ଦେଇଛନ୍ତି । ଏହି ମାମଲାରେ ସବୁ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳକୁ ବଡ଼ ନିର୍ଦ୍ଦେଶ ଦେଇ ମଣିଷ-ବନ୍ୟଜନ୍ତୁ ସଂଘର୍ଷକୁ 'ପ୍ରାକୃତିକ ବିପର୍ଯ୍ୟୟ' ଘୋଷଣା କରିବାକୁ କହିଛନ୍ତି । ଏହା ଦ୍ୱାରା ଉଦ୍ଧାରକାର୍ଯ୍ୟ ତ୍ୱରାନ୍ୱିତ, ପ୍ରାଶାସନିକ ଦାୟିତ୍ୱ ସ୍ପଷ୍ଟ ହେବ ଏବଂ ବିପର୍ଯ୍ୟୟ ପରିଚାଳନା ପାଇଁ ଜରୁରୀ ସମ୍ବଳର ଉପଲବ୍ଧତା ବୃଦ୍ଧି ପାଇବ । ଜିମ୍ କାର୍ବେଟ ବ୍ୟାଘ୍ର ସଂରକ୍ଷଣ କେନ୍ଦ୍ର ସମ୍ବନ୍ଧିତ ମାମଲାର ଶୁଣାଣି କରି ଭାରତର ପ୍ରଧାନ ବିଚାରପତି (ସିଜେଆଇ) ବି ଆର ଗଭାଇ, ଜଷ୍ଟିସ ଏଜି ମସିହ ଏବଂ ଜଷ୍ଟିସ ଏଏସ ଚନ୍ଦୁରାକରଙ୍କ ଖଣ୍ଡପୀଠ ସୋମବାର ଏହି ନିର୍ଦ୍ଦେଶ ଜାରି କରିଥିଲେ । ଜିମ୍ କାର୍ବେଟ ବେଧଡ଼କ ଗଛ କଟା ଏବଂ ବେଆଇନ ନିର୍ମାଣ କ୍ରମାଗତ ଭାବେ ଚିନ୍ତାର ପ୍ରସଙ୍ଗ ପାଲଟି ଥିଲା । ଖଣ୍ଡପୀଠ ଜୋର ଦେଇ କହିଥିଲେ ଯେ ମଣିଷ-ବନ୍ୟଜନ୍ତୁ ସଂଘର୍ଷକୁ ପ୍ରାକୃତିକ ବିପର୍ଯ୍ୟୟ ଘୋଷଣା ପାଇଁ ରାଜ୍ୟଗୁଡ଼ିକ ସକ୍ରିୟ ଭାବେ କାର୍ଯ୍ୟକରନ୍ତୁ । ଶୀଘ୍ର ଏ ନେଇ ବିଜ୍ଞପ୍ତି ଜାରି କରନ୍ତୁ । ଏହା ସହିତ ସଂଘର୍ଷରେ ପ୍ରାଣ ହରାଇଥିବା ମୃତକଙ୍କ ପରିବାରକୁ କେନ୍ଦ୍ର ପରିବେଶ, ଜଙ୍ଗଲ ମନ୍ତ୍ରାଳୟ ଦ୍ୱାରା ଧାର୍ଯ୍ୟ କରାଯାଇଥିବା ୧୦ ଲକ୍ଷ ଟଙ୍କା ଲେଖାଏଁ ପ୍ରଦାନ କରିବା ପାଇଁ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି । କୋର୍ଟ ସ୍ପଷ୍ଟ କରିଛନ୍ତି ଯେ ବନ୍ୟଜନ୍ତୁ ସହ ସଂଘର୍ଷରେ ପ୍ରାଣ ହରାଉଥିବା ଲୋକଙ୍କୁ ସମନ୍ୱିତ ବନ୍ୟପ୍ରାଣୀ ବାସସ୍ଥାନ ବିକାଶ (ସିଏସଏସ-ଆଇଡିଡବ୍ଲ୍ୟୁଏଚ୍) ଅଧିନରେ ୧୦ ଲକ୍ଷ ଟଙ୍କା ଦେବା ବାଧ୍ୟତାମୂଳକ । ସାରା ଦେଶରେ ଏହି ସହାୟତା ରାଶି ସମାନ ହେବା ଉଚିତ । ଏହା ପ୍ରଦାନରେ କୌଣସି ବିଳମ୍ବ କିମ୍ବା ପ୍ରାଶାସନିକ ଜଟିଳତା ନ ରହିବା ଉଚିତ ।

ସୂଚନା ଅନୁଯାୟୀ ଉତ୍ତର ପ୍ରଦେଶ ଭଳି କିଛି ରାଜ୍ୟ ପୂର୍ବରୁ ମଣିଷ-ବନ୍ୟଜନ୍ତୁ ସଂଘର୍ଷକୁ ପ୍ରାକୃତିକ ବିପର୍ଯ୍ୟୟ ଘୋଷଣା କରିସାରିଛନ୍ତି । ଅନ୍ୟ ରାଜ୍ୟମାନଙ୍କୁ ତୁରନ୍ତ ଏପରି କରିବା ପାଇଁ କୋର୍ଟ କହିଛନ୍ତି । ସେହିପରି କୋର୍ଟ ମୂଲ୍ୟାଙ୍କନ ଦିଗରେ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ ନେଇଛନ୍ତି । ମଣିଷ-ବନ୍ୟଜନ୍ତୁ ସଂଘର୍ଷକୁ ନେଇ ୬ ମାସ ମଧ୍ୟରେ ଏକ ମାର୍ଗଦର୍ଶିକା ଆଣିବାକୁ ନ୍ୟାସନାଲ ଟାଇଗର କନଜରଭେସନ ଅଥରିଟି (ଏନଟିସିଏ)ଙ୍କୁ କହିଛନ୍ତି ।

## କେଦାରନାଥରେ ୨୩୦୦ ଟନ୍ ଆବର୍ଜନା, ତଳକୁ ଆଣିବାରେ ଖର୍ଚ୍ଚ ହେବ ୨୫ କୋଟି

ରୁଦ୍ରପ୍ରୟାଗ, ୧୮ ।୧୧(ଏଜେନ୍ସି): ଉତ୍ତରାଖଣ୍ଡର ରୁଦ୍ରପ୍ରୟାଗ ଜିଲ୍ଲାସ୍ଥିତ କେଦାରନାଥ୍ ଧାମ୍‌ରେ ଚଳିତ ବର୍ଷ ରେକର୍ଡ ୧୭ ଲକ୍ଷ ୬୮ ହଜାର ଶ୍ରଦ୍ଧାଳୁ ବାବା କେଦାରନାଥ ଦର୍ଶନ କରିଛନ୍ତି । କିନ୍ତୁ ଏମାନେ କେଦାରନାଥ ଧାମ୍‌ରେ ୨୩୦୦ ଟନ୍ ଆବର୍ଜନାର ଏକ ପାହାଡ ସୃଷ୍ଟି କରିଛନ୍ତି । ପ୍ରତ୍ୟେକ ଶ୍ରଦ୍ଧାଳୁ ହାରାହାରି ଦେଢ଼ କେଜି ଆବର୍ଜନା ସେଠାରେ ଛାଡି ଆସିଛନ୍ତି । ଗତବର୍ଷ ତୁଳନାରେ ପ୍ରତ୍ୟେକ ଯାତ୍ରୀ ଏଥର ଅଧିକ ୧୫୦ ଗ୍ରାମ୍‌ର ଆବର୍ଜନା ପକାଇଛନ୍ତି । ଏବେ ଏହି ଆବର୍ଜାନ ହିମାଳୟ କ୍ଷେତ୍ରରେ ଅବସ୍ଥିତ ଏହି ଶିବଧାମ୍‌ର ପରିବେଶ ତଥା ପର୍ଯ୍ୟାବରଣକୁ ବିପଦରେ ପକାଇଛି । କିନ୍ତୁ ସେଠାରେ ଏହି ଅବର୍ଜନାକୁ ଜଳାଇବାକୁ ଅନୁମିତ ଦିଆଯାଇନାହିଁ । ୧୦୦ ଟନ୍ ପ୍ଲାଷ୍ଟିକ ଆବର୍ଜନା ମଧ୍ୟ ସେଠାରେ ପଡ଼ି ରହିଛି । ଖଚରମାନେ ହିଁ ଏହି ଆବର୍ଜନାକୁ କେଦାରନାଥ ଧାମରୁ ତଳକୁ ଆଣିବେ । ଥରେ ଏକ ଖଚର ୧୦ରୁ ୧୨ କେଜି ଆବର୍ଜାନ ତଳକୁ ଆଣିବାରେ ୧୭୦୦ ଟଙ୍କା ଖର୍ଚ୍ଚ ହୋଇଥାଏ । ଏବେ ଏହି ଅବର୍ଜନାକୁ ତଳକୁ ଆଣିବା ପାଇଁ ୨୫ କୋଟି ଟଙ୍କା ଖର୍ଚ୍ଚ ହେବ ବୋଲି କୁହାଯାଇଛି ।

## ଅନମୋଲ ବିଷ୍ଣୋଇକୁ ପ୍ରତ୍ୟର୍ପଣ କଲା ଆମେରିକା



ନୂଆଦିଲ୍ଲୀ, ୧୮।୧୧ (ଏଜେନ୍ସି): କୂଟନୀତିରେ ଭାରତକୁ ବଡ଼ ସଫଳତା ମିଳିଛି । ମହାରାଷ୍ଟ୍ରର ଏନ୍‌ସିପି ନେତା ବାବା ସିଦ୍ଦିକ ହତ୍ୟା ମାମଲାର ମୁଖ୍ୟ ଅଭିଯୁକ୍ତ ତଥା ଗ୍ୟାଙ୍ଗଷ୍ଟର ଲରେନ୍ସ ବିଷ୍ଣୋଇର ଭାଇ ଅନ୍‌ମୋଲ ବିଷ୍ଣୋଇକୁ ଆମେରିକା ଭାରତକୁ ପ୍ରତ୍ୟର୍ପଣ କରିଛି । ସେ ବୁଧବାର ଭାରତରେ ପହଞ୍ଚିବ । ବର୍ଷେ ହେଲା ଅନ୍‌ମୋଲକୁ ଭାରତ ଆଣିବା ପାଇଁ ମୁମ୍ବଇ ପୁଲିସ ଉଦ୍ୟମ କରୁଥିଲା । ସେହିପରି ଗତ ବର୍ଷ ଏପ୍ରିଲରେ ଅଭିନେତା ସଲ୍‌ମାନ ଖାନ୍‌ଙ୍କ ଘର ଉପରେ ଗୁଳି ମାଡ଼ ମାମଲାକୁ ନେଇ ମଧ୍ୟ ଅନ୍‌ମୋଲ ୱାଣ୍ଟେଡ ଥିଲା । ବାବା ସିଦ୍ଦିକିଙ୍କ ପୁଅ ଜିସାନ ସିଦ୍ଦିକି କହିଛନ୍ତି ଯେ ଅନ୍‌ମୋଲ ଆମେରିକାକୁ ଆସୁଛି ବୋଲି ତାଙ୍କୁ ସୂଚନା ମିଳିଛି । ଏବେ ସେ ଆଉ ଆମେରିକାରେ ନାହିଁ । ଭାରତ ଅଣାଯାଇ ତା ବିରୋଧରେ ଟ୍ରାଏଲ ହେବ ବୋଲି ଆଶା । ପୂର୍ବରୁ କାନାଡ଼ାରେ ଅନମୋଲକୁ ଅଟକ ରଖାଯାଇଥିବା କୁହାଯାଉଥିଲା । ଏଠାରୁ ତା' ନିକଟରୁ ରୁଷ୍‌ର ଜାଲ୍ ପାସପୋର୍ଟ ମିଳିଥିଲା ।

### ଜିଲ୍ଲାପାଳ ଓ ଏସ୍‌ପି ସମ୍ମିଳନୀରେ ମୁଖ୍ୟମନ୍ତ୍ରୀଙ୍କ କଡ଼ା ଆଭିମୁଖ୍ୟ

# ଦୁର୍ନୀତି ଓ ଅପାରଗତାକୁ ପ୍ରଶ୍ରୟ ନାହିଁ



ଭୁବନେଶ୍ୱର,୧୮।୧୧(ସମିସ): ଯିଏ ଯେଉଁ ପଦବୀରେ ଥାଆନ୍ତୁ ନା କାହିଁକି, ଆମେ ସମସ୍ତେ ଜନସେବା ପାଇଁ ଉତ୍ସର୍ଗୀକୃତ ଏବଂ ଆମର କାର୍ଯ୍ୟକଳାପ ପାଇଁ ଆମେ ଜନସାଧାରଣଙ୍କ ପାଖରେ ଉତ୍ତରଦାୟୀ। ତେଣୁ ଅବହେଳା, ଦୁର୍ନୀତି ଓ ଅପାରଗତାକୁ କେବେହେଲେ ପ୍ରଶ୍ରୟ ଦିଆଯିବ ନାହିଁ। ଦୁଇଦିନିଆ ଜିଲ୍ଲାପାଳ ଓ ଆରକ୍ଷୀ ଅଧୀକ୍ଷକଙ୍କ ମିଳିତ ସମ୍ମିଳନୀ ଉଦ୍‌ଘାଟନ ଅବସରରେ ଅଧିକାରୀମାନଙ୍କୁ ଏପରି ଚରମବାଣୀ ଶୁଣାଇଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ।

ଲୋକସଭା ଭବନ ସମ୍ମିଳନୀ କକ୍ଷରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଆମ ସରକାର ବର୍ତ୍ତମାନ ରାଜ୍ୟର ୩୦ଟି ଜିଲ୍ଲାରେ ଶିଳ୍ପ ପ୍ରତିଷ୍ଠା କରିବା ପାଇଁ ଯାଉଛନ୍ତି। ଶିଳ୍ପ ପ୍ରତିଷ୍ଠା କ୍ଷେତ୍ରରେ ନୀତି, ନିୟମ ପରିସରରେ ରହି ଉଦ୍ୟୋଗୀମାନଙ୍କୁ ସମସ୍ତ

**■ ୨୦୨୭ ସୁଦ୍ଧା ସବୁ ଗାଁକୁ ସଡ଼କ, ପାଣି ଓ ବିଜୁଳି**
**■ ପ୍ରତି ୩-୪ ମାସରେ ଯୋଜନାର ଅଗ୍ରଗତି ସମୀକ୍ଷା**

ସହାୟତା ଜିଲ୍ଲାପାଳମାନେ ପ୍ରଦାନ କରନ୍ତୁ। ସରକାରଙ୍କ ନୂତନ କାର୍ଯ୍ୟକ୍ରମ 'ମିଶନ ପାୱାର' ଅଧିନରେ ୨୦୨୭ ସୁଦ୍ଧା ରାଜ୍ୟର ପ୍ରତିଟି ଗ୍ରାମକୁ ସବୁ ଦିନିଆ ରାସ୍ତା, ବିଦ୍ୟୁତ ଓ ପାନୀୟ ଜଳ ଯୋଗାଣର ଲକ୍ଷ୍ୟ ରହିଛି। ଏହି ଲକ୍ଷ୍ୟକୁ ଧାର୍ଯ୍ୟ ସମୟ ମଧ୍ୟରେ ଶେଷ କରାଯିବା ଆବଶ୍ୟକ। ସେହିପରି ସରକାରୀ ସ୍ତରରେ ନିଆଯାଇଥିବା ନିଷ୍ପତ୍ତି ଓ ଘୋଷଣା ସହିତ ଯୋଜନା ଗୁଡିକର କାର୍ଯ୍ୟକାରିତାର ଅଗ୍ରଗତି ସମ୍ପର୍କରେ ନିୟମିତ ତଦାରଖ କରିବା ପାଇଁ ଜିଲ୍ଲାପାଳମାନଙ୍କୁ ପରାମର୍ଶ ଦେବା ସହ ପ୍ରତି ତିନି ଚାରି ମାସରେ ସମୀକ୍ଷା ପାଇଁ ମୁଖ୍ୟମନ୍ତ୍ରୀ ନିର୍ଦ୍ଦେଶ ଦେଇଛନ୍ତି। ସେହିପରି ଲଘୁ ଖଣିଜ ଦ୍ରବ୍ୟର ଚୋରା କାରବାରକୁ କଡାକଡି ଭାବେ ରୋକିବା, ଚୋରା ମଦ କାରବାର ବିରୋଧରେ ଧରପଗଡ଼କୁ ଅଧିକ କଡାକଡି କରିବା, ଆଦିବାସୀ ଅଧ୍ୟୁଷିତ ଜିଲ୍ଲା ଗୁଡିକରେ ଜନଜାତି ସମ୍ପ୍ରଦାୟଙ୍କୁ ଜଙ୍ଗଲଜାତ ଲଘୁ ଦ୍ରବ୍ୟ ସଂଗ୍ରହ ଓ ବିକ୍ରିବଟା କ୍ଷେତ୍ରରେ ଆଇନ ଅନୁଯାୟୀ ସହାୟତା ପ୍ରଦାନ ଓ ଧାନ ସଂଗ୍ରହ ଋତୁରେ ଧାନ ଚୋରାଚାଲଣ ପ୍ରତି ତୀକ୍ଷ୍ଣ ନଜର ରଖିବାନିମନ୍ତେ ସେ ନିର୍ଦ୍ଦେଶ ଦେଇଛନ୍ତି। ବୈଠକରେ ଉପମୁଖ୍ୟମନ୍ତ୍ରୀ ତଥା ମହିଳା ଓ ଶିଶୁ ବିକାଶ ମନ୍ତ୍ରୀ ପ୍ରଭାତୀ ପରିଡା, ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ, ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ଉନ୍ନୟନ କମିଶନର ଅନୁ ଗର୍ଗ ପ୍ରମୁଖ ଅଭିଭାଷଣ ରଖିଥିଲେ।

# ଝାରସୁଗୁଡ଼ାରୁ ଧରାପଡ଼ିଲେ ୧୨ ସାଇବର୍ ଠକ

ଝାରସୁଗୁଡ଼ା, ୧୮।୧୧(ସମିସ): ଝାରସୁଗୁଡ଼ା ପୁଲିସ ଆଜି ଏକ ସାଇବର୍ ଠକ ଗ୍ୟାଙ୍ଗର ପର୍ଦ୍ଦାଫାସ୍ କରିବା ସହ ୧୨ ସଦସ୍ୟଙ୍କୁ ଗିରଫ କରିଛି। ସେମାନେ ହେଲେ, ଝାରସୁଗୁଡ଼ାର ସୋନୁ ମଣ୍ଡଳ ଓରଫ୍ ଟିଙ୍ଗା (୨୩), ଶୁଭମ ପ୍ରସାଦ (୨୧), ଶିଭମ୍ ସାହୁ (୨୦), ଅଭୟ ଘୋଷ (୨୦), ସମୀର ସୁନା ଓରଫ ମନୁ (୨୦), ଏମ୍. ଜଗଦୀଶ୍ୱର ରାଓ ଓରଫ୍ ଚିଣ୍ଟୁ(୧୯), ସମ୍ବଲପୁରର ଯୋଗେଶ୍ୱର ଚାନ୍ଦ (୨୪), ନରେଶ ବାଗ ଓରଫ୍ ବାବୁ(୨୫), ଧୀରଜ ଗରଡ଼ିଆ (୧୯), ରାଉରକେଲାର ଅଭିରାଜ ଶାହ (୨୬)। ଏମାନଙ୍କ ସହ ଆଉ ୨ଜଣ ନାବାଳକ ମଧ୍ୟ ଗିରଫ ହୋଇଛନ୍ତି। ସେମାନଙ୍କଠାରୁ ବିଭିନ୍ନ ବ୍ୟାଙ୍କର ୬୧ଟି ପାସବୁକ୍, ୪୧ଟି ଏଟିଏମ୍ କାର୍ଡ, ୯୦ଟି ମୋବାଇଲ, ଗୋଟିଏ କାର୍ ଏବଂ ଗୋଟିଏ ସ୍କୁଟି ଜବତ ହୋଇଛି। ଝାରସୁଗୁଡ଼ା ଥାନାରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଝାରସୁଗୁଡ଼ା ଆରକ୍ଷୀ ଅଧୀକ୍ଷକ ଗୁଣ୍ଡାଲା ରେଡ୍ଡୀ ରାଘବେନ୍ଦ୍ର ଏହି ସୂଚନା ଦେଇଛନ୍ତି। ଘଟଣାର ଅଧିକ ତଦନ୍ତ ଚାଲିଛି, ଆଗକୁ ଗିରଫଦାରୀ ସଂଖ୍ୟା ବଢ଼ିପାରେ ବୋଲି ଏସ୍‌ପି କହିଛନ୍ତି।

ସୂଚନାନୁଯାୟୀ, ଗେମିଂରୁ ରୋଜଗାର କରିବାକୁ କହି ଏମାନେ ଲୋକଙ୍କୁ ଚୂନ ମାରୁଥିଲେ। ଗରିବ, ନିରୀହ ଲୋକଙ୍କୁ ନିଜ ଜାଲରେ ଫସାଉଥିଲେ। ସେମାନଙ୍କ ନାଁରେ ବ୍ୟାଙ୍କ ଆକାଉଣ୍ଟ ଖୋଲିବାଠାରୁ ଆରମ୍ଭ କରି ନୂଆ ସିମ୍‌କାର୍ଡ ଆକ୍ଟିଭ୍ କରୁଥିଲେ। ଏଥିପାଇଁ ସେମାନେ ୫ହଜାର ଟଙ୍କା ଲୋଭ ଦେଖାଉଥିଲେ। ପରେ ଉକ୍ତ ଆକାଉଣ୍ଟଗୁଡ଼ିକୁ ସେମାନେ ବିହାର, ରାଜସ୍ଥାନ, ଝାଡ଼ଖଣ୍ଡରେ ବସିଥିବା ସାଇବର୍ ଠକଙ୍କୁ ବିକିଦେଉଥିଲେ। ସାଇବର୍ ଠକମାନେ ଉକ୍ତ ସିମ୍ ଓ ଆକାଉଣ୍ଟ ବ୍ୟବହାର କରି ବଡ଼ ବଡ଼ ସାଇବର୍ ଅପରାଧ ଭିଆଉଥିଲେ। ଖାଲି ସେତିକି ନୁହେଁ, ସାଇବର୍ ଠକେଇରୁ ଉକ୍ତ ଆକାଉଣ୍ଟକୁ ଆସୁଥିବା ଟଙ୍କାକୁ ମଧ୍ୟ ଏମାନେ ଉଠାଣ କରି ଠକଙ୍କ ଅନ୍ୟ ଆକାଉଣ୍ଟରେ ଟଙ୍କା ଜମା କରୁଥିଲେ। ଏମାନଙ୍କର ଲିଙ୍କ୍ ସାଇବର୍ ଠକଙ୍କ ହେଡ୍‌କ୍ୱାର୍ଟର୍ କୁହାଯାଉଥିବା ଝାଡ଼ଖଣ୍ଡ ଜାମତରା ସହ ଥିବା ପୁଲିସ କହିଛି। ସେହିପରି ବିହାର ଓ ରାଜସ୍ଥାନକୁ ମଧ୍ୟ ଏହି ସାଇବର ଠକେଇର ଚେର ଲମ୍ବିଛି। ଏକ ଚୋରି ମାମଲାର ତଦନ୍ତ ବେଳେ ମିଳିଥିବା ସୂତ୍ର ଆଧାରରେ ପୁଲିସ୍ ଏହି ଠକଙ୍କୁ ଗିରଫ କରିଛି ବୋଲି ଏସ୍‌ପି କହିଛନ୍ତି।


**୬୧ ପାସ୍‌ବୁକ, ୪୧ ଏଟିଏମ୍, ୯୦ ମୋବାଇଲ ଫୋନ ଜବତ**

# ରାଜ୍ୟରେ ହେବ ୪ ନୂଆ ତହସିଲ

ଭୁବନେଶ୍ୱର,୧୮ ।୧୧(ସମିସ): ରାଜ୍ୟରେ ଆଉ ୪ ଟି ନୂଆ ତହସିଲ୍ ପ୍ରତିଷ୍ଠା ହେବ। ଭୁବନେଶ୍ୱର, କଟକ ଏବଂ ସମ୍ବଲପୁର ତହସିଲକୁ ବିଭକ୍ତ କରାଯାଇ ଏହି ନୂତନ ତହସିଲ୍ ସୃଷ୍ଟି କରାଯିବ। ଭୁବନେଶ୍ୱର ତହସିଲକୁ ବିଭକ୍ତ କରାଯାଇ ଆଉ ୨ ଟି ନୂଆ ତହସିଲ୍ ଖୋଲିବା ସହ କଟକ ଏବଂ ସମ୍ବଲପୁର ପାଇଁ ଆଉ ଗୋଟିଏ ଲେଖାଏଁ ନୂଆ ତହସିଲ୍ ପ୍ରତିଷ୍ଠା ହେବ। ବର୍ତ୍ତମାନ ଏହି ତହସିଲ୍‌ଗୁଡ଼ିକ ମହାନଗର ନିଗମ ଅଧିନରେ ଆସୁଛି। ମାତ୍ର ଏହି ତହସିଲ୍‌ଗୁଡ଼ିକର ଅଞ୍ଚଳ ପରିସୀମା, ଜନସଂଖ୍ୟା ଘନତ୍ୱ ବୃଦ୍ଧି ହେଉଛି। ଏଥିପାଇଁ ଅଞ୍ଚଳଗୁଡ଼ିକରେ ଜନସେବା ପ୍ରଦାନରେ ମଧ୍ୟ ବ୍ୟାପକ ସମସ୍ୟା ସୃଷ୍ଟି ହେଉଛି। ଉପରୋକ୍ତ ଦିଗକୁ ଦୃଷ୍ଟିରେ ରଖି ରାଜସ୍ୱ ବିଭାଗ ପକ୍ଷରୁ ଏହି ତହସିଲଗୁଡ଼ିକୁ ବିଭକ୍ତ କରି ୪ ଟି ନୂଆ ତହସିଲ୍ ପ୍ରତିଷ୍ଠା କରିବା ପାଇଁ ନିଷ୍ପତ୍ତି ହୋଇଛି। ଏଥିପାଇଁ ରାଜସ୍ୱ ବିଭାଗ ପକ୍ଷରୁ ଏହି ୩ ଜିଲ୍ଲାର ଜିଲ୍ଲାପାଳଙ୍କୁ ପତ୍ର ଲେଖାଯାଇ ନୂତନ ତହସିଲ ସୃଷ୍ଟି ପାଇଁ ଏକ ବିସ୍ତୃତ ପ୍ରସ୍ତାବ ଦାଖଲ କରିବାକୁ କୁହାଯାଇଛି। ଏଥିରେ ଉପଯୁକ୍ତ ଯଥାର୍ଥତା ସହିତ ନୂତନ ତହସିଲର ପ୍ରସ୍ତାବିତ ସ୍ଥାନ ସହିତ, ଆର୍‌ଆଇ ସର୍କଲ ଏବଂ ଗ୍ରାମଗୁଡ଼ିକର ନାମ ସେମାନଙ୍କର ସମ୍ପୃକ୍ତ ପୋଷ୍ଟ ଆଦି ବିଷୟରେ ସୂଚନା ଦେବାକୁ କୁହାଯାଇଛି।

# ପ୍ରାକୃତିକ ବିପର୍ଯ୍ୟୟ ସୂଚୀରେ ସାମିଲ ହେବ ବନ୍ୟପ୍ରାଣୀ ଆକ୍ରମଣ ଜନିତ ମୃତ୍ୟୁ

ଭୁବନେଶ୍ୱର,୧୮ ।୧୧(ସମିସ): ବନ୍ୟପ୍ରାଣୀ ଆକ୍ରମଣ ଜନିତ ମୃତ୍ୟୁ ଘଟଣାକୁ ପ୍ରାକୃତିକ ବିପର୍ଯ୍ୟୟ ଶ୍ରେଣୀଭୁକ୍ତ କରି ମୃତକଙ୍କ ପରିବାରକୁ ୧୦ ଲକ୍ଷ ଟଙ୍କାର ଅନୁକମ୍ପାମୂଳକ ରାଶି ପ୍ରଦାନ କରିବାକୁ ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ସୁପ୍ରିମକୋର୍ଟଙ୍କ ଏହି ନିର୍ଦ୍ଦେଶନାମା ପରେ ରାଜ୍ୟରେ ବନ୍ୟପ୍ରାଣୀ ଜନିତ ମୃତ୍ୟୁ ଓ ଏହାସହିତ ଯଡ଼ିତ ଅନେକ ଘଟଣାକୁ ନେଇ ଦ୍ୱନ୍ଦ୍ୱାତ୍ମକ ସ୍ଥିତି ସୃଷ୍ଟି ହୋଇଛି। ଯଦିଓ ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶନାମା ପୂର୍ବରୁ ରାଜ୍ୟ ସରକାର ବନ୍ୟପ୍ରାଣୀ ଜନିତ ମୃତ୍ୟୁ ଘଟଣାରେ ୧୦ ଲକ୍ଷ ଟଙ୍କା ଅନୁକମ୍ପାମୂଳକ ରାଶି ପ୍ରଦାନ କରି ଆସୁଛନ୍ତି, ମାତ୍ର ଏହି ଅର୍ଥରାଶି ବନ ବିଭାଗ ପ୍ରଦାନ କରୁଛି। ତେବେ ନୂଆ ନିୟମ କାର୍ଯ୍ୟକାରୀ ହେଲେ କ୍ଷତିପୂରଣ ରାଶି ପ୍ରଦାନ ଦାୟିତ୍ୱ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ଅଧିନକୁ ଟିବ ଏବଂ ଅର୍ଥରାଶି ଏସ୍‌ଡିଆର୍‌ଏଫ୍ ପାଣ୍ଠିରୁ ପ୍ରଦାନ କରାଯିବ।

ଅନ୍ୟପଟେ ରାଜ୍ୟରେ ବହୁ ପୂର୍ବରୁ ସାପ କାମୁଡ଼ା ଜନିତ ମୃତ୍ୟୁକୁ ପ୍ରାକୃତିକ ବିପର୍ଯ୍ୟୟ ତାଲିକାଭୁକ୍ତ କରାଯାଇଥିଲେ ମଧ୍ୟ ଏ ବାବଦକୁ ମୃତକଙ୍କ ପରିବାରକୁ କେବଳ ୪ ଲକ୍ଷ ଟଙ୍କା ପ୍ରଦାନ କରାଯାଉଛି। ଏହାକୁ ନେଇ ବହୁ ଦିନରୁ ସରକାରୀ ବ୍ୟବସ୍ଥା ଓ ସାମାଜିକ କର୍ମୀଙ୍କ ମଧ୍ୟରେ ବିବାଦ ଆରମ୍ଭ ଲାଗି ରହିଛି। କାରଣ ବନ୍ୟପ୍ରାଣୀ ଆକ୍ରମଣରେ

**■ ସହାୟତା ରାଶି ୧୦ ଲକ୍ଷ ଟଙ୍କା ପ୍ରଦାନ ନିର୍ଦ୍ଦେଶ**
**■ ରାଜ୍ୟରେ ସାପକାମୁଡ଼ାରେ ବାର୍ଷିକ ଯାଉଛି ହଜାରେ ଜୀବନ**

ମଣିଷ ମୃତ୍ୟୁ ହେଲେ ୧୦ ଲକ୍ଷ ଟଙ୍କା ଅନୁକମ୍ପା ରାଶି ମିଳୁଥିବା ବେଳେ ସାପ କାମୁଡ଼ା ମୃତ୍ୟୁ କ୍ଷେତ୍ରରେ ଏହି ରାଶି ୪ ଲକ୍ଷରେ ସୀମିତ ରହିଛି। ଭାରତୀୟ ବନ୍ୟ ପ୍ରାଣୀ ଆଇନ୍‌ରେ ମଣିଷକୁ ମାରିବା ଭଳି କ୍ଷମତା ରଖିଥିବା ସବୁ ସାପ ସିଡ୍ୟୁଲ୍ ୧ ଏବଂ ୨ ତାଲିକା ଅନ୍ତର୍ଭୁକ୍ତ ରହିଛନ୍ତି। ବିଷଧର ନାଗ, ତମ୍ପ, ଚନ୍ଦନ ବୋଡ଼ା, ଅହିରାଜ ସିଡ୍ୟୁଲ୍-୧ ସାପ ଭାବେ ଗଣାଯାଉଥିବା ବେଳେ ସିଡିଲ୍ୟୁ-୧ ତାଲିକାରେ ହାତୀ, ବାଘ, କୁମ୍ଭୀର ମଧ୍ୟ ରହିଛନ୍ତି। ସେହିପରି ଚିତି, ରଣା, ଧୂଳିଆ ବୋଡ଼ା ଆଦି ସାପ ସିଡ୍ୟୁଲ-୨ରେ ରହିଥିବା ବେଳେ ହାତୀ, ବାଘ, ଭାଲୁ, କୁମ୍ଭୀର ଆଦିଙ୍କ ଭଳି ଏହି ସାପମାନେ ମଧ୍ୟ ମଣିଷଙ୍କ ଜୀବନ ନେବାର କ୍ଷମତା ରଖିଛନ୍ତି। ତେଣୁ ସାପ କାମୁଡାରେ କାହାରି ମୃତ୍ୟୁ ହେଲେ ମଧ୍ୟ ସମାନ ଭାବରେ ୧୦ ଲକ୍ଷ ଟଙ୍କା ପ୍ରଦାନ କରିବାକୁ ଦାବି ହୋଇ ଆସୁଛି। ଏଦୃଷ୍ଟିରୁ ସୁପ୍ରିମକୋର୍ଟଙ୍କ ଏହି ନୂତନ ନିର୍ଦ୍ଦେଶନାମା ଏହି କ୍ଷେତ୍ରରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବ ବୋଲି ଆଶା କରାଯାଉଛି।

ରାଜ୍ୟରେ ବର୍ତ୍ତମାନ ବାର୍ଷିକ ହାରାହାରି ୧ ହଜାର ଲୋକ ସାପ କାମୁଡ଼ା ଜନିତ କାରଣ ପାଇଁ ମୃତ୍ୟୁମୁଖରେ ପଡୁଥିବା ବେଳେ ବନ୍ୟପ୍ରାଣୀ ଆକ୍ରମଣରେ ୧୩୦-୧୪୦ ଜଣଙ୍କ ଜୀବନ ଯାଉଛି। ତେଣୁ ଏହି ମୃତ୍ୟୁ ହ୍ରାସ ପାଇଁ ଅନୁକମ୍ପାମୂଳକ ରାଶି ଯେତିକି ଗୁରୁତ୍ୱପୂର୍ଣ୍ଣ, ଏହାର ଚିକିତ୍ସା ବ୍ୟବସ୍ଥାରେ ସଂସ୍କାର ଆଣିବା ଅଧିକ ଗୁରୁତ୍ୱ ସାଜିଛି। ତେଣୁ ସାପ କାମୁଡିବାର ପ୍ରଥମ ୫ ଦିନ ସରକାରୀ/ଘରୋଇ ସବୁ ଡାକ୍ତରଖାନାରେ ଚିକିତ୍ସା ମାଗଣା ପାଇଁ ମଧ୍ୟ ଦାବି ହୋଇ ଆସୁଛି। ମୁଖ୍ୟତଃ ଗାଁ ଗଣ୍ଡାରେ ଗୁଣିଆ ବ୍ୟବସ୍ଥାରେ ରୋକ୍ ଲଗାଇବା ଓ 'ଗୋଲ୍ଡେନ୍ ଆୱାର'ରେ ସାପ କାମୁଡ଼ା ରୋଗୀ ହସ୍ପିଟାଲରେ ପହଞ୍ଚି ପାରିଲେ ଏହି ସଂଖ୍ୟାକୁ ଯଥେଷ୍ଟ କମାଇ ଦିଆଯାଇପାରନ୍ତା। ଏହା ବ୍ୟତୀତ ସାପ କାମୁଡ଼ା ରୋଗୀଙ୍କ ପାଇଁ ଆଇସିୟୁ ଚିକିତ୍ସା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ହୋଇଥିବାରୁ ସରକାରୀ ହସ୍ପିଟାଲଗୁଡ଼ିକରେ ଆଇସିୟୁର ଅଭାବକୁ ଭରଣା କରିବା ପାଇଁ ଘରୋଇ ହସ୍ପିଟାଲଗୁଡ଼ିକରେ ଏଥିପାଇଁ ମାଗଣା ଚିକିତ୍ସା ଯୋଗାଇ ଦେଲେ ମଧ୍ୟ ଏହି ମୃତ୍ୟୁ ରୋକିବାରେ ବଡ଼ ସହାୟକ ହୋଇପାରନ୍ତା ବୋଲି ସ୍ନେକ୍ ହେଲ୍ପ ଲାଇନ୍‌ର ସାଧାରଣ ସମ୍ପାଦକ ଶୁଭେନ୍ଦୁ ମଲ୍ଲିକ କହିଛନ୍ତି।

### କଟକରୁ ବାଂଲାଦେଶୀ ନାବାଳିକା ଉଦ୍ଧାର ଘଟଣା

# ୧୦ ଅଭିଯୁକ୍ତଙ୍କ ନାମରେ ଚାର୍ଜସିଟ୍ ଦାଖଲ

ଭୁବନେଶ୍ୱର,୧୮ ।୧୧(ସମିସ): କଟକ ଲିଙ୍କ୍ ରୋଡ୍‌ରୁ ବାଂଲାଦେଶୀ ନାବାଳିକା ଉଦ୍ଧାର ଘଟଣାରେ ଚାର୍ଜସିଟ୍ ଦାଖଲ କରିଛି ଜାତୀୟ ତଦନ୍ତକାରୀ ସଂସ୍ଥା(ଏନ୍‌ଆଇଏ)। ମୋଟ ୧୦ଜଣ ଅଭିଯୁକ୍ତଙ୍କ ନାମରେ ଭୁବନେଶ୍ୱର ସ୍ୱତନ୍ତ୍ର କୋର୍ଟରେ ଚାର୍ଜସିଟ୍ ଦାଖଲ ହୋଇଛି।

ସୂଚନାନୁସାରେ, ଗତବର୍ଷ ନଭେମ୍ବରରେ କଟକ ଲିଙ୍କ୍ ରୋଡ୍ ଅଞ୍ଚଳରେ ସେକ୍ସ ରାକେଟ୍ ଚାଲିଥିବା ଖବର ପାଇ ମଧୁପାଟଣା ଥାନା ପୁଲିସ ଖବର ପାଇଥିଲା। ସେଠାରୁ ଜଣେ ୧୬ବର୍ଷୀୟା ନାବାଳିକାକୁ ଉଦ୍ଧାର କରିବା ପରେ ସାଙ୍ଘାତିକ କଥା ପଦାକୁ ଆସିଥିଲା। ନାବାଳିକାର ଘର ବାଂଲାଦେଶ ହୋଇଥିବା ବେଳେ ଦଲାଲ ତାକୁ ଚାକିରି ଲୋଭରେ କଟକ ଆଣିଥିଲା। ଏଠାରେ ରଖିବା ମଧ୍ୟରେ ସେକ୍ସ ରାକେଟରେ ନିୟୋଜିତ କରି ଦଲାଲମାନେ ମୋଟା ଅଙ୍କର ଟଙ୍କା କମାଉଥିଲେ ବୋଲି ଜଣାପଡ଼ିଥିଲା। ମଧୁପାଟଣା ଥାନା ପୁଲିସ କେସ୍ ନଂ ୩୦୭/୨୪ ରେ ମାମଲା ରୁଜୁ କରିଥିଲା। ଏହି ଘଟଣାରେ କମିସନରେଟ ପୁଲିସ ମୋଟ ୬ ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିଲା। କମିସନରେଟ ପୁଲିସ ପକ୍ଷରୁ ପ୍ରାରମ୍ଭିକ ଚାର୍ଜସିଟ୍ ମଧ୍ୟ ଦାଖଲ ହୋଇଥିଲା।

ତେବେ ଏହି କାରବାର ପଛରେ ଅନ୍ତର୍ଜାତୀୟ ରାକେଟ କାମ କରୁଥିବା ଜାଣିବା ପରେ

**ନିଯୁକ୍ତି ପ୍ରଲୋଭନ ଦେଖାଇ ଦେହ ବେପାର**

କମିସନରେଟ ପୁଲିସ କେନ୍ଦ୍ର ସରକାରଙ୍କୁ ଅବଗତ କରିଥିଲା। ନାବାଳିକାଜଣଙ୍କ ବାଂଲାଦେଶୀ ଓ ଏହା ଏକ ମାନବଚାଲାଣ ମାମଲା ହୋଇଥିବାରୁ ପରବର୍ତ୍ତୀ ସମୟରେ ଏନ୍‌ଆଇଏ ଘଟଣାର ତଦନ୍ତ ଦାୟିତ୍ୱ ନେଇଥିଲା। ଏନ୍‌ଆଇଏ ତଦନ୍ତ କରି ପଶ୍ଚିମବଙ୍ଗର ବିଭିନ୍ନ ସ୍ଥାନରେ ଚଢ଼ଉ କରି ଆଉ ଦୁଇ ଜଣଙ୍କୁ ଗିରଫ କରିଥିଲା। ସେମାନଙ୍କ ସାମାଜିକ ଗଣମାଧ୍ୟମ ଆକାଉଣ୍ଟ ଓ ଆର୍ଥିକ କାରବାର ଖୋଳତାଡ଼ କରିବା ପରେ ଆଉ ଦୁଇ ଜଣଙ୍କ ସଂପୃକ୍ତି ମିଳିଥିଲା। ଏନ୍‌ଆଇଏ ଆହୁରି ୨ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିଲା। ଦୁର୍ବଳ ଆର୍ଥିକ ସ୍ଥିତିର ସୁଯୋଗ ନେଇ ଅଭିଯୁକ୍ତମାନେ ନାବାଳିକାକୁ ଚାକିରି ଆଳରେ କଟକ ନେଇ ଆସିଥିଲେ। ଏଠାରେ ନାବାଳିକାକୁ ରଖି ସେକ୍ସ ରାକେଟରେ ନିୟୋଜିତ କରିଥିଲେ ବୋଲି ଏନ୍‌ଆଇଏ ତଦନ୍ତ ସମୟରେ ଜାଣିବାକୁ ପାଇଥିଲା। କମିସନରେଟ ପୁଲିସ ଗିରଫ କରିଥିବା ୬ ଅଭିଯୁକ୍ତଙ୍କୁ ମିଶାଇ ମୋଟ ୧୦ ଅଭିଯୁକ୍ତଙ୍କ ବିରୋଧରେ ଚାର୍ଜସିଟ୍ ଦାଖଲ କରିଛି ଏନ୍‌ଆଇଏ। ପୋକ୍ସୋ ଆକ୍ଟ ୨୦୧୨ ଓ ମାନବ ଚାଲାଣ ଆଇନ ୧୯୫୬ ଆଧାରରେ ଭୁବନେଶ୍ୱରସ୍ଥିତ ଏନ୍‌ଆଇଏର ସ୍ୱତନ୍ତ୍ର ଅଦାଲତରେ ଦାଖଲ ହୋଇଛି ଚାର୍ଜସିଟ୍। ଘଟଣାର ଅଧିକ ତଦନ୍ତ ମଧ୍ୟ ଜାରି ରହିଥିବା ଏନ୍‌ଆଇଏ ପକ୍ଷରୁ କୁହାଯାଇଛି।

### ଧାନ କାଟିଲେଣି ଚାଷୀ

# ଏ ଯାଏଁ ହେଲାନି ସାଟେଲାଇଟ୍ ସର୍ଭେ


ପୁରୀ,୧୮।୧୧(ସମିସ): ପୁରୀ ଏକ କୃଷିବହୁଳ ଜିଲ୍ଲା। ଏଠାରେ ଅଧିକାଂଶ ଚାଷୀ ଧାନ ଚାଷ କରିଥାନ୍ତି। ଅନେକ ପରିବାରର ମୁଖ୍ୟ ଆୟ ଧାନ ଚାଷ କହିଲେ କିଛି ଅତ୍ୟୁକ୍ତି ହେବ ନାହିଁ। ଏମିତି କିଛି ପରିବାର ରହିଛନ୍ତି ଯେଉଁମାନେ ବର୍ଷକୁ ଥରେ ଧାନ ଅମଳ କରି ନିଜେ ଖାଇବା ପାଇଁ ସାଇତି ରଖି ବଳକା ବିକ୍ରି କରି ନିଜ ଗୁଜୁରାଣ ମେଣ୍ଟାଇଥାନ୍ତି। ହେଲେ ସରକାରୀ ବାବୁ ଏଭଳି ବାସ୍ତବତାକୁ କିନ୍ତୁ ବୁଝିବା ଅବସ୍ଥାରେ ନାହାନ୍ତି। ଚାଷ ଓ ଚାଷୀଙ୍କ ପ୍ରତି ସେମାନେ ନିୟମିତ ଅବହେଳା କରିଆସୁଛନ୍ତି। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଜିଲ୍ଲାରେ ପ୍ରାୟ ସପ୍ତାହେ ହେବ ଧାନକଟା ଆରମ୍ଭ ହେଲାଣି। ଚଳିତବର୍ଷ ଅନୁକୂଳ ପାଣିପାଗ ଯୋଗୁଁ ଧାନ ଫସଲ ବି ଭଲ ହୋଇଛି। ଚାଷୀ ଆଶାନୁରୂପ ଫସଲ ଅମଳ କରିବାକୁ ଆଶା ରଖିଥିବା ବେଳେ ଅମଳ ଧାନକୁ କିଭଳି ମଣ୍ଡିରେ ବିକ୍ରି କରିବେ, ସେ ନେଇ ଏବେ ଚିନ୍ତାରେ ପଡ଼ିଲେଣି। କାରଣ ଏଯାଏଁ ଖରିଫ ଧାନ କିଣିବା ପାଇଁ ସରକାର ପ୍ରକ୍ରିୟା ଆରମ୍ଭ କରି ନ ଥିବା ଜଣାପଡ଼ିଛି। କେବଳ ପଞ୍ଜୀପକରଣ କାମ ସାରି ବସି ପଡ଼ିଛି ବିଭାଗ।

ବିଭିନ୍ନ କୃଷି ସମବାୟ ସମିତି ଜରିଆରେ ଧାନ କିଣିବାକୁ ଦୀର୍ଘ ଦିନ ହେଲା ପଞ୍ଜୀକରଣ ସରିଥିଲେ ବି ଅନ୍ୟାନ୍ୟ ପ୍ରକ୍ରିୟା ଆଦୌ ଆରମ୍ଭ ହୋଇନାହିଁ। ଫଳରେ ମଣ୍ଡି ଖୋଲିବା ତ ବିଳମ୍ବ ହେବ, ତା' ସାଙ୍ଗକୁ ଚାଷୀ ଯେଉଁ ପରିମାଣରେ ଧାନ ବିକ୍ରି ପାଇଁ ଟାର୍ଗେଟ୍ ପାଇବା କଥା, ତାହା ଆଉ ପାଇବେ ନାହିଁ। ଅନ୍ୟପକ୍ଷରେ, କହିବାକୁ ଗଲେ ଅଧିକାଂଶ ଚାଷୀ ଧାନ ବିକ୍ରିରୁ ବଞ୍ଚିତ ହେବେ। ଏଭଳି ଆଶଙ୍କା ଦେଖାଦେଇଛି।

ସୂଚନାନୁଯାୟୀ, ଚଳିତ ଖରିଫ ଋତୁରେ ଧାନ କିଣିବା ପାଇଁ ସମବାୟ ସମିତିଗୁଡ଼ିକ ପକ୍ଷରୁ ଗତ ଜୁଲାଇରୁ ଚାଷୀ ପଞ୍ଜୀକରଣ କରାଗଲାଣି। ଅଗଷ୍ଟ ୨୫ରୁ ପଞ୍ଜୀକରଣ କାମ ଶେଷ ହୋଇଥିଲେ ବି ଆଜିଯାଏଁ କାଗଜପତ୍ର ଯାଞ୍ଚ ଓ ବୈଧୀକରଣ (ଭାଲିଡେସନ) କାମ ଶେଷ ହୋଇନାହିଁ। ଭାଲିଡେସନ ପରେ ସାଟେଲାଇଟ୍ ସର୍ଭେ କରାଯିବା କଥା। ସାଟେଲାଇଟ୍ ସର୍ଭେ ପରେ କୃଷି ସେବା ସମବାୟ ସମିତି ଲ୍ୟାମ୍ପସ୍, ପାକ୍ସସ୍ତରରେ ପ୍ରତ୍ୟକ୍ଷ କ୍ଷେତ୍ର ପରିଦର୍ଶନ କରାଯାଇ ରିପୋର୍ଟ ପ୍ରସ୍ତୁତ ହେବା କଥା। ଏହା ପରେ ସମସ୍ତ ରିପୋର୍ଟ ଯାଞ୍ଚ କରାଯାଇ କେଉଁ ଚାଷୀ କେତେ ପରିମାଣର ଧାନ ବିକ୍ରି କରିପାରିବେ ତାହା ସ୍ଥିର କରି ଟାର୍ଗେଟ ଦିଆଯିବ। ମାତ୍ର ଆଜି ପର୍ଯ୍ୟନ୍ତ ସାଟେଲାଇଟ୍ ସର୍ଭେ ହୋଇ ନଥିବା ବେଳେ ଅନ୍ୟାନ୍ୟ ଯାଞ୍ଚ ପ୍ରକ୍ରିୟା କେବେ ସରିବ, ମଣ୍ଡି କେବେ ଖୋଲାଯିବ, ତାହାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଜିଲ୍ଲାର ପୁରୀ ସଦର, ସତ୍ୟବାଦୀ, ବ୍ରହ୍ମଗିରି, କଣାସ, ପିପିଲି, ନିମାପଡ଼ା ଆଦି ବ୍ଲକରେ ପ୍ରାୟ ସପ୍ତାହେ ହେବ ଧାନ କଟା ଆରମ୍ଭ ହେଲାଣି। ପାଖାପାଖି ୩୦ପ୍ରତିଶତ ଧାନ କଟା ହେଲାଣି। ଆଉ ସପ୍ତାହକ ପରେ ୫୦ ପ୍ରତିଶତ ଧାନ କଟା ସରିଥିବ। ଏପରିସ୍ଥଳେ ସାଟେଲାଇଟ୍ ସର୍ଭେ କଲେ ଜମିରେ ତ ଧାନ ନ ଥିବ, କି ରିପୋର୍ଟ ଯିବ ବୋଲି ଅନେକ ଚାଷୀ ପ୍ରଶ୍ନ କରିଛନ୍ତି। ତେଣୁ ଯେନତେନ ପ୍ରକାରେ ଚାଷୀଙ୍କୁ ଟାର୍ଗେଟ ଦେଇ ଧାନ କିଣାଯିବା ଏକପ୍ରକାର ଜଳ ଜଳ ଦେଖାଯାଉଛି।

ସରକାର ଗତବର୍ଷଠାରୁ ଇନ୍‌ପୁଟ୍ ସବ୍‌ସିଡି ମିଶାଇ ୩,୧୦୦ ଟଙ୍କାରେ ଚାଷୀଙ୍କଠାରୁ ଧାନ କିଣିଛନ୍ତି। ଚଳିତବର୍ଷ ମଧ୍ୟ ସେହିପରି ଧାନ କିଣାଯିବ। ଚଳିତବର୍ଷ ଚାଷରୁ ଭଲ ଦି' ପଇସା ରୋଜଗାର କରିବା ଆଶାରେ କିଛି ବି ଜମି ପଡ଼ିଆ ନ ରଖି ଚାଷୀ ଚାଷ କରିଛନ୍ତି। ପୂର୍ବ ବର୍ଷ ଅପେକ୍ଷା ପ୍ରାୟ ୨୫ ପ୍ରତିଶତ ଅଧିକ ଜମିରେ ଧାନ ଫସଲ ହୋଇଛି। ଉତ୍ତମ ପାଣିପାଗ ଯୋଗୁଁ ଜିଲ୍ଲାରେ ଭଲ ଫସଲ ବି ହୋଇଛି। ଗତବର୍ଷ ପ୍ରାକୃତିକ ବିପର୍ଯ୍ୟୟ ଯୋଗୁଁ କିଛି ଧାନ ନଷ୍ଟ ହୋଇଥିବାବେଳେ ଚଳିତବର୍ଷ ସୁରୁଖୁରୁରେ ଅମଳ ହେବା ଆଶା କରାଯାଉଛି। ତେଣୁ ସରକାର ଏତେ ପରିମାଣର ଧାନ କିଣିବାକୁ ସମସ୍ୟାରେ ପଡ଼ିବା ଭୟ ରଖି ମଣ୍ଡି ପ୍ରକ୍ରିୟା ବିଳମ୍ବିତ କରୁଥିବା ମଧ୍ୟ ଚାଷୀ ମହଲରେ ସନ୍ଦେହ ସୃଷ୍ଟି ହେଲାଣି।



# ଦେଓଗାଁରେ ଇଥାନଲ କାରଖାନାକୁ ବିରୋଧ କରି ବିକ୍ଷୋଭ







ସମ୍ବଲପୁର, ୧୮।୧୧ (ସମିସ)

ସମ୍ବଲପୁର ଜିଲ୍ଲା ମାନେଶ୍ୱର ବ୍ଲକ ଦେଓଗାଁ ଠାରେ ଇଥାନଲ୍ କାରଖାନା ପ୍ରତିଷ୍ଠାକୁ ବିରୋଧ କରି ମଙ୍ଗଳବାର ବହୁସଂଖ୍ୟାରେ ଅଞ୍ଚଳବାସୀ ରାଲିରେ ଆସି ବିକ୍ଷୋଭ ପ୍ରଦର୍ଶନ କରିବା ସହ ଉତ୍ତରାଞ୍ଚଳ ରାଜସ୍ୱ ଆୟୁକ୍ତଙ୍କ କାର୍ଯ୍ୟାଳୟ ସମ୍ମୁଖରେ ପ୍ରତିବାଦ ସଭା କରିଥିଲେ। ଏହାପରେ ସୁରକ୍ଷା ସମିତି ପକ୍ଷରୁ ଆର୍‌ଡିସିଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରଦାନ କରାଯାଇଥିଲା।

ଦେଓଗାଁ ସୁରକ୍ଷା ସମିତି ଆହ୍ୱାନରେ ଶହ ଶହ ମହିଳା ଓ ପୁରୁଷ ତ୍ରିରଙ୍ଗା ଓ ପ୍ଲାକାର୍ଡ ଧରି ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ସୁରକ୍ଷା ସମିତିର ସୁଧୀର ପ୍ରଧାନଙ୍କ ପରିଚାଳନାରେ ଅନୁଷ୍ଠିତ ପ୍ରତିବାଦ ସଭାରେ ବରିଷ୍ଠ କଂଗ୍ରେସ ନେତା ଆସଫ ଅଲୀ ଖାନ ଇଥାନଲ କାରଖାନା ଯୋଗୁଁ ଅଞ୍ଚଳରେ ପ୍ରଦୂଷଣ ବୃଦ୍ଧି ପାଇ ଏହାଦ୍ୱାରା ଗ୍ରାମବାସୀ ବିଭିନ୍ନ ରୋଗଗ୍ରସ୍ତ ହେବାର ଆଶଙ୍କା ରହିଛି ବୋଲି କହିଥିଲେ। ଏହାସହ କାରଖାନାରୁ ନିର୍ଗତ ଦୂଷିତ ଓ ବିଷାକ୍ତ ଜଳ ମହାନଦୀକୁ ଛାଡ଼ିବ। ପୁଣି ଏହି ସ୍ଥାନର ନିକଟରେ ହାତୀ ଗତିପଥ ଥିବାବେଳେ ସଂରକ୍ଷିତ ଜଙ୍ଗଲରେ କାରଖାନାକୁ ଅନୁମତି କିପରି ମିଳିଲା ବୋଲି ପ୍ରଶ୍ନ କରିଥିଲେ। କାରଖାନା କେଉଁଠି ଜାଗାରେ ପ୍ରତିଷ୍ଠା ହୋଇପାରିବ ତାହାକୁ ନେଇ ପରିବେଶ ବିଭାଗର ନୀତିନିୟମ ସେ ପ୍ରଦର୍ଶିତ କରିବାସହ ଏହା ଖୋଲାଖୋଲି ଉଲ୍ଲଂଘନ ବୋଲି ସେ ଅଭିଯୋଗ କରିଥିଲେ। ଇଥାନଲ କାରଖାନାକୁ ତୁରନ୍ତ ବନ୍ଦ କରା ନଗଲେ ଆଗାମୀ ଦିନରେ ଆନ୍ଦୋଳନ ତୀବ୍ରତର କରିବାକୁ କଂଗ୍ରେସ ନେତା ଶ୍ରୀ ଖାନ ଚେତାବନୀ ଦେଇଥିଲେ। ପୂର୍ବତନ ଏସ୍‌ଡିଏ ଅଧ୍ୟକ୍ଷ ଜୟବ୍ରତ ଦେ କହିଲେ ଯେ, ଏହି କାରଖାନା ପ୍ରତିଷ୍ଠା ହେବାଦ୍ୱାରା ମହାନଦୀ କୂଳରେ ବସବାସ କରୁଥିବା ଗ୍ରାମବାସୀଙ୍କ ଜୀବନ ବିପଦାପନ୍ନ ହେବ। ତାହାସହିତ ଅଞ୍ଚଳବାସୀ ବିଭିନ୍ନ ରୋଗଗ୍ରସ୍ତ ହେବା ଆଶଙ୍କା ରହିଛି। କାରଖାନାକୁ ବିରୋଧ କରୁଥିବା ଗ୍ରାମବାସୀଙ୍କୁ ଧମକଚମକ ବିଷୟରେ ଉଲ୍ଲେଖ କରିବାସହ କମ୍ପାନୀ ପାଇଁ ଅନୁମତି ଦେଇଥିବା ତତ୍କାଳୀନ ଡିଏଫ୍‌ଓ ଓ ଅନ୍ୟ ଅଧିକାରୀମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବା କଥା ବୋଲି କହିଥିଲେ। ପୂର୍ବତନ ରେଙ୍ଗାଲି ବିଧାୟକ ଦୁର୍ଯ୍ୟୋଧନ ଗର୍ଡ଼ିଆ, ରେଙ୍ଗାଲି ଜିଲା ପରିଷଦ ସଦସ୍ୟ ଦେ'ନାରାୟଣ ତିୱାରୀ, ରେଙ୍ଗାଲି ବରିଷ୍ଠ ନାଗରିକ ସମାଜର ଅନ୍ତର୍ଯ୍ୟାମୀ ପାଣି ପ୍ରମୁଖଙ୍କ ସହ ଦେଓଗାଁର ମହିଳା ଓ ପୁରୁଷ ମାନେ ପ୍ରତିବାଦ ସଭାରେ ବକ୍ତବ୍ୟ ରଖି ଇଥାନଲ କାରଖାନା ପ୍ରତିଷ୍ଠାକୁ ଦୃଢ଼ଭାବେ ବିରୋଧ କରିଥିଲେ।

## ୧୧୬ ଗ୍ରାମ ବ୍ରାଉନସୁଗର ଜବତ
# ୩ ମହିଳା ସମେତ ୫ ଗିରଫ

**ସମ୍ବଲପୁର, ୧୮।୧୧ (ସମିସ):** ପୁଣି ସମ୍ବଲପୁରରେ ବ୍ରାଉନ ସୁଗର ଜବତ ହୋଇଛି। ତାହା ପୁଣି ୧୦୦ ଗ୍ରାମରୁ ଅଧିକ। ଏହି ମାମଲାରେ ପୁଲିସ ୩ ଜଣ ମହିଳାଙ୍କ ସମେତ ୫ ଜଣଙ୍କୁ ଗିରଫକରି କୋର୍ଟଚାଲାଣ କରିଛି। ଅଭିଯୁକ୍ତମାନେ ହେଲେ ଧନୁପାଲି ଥାନା ଅନ୍ତର୍ଗତ ସୁନାପାଲିର ମହମ୍ମଦ ସୋହେଲ (୨୩) ଓ ମହମ୍ମଦ ନୁମାନ (୨୫), ମୋତିଝରନ କ୍ଷେତିପଡ଼ାର ରେଶମା ଖାତୁନ ଓରଫ ନେହା (୩୩), ସୁନାପାଲି ଗୌନ୍ତିଆପଡ଼ାର କୁରେଶା ଓରଫ ରୁବି ଖାତୁନ୍ (୩୦) ଏବଂ ସୁନାପାଲିର ଲକ୍ଷ୍ମୀ ଓରାମ (୩୦)। ଏନେଇ ସଦର ଏସଡିପିଓ କାର୍ଯ୍ୟାଳୟରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ଶ୍ରୀମନ୍ତ ବାରିକ ସୂଚନା ଦେଇଛନ୍ତି।

ଏଏସ୍‌ପି ଶ୍ରୀ ବାରିକଙ୍କ ସୂଚନା ଅନୁଯାୟୀ, ବିଶ୍ୱସ୍ତ ସୂତ୍ରରୁ ଖବରପାଇ ଆଜି ପୂର୍ବାହ୍ଣ ୧୦ଟା ୪୫ ମିନିଟ ସମୟରେ ଟାଉନଥାନା ପୁଲିସ ସଦଳବଳେ ଭିଏସ୍‌ଏସ୍ ମାର୍ଗସ୍ଥିତ ଏକ ମଲ୍ ପଛପଟେ ଥିବା ସ୍ଥାନରେ ଚଢ଼ଉ କରି ବ୍ରାଉନ ସୁଗର କାରବାର କରୁଥିବା ଦୁଇଜଣ ଅଭିଯୁକ୍ତ



ମହମ୍ମଦ ସୋହେଲ୍ ଓ ମହମ୍ମଦ ନୁମାନକୁ ଗିରଫ କରିଛି। ସେମାନଙ୍କଠାରୁ ମୋଟ ୧୧୬ ଗ୍ରାମ ବ୍ରାଉନ ସୁଗର ଜବତ କରାଯାଇଛି। ଏହାର ଆନୁମାନିକ ମୂଲ୍ୟ ୧୦ ଲକ୍ଷ ଟଙ୍କା ହେବ ବୋଲି ଜଣାପଡ଼ିଛି। ଏହାସହ ଅଭିଯୁକ୍ତଙ୍କ ଠାରୁ ୪ଟି ଧଳାକାଗଜ, ଦୁଇଟି ଚାମଚ, ୫ଟି ମୋବାଇଲ ଫୋନ ଓ ନଗଦ ୬ ଶହ ଟଙ୍କା ପୁଲିସ ଜବତ କରିଛି। ଅଭିଯୁକ୍ତଙ୍କୁ ଥାନାକୁ ଆଣି ପଚରାଉଚୁରା କରାଯାଇଥିଲା। ସେମାନଙ୍କ ସୂଚନା ଆଧାରରେ ବ୍ରାଉନ ସୁଗର କାରବାର କରୁଥିବା ୩ ଜଣ ମହିଳାଙ୍କୁ ଅଟକ ରଖି ପଚରାଉଚୁରା ପରେ ଗିରଫ କରାଯାଇଥିଲା। ଟାଉନ ଥାନା କେସ୍ ନଂ. ୩୭୨ / ୧୮.୧୧.୨୦୨୫ ଦଫା ୨୧(ବି) / ୨୯ ଏନ୍‌ଡିପିଏସ୍ ଆକ୍ଟରେ ମାମଲା ରୁଜୁକରି ଗିରଫ ଅଭିଯୁକ୍ତ ମାନଙ୍କୁ କୋର୍ଟଚାଲାଣ କରାଯାଇଥିବା ପୁଲିସ କହିଛି। ସେମାନେ କଲିକତାରୁ ବ୍ରାଉନସୁଗର ଆଣି ଏଠାରେ ବିକ୍ରୟ କରୁଥିବା ପ୍ରାଥମିକ ତଦନ୍ତରୁ ଜଣାପଡ଼ିଥିବା ଏଏସ୍‌ପି ଶ୍ରୀ ବାରିକ କହିଛନ୍ତି। ବ୍ରାଉନ ସୁଗର କାରବାରରେ ସମ୍ପୃକ୍ତ ଅନ୍ୟମାନଙ୍କୁ ଧରିବାକୁ ଅଧିକ ତଦନ୍ତ ଜାରି ରହିଥିବା ସେ ସୂଚନା ଦେଇଛନ୍ତି।

## 'ଆଧୁନିକ ହିନ୍ଦୀ ସାହିତ୍ୟର ଅବସ୍ଥା ଏବଂ ଦିଗ' ଆଲୋଚନାଚକ୍ର
# 'ସ୍ରଷ୍ଟା ମହାନ ନୁହଁନ୍ତି ତାଙ୍କର ଦୃଷ୍ଟିକୋଣ ମହାନ'



**ସମ୍ବଲପୁର, ୧୮।୧୧ (ସମିସ):** ଜଣେ ଲେଖକ ମହାନ ନୁହଁନ୍ତି, କିନ୍ତୁ ତାଙ୍କର ଦୃଷ୍ଟିକୋଣ ମହାନ। ସେ ତାଙ୍କ ସମୟ, ସଂଘର୍ଷ ସହିତ ଜଡ଼ିତ ହୁଅନ୍ତି ଏବଂ ଅଭିଜ୍ଞତାକୁ ପାଥେୟ କରି ଭବିଷ୍ୟତ ପିଢ଼ିକୁ ମାର୍ଗଦର୍ଶନ କରନ୍ତି। ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟର ହିନ୍ଦୀ ବିଭାଗ ଦ୍ୱାରା ଭାରତେନ୍ଦୁ ହରିଶ୍ଚନ୍ଦ୍ରଙ୍କ ଜନ୍ମବାର୍ଷିକୀ ପାଳନ ଅବସରରେ ଆୟୋଜିତ ବକ୍ତୃତାମାଳାର ଏକ ଅଂଶ ଭାବରେ 'ଆଧୁନିକ ହିନ୍ଦୀ ସାହିତ୍ୟର ଅବସ୍ଥା ଏବଂ ଦିଗ' ଉପରେ ବକ୍ତବ୍ୟ ରଖି ଅତିଥି ବକ୍ତା ପଶ୍ଚିମବଙ୍ଗ ରାଜ୍ୟ ବିଶ୍ୱବିଦ୍ୟାଳୟ ହିନ୍ଦୀ ବିଭାଗାଧ୍ୟକ୍ଷ ପ୍ରଫେସର ଅରୁଣ ହୋତା ଏହି ମନ୍ତବ୍ୟ ଦେଇଥିଲେ। ପ୍ରଫେସର ହୋତା ହିନ୍ଦୀ ସାହିତ୍ୟରେ ଆଧୁନିକ ଯୁଗର ଆଗମନ କାଳରୁ ଅବସ୍ଥା ଏବଂ ଦିଗ ଏବଂ ଆଜି ପର୍ଯ୍ୟନ୍ତ ଭାରତେନ୍ଦୁଙ୍କ ଅବଦାନ ଉପରେ ନିଜର ମତାମତ ରଖିଥିଲେ। ଅତିଥି ବକ୍ତା ଓଡ଼ିଶା ରାଜ୍ୟ ମୁକ୍ତ ବିଶ୍ୱବିଦ୍ୟାଳୟର ପୂର୍ବତନ ରେଜିଷ୍ଟ୍ରାର ପ୍ରଫେସର ଜୟନ୍ତ କରଶର୍ମା କହିଛନ୍ତି ଯେ ଆଧୁନିକ ଯୁଗରେ ହିନ୍ଦୀ ନିରନ୍ତର ଉନ୍ନତି କରୁଛି ଏବଂ ଭବିଷ୍ୟତରେ ଏକ ବିଶ୍ୱ ଭାଷା ହେବାର ପୂର୍ଣ୍ଣ ସମ୍ଭାବନା ରହିଛି। ଆମ ସମସ୍ତଙ୍କୁ ଏହାର ଦିଗ ଉପରେ ନିର୍ଣ୍ଣୟ କରିବା ଉପରେ ଗୁରୁତ୍ୱାରୋପ କରିଥିଲେ। କାର୍ଯ୍ୟକ୍ରମକୁ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରି କୁଳପତି ପ୍ରଫେସର ସୁଶାନ୍ତ କୁମାର ଦାଶ କହିଛନ୍ତି ଯେ ଦକ୍ଷତା ବିକାଶ ସହିତ ହିନ୍ଦୀକୁ ସମନ୍ୱିତ କରିବା ପାଇଁ ପ୍ରୟାସ କରାଯିବା ଉଚିତ। ଅନୁବାଦ ଭଳି ବିଷୟଗୁଡ଼ିକ ଏକ ପ୍ରମୁଖ କ୍ଷେତ୍ର ଭାବରେ ଉଭା ହୋଇଛି। ସେ ନୂତନ ପିଢ଼ିକୁ ଆଗକୁ ଆସିବାକୁ ଆହ୍ୱାନ କରିଥିଲେ ଏବଂ ଆନ୍ତଃବିଷୟିକ କାର୍ଯ୍ୟ ଉପରେ ଗୁରୁତ୍ୱାରୋପ କରିଥିଲେ। ସ୍ନାତକୋତ୍ତର ପରିଷଦର ଅଧ୍ୟକ୍ଷ ପ୍ରଫେସର ଜ୍ଞାନରଞ୍ଜନ ସ୍ୱାଇଁ କହିଥିଲେ ଯେ ହିନ୍ଦୀ ଭାରତକୁ ଏକତ୍ର ସୂତ୍ରରେ ବାନ୍ଧିବାରେ ସାହାଯ୍ୟ କରେ। ଉପକୁଳସଚିବ ଡ. ଉମାଚରଣ ପତି କହିଥିଲେ ଯେ ହିନ୍ଦୀ କେବଳ ଏକ ଭାଷା ନୁହେଁ ବରଂ ସମସ୍ୟାର ସମାଧାନ ମଧ୍ୟ ଅଟେ। ହିନ୍ଦୀ ବିଭାଗ ସଂଯୋଜକ ଡଃ ରଞ୍ଜନ ସେଠୀ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ଡ. ଦାଶରଥୀ ବେହେରାଙ୍କ ସଂଯୋଜନାରେ ଆୟୋଜିତ ବକ୍ତୃତାମାଳାରେ ଡ. ପ୍ରଣତି ବେହେରା ଅତିଥି ପରିଚୟ ଦେଇଥିଲେ। ଶେଷରେ ଡ. ସ୍ମୃତିସ୍ମରଣିକା ଜେନା ଧନ୍ୟବାଦ ଅର୍ପଣ କରିଥିଲେ।

## ଜାତୀୟ ସଡ଼କ ସାଇକ୍ଲିଙ୍ଗ ଚାମ୍ପିଅନ୍‌ସିପ୍
# ଡିସେମ୍ବର ୨ରୁ ସମ୍ବଲପୁରରେ ଆୟୋଜନ

ସମ୍ବଲପୁର, ୧୮।୧୧(ସମିସ)




ଜାତୀୟ ସଡ଼କ ସାଇକ୍ଲିଙ୍ଗ ଚାମ୍ପିଅନ୍‌ସିପ୍ ଦ୍ୱିତୀୟଥର ପାଇଁ ଓଡ଼ିଶାରେ ଏବଂ ପ୍ରଥମକରି ସମ୍ବଲପୁରରେ ଡିସେମ୍ବର ୨ରୁ ୬ ତାରିଖ ପର୍ଯ୍ୟନ୍ତ ଆୟୋଜିତ ହେବ ବୋଲି ଜିଲ୍ଲା ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି। ପୂର୍ବବର୍ଷ ପୁରୀରେ ସଫଳତାର ସହ ଆୟୋଜିତ ନେସନାଲ ରୋଡ ସାଇକ୍ଲିଙ୍ଗ ଚାମ୍ପିଅନସିପ ପରେ ଓଡ଼ିଶା ପକ୍ଷରୁ ଏହା ଦ୍ୱିତୀୟ ପର୍ଯ୍ୟାୟର ଆୟୋଜନ। ଜିଲ୍ଲାପାଳ କାର୍ଯ୍ୟାଳୟସ୍ଥ ସଭାକକ୍ଷରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଅତିରିକ୍ତ ଜିଲ୍ଲାପାଳ ଅଶୋକ କୁମାର ଭୋଇ, ଜିଲ୍ଲା କ୍ରୀଡ଼ା ଅଧିକାରୀ ସତ୍ୟନାରାୟଣ ତାଣ୍ଡି, ସାଇକଲ ଫେଡେରେସନ ଅଫ ଇଣ୍ଡିଆର କମିସିଓର ଏମ୍.କେ ପାଶା ଓ ଟେକ୍ନିକାଲ ହେଡ ଅଜିତ ସିଂ, ଓଡ଼ିଶା ସାଇକଲ ଆସୋସିଏସନ୍‌ର ଜେନେରାଲ ସେକ୍ରେଟାରୀ ପ୍ରସନ୍ନ ରାଉତ ପ୍ରମୁଖ ମଞ୍ଚାସୀନ ଥିଲେ। ୩୦ତମ ନେସନାଲ ରୋଡ୍ ସାଇକ୍ଲିଙ୍ଗ ଚମ୍ପିଆନସିପ୨୦୨୫ ଆସନ୍ତା ଡିସେମ୍ବର ମାସ ୨ ରୁ ୬ ତାରିଖ ପର୍ଯ୍ୟନ୍ତ ସମ୍ବଲପୁରରେ ଆୟୋଜିତ ହେବ। ସାଇକ୍ଲିଙ୍ଗ ଫେଡେରେସନ୍ ଅଫ୍ ଇଣ୍ଡିଆର ଅଧିନରେ ଓଡ଼ିଶା ସାଇକ୍ଲିଙ୍ଗ ଏସୋସିଏସନ୍ ଦ୍ୱାରା ଏହି ଚମ୍ପିଆନସିପ ଆୟୋଜନ କରାଯାଉଛି। ଏହାପାଇଁ ଓଡ଼ିଶା ସରକାର ଓ ସମ୍ବଲପୁର ଜିଲ୍ଲା ପ୍ରଶାସନ ପକ୍ଷରୁ ପୂର୍ଣ୍ଣ ସହଯୋଗ ଯୋଗାଇ ଦିଆଯାଉଛି।

ପ୍ରଥମଥର ପାଇଁ ପଶ୍ଚିମ ଓଡ଼ିଶାରେ ଜାତୀୟ ସଡକ ସାଇକ୍ଲିଙ୍ଗ ଚାମ୍ପିଅନସିପ ଆୟୋଜିତ ହେବ ଯାହା ଏକ ଐତିହାସିକ ଘଟଣା। ଦେଶର ୩୦ଟି ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳରୁ ହଜାରରୁ ଅଧିକ ସାଇକ୍ଲିଷ୍ଟ ପ୍ରତିଯୋଗିତାରେ ଭାଗ ନେବେ। ସେଥିରୁ ପ୍ରାୟ ୪୦୦ ଜଣ ମହିଳା ପ୍ରତିଯୋଗୀ ଅଛନ୍ତି, ଯାହା ମହିଳାମାନଙ୍କ ଭାଗୀଦାରିରେ ନୂତନ ଦୃଶ୍ୟପଟ ସୃଷ୍ଟି କରିବ। ଦେଶର ସିନିଅର, ଜୁନିଅର ଓ ସବ୍-ଜୁନିଅର ଖେଳାଳିମାନେ ଏଥିରେ ଅଂଶଗ୍ରହଣ କରିବେ। ମ୍ୟାନେଜର୍ସ ମିଟିଂ ୨୦୨୫ ଡିସେମ୍ବର ୧ ତାରିଖରେ ହେବ ଓ ଡିସେମ୍ବର ୨ ତାରିଖ ସକାଳ ୯ଟାରେ ଆଧିକାରିକ ଭାବେ ଫ୍ଲାଗ୍-ଅଫ୍ କରାଯିବ। ଓଡ଼ିଶା ସାଇକ୍ଲିଙ୍ଗ ଏସୋସିଏସନ୍‌ମାନଙ୍କ ପକ୍ଷରୁ ସମସ୍ତ ଖେଳାଳି, କୋଚ୍, ମ୍ୟାନେଜର୍ ଓ ଟେକ୍ନିକାଲ୍ ଅଫିସିଆଲ୍ ମାନଙ୍କ ପାଇଁ ଆଶ୍ରୟସ୍ଥଳୀ, ଖାଦ୍ୟ ଓ ଅନ୍ୟାନ୍ୟ ସୁବିଧା କରାଯାଇଛି।

ସିନିଅର, ଜୁନିଅର ଓ ସବ୍‌ଜୁନିଅର ଶ୍ରେଣୀରେ ମୋଟ ୨୫ଟି ଇଭେଣ୍ଟ ଆୟୋଜିତ ହେବ। ସବ୍-ଜୁନିଅର ଶ୍ରେଣୀ ପାଇଁ ନ୍ୟୁନତମ ଦୂରତା ୨୦ କିଲୋମିଟର,

- ପୁରୀ ପରେ ଦ୍ୱିତୀୟଥର ପାଇଁ ଓଡ଼ିଶାରେ ଆୟୋଜନ
- ସାରା ଦେଶରୁ ୧ ହଜାରରୁ ଊର୍ଦ୍ଧ୍ୱ ପ୍ରତିଯୋଗୀ
- ଭାଗନେବେ ୪୦୦ ମହିଳା ପ୍ରତିଯୋଗୀ
- ୧୫ କୋଟି ଟଙ୍କାର ସାଇକଲ ଆସିବ
- ମନୋନୀତ ପ୍ରତିଯୋଗୀ ଜାପାନରେ କରିବେ ଭାରତକୁ ପ୍ରତିନିଧିତ୍ୱ

ସିନିଅର ପୁରୁଷଙ୍କ ପାଇଁ ସର୍ବାଧିକ ଦୂରତା ୧୫୦ କିଲୋମିଟର ଏବଂ ବିଭିନ୍ନ ବର୍ଗ ଅନୁଯାୟୀ ଗତି ପ୍ରତିଘଣ୍ଟା ୪୮ରୁ ୫୫ କିଲୋମିଟର ରହିବ। ରେସ୍ ସମ୍ପାଦନା ପାଇଁ ଏନ୍‌ଏଚ୍ ୫୫ର ମା' ବାଟମଙ୍ଗଳା ଛକରୁ ମାନେଶ୍ୱର ପର୍ଯ୍ୟନ୍ତ ୧୦ କିଲୋମିଟର ରାସ୍ତାକୁ ପୂର୍ଣ୍ଣ ଭାବେ ବନ୍ଦ କରି ସଫା-ସୁତୁରା କରାଯାଇ, ବିଶ୍ୱ ମାନକ ଅନୁଯାୟୀ ପ୍ରସ୍ତୁତ କରାଯିବ। ଏହା ପାଇଁ ରୁଟ୍ ସ୍ୱିଫିଂ, ଟ୍ରାଫିକ୍-ଫ୍ରି କରିଡର୍, ଆପାତକାଳୀନ ଚିକିତ୍ସା ସୁବିଧା, ଟେକ୍ନିକାଲ୍ ଅଫିସିଆଲ୍ ମାନଙ୍କ ନିଯୁକ୍ତି ଓ ବ୍ୟାରିଅର ମ୍ୟାନେଜମେଣ୍ଟ ତଥା ଦର୍ଶକ ସୁରକ୍ଷା ବ୍ୟବସ୍ଥା ରହିବ।

ଏହି ଚାମ୍ପିଅନସିପରୁ ଶ୍ରେଷ୍ଠ ପ୍ରଦର୍ଶନ କରିଥିବା ଖେଳାଳିମାନଙ୍କୁ ଜାପାନରେ ହେବାକୁ ଥିବା ଆସନ୍ତା ଏସିଆନ୍ ଗେମ୍ସ ପାଇଁ ଭାରତ ପକ୍ଷରୁ ଚୟନ କରାଯିବ। ଏହାଦ୍ୱାରା ଭାରତର ଆଗାମୀ ଅନ୍ତର୍ଜାତୀୟ ସାଇକ୍ଲିଙ୍ଗ କ୍ଷେତ୍ରର ଭବିଷ୍ୟତ ଗଢ଼ିଉଠିବ। ଏହି ଚାମ୍ପିଅନସିପ ମାଧ୍ୟମରେ ପ୍ରାୟ ୧୫ କୋଟି ଟଙ୍କା ବ୍ୟୟରେ ଉଚ୍ଚ ମାନକ ରେସିଂ ସାଇକଲ ଓ ଉପକରଣ ସମ୍ବଲପୁରରେ ପହଞ୍ଚିବ। ଏହାଦ୍ୱାରା ପଶ୍ଚିମ ଓଡ଼ିଶା ଅଞ୍ଚଳ ଆଧୁନିକ ସାଇକ୍ଲିଙ୍ଗ ପ୍ରଯୁକ୍ତି, ପ୍ରୋଫେସନାଲ୍ ରେସିଂ ସେଟ୍‌ଅପ୍ ଓ ମୋଡର୍ଣ୍ଣ ଟ୍ରେନିଂ ଷ୍ଟାଣ୍ଡାର୍ଡ ସହ ପରିଚିତ ହେବ।

ଯୁବପିଢ଼ି ମଧ୍ୟରେ ସାଇକ୍ଲିଙ୍ଗ ନେଇ ସଚେତନତା ବଢ଼ାଇବା, ଓଡ଼ିଶାରେ ପ୍ରତିଯୋଗିତାମୂଳ ସାଇକ୍ଲିଙ୍ଗ ସଂସ୍କୃତିକୁ ସୁଦୃଢ଼ କରିବା, ସମ୍ବଲପୁର ଓ ପଶ୍ଚିମ ଓଡ଼ିଶା ଅଞ୍ଚଳରୁ ଉଦୀୟମାନ ଖେଳାଳିଙ୍କୁ ପ୍ରୋତ୍ସାହିତ କରିବାପାଇଁ ଓଡ଼ିଶା ସାଇକ୍ଲିଙ୍ଗ ଆସୋସିଏସନ୍ ଲକ୍ଷ୍ୟ ରଖିଛି। ସମ୍ବଲପୁର ଅଞ୍ଚଳର ବିଭିନ୍ନ ସ୍କୁଲ୍ ଓ କଲେଜ୍ ମାନଙ୍କର ଛାତ୍ରଛାତ୍ରୀ ମାନଙ୍କୁ ପ୍ରତିଯୋଗିତା ଦେଖିବା ଓ ଖେଳାଳିଙ୍କୁ ଉତ୍ସାହିତ କରିବା ପାଇଁ ଆମନ୍ତ୍ରଣ କରାଯାଇଛି ବୋଲି ସାମ୍ବାଦିକ ସମ୍ମିଳନୀରେ ସୂଚନା ଦିଆଯାଇଥିଲା।

# ଯାଦବ ସଂଘର ଶୌର୍ଯ୍ୟ ଦିବସ



**ସମ୍ବଲପୁର, ୧୮।୧୧ (ସମିସ) :** ସମ୍ବଲପୁର ଯାଦବ ସଂଘ ପକ୍ଷରୁ କଚେରୀ ଛକ ସ୍ଥିତ ସହିଦ ସ୍ତମ୍ଭଠାରେ ଶୌର୍ଯ୍ୟ ଦିବସ ପାଳିତ ହୋଇଯାଇଛି। ୧୯୬୨ ମସିହା ନଭେମ୍ବର ୧୮ ତାରିଖରେ ଭାରତ ଏବଂ ଚୀନ ଯୁଦ୍ଧରେ ରେଜଙ୍ଗଲାଠାରେ କୁମାଓ ରେଜିମେଣ୍ଟର ୧୧୪ ଜଣ ବୀରଅହୀର ଯାଦବ ଚୀନର ୧୩୦୦ରୁ ଊର୍ଦ୍ଧ୍ୱ ସୈନିକଙ୍କୁ ନିପାତ କରିଥିଲେ ଏବଂ ୩ ହଜାରରୁ ଊର୍ଦ୍ଧ୍ୱ ସୈନିକଙ୍କୁ ଆହତ କରି ସହିଦ ହୋଇଥିଲେ। ଏଣୁ ସାରା ଦେଶରେ ୧୮ ନଭେମ୍ବରକୁ ଶୌର୍ଯ୍ୟ ଦିବସ ରୂପେ ପାଳନ କରାଯାଇଥାଏ। ପ୍ରତିବର୍ଷ ପରି ଏବର୍ଷ ମଧ୍ୟ ସମ୍ବଲପୁର ଯାଦବ ସଂଘ ୧୧୪ଟି ଦୀପ ଜାଳି ବୀର ଯାଦବଙ୍କୁ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ। ଯାଦବ ସଂଘର ବୀର ସହିଦଙ୍କ ସ୍ମୃତିଚାରଣ କରିଥିଲେ। କୃଷ୍ଣଚନ୍ଦ୍ର ବାଗ, ହେମନ୍ତ ଗହିର, ନରସିଂହ ବର୍ଗର୍ତ୍ତୀ, ଅଖିଳେଶ ଯାଦବ, ହରିହର ଷଣ୍ଢ, ହର୍ଷି ଘିବେଲା, କାନନ ନାଗ, ଲୋକନାଥ ଅହିର, ଜଗଦୀଶ ମଲ୍ଲିକ, ରାଜେଶ ବାଗ, ପ୍ରଦ୍ୟୁମ୍ନ ପଧାନ, ବବଲୁ ଷଣ୍ଢ, ଲୋକନାଥ ବର୍ଗର୍ତ୍ତୀ, ରାଜୁ ପୋଡ଼, ନବକିଶୋର ଜାଲ, ସୁମି ମହାକୁର, ସୀମା ଷଣ୍ଢ, ଘନଶ୍ୟାମ ମହାକୁର ପ୍ରମୁଖ ବହୁସଂଖ୍ୟାରେ ଯାଦବ ସଂଘ ସଦସ୍ୟମାନେ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ।

# ବରଗଡ଼ ଧନୁଯାତ୍ରା କଳାକାର ଚୟନ କମିଟିରେ ସମ୍ବଲପୁରର ପ୍ରଦୀପ ପଣ୍ଡା



**ସମ୍ବଲପୁର, ୧୮।୧୧ (ସମିସ) :** ଓଡ଼ିଶା ସରକାର ଏବଂ ବରଗଡ଼ ଧନୁଯାତ୍ରା ମହୋତ୍ସବ ସମିତି ପକ୍ଷରୁ ୨୦୨୫-୨୦୨୭ ତିନି ବର୍ଷ ପାଇଁ କଳାକାର ଚୟନ ପ୍ରକ୍ରିୟା ବରଗଡ଼ର ବିଜୁ ପଟ୍ଟନାୟକ ଟାଉନ୍ ହଲ୍ ରେ ୧୫ ରୁ ୧୭ ତାରିଖ ପର୍ଯ୍ୟନ୍ତ ଆୟୋଜିତ ହୋଇଯାଇଛି। ଓଡ଼ିଆ ଭାଷା ସଂସ୍କୃତି ବିଭାଗ, ଧନୁଯାତ୍ରା କମିଟି ଏବଂ ଜିଲ୍ଲା ପ୍ରଶାସନ ବିଭିନ୍ନ ଜିଲ୍ଲାରୁ ପାଞ୍ଚ ଜଣ ବରିଷ୍ଠ ଅଭିଜ୍ଞ ସୁଦକ୍ଷ ବିଚାରକଙ୍କ ଚୟନ କରାଯାଇଥିଲା। ଏହି ଚୟନ କମିଟିରେ ସମ୍ବଲପୁରର ବରିଷ୍ଠ ଓଡ଼ିଆ ନାଟ୍ୟ ନିର୍ଦ୍ଦେଶକ ତଥା ଅଭିନେତା ପ୍ରଦୀପ କୁମାର ପଣ୍ଡା ସ୍ଥାନ ପାଇଛନ୍ତି। ସୂଚନାଯୋଗ୍ୟ ଯେ, ସମ୍ବଲପୁରର ଅଗ୍ରଣୀ ନାଟ୍ୟ ଅନୁଷ୍ଠାନ ମଞ୍ଚ ନାୟକର ପ୍ରାଣ ପ୍ରତିଷ୍ଠାତା ଶ୍ରୀ ପଣ୍ଡା ପଚାଶ ବର୍ଷରୁ ଊର୍ଦ୍ଧ୍ୱ ସମୟ ହେଲା ମଞ୍ଚ ନାଟକ କ୍ଷେତ୍ରରେ ସକ୍ରିୟ ଅଛନ୍ତି। ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀର ସଭ୍ୟ, ଓଡ଼ିଶା ନାଟ୍ୟ ସଂଘର ପଶ୍ଚିମ ପ୍ରାନ୍ତ ଉପସଭାପତି ଥିବା ଶ୍ରୀ ପଣ୍ଡା ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀ ସମ୍ମାନ ସହ ଏକାଧିକ ସମ୍ମାନରେ ସମ୍ମାନିତ। ଧନୁଯାତ୍ରା ମହୋତ୍ସବ ଚୟନ କମିଟିରେ ବିଚାରକ ହେବା ମୋ ପାଇଁ ଏକ ଆହ୍ୱାନ ଏବଂ ଗର୍ବ ଓ ଗୌରବର ବିଷୟ ବୋଲି ସେ ପ୍ରକାଶ କରିଛନ୍ତି।

# ଶ୍ରୀ ଗଣେଶ ସରକାରୀ ଉଚ୍ଚ ବିଦ୍ୟାଳୟରେ ବିଜ୍ଞାନମେଳା



**ସମ୍ବଲପୁର, ୧୮।୧୧ (ସମିସ) :** ଧନୁପାଲି ସ୍ଥିତ ଶ୍ରୀ ଗଣେଶ ସରକାରୀ ଉଚ୍ଚ ବିଦ୍ୟାଳୟରେ ମଙ୍ଗଳବାର ଦିନ ବିଦ୍ୟାଳୟସ୍ତରୀୟ ବିଜ୍ଞାନ ମେଳା ଅନୁଷ୍ଠିତ ହୋଇଯାଇଛି। ପ୍ରଧାନ ଶିକ୍ଷୟିତ୍ରୀ ମଧୁସ୍ମିତା ମହାପାତ୍ର ସଭାପତିତ୍ୱରେ ଅନୁଷ୍ଠିତ ଏହି ବିଜ୍ଞାନ ମେଳାରେ ମୁଖ୍ୟ ଅତିଥି ଭାବେ ଚିଚିଣ୍ଡା କଲେଜର ଅବସରପ୍ରାପ୍ତ ଅଧ୍ୟାପକ ଡଃ ଦ୍ୱାରିକାନାଥ ନାୟକ ତଥା ସମ୍ମାନୀତ ଅତିଥି ଓ ବିଚାରକ ଭାବରେ ଶ୍ରୀ ଗଣେଶ ସରକାରୀ ଉଚ୍ଚ ବିଦ୍ୟାଳୟର ଅବସରପ୍ରାପ୍ତ ପ୍ରଧାନ ଶିକ୍ଷୟିତ୍ରୀ ଅର୍ଚ୍ଚନା ପାଣି ଏବଂ ଗିରିପାଲି ଉଚ୍ଚ ବିଦ୍ୟାଳୟର ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ଫକୀର ପ୍ରଧାନ ଯୋଗଦେଇ ବିଜ୍ଞାନର ମହତ୍ତ୍ୱ ତଥା ଦୈନନ୍ଦିନ ଜୀବନରେ ବିଜ୍ଞାନର ଆବଶ୍ୟକତା ଉପରେ ଆଲୋକପାତ କରିଥିଲେ। ଏହି ବିଜ୍ଞାନ ମେଳାରେ ସର୍ବମୋଟ ୫୮ଟି ପ୍ରକଳ୍ପ ପ୍ରଦର୍ଶିତ ହୋଇଥିଲା। ଶିକ୍ଷୟିତ୍ରୀ ସୁଶ୍ରୀ ସଙ୍ଗୀତା ବେହେରା ସଭା ପରିଚାଳନା କରିଥିଲେ। ବିଜ୍ଞାନ ଶିକ୍ଷୟିତ୍ରୀ ସୋନାଲି ବାଗ ପ୍ରକଳ୍ପ ପ୍ରସ୍ତୁତିରେ ମାର୍ଗଦର୍ଶନ କରିଥିଲେ। ଶେଷରେ କୃତୀ ଛାତ୍ରଛାତ୍ରୀ ମାନଙ୍କୁ ପୁରସ୍କୃତ କରାଯାଇଥିଲା।

# ନିଯୁକ୍ତି ଦକ୍ଷତା ବୃଦ୍ଧିପାଇଁ ଉଚ୍ଚଶିକ୍ଷା ବିଭାଗ ଏବଂ ୱାଧୱାନୀ ଫାଉଣ୍ଡେସନର ବୈଠକ



**ସମ୍ବଲପୁର, ୧୮।୧୧(ସମିସ):** ସରକାରୀ ମହିଳା ମହାବିଦ୍ୟାଳୟରେ ଓଡ଼ିଶା ଉଚ୍ଚଶିକ୍ଷା ବିଭାଗ ସମ୍ବଲପୁର ଆଞ୍ଚଳିକ ନିର୍ଦ୍ଦେଶକ ଏବଂ ୱାଧୱାନୀ ଫାଉଣ୍ଡେସନର କମକର୍ତ୍ତାଙ୍କୁ ନେଇ ସମ୍ବଲପୁର ଜିଲ୍ଲାର ଉଚ୍ଚଶିକ୍ଷା ଅନୁଷ୍ଠାନର ଛାତ୍ରଛାତ୍ରୀଙ୍କ ନିଯୁକ୍ତି କ୍ଷମତା ବୃଦ୍ଧି ତାଲିମ ପାଇଁ ଆଜି ଅଧ୍ୟକ୍ଷ ମାନଙ୍କୁ ନେଇ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ସମ୍ବଲପୁର ଉଚ୍ଚଶିକ୍ଷା ଆଞ୍ଚଳିକ ନିର୍ଦ୍ଦେଶକ ପ୍ରଫେସର ମୁରଲୀଧର ମାଝୀ, ଉଚ୍ଚ ଶିକ୍ଷା ବିଭାଗର ଯୁଗ୍ମ ସଚିବ ମୌସୁମୀ ନାୟକ, ମହାବିଦ୍ୟାଳୟ ଅଧ୍ୟକ୍ଷା ପ୍ରଫେସର କଳ୍ପନା ମେହେର, ୱାଧୱାନୀ ଫାଉଣ୍ଡେସନର କର୍ମକର୍ତ୍ତା ତଥା ସମ୍ବଲପୁର ଜିଲ୍ଲାର ଉଚ୍ଚଶିକ୍ଷା ଅନୁଷ୍ଠାନମାନଙ୍କର ଅଧ୍ୟକ୍ଷ ଓ ପ୍ରତିନିଧିମାନେ ଯୋଗଦାନ କରିଥିଲେ। ପ୍ରତ୍ୟେକ ଅନୁଷ୍ଠାନର ଅନ୍ୟୁନ ଏକଶହ ଛାତ୍ରଛାତ୍ରୀ କାର୍ଯ୍ୟକ୍ରମରେ ଏକ ଶହ ଘଣ୍ଟା ପାଇଁ ତାଲିମ ନେଇ ନିଯୁକ୍ତି କ୍ଷେତ୍ରରେ ନିଜର ଦକ୍ଷତା ବୃଦ୍ଧି କରିବାକୁ ବୈଠକରେ ନିଷ୍ପତ୍ତି ହୋଇଥିଲା। ଅଧ୍ୟକ୍ଷା ପ୍ରଫେସର ମେହେର ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। ୱାଧୱାନୀ ଫାଉଣ୍ଡେସନର କର୍ମକର୍ତ୍ତାଗଣ ସମଗ୍ର ତାଲିମ କାର୍ଯ୍ୟକ୍ରମର ରୂପରେଖ ଆଲୋଚନା ସହ ତାଲିମ ପ୍ରଦାନ କରିଥିଲେ। ୨୦ଟି ଉଚ୍ଚଶିକ୍ଷା ଅନୁଷ୍ଠାନର ଅଧ୍ୟକ୍ଷ, ଅଧ୍ୟକ୍ଷା ଏବଂ ସହଯୋଗୀମାନେ ଏହି କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ।



# ଏମ୍‌ଆର୍‌ଆଇ ପାଇଁ ରୋଗୀ ହଇରାଣ ଅଭିଯୋଗ

**ସମ୍ବଲପୁର, ୧୮।୧୧ (ସମିସ) :** ବୁର୍ଲା ମେଡିକାଲ୍‌ରେ ରୋଗୀ ଏମ୍‌ଆର୍‌ଆଇ ଟେଷ୍ଟ ପାଇଁ ହଇରାଣ ହରକତ ଓ ଖର୍ଚ୍ଚାନ୍ତ ହେଉଥିବା ଏଆଇସିସି ହ୍ୟୁମାନ୍ ରାଇଟ୍‌ସ ଜିଲ୍ଲା ସଭାପତି ସଞ୍ଜୟ କୁମାର ଛୁରିଆ ଜିଲ୍ଲାପାଳଙ୍କଠାରେ ଅଭିଯୋଗ କରିଛନ୍ତି। ଅଭିଯୋଗ ପତ୍ର ଅନୁଯାୟୀ, ବୁର୍ଲା ମେଡିକାଲରେ ରୋଗୀମାନେ ଏମ୍‌ଆର୍‌ଆଇ ଟେଷ୍ଟ ଲାଗି ହଇରାଣ ହେବାସହ ବହୁଗୁଣରେ ଖର୍ଚ୍ଚାନ୍ତ ହେଉଛନ୍ତି କାରଣ ଏମ୍‌ଆରଆଇ ମେସିନ ସରକାର ବୁର୍ଲା ମେଡିକାଲ କଲେଜରେ ଏଚ୍‌ଏଲ୍‌ଏଲ୍ କମ୍ପାନୀ ଦ୍ୱାରା ୯.୭.୨୦୧୬ରେ ସ୍ଥାପିତ ହୋଇଥିଲା ଓ ସରକାରୀସ୍ତରରେ ଚୁକ୍ତି ନବୀକରଣ ନ ହେବାରୁ ୩୧.୧୦.୨୦୨୨ରେ ସରକାରୀ ମେଡିକାଲରୁ ପ୍ରତ୍ୟାହାର କରି ବୁର୍ଲାର ଏକ ଘରୋଇ କ୍ଲିନିକ୍‌କୁ ସରକାରୀ ମେଡିକାଲରେ ଚିକିତ୍ସିତ ରୋଗୀଙ୍କ ଏମ୍‌ଆରଆଇ ପରୀକ୍ଷା କରାଯିବାକୁ ଦିଆଗଲା। ସରକାରୀ ମେଡିକାଲରେ ଚିକିତ୍ସିତ ରୋଗୀ ସହଜରେ ଓ ଅତି କମ୍ ଖର୍ଚ୍ଚରେ ଏମ୍‌ଆର୍‌ଆଇ ପରୀକ୍ଷା କରିପାରୁଥିଲେ। ସରକାରୀସ୍ତରରେ ଯାହା ୧୦୦/୨୦୦ ଟଙ୍କା ଖର୍ଚ୍ଚରେ ହେଉଥିଲା ଏବେ ୪ରୁ ୫ ହଜାର ଏମିତି କି ୧୨ ହଜାର ଟଙ୍କା ଯାଏ ବି ରୋଗୀ ଖର୍ଚ୍ଚାନ୍ତ ହେଉଛନ୍ତି। ଲକ୍ଷ ଲକ୍ଷ ଟଙ୍କା ଘରୋଇ କ୍ଲିନିକ୍‌କୁ ଯାଉଛି। ଏମ୍‌ଆର୍‌ଆଇ ମେସିନ୍, ସରକାରୀ ସ୍ତରରେ, ସରକାରୀ ମେଡିକାଲ ପରିସରରେ, କାର୍ଯ୍ୟକାରୀ ହେଲେ ଚିକିତ୍ସିତ ରୋଗୀ ଓ ରୋଗୀଙ୍କ ସହଯୋଗୀ ଉପକୃତ ହେବେ। ଏହା କରାନଗଲେ ଆଗାମୀ ଦିନରେ ଅଖିଳ ଭାରତୀୟ କଂଗ୍ରେସ କମିଟି ସମ୍ବଲପୁର ମାନବିକ ଅଧିକାର ଜିଲ୍ଲା କମିଟି ତରଫରୁ ଜିଲ୍ଲାପାଳ କାର୍ଯ୍ୟାଳୟ ସମ୍ମୁଖରେ ଧାରଣା ଦିଆଯିବ ବୋଲି ଚେତାବନୀ ଦିଆଯାଇଛି।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112



ସମ୍ବଲପୁର : ରେମେଡ଼ରୁ ଲକ୍ଷ୍ମୀଡୁଙ୍ଗୁରୀ ରାସ୍ତା ମଝିରେ ତିନିଦିନ ହେଲା ଛିଡ଼ା ହୋଇଛି ମାଲବୋଝେଇ ଟ୍ରକ୍ ।

## ଶିକ୍ଷୟିତ୍ରୀ ବିଦ୍ୟାଳୟରେ ଅନୁପସ୍ଥିତ

# ବିଦ୍ୟାଳୟ ଗେଟ୍‌ରେ ତାଲା ପକାଇଲେ ଅଭିଭାବକ

ରେଢ଼ାଖୋଲ, ୧୮ ।୧୧(ସମିସ): ସମ୍ବଲପୁର ଜିଲ୍ଲା ରେଢ଼ାଖୋଲ ବ୍ଲକ ଚାରମାଳ ପଞ୍ଚାୟତ ସରକାରୀ ପ୍ରାଥମିକ ବିଦ୍ୟାଳୟରେ ଶିକ୍ଷୟତ୍ରୀମାନଙ୍କ ଅନୁପସ୍ଥିତ ଯୋଗୁଁ ବିଦ୍ୟାଳୟ ମୁଖ୍ୟ ଗେଟ୍‌ରେ ତାଲା ପକାଇଲେ ବିଦ୍ୟାଳୟ ପରିଚାଳନା କମିଟି ଏବଂ ଅଭିଭାବକ । ସୂଚନା ଯୋଗ୍ୟ ଯେ ଏହି ବିଦ୍ୟାଳୟରେ ପ୍ରଧାନ ଶିକ୍ଷୟତ୍ରୀ ଓ ଦୁଇ ଜଣ ଶିକ୍ଷୟିତ୍ରୀ ରହିଥିଲେ। କିନ୍ତୁ ବିଦ୍ୟାଳୟକୁ ଅନ୍ୟ ଦୁଇଜଣ ଶିକ୍ଷୟିତ୍ରୀ ପ୍ରାୟ ଅନୁପସ୍ଥିତ ରହୁଛନ୍ତି । ମଙ୍ଗଳବାର ଦିନ ବିଦ୍ୟାଳୟର ମୁଖ୍ୟ ଗେଟରେ ତାଲା ପକାଇଲେ ବିଦ୍ୟାଳୟ ପରିଚାଳନା କମିଟି ଏବଂ ଅଭିଭାବକ। ବିଦ୍ୟାଳୟରେ ଶିଶୁବାଟିକାରୁ ପଞ୍ଚମ ଶ୍ରେଣୀ ପର୍ଯ୍ୟନ୍ତ ରହିଥିବା ବେଳେ ୬୦ଜଣ ଛାତ୍ରଛାତ୍ରୀ ଅଧ୍ୟୟନ କରୁଛନ୍ତି । କିନ୍ତୁ ବିଦ୍ୟାଳୟରେ ପାଠ ପଢ଼ାଉଛନ୍ତି କେବଳ ପ୍ରଧାନଶିକ୍ଷୟିତ୍ରୀ। ସ୍କୁଲର ଛାତ୍ରଛାତ୍ରୀ ଖରାରେ ବାହାରେ ବସିଛନ୍ତି। ବିଦ୍ୟାଳୟର ଅବହେଳିତ, କର୍ତ୍ତବ୍ୟ ଅବମାନନାକୁ ନେଇ ଉଚ୍ଚସ୍ତରୀୟ ଅଧିକାରୀଙ୍କୁ ଅଭିଭାବକ ମାନେ ଫୋନ ଯୋଗେ ଜଣାଇଥିଲେ। ଦୀର୍ଘ ୩ ଘଣ୍ଟା ପରେ ରେଢ଼ାଖୋଲ ଗୋଷ୍ଠୀ ଶିକ୍ଷା ଅଧିକାରୀ ରଞ୍ଜିତ ଭୋଇ ଏବଂ ସିଆରସି ବିଦ୍ୟାଳୟରେ ପହଞ୍ଚି ଗ୍ରାମବାସୀଙ୍କୁ ବୁଝାସୁଝା କରି ଲୋକଙ୍କୁ ପ୍ରତିଶ୍ରୁତି ଦେବା ପରେ ସ୍କୁଲର ଗେଟ ଖୋଲା ଯାଇଥିଲା । ଏଥିରେ ଅଧିକାରୀ ମାନେ ନିଜ କର୍ତ୍ତବ୍ୟ ଏବଂ ବିଦ୍ୟାଳୟ ତଦାରଖ କରୁନଥିବାରୁ ଶିକ୍ଷକ ଶିକ୍ଷୟିତ୍ରୀମାନେ ନିଜ କର୍ତ୍ତବ୍ୟ ସମ୍ପାଦନ ନ କରିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି ।



# ବିଭାଜିତ ହେବ ସମ୍ବଲପୁର ତହସିଲ

ସମ୍ବଲପୁର, ୧୮।୧୧ (ସମିସ): ସମ୍ବଲପୁର ତହସିଲ ଅଧିନରେ ଗ୍ରାମାଞ୍ଚଳ ସହ ସମ୍ବଲପୁର ମହାନଗର ନିଗମ ଆସୁଥିବାରୁ ଜନସାଧାରଣଙ୍କୁ ଆବଶ୍ୟକୀୟ ରାଜସ୍ୱ ସେବା ଯୋଗାଇବା କଷ୍ଟକର ହେଉଛି । ଏହି ତହସିଲର ପରିସର ବୃହତ୍ ହୋଇଥିବାବେଳେ କ୍ରମବର୍ଦ୍ଧିଷ୍ଣୁ ଜନସଂଖ୍ୟା ଏବଂ ଜନସେବା ମଧ୍ୟ ବହୁଗୁଣିତ ହୋଇଛି । ଏହାକୁ ଦୃଷ୍ଟିରେ ରଖି ରାଜ୍ୟ ସରକାର ସମ୍ବଲପୁର ତହସିଲକୁ ବିଭାଜନ କରି ଦୁଇଟି ତହସିଲ କରିବାକୁ ନିଷ୍ପତ୍ତି ନେଇଛନ୍ତି । ଏହାକୁ ନେଇ ସମସ୍ତ ଖସଡ଼ା ପ୍ରସ୍ତୁତ କରିବାକୁ ରାଜ୍ୟ ସରକାରଙ୍କ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ପକ୍ଷରୁ ଜିଲ୍ଲାପାଳଙ୍କୁ ପତ୍ର ଲେଖାଯାଇଛି । ଏହାହେଲେ ବହୁଳ ଭାବେ ସମ୍ବଲପୁର ତହସିଲବାସୀ ଉପକୃତ ହେବାସହ ଉପଯୁକ୍ତ ରାଜସ୍ୱସେବା ପାଇପାରିବେ ବୋଲି ସାଧାରଣରେ ଆଶାପ୍ରକାଶ କରାଯାଇଛି ।

ଉଲ୍ଲେଖଯୋଗ୍ୟ ଯେ, ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ପକ୍ଷରୁ ଖୋର୍ଦ୍ଧା, କଟକ ଓ ସମ୍ବଲପୁର ଜିଲ୍ଲାପାଳଙ୍କୁ ପତ୍ର ଜରିଆରେ ଜନସେବା ଓ ପରିଚାଳନାରେ ସୁବିଧା ପାଇଁ ୪ଟି ନୂତନ ତହସିଲ ଗଠନ ପାଇଁ ସରକାର ନିଷ୍ପତ୍ତି ନେଇଥିବା ଜଣାଇଛନ୍ତି। ତନ୍ମଧ୍ୟରେ ଭୁବନେଶ୍ୱର ତହସିଲକୁ ବିଭାଜନ କରି ସେଥିରୁ ୨ଟି ନୂତନ ଅତିରିକ୍ତ ତହସିଲ, କଟକ ତହସିଲରୁ ଗୋଟିଏ ଅତିରିକ୍ତ ତହସିଲ ଏବଂ ସମ୍ବଲପୁର ତହସିଲରୁ ଗୋଟିଏ ଅତିରିକ୍ତ ତହସିଲ ରହିଛି । ନୂତନ ତହସିଲର ବୈଧତା, ପ୍ରସ୍ତାବିତ ସ୍ଥାନ, ଆର୍ଆଇ ସର୍କଲ, ଥାନା, ଭୌଗୋଳିକ ସମାନତା ତଥା ଜନସାଧାରଣଙ୍କୁ ପ୍ରଶାସନିକ ସୁବିଧାକୁ ନେଇ ସବିଶେଷ ପ୍ରସ୍ତାବ ପ୍ରସ୍ତୁତକରି ଜମା କରିବାକୁ ନିର୍ଦ୍ଦେଶ ରହିଛି । ଆବଶ୍ୟକସ୍ଥଳେ ସ୍ଥାନୀୟ ପ୍ରଭାବିତ ଜନସାଧାରଣ ଏବଂ ଜନପ୍ରତିନିଧିଙ୍କ ମତାମତ ନେବାକୁ କୁହାଯାଇଛି ।

# ବିକାଶ ଫାର୍ମାସୀ କଲେଜ୍‌ରେ 'ଫାର୍ମାସୀ ସପ୍ତାହ' ଓ ବୃକ୍ଷରୋପଣ




ବରଗଡ଼, ୧୮।୧୧(ସମିସ): ବିକାଶ ହାୟର ଏଜୁକେସନାଲ ଇନଷ୍ଟିଚ୍ୟୁସନ୍ସ ଅନ୍ତର୍ଗତ ବିକାଶ ଫାର୍ମାସୀ କଲେଜରେ 'ଫାର୍ମାସୀ ସପ୍ତାହ-୨୦୨୫'ର ଶୁଭାରମ୍ଭ ହୋଇଯାଇଛି। ଚିଫ୍ ଆଡ୍‌ମିନିଷ୍ଟ୍ରେଟିଭ୍ ଅଫିସର ଇଂ.ଅଜୟ ମହାପାତ୍ରଙ୍କ ଉପସ୍ଥିତିରେ ବରଗଡ଼ ଜିଲ୍ଲା ଡ୍ରଗ୍ ଇନ୍ସପେକ୍ଟର ଦୀପକ ସିଂ ମୁଖ୍ୟ ବକ୍ତାଭାବେ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମରେ ବିକାଶ ଫାର୍ମାସୀ କଲେଜର ଡି.ଫାର୍ମା ଓ ବି.ଫାର୍ମାର ପ୍ରଥମ ବର୍ଷ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ଅଧ୍ୟକ୍ଷ୍ୟ ଡ.ଶୁଭେନ୍ଦୁ ଶେଖର ମିଶ୍ରଙ୍କ ପୌରୋହିତ୍ୟରେ ଆୟୋଜିତ କାର୍ଯ୍ୟକ୍ରମରେ ଅଧ୍ୟକ୍ଷ ପ୍ର.ସତ୍ୟବ୍ରତ ମିଶ୍ର, ଡ.ପୂର୍ଣ୍ଣେନ୍ଦୁ ମିଶ୍ର, ଡ.ଦିଲିପ ଖମାରି ଏବଂ ଅଧ୍ୟକ୍ଷା ଦୀପାଞ୍ଜଳି ପଟେଲ ମଞ୍ଚାସୀନ ଥିଲେ। ପ୍ରାରମ୍ଭିକ ଉତ୍ସବରେ ଅଧ୍ୟକ୍ଷ ଶ୍ରୀ ମିଶ୍ର ସ୍ୱାଗତ ଭାଷଣ ଦେଇଥିଲେ। ଅଧ୍ୟାପକ ଆଶିଷ ଲେଙ୍କା ସମସ୍ତଙ୍କୁ ଉତ୍କୃଷ୍ଟ ଫାର୍ମାସିଷ୍ଟ ହେବା ପାଇଁ ଶପଥ ପାଠ କରାଇଥିଲେ। କର୍ତ୍ତୃପକ୍ଷଙ୍କ ଦ୍ୱାରା ମୁଖ୍ୟବକ୍ତାଙ୍କ ଭବ୍ୟ ସମ୍ବର୍ଦ୍ଧନା କରାଯାଇଥିଲା। କାର୍ଯ୍ୟକ୍ରମରେ ଅତିଥି, ବରିଷ୍ଠ ଅଧିକାରୀ ଏବଂ ଛାତ୍ରଛାତ୍ରୀଙ୍କ ଦ୍ୱାରା କଲେଜ ପ୍ରାଙ୍ଗଣରେ ଚାରାରୋପଣ କରାଯାଇଥିଲା। ଲକ୍ଷ୍ମୀ ବିକାଶ ଚେୟାରମ୍ୟାନ ଡି.ନାଗେଶ୍ୱର ରାଓ ଫାର୍ମାସୀ ସପ୍ତାହର ଉଦ୍‌ଘାଟନ ପାଇଁ ଅଭିନନ୍ଦନ ଜ୍ଞାପନ କରିଥିଲେ । ବିକାଶ ହାୟର ଏଜୁକେସ୍ନାଲ ଇନଷ୍ଟିଚ୍ୟୁସନ୍ସର ଛାତ୍ରକଲ୍ୟାଣ ଡିନ୍ ଆରଏସ୍‌ଭି କ୍ରିଷ୍ଣା ଧନ୍ୟବାଦ ଅର୍ପଣ କରିଥିଲେ । ଅଧ୍ୟକ୍ଷ ଡ. ମିଶ୍ର ଆଗାମୀ ସାତଦିନରେ ହେବାକୁ ଥିବା ବିଭିନ୍ନ କାର୍ଯ୍ୟକ୍ରମ ବାବଦରେ ବିବରଣୀ ରଖିଥିଲେ। ଅଧ୍ୟାପକ ଅସିତ ତଥା ଅଧ୍ୟାପିକା ଶିବାନୀ ଏବଂ ମୋନାଲିସା କାର୍ଯ୍ୟକ୍ରମ ସଞ୍ଚାଳନ ଦାୟିତ୍ୱ ତୁଲାଇଥିଲେ ।

# କୁଚିଣ୍ଡା ଉପଖଣ୍ଡରେ ଖୋଲିନି ମଣ୍ଡି: ଟ୍ରିପ୍ ଟ୍ରିପ୍ ଧାନ ଚାଲାଣ



କୁଚିଣ୍ଡା, ୧୮ ।୧୧(ସମିସ): କୁଚିଣ୍ଡା ଉପଖଣ୍ଡରେ ନଭେମ୍ବର ୩୦ତାରିଖରୁ ଧାନ ସଂଗ୍ରହ ପାଇଁ ତାରିଖ ଧାର୍ଯ୍ୟ ହୋଇଛି। ଉପଖଣ୍ଡର ଜଳସେଚନ ଅଞ୍ଚଳରେ ଏକର ପ୍ରତି ୧୯କୁଇଣ୍ଟାଲ ଓ ଅଣଜଳସେଚିତ ଅଞ୍ଚଳରେ ଏକର ପ୍ରତି ୧୩କୁଇଣ୍ଟାଲ ରହିଛି । ଅନ୍ୟ ବର୍ଷ ତୁଳନାରେ ଚଳିତ ବର୍ଷ ଧାନ ଏକ ପ୍ରକାର ଭଲି ହୋଇ ଅଧିକ ଅମଳ ଆଶା ଚାଷୀ ମନରେ ଆନନ୍ଦ ଦେଇଛି । ହେଲେ ଠିକ ଭାବେ ଧାନ ବିଲରୁ ଅମଳ ହୋଇ ନାହିଁ କିମ୍ବା ଅମଳ ହୋଇ ଥିଲେ ବି ଉପାର୍ଜିତ ଧାନକୁ ବିକ୍ରି କରିବା ପାଇଁ ପ୍ରଶାସନିକସ୍ତରରେ ମଣ୍ଡି ଖୋଲା ଯାଇ ନାହିଁ। ଏପରି ସ୍ଥିତିରେ ଦଲାଲମାନେ ଚାଷୀମାନଙ୍କ ଠାରୁ ଅତି ଅଳ୍ପ ଦରରେ ଧାନ କିଣି ଚୋରା ବାଟ ଖୋଜି ବିଭିନ୍ନ ସ୍ଥାନରୁ ବଡ଼ ବଡ଼ ଟ୍ରକ୍‌ରେ ଧାନ ଆଣି ତାର ଗୋଦାମରେ ଭର୍ତ୍ତି କରିବାରେ ବ୍ୟସ୍ତ । ଦଲାଲ ଚାଷୀଙ୍କ ଠାରୁ ଧାନ କିଣି ରଖିଥିବା ଚାଷୀ ପରିଚୟ ପତ୍ରରେ ଏମଏସପି ସହ ୨୩୬୯ ଟଙ୍କା ହାତେଇ ବୋନସରୁ ମଧ୍ୟ ଅଧାରୁ ଅଧିକ ନେଇ ଚାଷୀଙ୍କୁ କୁଇଣ୍ଟାଲ ୧୭/୧୮ ଶହ ଟଙ୍କାରେ ଧାନ କିଣି ମାଲେମାଲ ହେବା ପାଇଁ ତାର ସମସ୍ତ ପ୍ରସ୍ତୁତି ସାରି ସାରିଲାଣି। ସୋମବାର ସନ୍ଧ୍ୟାରେ ୨ଟି ୧୬ଚକିଆ ଟ୍ରକ୍ ଯାହାରି ନମ୍ବର ଓଆର୧୪ଆର-୦୭୭୫ ଧାନ ବୋଝେଇ ହୋଇ କୁଚିଣ୍ଡା ବ୍ଲକ ବକ୍ସମା ପଞ୍ଚାୟତ ଟାଇଁସରଗ୍ରାମର ୨ଜଣ ଚାଷୀଙ୍କ ଧାନ ବୋଝେଇ କରି କୁଚିଣ୍ଡା ପଟକୁ ଆସୁଥିଲା । କୌଣସି ସୂତ୍ରରେ ତହସିଲଦାର ଖବର ପାଇ କୁଚିଣ୍ଡା ପୁଲିସ ସହାୟତାରେ ଟାଇଁସରଗ୍ରାମ ପାଖ ବ୍ରିଜ ପାଖରୁ ଗାଡିକୁ ଅଟକ ରଖି ଗାଡି କାହାର, କେଉଁଠୁ ଆଣୁଛୁ ଏବଂ ଧାନ କାହାର ଆଦି ନାନା ପ୍ରଶ୍ନ ପଚାରିଥିଲେ। ସନ୍ତୋଷ ଜନକ ଉତ୍ତର ନ ମିଳିବାରୁ କୁଚିଣ୍ଡା ପୁଲିସ ସହାୟତାରେ ଥାନାକୁ ଧାନ ବୋଝେଇ ଟ୍ରକ୍ ଆଣି ଜମା ଦେଇଥିବା ଜଣାପଡ଼ିଛି ।

# ଡିଏଭି ପୁରାତନ ବିଦ୍ୟାର୍ଥୀଙ୍କ ଦ୍ୱାରା ସ୍ୱାସ୍ଥ୍ୟ ସଚେତନତା ଶିବିର



ସମ୍ବଲପୁର, ୧୮।୧୧ (ସମିସ) : ଚିରିଓ ପ୍ଲସ୍ ଦ୍ୱାରା ବୁର୍ଲାର ଆନନ୍ଦ ବିହାରର ଏମସିଏଲ ସ୍ଥିତ ଡିଏଭି ପବ୍ଲିକ୍ ସ୍କୁଲରେ ଏକ ମୌଖିକ ସ୍ୱାସ୍ଥ୍ୟ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି ଶିବିରଟି ସ୍କୁଲ ପରିସରରେ ଆୟୋଜିତ ହୋଇଥିଲା ଏବଂ ବିଭିନ୍ନ ବୟସ ଗୋଷ୍ଠୀର ପ୍ରାୟ ୨୭୫ ଜଣ ଛାତ୍ରଛାତ୍ରୀ (ନର୍ସରୀରୁ ଷଷ୍ଠ ଶ୍ରେଣୀ ପର୍ଯ୍ୟନ୍ତ) ଏଥିରେ ସାମିଲ ହୋଇଥିଲେ। ଶିବିରର ଉଦ୍ଦେଶ୍ୟ ଥିଲା ପିଲାମାନଙ୍କୁ ମୌଖିକ ସ୍ୱାସ୍ଥ୍ୟର ଗୁରୁତ୍ୱ ବିଷୟରେ ଶିକ୍ଷା ଦେବା ଏବଂ ସଠିକ୍ କୌଶଳ ପ୍ରଦର୍ଶନ କରିବା। ଏହି ଶିବିରର ନେତୃତ୍ୱ ବିଦ୍ୟାଳୟର ପୁରାତନ ଛାତ୍ରୀ ଡକ୍ଟର ଆଞ୍ଚଲ ବାଙ୍କା ନେଇଥିଲେ। ସମାଜ ପ୍ରତି ନିଜର ସମର୍ପିତ ଭାବନାକୁ ସାକାର କରି ଡାକ୍ତରୀ ଦଳ ଅଂଶଗ୍ରହଣକାରୀ ଛାତ୍ରଛାତ୍ରୀଙ୍କ ପାଇଁ ଭାବବିନିମୟ ଅଧିବେଶନ ସହିତ ମୌଖିକ ସ୍ୱାସ୍ଥ୍ୟ ଯାଞ୍ଚ କରିଥିଲେ। ଏହି ପଦକ୍ଷେପର ଅଂଶସ୍ୱରୂପ ଶିକ୍ଷାଗତ ସାମଗ୍ରୀ ଏବଂ ମୌଖିକ ଯତ୍ନ କିଟ୍ ମଧ୍ୟ ବଣ୍ଟନ କରାଯାଇଥିଲା । ଏହି ସ୍ୱାସ୍ଥ୍ୟ ଶିବିର ଛାତ୍ରଛାତ୍ରୀଙ୍କ ମଧ୍ୟରେ ମୌଖିକ ସ୍ୱାସ୍ଥ୍ୟ ସଚେତନତାକୁ ପ୍ରୋତ୍ସାହିତ କରିବାରେ ଚିରିଓ ପ୍ଲସ୍‌ର ପ୍ରୟାସକୁ ସମସ୍ତେ ପ୍ରଶଂସା କରିଥିଲେ। ବିଦ୍ୟାଳୟର ଅଧ୍ୟକ୍ଷ ରାଜେନ୍ଦ୍ର କୁମାର ବେଦବାକଙ୍କ ତତ୍ତ୍ୱାବଧାନରେ ଏହି ସ୍ୱାସ୍ଥ୍ୟ ଶିବିରକୁ ବରିଷ୍ଠ ଶିକ୍ଷକ ସୌଭାଗ୍ୟ କୁମାର ମିଶ୍ରଙ୍କ ପ୍ରତ୍ୟକ୍ଷ ପରିଚାଳନା କରିଥିଲେ ।

# ହୀରାକୁଦ କ୍ରୀଡ଼ା ପ୍ରତିଯୋଗିତା ପୁଣି ଆରମ୍ଭ କରିବାକୁ ଦାବି



ସମ୍ବଲପୁର, ୧୮।୧୧ (ସମିସ) : ଦୀର୍ଘ ୨୫ ବର୍ଷ ଧରି ବନ୍ଦ ହୋଇ ଯାଇଥିବା ହୀରାକୁଦ କ୍ରୀଡା ପ୍ରତିଯୋଗିତା ପୁନର୍ବାର ଆରମ୍ଭ କରିବା ପାଇଁ ହୀରାକୁଦ କ୍ରୀଡା ସଂସଦ ତରଫରୁ ଦାବିପତ୍ର ମହାନଗର ନିଗମ କମିଶନରଙ୍କୁ ଆଜି କାର୍ତ୍ତିକ କଲେତ, ପ୍ରହଲ୍ଲାଦ ତାଣ୍ଡି, ଅଶୋକ ମହାରଣା, ସୁନିଲ ସେଠ ଓ ଅନ୍ୟ କର୍ମକର୍ତ୍ତା ପ୍ରଦାନ କରିଛନ୍ତି। ଆସନ୍ତା ଡିସେମ୍ବର ୨୫ରେ ଆରମ୍ଭ କରିବା ପାଇଁ ଅନୁରୋଧ କରାଯାଇଛି । ତତ୍‌ସହିତ ହୀରାକୁଦ ସହରର ସମସ୍ତ ନାଳନର୍ଦ୍ଦମା ପରିଷ୍କାର କରିବା ସହିତ ଗୁଜାତଳ ମହାନଦୀ ପାର୍ଶ୍ୱରେ ଥିବା ଶବଦାହ ହେଉଥିବା ସ୍ଥାନକୁ ପୁନରୁଦ୍ଧାର କରିବା ସହିତ ରେମେଡରୁ ହୀରାକୁଦକୁ ସଂଯୋଗ କରୁଥିବା ସ୍ଥାନୀୟ ବିହାରୀପଡ଼ାରେ ପ୍ରତିଦିନ ନାଳନର୍ଦ୍ଦମା ପାଣି ରୋଡ ଉପରକୁ ଆସିଯାଉଥିବା ଯୋଗୁଁ ସାଧାରଣ ଲୋକଙ୍କୁ ଅନେକ ଅସୁବିଧାର ସମ୍ମୁଖୀନ ହେବାକୁ ପଡୁଛି ତାର ସମାଧାନ କରିବା ପାଇଁ ମଧ୍ୟ ଦାବି କରାହୋଇଛି । ସ୍ଥାନୀୟ ଗାନ୍ଧୀ ନଗର ନେହେରୁ ପାର୍କ ଠାରେ ବାହାରରୁ ଆସୁଥିବା ପର୍ଯ୍ୟଟକ ମାନେ ରୋଡ ପାର୍ଶ୍ୱରେ ଗାଧେଇବା ପାଇଁ ବାଧ୍ୟ ହେଉଛନ୍ତି, କାରଣ ଏପର୍ଯ୍ୟନ୍ତ କୋଣସି ପ୍ରକାର ଗାଧେଇବା ବା ଶୌଚ ହେବାର କିଛି ସଠିକ୍ ବ୍ୟବସ୍ଥାର ସୁବିଧା ନାହିଁ। ଏହିସବୁ ସମସ୍ୟାର ସମାଧାନ ପାଇଁ ମଧ୍ୟ ଶ୍ରୀ କଲେତ ମହାନଗର ନିଗମ କମିଶନରଙ୍କ ଅନୁପସ୍ଥିତିରେ ଡେପୁଟି କମିଶନରକୁ ଅନୁରୋଧ କରିଛନ୍ତି । ପ୍ରତିନିଧି ଦଳରେ ରବି ରାଉତ, ଜିତେନ ମହାନନ୍ଦ, କୈଳାସ ମିର୍ଦ୍ଧା, ସୁମିତ ନାଏକ, ବୁଲୁ କୁମ୍ଭାର, ଯାଦବ ମେହେର, ସୁଦର୍ଶନ ମହାପାତ୍ର, ମକରଧ୍ୱଜ ରଣବିଡା, ସନ୍ତୋଷ ମେହେର ପ୍ରମୁଖ ସାମିଲ ଥିଲେ ।

# ଗଞ୍ଜେଇ ଚାଷରୁ ନିବୃତ୍ତ ରହିବା ନେଇ କର୍ମଶାଳା

ରେଢ଼ାଖୋଲ, ୧୮ ।୧୧(ସମିସ): ସମ୍ବଲପୁର ଜିଲ୍ଲା ରେଢ଼ାଖୋଲ ଥାନା ଘୋଷରାମାଳ ପଞ୍ଚାୟତ ସଭାଗୃହରେ ମଙ୍ଗଳବାର ଦିନ ଗଞ୍ଜେଇ ଚାଷରୁ ନିବୃତ୍ତ ରହିବାକୁ ଗ୍ରାମବାସୀଙ୍କୁ ନେଇ ସଚେତନତା କର୍ମଶାଳା ଅନୁଷ୍ଠିତ ହେଇଯାଇଛି । କର୍ମଶାଳାରେ ପଞ୍ଚାୟତ ଏବଂ ଅନ୍ୟ ପଞ୍ଚାୟତ ଅଞ୍ଚଳର ବିଭିନ୍ନ ଗ୍ରାମରୁ ମହିଳା ପୁରୁଷ ବହୁ ସଂଖ୍ୟାରେ ଉପସ୍ଥିତ ଥିଲେ । ବେଆଇନ ଗଞ୍ଜେଇ ଚାଷ ଦୀର୍ଘ ୯ ବର୍ଷ ପରେ ପଞ୍ଚାୟତର ଆଭ୍ୟନ୍ତରୀଣ ଗ୍ରାମ ତଥା ପାହାଡିଆ ଅଞ୍ଚଳରେ ଗଞ୍ଜେଇ ଗଛ ଲଗାଯାଉ ଥିବା ଦେଖିବାକୁ ମିଳୁଛି ।ଗଣମାଧ୍ୟମରେ ପ୍ରକାଶ ପରେ ପୁଲିସ ବିଭାଗ, ଅବକାରୀ ବିଭାଗ, ବନବିଭାଗ, ରାଜସ୍ୱ ବିଭାଗ ପକ୍ଷରୁ ବାରମ୍ବାର ଚଢ଼ାଉ କରି ହଜାର ହଜାର ସଂଖ୍ୟାରେ ଗଞ୍ଜେଇ ଗଛ ନଷ୍ଟ କରାଯାଉଛି । ବେଆଇନ ଗଞ୍ଜେଇ ଚାଷରୁ ନିବୃତ ରହିବାକୁ ଗ୍ରାମବାସୀଙ୍କୁ ନେଇ ସଚେତନତା କର୍ମଶାଳା ଅନୁଷ୍ଠିତ ହେଇଯାଇଛି ।ପଞ୍ଚାୟତ ସରପଞ୍ଚ ପ୍ରେମଶିଳା ପ୍ରଧାନ, ରେଢ଼ାଖୋଲ ଏସ୍‌ଡିପିଓ ପ୍ରଶାନ୍ତ କୁମାର ମେହେର, ଥାନା ଅଧିକାରୀ ଚନ୍ଦ୍ର ମୋହନ ସିଂ, ଅବକାରୀ ବିଭାଗ ଅଧିକାରୀ ଦୂର୍ବାଦଳ ବିଶ୍ୱାଳ ପ୍ରମୁଖ ସମେତ ଅନ୍ୟ ବିଭାଗୀୟ ଅଧିକାରୀମାନେ ଗ୍ରାମବାସୀଙ୍କୁ ସଚେତନ କରିଥିଲେ ।

# ସମ୍ବଲପୁର ରେଳମଣ୍ଡଳ ପକ୍ଷରୁ 'ନିଶା ମୁକ୍ତ ଭାରତ ଅଭିଯାନ' ରାଲି

ସମ୍ବଲପୁର, ୧୮ ।୧୧ (ସମିସ) : ଦେଶବ୍ୟାପୀ 'ନିଶା ମୁକ୍ତ ଭାରତ ଅଭିଯାନ'ର ଅଂଶସ୍ୱରୂପ, ପୂର୍ବତଟ ରେଳପଥର ସମ୍ବଲପୁର ମଣ୍ଡଳ ଦ୍ୱାରା ଆଜି ନିଶା ଅପବ୍ୟବହାର ବିରୁଦ୍ଧରେ ବାର୍ତ୍ତା ପ୍ରସାର ଏବଂ ଏକ ସୁସ୍ଥ, ନିଶାମୁକ୍ତ ସମାଜକୁ ପ୍ରୋତ୍ସାହିତ କରିବା ପାଇଁ ଏକ ସଚେତନତା ରାଲି ଆୟୋଜନ କରାଯାଇଥିଲା । ସମ୍ବଲପୁରର ମଣ୍ଡଳ ରେଳ ପ୍ରବନ୍ଧକ ସୁବାସ ଚନ୍ଦ୍ର ଚୌଧୁରୀଙ୍କ ସହିତ ଅତିରିକ୍ତ ମଣ୍ଡଳ ରେଳ ପ୍ରବନ୍ଧକ ମନଜିତ ସିଂହ ସନସନୱାଲ, ବରିଷ୍ଠ ଅଧିକାରୀ ଏବଂ ବହୁସଂଖ୍ୟକ ରେଳ କର୍ମଚାରୀ ଏହି ରାଲିରେ ଅଂଶଗ୍ରହଣ କରିଥିଲେ। କାର୍ଯ୍ୟକ୍ରମ ସମୟରେ ନିଶାଦ୍ରବ୍ୟ ବ୍ୟବହାରର କ୍ଷତିକାରକ ପ୍ରଭାବ ଏବଂ ଏକ ଶୃଙ୍ଖଳିତ ଏବଂ ସୁସ୍ଥ ଜୀବନଶୈଳୀ ଗ୍ରହଣ କରିବାର ଗୁରୁତ୍ୱ ଉପରେ ସୂଚନାମୂଳକ ବ୍ୟାନର ପ୍ରଦର୍ଶିତ ହୋଇଥିଲା। ଏହି ସମାବେଶକୁ ସମ୍ବୋଧିତ କରି ଡିଆରଏମ ନିଶାର ଭୟଙ୍କରତାକୁ ରୋକିବା ପାଇଁ ସମାଜର ସାମୂହିକ ଦାୟିତ୍ୱ ଉପରେ ଗୁରୁତ୍ୱାରୋପ କରିଥିଲେ ଏବଂ ସମସ୍ତଙ୍କୁ ନିଶାମୁକ୍ତ ରାଷ୍ଟ୍ର ଗଠନରେ ସକ୍ରିୟ ଭାବରେ ଯୋଗଦାନ ଦେବାକୁ ଅନୁରୋଧ କରିଥିଲେ । ସେ ରେଳ କର୍ମଚାରୀଙ୍କ ଉତ୍ସାହୀ ଅଂଶଗ୍ରହଣକୁ ପ୍ରଶଂସା କରିଥିଲେ ଏବଂ ଜନସାଧାରଣ, ବିଶେଷକରି ଯୁବପିଢ଼ିଙ୍କ ମଧ୍ୟରେ ସଚେତନତା ପ୍ରସାର କରିବାକୁ ସେମାନଙ୍କୁ ଉତ୍ସାହିତ କରିଥିଲେ । ଏହି ରାଲି ଡିଆରଏମ ଅଫିସ କମ୍ପ୍ଲେକ୍ସରୁ ଆରମ୍ଭ ହୋଇ ରେଳଷ୍ଟେସନ ପରିସର ସମେତ ପ୍ରମୁଖ ଅଞ୍ଚଳ ପରିକ୍ରମା କରି ଯାତ୍ରୀ, ବିକ୍ରେତା ଏବଂ ସ୍ଥାନୀୟ ବାସିନ୍ଦାଙ୍କ ନିକଟରେ ପହଞ୍ଚିଥିଲା । ନିଶା ବ୍ୟବହାରର କୁପ୍ରଭାବ ଏବଂ ସତର୍କ ରହିବାର ଆବଶ୍ୟକତା ବିଷୟରେ ଜନସାଧାରଣଙ୍କୁ ସଚେତନ କରାଯାଇଥିଲା ।

# ଚାଷୀ ଆନ୍ଦୋଳନରେ ବସିବ କଂଗ୍ରେସ

ଭେଡେନ, ୧୮ ।୧୧(ସମିସ): ଭେଡେନ ବ୍ଲକ ଐତିହାସିକ ପର୍ଯ୍ୟଟନ ସ୍ଥଳୀ ପପଙ୍ଗା ପାହାଡରେ ବ୍ଲକସ୍ତରୀୟ କଂଗ୍ରେସ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି । ଯୁବ କଂଗ୍ରେସ ନେତା ଅଭିଷେକ ସେଟଙ୍କ ନେତୃତ୍ୱରେ ଅନୁଷ୍ଠିତ ସମ୍ମିଳନୀରେ ବରିଷ୍ଠ ନେତା ଠକୁ ଭୋଇ, ରସିକ ସାହୁ, ଜାପାନୀ ସାହୁ, ମୁଖି କର, ବିଷ୍ଣୁ ସାହୁ, ବିରସେନ ଖମାରି, ମିନାକ୍ଷୀ ସାହୁ, ରାମେଶ୍ୱରି ନନ୍ଦ, ସବରମତି ଦାଶ, କିଶୋର ସାହୁ, ଗୋପାଳ ବାଗ, ସୁଶୀଲ ପଧାନ, ଗଣେଶ ପଧାନ, ସଞ୍ଜୟ ନନ୍ଦ, ଦୋଳଗୋବିନ୍ଦ ବେହେରା, ଦିଲୀପ ଦାଶ, ପ୍ରଶାନ୍ତ ପାଣି, ଗୁରୁଦେବ ପାଣି, ଅଲେଖ ବେହେରା, ପ୍ରଶାନ୍ତ ଦାଶ, ମନୋରଞ୍ଜନ ଦାଶ, ସମେତ ଶତାଧିକ କର୍ମୀ ଯୋଗ ଦେଇଥିଲେ । ସଭାରେ କଂଗ୍ରେସ ଦଳର ସଂଗଠନିକ କେମିତି ସୁଦୃଢ଼ ହୋଇପାରିବ ସେ ଉପରେ ଉପସ୍ଥିତ କର୍ମୀ ସହିତ ସେଟ ନିଜନିଜ ମତ ଉପସ୍ଥାପନ କରିଥିଲେ । ଚାଷୀ ମାନେ ଧାନକାର୍ଡ ପଞ୍ଜୀକରଣ ସହିତ ଅନ୍ୟାନ୍ୟ ଅସୁବିଧାର ସମାଧାନ ଦାବିରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣାରେ ବସିଛନ୍ତି। ସେମାନଙ୍କୁ ସମର୍ଥନ ଜଣାଇ ଆସନ୍ତାକାଲି ଅଭିଷେକ ସେଟଙ୍କ ନେତୃତ୍ୱରେ ଭେଡେନ କଂଗ୍ରେସ ମଧ୍ୟ ଆନ୍ଦୋଳନରେ ବସିବା ନେଇ ସ୍ଥିରିକୃତ ହୋଇଛି ।

# ହୀରା ସେଠୀଙ୍କ ପରଲୋକ



ରେଢ଼ାଖୋଲ, ୧୮ ।୧୧(ସମିସ): ସମ୍ବଲପୁର ଜିଲ୍ଲା ରେଢ଼ାଖୋଲ ଏନ୍‌ଏସି ଅନ୍ତର୍ଗତ ପୋଡାବଲଣ୍ଡା ନିବାସୀ ହୀରା ସେଠୀ(୯୧) ଙ୍କ ପରଲୋକ ହୋଇଯାଇଛି। ସେ କିଛି ଦିନ ହେବ ବାର୍ଦ୍ଧକ୍ୟ ଜନିତ ଅସୁସ୍ଥ ରହିଥିଲେ। ପୁଅ ଅବସରପ୍ରାପ୍ତ ରେଞ୍ଜର ପ୍ରଦୀପ ସେଠୀ ଓ କୁଳଦୀପ ସେଠୀ, ପୁତ୍ରବଧୂ, ଝିଅ, ଜ୍ୱାଇଁ, ନାତିନାତୁଣି ଓ ପରିବାରବର୍ଗ ଉପସ୍ଥିତ ଥିଲେ। ଗାଁରେ ମଶାଣୀରେ ତାଙ୍କ ଅନ୍ତିମ ସଂସ୍କାର କରାଯାଇଥିଲା । ସାନପୁଅ କୁଳଦୀପ ମୁଖାଗ୍ନି ଦେଇଥିଲେ ।

# ଜିଲ୍ଲାସ୍ତରୀୟ କ୍ୟାରିୟର ପରାମର୍ଶ ପ୍ରଶିକ୍ଷଣ ଉଦ୍‌ଘାଟିତ





ବରଗଡ଼, ୧୮ ।୧୧(ସମିସ)

ଜର୍ଜ ହାଇସ୍କୁଲ ବରଗଡ଼ରେ ଜିଲ୍ଲାସ୍ତରୀୟ ମାଧ୍ୟମିକ ଓ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଶିକ୍ଷକଙ୍କ ଦ୍ୱିଦିବସୀୟ ପ୍ରଶିକ୍ଷଣ ଶିବିର ଉଦ୍‌ଘାଟିତ ହୋଇଯାଇଛି। ବରିଷ୍ଠ ବ୍ଲକ ଶିକ୍ଷା ଅଧିକାରୀ ଡ.ସୁରେନ୍ଦ୍ର ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ମୁଖ୍ୟ ଅତିଥି ଭାବେ ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ସରୋଜ ଭୁଏ, ସମ୍ମାନିତ ଅତିଥି ଭାବେ ଜର୍ଜ ହାଇସ୍କୁଲର ପ୍ରଧାନଶିକ୍ଷୟିତ୍ରୀ ଶାଶ୍ୱତୀ ଦାଶ, ବିଆରସିସି ଦିଲ୍ଲୀପ ମେହେର ଯୋଗ ଦେଇଥିଲେ। ବିଦ୍ୟାଳୟରେ ଛାତ୍ରଛାତ୍ରୀଙ୍କୁ କ୍ୟାରିଅର ସମ୍ବନ୍ଧୀୟ ପରାମର୍ଶ ପ୍ରଦାନ କରିବା ପାଇଁ ଶିକ୍ଷକଙ୍କ ଦକ୍ଷତା ବୃଦ୍ଧି ନିମନ୍ତେ ଆୟୋଜିତ ଏହି ପ୍ରଶିକ୍ଷଣ ଶିବିରର ହେଉଛି । ପ୍ରଥମ ଦିବସରେ ଜିଲ୍ଲା ଶିକ୍ଷକ ଓ ଶିକ୍ଷା ପ୍ରତିଷ୍ଠାନ ବରଗଡ଼ର ବରିଷ୍ଠ ପ୍ରଶିକ୍ଷକ ଗଗନ ବେହେରା, ଜନତା ହାଇସ୍କୁଲ ଭୁକ୍ତାର ବିଜ୍ଞାନ ଶିକ୍ଷକ ସଞ୍ଜୟ ଖମାରୀ, ଜନତା ହାଇସ୍କୁଲ ଗୋଡଭଗାର ଶିକ୍ଷୟିତ୍ରୀ କଲ୍ୟାଣୀ ସାମନ୍ତ ଏବଂ ଅତାବିରା ହାଇସ୍କୁଲର ଶିକ୍ଷକ ଆଶୁତୋଷ ବିଶ୍ୱାଳ ଯୋଗ ଦେଇଥିଲେ। ପ୍ରଶିକ୍ଷକ ସଞ୍ଜୟ ଖମାରୀ ଧନ୍ଦାମୂଳକ ଶିକ୍ଷାର ଗୁରୁତ୍ୱ ସହ କ୍ୟାରିୟର ସମ୍ପର୍କିତ ସୂଚନା, କ୍ୟାରିୟର ପୋର୍ଟାଲର ବ୍ୟବହାର, କ୍ୟାରିୟର ଯୋଜନା, କ୍ୟାରିୟର ଗାଇଡାନ୍ସ ଓ କାଉନସେଲିଂର ଆବଶ୍ୟକତା ଉପରେ ଆଲୋକପାତ କରିଥିଲେ। ଶିକ୍ଷୟିତ୍ରୀ କଲ୍ୟାଣୀ ସାମନ୍ତ ଏବଂ ଶିକ୍ଷକ ଆଶୁତୋଷ ବିଶ୍ୱାଳ ଶିକ୍ଷାର୍ଥୀମାନଙ୍କର ଆତ୍ମବିଶ୍ୱାସ ଓ ବ୍ୟକ୍ତିତ୍ୱର ବିକାଶ ସମ୍ପର୍କରେ ସୂଚନା ପ୍ରଦାନ କରିଥିଲେ ।

**ପାଇକମାଳ:** ପାଇକମାଳ ସ୍ଥିତ ପିଏମଶ୍ରୀ ଜବାହାର ନବୋଦୟ ବିଦ୍ୟାଳୟରେ ଦୁଇଦିନ ଧରି ସମସ୍ତ ଛାତ୍ରଛାତ୍ରୀ ଏବଂ ଶିକ୍ଷକ ଓ ଶିକ୍ଷୟିତ୍ରୀ ମାନଙ୍କ ପାଇଁ କ୍ୟାରିଅର ମାର୍ଗଦର୍ଶନ ଓ କାଉନସେଲିଂ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି । କର୍ମଶାଳାରେ ଭୁବନେଶ୍ୱର ସ୍ଥିତ ଇନୋଭେଟ୍ସେଲ ହ୍ୟୁମାନିଟି ଫାଉଣ୍ଡେସନର ଚେୟାରମ୍ୟାନ ଡ. ପ୍ରଫୁଲ୍ଲ ଦାଶ ମୁଖ୍ୟ ମାର୍ଗଦର୍ଶକ ଭାବେ ଯୋଗଦାନ କରିଥିଲେ। କର୍ମଶାଳାକୁ ବିଦ୍ୟାଳୟର କାର୍ଯ୍ୟନିର୍ବାହୀ ଅଧ୍ୟକ୍ଷ ଅରବିନ୍ଦ ପାତ୍ର ଉଦ୍‌ଘାଟନ କରିଥିଲେ। ଏହି କର୍ମଶାଳାରେ ବିଭିନ୍ନ କ୍ୟାରିଅର ସମ୍ବନ୍ଧରେ ଆଲୋଚନା କରାଯାଇଥିଲା । ଛାତ୍ର ମାନଙ୍କର ସାଇକୋମାଟ୍ରିକ ଆନାଲିସିସ ମାଧ୍ୟମରେ ସେମାନଙ୍କର ଅନ୍ତର୍ନିହିତ ବ୍ୟକ୍ତିତ୍ୱ, ରୁଚି, ମୂଲ୍ୟବୋଧ, ଶିକ୍ଷଣ ଶୈଳୀ ଆବିଷ୍କାର କରାଯାଇଥିଲା। କମ୍ପ୍ୟୁଟର ମାଧ୍ୟମରେ କରାଯାଇଥିବା ସାଇକୋମାଟ୍ରିକ ଆନାଲିସିସକୁ ସୁଚାରୁରୂପେ ସମ୍ପାଦନା ପାଇଁ କମ୍ପ୍ୟୁଟର ବିଭାଗର ଶିକ୍ଷୟିତ୍ରୀ ପ୍ରିୟଙ୍କା ରାଉତ ବିଶେଷ ସହାୟତା କରିଥିଲେ । ଶିକ୍ଷକ ବଡଦେବ ମେହେର ଧନ୍ୟବାଦ୍ ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମକୁ କ୍ୟାରିଅର ସେଲ ଇନଚାର୍ଜ ମଳୟ ବିଶ୍ୱାଳ ସଂଯୋଜନା କରିଥିଲେ ।

**ପାଇକମାଳ:** ପାଇକମାଳ ସରକାରୀ ଉଚ୍ଚ ବିଦ୍ୟାଳୟରେ ୨ ଦିନିଆ କ୍ୟାରିଅର ଗାଇଡାନସ୍ ପ୍ରଶିକ୍ଷଣ ପ୍ରଧାନଶିକ୍ଷକ ଡ.ଦ୍ୱାଦଶ ପଧାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ମୁଖ୍ୟ ଅତିଥି ଭାବେ ପାଇକମାଳ ବ୍ଲକ ଶିକ୍ଷା ଅଧିକାରୀ ଅଦନ ସୁନା ଯୋଗ ଦେଇଥିଲେ । ନିରୁପମା ସାହୁ, ଏବିଇଓ ରାଧେଶ୍ୟାମ ମେହେର, ଚକାମନ ସୁନା, ଦୁବରାଜ ବେଷ୍ଟ୍ରା ଏବଂ ସିଆରସିସି ରଞ୍ଜନ ବାଗ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ । ପ୍ରଶିକ୍ଷଣରେ ୪ ଜଣ ଆରପି କଲ୍ୟାଣୀ ସାମନ୍ତ, ଆଶୁତୋଷ ବେହେରା, ଗଗନ ବେହେରା, ସସ୍ମିତା ସାହୁଙ୍କ ସହିତ ପାଇକମାଳ ଏବଂ ଝାରବନ୍ଧ ବ୍ଲକର ୭୩ ଜଣ ଶିକ୍ଷକ ପ୍ରଶିକ୍ଷଣରେ ଯୋଗଦାନ କରିଥିଲେ । ବିଦ୍ୟାଳୟର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ସହଯୋଗ କରିଥିଲେ ଏବଂ ଛବିଳ ସେଠ ଧନ୍ୟବାଦ ଦେଇଥିଲେ ।

# ୨୦ରେ ପାଳିତ ହେବ 'ବାନ୍ଧ ଦିବସ'




ସମ୍ବଲପୁର, ୧୮ ।୧୧ (ସମିସ) : ଓଡ଼ିଶାର ଗୌରବ, ବିଶ୍ୱ ପ୍ରସିଦ୍ଧ ସମ୍ବଲପୁରୀ ଶାଢ଼ୀର ସଂସ୍ଥାପକ ତଥା ମହାନ ବାନ୍ଧ ଶିଳ୍ପୀ ସ୍ୱର୍ଗତ ରାଧାଶ୍ୟାମ ମେହେରଙ୍କ ଜୟନ୍ତୀକୁ ଏଣିକି ପ୍ରତିବର୍ଷ 'ବାନ୍ଧ ଦିବସ' ଭାବରେ ପାଳନ କରାଯିବ। ଏବିସିଡି ଚାରିଟେବୁଲ ଟ୍ରଷ୍ଟ ପକ୍ଷରୁ ଆଜି ସାମ୍ବାଦିକ ଭବନରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଏହି ନିଷ୍ପତ୍ତି ସମ୍ପର୍କରେ ଅବଗତ କରାଯାଇଛି । କାର୍ଯ୍ୟକ୍ରମରେ ରାଧାଶ୍ୟାମ ମେହେରଙ୍କ ନାତି ପ୍ରଦୀପ ମେହେର, ଏବିସିଡି ଚାରିଟେବୁଲ ଟ୍ରଷ୍ଟର ପରାମର୍ଶଦାତା ଦୀପକ କୁମାର ପଣ୍ଡା ଏବଂ ଟ୍ରଷ୍ଟର ସଭାପତି ରାଜେନ୍ଦ୍ର ସତନାମୀ ଯୋଗ ଦେଇଥିଲେ। ରାଧାଶ୍ୟାମ ମେହେରଙ୍କ ନାତି ଶ୍ରୀ ମେହେର ତାଙ୍କ ଜେଜେବାପାଙ୍କ ବ୍ୟକ୍ତିତ୍ୱ ଏବଂ ବାନ୍ଧ କଳା ପ୍ରତି ତାଙ୍କର ସମର୍ପଣ ଭାବ ଉପରେ ଆଲୋକପାତ କରିଥିଲେ। ସେ କହିଥିଲେ ଯେ, ସ୍ୱର୍ଗତ ମେହେର ଓଡ଼ିଶାର ବାନ୍ଧ କଳାକୁ କେବଳ ଭାରତରେ ନୁହେଁ, ବରଂ ବିଶ୍ୱ ସ୍ତରରେ ଏକ ସ୍ୱତନ୍ତ୍ର ପରିଚୟ ଦେବାରେ ନିଜର ସମଗ୍ର ଜୀବନ ଉତ୍ସର୍ଗ କରିଦେଇଛନ୍ତି ଏବଂ ତାଙ୍କ ଅବଦାନ ଅତୁଳନୀୟ। ତାଙ୍କ କଳା ଏବଂ ତ୍ୟାଗକୁ ସ୍ମରଣୀୟ କରିବା ସମସ୍ତଙ୍କର କର୍ତ୍ତବ୍ୟ। ଏବିସିଡି ଟ୍ରଷ୍ଟର ପରାମର୍ଶଦାତା ଶ୍ରୀ ପଣ୍ଡା ସମ୍ବଲପୁରୀ ସଂସ୍କୃତି ତଥା ବାନ୍ଧ କଳାର ଅଧିକ ପ୍ରଚାର ପ୍ରସାର ଉପରେ ଗୁରୁତ୍ୱାରୋପ କରିଥିଲେ। ଅନ୍ୟପକ୍ଷରେ, ଟ୍ରଷ୍ଟର ସଭାପତି ଶ୍ରୀ ସତନାମୀ ରାଧାଶ୍ୟାମ ମେହେରଙ୍କ ଜୟନ୍ତୀକୁ 'ବାନ୍ଧ ଦିବସ' ରୂପେ ପାଳନ କରିବା ନିଷ୍ପତ୍ତି ନେଇଥିବାରୁ ଗର୍ବିତ ଅନୁଭବ କରିଥିଲେ ଏବଂ ଏହି ମହାନ ଶିଳ୍ପୀଙ୍କୁ ସମ୍ମାନ ଜଣାଇବା ପାଇଁ ସମସ୍ତେ ଏକଜୁଟ ହେବାକୁ ଆହ୍ୱାନ ଦେଇଥିଲେ ।ଆସନ୍ତା ନଭେମ୍ବର ୨୦ ତାରିଖ ତପସ୍ୱିନୀ ହଲଠାରେ ମହାନ ବାନ୍ଧ ଶିଳ୍ପୀ ସ୍ୱର୍ଗତ ରାଧାଶ୍ୟାମ ମେହେରଙ୍କ ୧୧୭ତମ ଜୟନ୍ତୀ 'ବାନ୍ଧ ଦିବସ' ସକାଶେ ସ୍ୱତନ୍ତ୍ର କାର୍ଯ୍ୟକ୍ରମ ଆୟୋଜନ କରାଯିବ। ଏହି ଦିବସ ପାଳନ ଅବସରରେ ବାନ୍ଧ କଳା ପ୍ରଦର୍ଶନୀ, ବରିଷ୍ଠ ବୁଣାକାରମାନଙ୍କୁ ସମ୍ବର୍ଦ୍ଧନା, ସମାଜସେବୀଙ୍କୁ ସମ୍ବର୍ଦ୍ଧନା, ଅନ୍ୟାନ୍ୟ କ୍ଷେତ୍ରରେ ପାରଦର୍ଶିତା ଲାଭ କରିଥିବା କୃତୀ ଛାତ୍ରଛାତ୍ରୀଙ୍କୁ ସମ୍ବର୍ଦ୍ଧନା ସହ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯିବ ବୋଲି ସାମ୍ବାଦିକ ସମ୍ମିଳନୀରେ ସୂଚନା ଦିଆଯାଇଛି ।

ସକାଳ
THE SAKALA

# ସମ୍ପାଦକୀୟ



କେବଳ ଟଙ୍କାପଇସା ହୋଇଗଲେ ସଫଳତା ମିଳିବ ନାହିଁ; ଟଙ୍କା ଉପାର୍ଜନ କରିବାର ସ୍ୱାଧୀନତା ଦ୍ୱାରା ହିଁ ସଫଳତା ମିଳିଥାଏ।

-ନେଲସନ ମଣ୍ଡେଲା

## ଜମି ଝାମେଲା

ଜମି କିଣାବିକା ସମ୍ପର୍କିତ ଦଲିଲ୍‌ର ପଞ୍ଜୀକରଣ(ରେଜିଷ୍ଟ୍ରେସନ୍ ଅଫ୍ ସେଲ୍‌ଫ ଡିଡ୍) ଉକ୍ତ ଜମିର ମାଲିକାନା ପ୍ରମାଣପତ୍ର ଭାବେ ସ୍ୱୀକୃତ ହେବ ନାହିଁ ବୋଲି ଦେଶର ସର୍ବୋଚ୍ଚ ଅଦାଲତ ଗତ ଏପ୍ରିଲ୍ ମାସରେ ଦେଇଥିବା ରାୟକୁ ପୁଣି ଗତ ୭ ତାରିଖରେ ଦୋହରାଇଛନ୍ତି। ସମ୍ମାନସ୍ପଦ ଅଦାଲତ ବିଭିନ୍ନ ଦୃଷ୍ଟିରୁ ତର୍ଜମା କରି ଉପରୋକ୍ତ ରାୟ ଦେଇଥିବେ। କିନ୍ତୁ ଏହାଦ୍ୱାରା ବିଚରା କ୍ରେତାଟିଏ ଯେଉଁ ସମସ୍ୟାର ସମ୍ମୁଖୀନ ହେବାକୁ ଯାଉଛି ତାହା ବୋଧହୁଏ ଅଦାଲତଙ୍କ ଦୃଷ୍ଟିକୁ ଅଣାଯାଇନାହିଁ। ତୃଣମୂଳସ୍ତରରେ ଏଭଳି ଅନେକ ସମସ୍ୟା ରହିଛି, ଯାହାକୁ ଅଦାଲତଙ୍କ ଉପରୋକ୍ତ ରାୟ ଅଧିକ ଜଟିଳ କରିବାର ଆଶଙ୍କା ରହିଛି।

ସମ୍ପ୍ରତି ଜମିଜମା ସଂକ୍ରାନ୍ତରେ ପ୍ରଚଳିତ ଆଇନଗୁଡ଼ିକ ହେଲା ଟ୍ରାନ୍ସଫର ଅଫ୍ ପ୍ରପର୍ଟି ଆକ୍ଟ-୧୯୮୨(ଯାହା ବଳରେ ବିକ୍ରି, ଉପହାର, ଲିଜ୍ ଓ ମୋର୍ଟଗେଜ୍ ଆକାରରେ ଜମି ହସ୍ତାନ୍ତର କରାଯାଇପାରିବ), ଇଣ୍ଡିଆନ୍ ଷ୍ଟାମ୍ପ ଆକ୍ଟ-୧୮୯୯(ଯେଉଁଥିରେ ସରକାର ପଞ୍ଜୀକରଣ ବାବଦ ଟିକସରେ ଭାଗୀଦାର ହେବେ) ଓ ରେଜିଷ୍ଟ୍ରେସନ୍ ଆକ୍ଟ ୧୯୦୮(ଯାହା ବଳରେ ଦଲିଲ୍ ପଞ୍ଜୀକୃତ ହେବ)। ଉପରୋକ୍ତ ତିନିଟି ଯାକ କ୍ଷେତ୍ରରେ ସବ୍‌ରେଜିଷ୍ଟ୍ରାରଙ୍କ ପାଖରେ ପଞ୍ଜୀକୃତ ହେବା ବାଧ୍ୟତାମୂଳକ, ଯାହା ଫଳରେ କିଏ କାହାକୁ ବିକ୍ରି କଲା ତାହା ରେକର୍ଡଭୁକ୍ତ ହେବ। କିନ୍ତୁ ଜମିର ପ୍ରକୃତ ମାଲିକ କିଏ ତାହା ଏହି ପ୍ରକ୍ରିୟାରେ ପ୍ରମାଣିତ ହୋଇପାରିବ ନାହିଁ କି ସବରେଜିଷ୍ଟ୍ରାର ଜମିର ମାଲିକାନା ଆରୋପିତ କରିବା ପାଇଁ ଅଧିକୃତ ନୁହନ୍ତି।

ସାମ୍ପ୍ରତିକ ତଞ୍ଚକତାପୂର୍ଣ୍ଣ ଦୁନିଆରେ ଅସାଧୁ ଦଲାଲ୍‌ମାନେ ଗୋଟିଏ ଜମିକୁ ଏକାଧିକ ବ୍ୟକ୍ତିଙ୍କୁ ବିକ୍ରି କରିଦେଉଥିବାର ଉଦାହରଣ ବଢ଼ିବାରେ ଲାଗିଛି। ବାହୁବଳ, ଅର୍ଥବଳ ଓ ପ୍ରତିପତ୍ତିଶାଳୀ ବ୍ୟକ୍ତିଟିଏ ଜମି ଉପରେ ଅଧିକାର ଜାହିର କରିପାରୁଥିବା ବେଳେ ନ୍ୟାୟପୂର୍ଣ୍ଣ ଓ ଆଇନାନୁମୋଦିତ ପ୍ରକ୍ରିୟାରେ କଷ୍ଟାର୍ଜିତ ଧନରେ ଜମି ଖଣ୍ଡିଏ କିଣିଥିବା ବିଚରା ସାଧାରଣ ଲୋକଟିଏ ସବୁଆଡ଼ୁ ନିରାଶ ହେଉଛି। ଏହି ଦୃଷ୍ଟିରୁ ସର୍ବୋଚ୍ଚ ଅଦାଲତଙ୍କ ରାୟ ସ୍ୱାଗତଯୋଗ୍ୟ। କିନ୍ତୁ ସମ୍ପ୍ରତି ଅସାଧୁ ଅମଲାମାନଙ୍କ କାରସାଦୀରେ ବିଚରା ସାଧାସିଧା ଲୋକଟିଏ ଜମି କିଣିବା ପରେ ମଧ୍ୟ ପଟା ବା ମ୍ୟୁଟେସନ୍ ପ୍ରମାଣପତ୍ର ପାଇବା ପାଇଁ ବର୍ଷ ବର୍ଷ ଧରି ଅପେକ୍ଷା କରିବାକୁ ପଡ଼ୁଛି। ଯଦି ସେ ଏହା ମଝିରେ ଆର୍ଥିକ ଆବଶ୍ୟକତା ପାଇଁ କିଣିଥିବା ଜମି ଖଣ୍ଡିକ ବିକିବାକୁ ଚାହେଁ ତେବେ ସର୍ବୋଚ୍ଚ ଅଦାଲତଙ୍କ ଉପରୋକ୍ତ ରାୟ ଆଧାରରେ ମାଲିକାନା ପାଇ ନଥିବାରୁ ବିକ୍ରି କରିବାର ଯୋଗ୍ୟ ହେବ କି ନାହିଁ ତାହା ଆଇନଗତ ଜଟିଳତା ସୃଷ୍ଟି କରିବ। ଫଳରେ ମହତ୍ ଉଦ୍ଦେଶ୍ୟରେ ଅଦାଲତ ଦେଇଥିବା ରାୟ ଗରିବ ଲୋକଟିର ବିପକ୍ଷରେ ଯିବ। ଏଣୁ ଆମେ ଅଦାଲତଙ୍କୁ ବିନମ୍ର ଅନୁରୋଧ କରୁଛୁ ଯେ ତୃଣତୃଳସ୍ତରର ସମସ୍ୟାକୁ ହୃଦୟଙ୍ଗମ କରି ରାୟ ଯେପରି ଗରିବ ଅସହାୟ ଲୋକଟିର ହିତରେ ଆସିପାରିବ ସେଭଳି ପଦକ୍ଷେପ ନିଅନ୍ତୁ। ଆବଶ୍ୟକ ହେଲେ ଆଇନ ମିତ୍ରମାନେ ଏ ଦିଗରେ ସର୍ବୋଚ୍ଚ ଅଦାଲତଙ୍କ ଦୃଷ୍ଟି ଆକର୍ଷଣ କରି ରାୟରେ ବିହିତ ସଂଶୋଧନ ପାଇଁ ସାଧୁ ଉଦ୍ୟମ କରିପାରିବେ।

## ହସିନା-ଅଡୁଆ ବଢ଼ିଲା

ଭାରତରେ ଆଶ୍ରୟ ନେଇଥିବା ବାଂଲାଦେଶର ପୂର୍ବତନ ପ୍ରଧାନମନ୍ତ୍ରୀ ଶେଖ୍ ହସିନାଙ୍କୁ ତାଙ୍କ ଦ୍ୱାରା ପ୍ରତିଷ୍ଠିତ ସେଠାକାର ଏକ ଅଦାଲତ ଫାଶୀ ଦଣ୍ଡାଦେଶ ଶୁଣାଇବା ପରେ ଭାରତ ପାଇଁ ଅଡୁଆ ବଢ଼ିଛି। ଆନ୍ତର୍ଜାତିକ ଆଇନ୍ ଓ ଭାରତ-ବାଂଲାଦେଶ ପ୍ରତ୍ୟର୍ପଣ ଚୁକ୍ତି ଅନୁଯାୟୀ ଭାରତ ହସିନାଙ୍କୁ ପ୍ରତ୍ୟର୍ପଣ କରିବା ପାଇଁ ବାଧ୍ୟ ନୁହେଁ। କିନ୍ତୁ କୂଟନୈତିକ ସମ୍ପର୍କର ସୁରକ୍ଷା ଦୃଷ୍ଟିରୁ ଅନୌପଚାରିକ ପ୍ରତ୍ୟର୍ପଣ ଭାରତ ପାଇଁ ଅଧିକ ନୈତିକ ତର୍କସମ୍ମତ ବୋଲି ମତ ପ୍ରକାଶ ପାଉଛି। ଅପରପକ୍ଷରେ ଯଦି ହସିନାଙ୍କୁ ପ୍ରତ୍ୟର୍ପଣ କରାଯାଏ ତେବେ ବାଂଲାଦେଶର ମୌଳବାଦୀ ଶକ୍ତି ଆଗରେ ଭାରତ ମୁଣ୍ଡ ନୁଆଁଇବା ଭଳି ହେବ ଏବଂ ସେହିଦେଶରେ ବର୍ତ୍ତମାନ ସକ୍ରିୟ ଗଣତନ୍ତ୍ର ବିରୋଧୀ ମୌଳବାଦୀ ସଂଗଠନ ପ୍ରରୋଚିତ କାମଚଳା ସରକାରଙ୍କୁ ସୁହାଇବ। ତେଣୁ ଶେଖ ହସିନାଙ୍କୁ ପ୍ରତ୍ୟର୍ପଣ କରି ଭାରତ ତାଙ୍କ ସହିତ ୧୫ ବର୍ଷର ସମ୍ପର୍କକୁ କୁଠାରଘାତ କରିବା ଭଳି ପଦକ୍ଷେପ ନେବ କି ନାହିଁ ତାହା ଉପରେ ମଧ୍ୟ ବିତର୍କ ଆରମ୍ଭ ହୋଇଛି।

ଭାରତ ପାଖରେ ଏଭଳି ଅନେକ ବିକଳ୍ପ ରହିଛି, ଯାହା ବଳରେ ହସିନାଙ୍କୁ ପ୍ରତ୍ୟର୍ପଣ ପାଇଁ ବାଧ୍ୟ ନୁହେଁ। ଭାରତ-ବାଂଲାଦେଶ ମଧ୍ୟରେ ୨୦୧୩ରେ 'ପଳାତକ ପ୍ରତ୍ୟର୍ପଣ ଚୁକ୍ତି' ସ୍ୱାକ୍ଷର ହୋଇଥିଲା, ଯେଉଁଥିରେ ୨୦୧୬ରେ କେତେକ ସଂଶୋଧନ କରାଯାଇଥିଲା। ଏହି ସଂଶୋଧିତ ଚୁକ୍ତିନାମାର ସର୍ତ୍ତ ଅନୁଯାୟୀ କେବଳ ସେହି ପଳାତକଙ୍କୁ ପ୍ରତ୍ୟର୍ପଣ କରାଯିବ, ଯାହାଙ୍କୁ ଉଭୟ ଦେଶର ସ୍ଥାନୀୟ ଅଦାଲତ ଦୋଷୀ ସାବ୍ୟସ୍ତ କରି ଅନ୍ୟୁନ ଏକବର୍ଷରୁ ଊର୍ଦ୍ଧ୍ୱ ସଶ୍ରମ କାରାଦଣ୍ଡ ସହିତ ଜୋରିମାନାରେ ଦଣ୍ଡିତ କରିଥିବ। ସେହିପରି ହସିନା ରାଜନୈତିକ ଆଶ୍ରୟ ନେଇଥିଲେ ମଧ୍ୟ ତାଙ୍କୁ ବର୍ତ୍ତମାନ ଶରଣାର୍ଥୀ ଭାବରେ ବିବେଚନା କରାଯାଇପାରିବ। କାରଣ ଜାତିସଂଘର 'ରେଫ୍ୟୁଜି କନ୍‌ଭେନ୍‌ସନ୍ ୧୯୫୧' ଏବଂ '୧୯୬୭ ପ୍ରୋଟୋକଲ୍'ର ନିର୍ଦ୍ଧାରିତ ସଞ୍ଜ୍ଞା ଅନୁଯାୟୀ - ସେହି ଦେଶାନ୍ତରିତ ବ୍ୟକ୍ତି ଯିଏ ଆଇନଗତ କାର୍ଯ୍ୟାନୁଷ୍ଠାନ କିମ୍ବା ପରିସ୍ଥିତିକୁ ଭୟ କରି କିମ୍ବା ଜୀବନପ୍ରତି ବିପଦ ଆଶଙ୍କା କରି ସ୍ୱଦେଶ ଫେରିବାକୁ ଚାହାନ୍ତି ନାହିଁ କିମ୍ବା ତାଙ୍କ ପାଖରେ ଫେରିବାର ସୁଯୋଗ ନାହିଁ କିମ୍ବା ସ୍ୱଦେଶର ନାଗରିକତ୍ୱ ପରିତ୍ୟାଗ କରିବାକୁ ଚାହୁଁଛନ୍ତି ସେମାନଙ୍କୁ ରେଫ୍ୟୁଜି ବା ଶରଣାର୍ଥୀ ଭାବେ ଅଭିହିତ କରାଯିବ। ହସିନାଙ୍କ କ୍ଷେତ୍ରରେ ଉପରୋକ୍ତ ସଞ୍ଜ୍ଞା ଲାଗୁ ହେଉଥିବାରୁ ଆନ୍ତର୍ଜାତିକ ଆଇନ ଭାରତ ସପକ୍ଷରେ ଅଛି।

ଏ ସବୁର ଊର୍ଦ୍ଧ୍ୱରେ ସାମ୍ପ୍ରତିକ ଦ୍ରୁତପରିବର୍ତ୍ତନଶୀଳ ଭୂ-ରାଜନୈତିକ ଓ କୂଟନୈତିକ ସ୍ଥିତି ଦୃଷ୍ଟିରୁ ହସିନା ପ୍ରସଙ୍ଗ ଭାରତ ପାଇଁ ଏକ ଆହ୍ୱାନ ସୃଷ୍ଟି କରିଛି। ଦଲାଇ ଲାମାଙ୍କୁ ରାଜନୈତିକ ଆଶ୍ରୟ ଦେଇ ଭାରତ ଯେପରି ଚୀନ୍ ଯୁଦ୍ଧର ସମ୍ମୁଖୀନ ହୋଇଥିଲା ତାହାର ପୁନରାବୃତ୍ତି ଶେଖ୍ ହସିନାଙ୍କ ପ୍ରସଙ୍ଗରେ ହେବା ଅସମ୍ଭବ ନୁହେଁ। ସାମରିକ ଶକ୍ତି ଦୃଷ୍ଟିରୁ ବାଂଲାଦେଶ ଏକ ଦୁର୍ବଳ ରାଷ୍ଟ୍ର ହୋଇଥିଲେ ମଧ୍ୟ ଚୀନ୍ ଓ ପାକିସ୍ତାନ ଶରଣରେ ଥିବାରୁ ବଳଶାଳୀ ହେବାକୁ ଅଧିକ ସମୟ ଲାଗିବ ନାହିଁ। ଏହି ସୁଯୋଗରେ ବାଂଲାଦେଶକୁ ମୋହରା କରି ଚୀନ୍ ଓ ପାକିସ୍ତାନ ଉତ୍ତର-ପୂର୍ବ ଦିଗରୁ ଭାରତ ପ୍ରତି ବିପଦ ସୃଷ୍ଟି କରିପାରନ୍ତି। ଇତିମଧ୍ୟରେ ବାଂଲାଦେଶର କାମଚଳା ସରକାରଙ୍କ ଭାରତ ବିରୋଧୀ ଆଭିମୁଖ୍ୟ ଉଗ୍ର ହେଉଛି। ତେଣୁ ହସିନା ପ୍ରସଙ୍ଗରେ ଅଧିକ ଆକ୍ରମଣାତ୍ମକ ହେବା ଅସ୍ୱାଭାବିକ ନୁହେଁ। ଭାରତ ଯେଉଁ ଦେଶକୁ ଜନ୍ମ ଦେଇଥିଲା ସେହି ଦେଶଠାରୁ ପୁଣି ଏକ ସାମରିକ କାର୍ଯ୍ୟାନୁଷ୍ଠାନର ସମ୍ମୁଖୀନ ହେବା ଭଳି ପରିସ୍ଥିତି ସୃଷ୍ଟି ନ ହେଉ।

# ଛଦ୍ମ-ରାଜନୀତିର କପଟ-ରୋମାଞ୍ଚ

ଦୁର୍ଗାପ୍ରସାଦ ଆଚାର୍ଯ୍ୟ

ରୋମାଞ୍ଚ ଅନୁଭବ କରିବା, ସାଦା ଭାଷାରେ କହିଲେ ଲୋମଟାଙ୍କୁରା ସାଙ୍କ୍ରାରଟିଏ ଅନୁଭବ କରିବା ଆଦୌ ଏମିତି କିଛି ବିରଳ ଅନୁଭବଟିଏ ନୁହେଁ। ଏମିତି ବି କୁହାଯାଇପାରେ ସବୁ କିସମର ମାନବିକୀ ପ୍ରତିକ୍ରିୟାମାନଙ୍କ ଭିତରେ ଏ 'ରୋମାଞ୍ଚ' ପ୍ରତିକ୍ରିୟାଟି, ଏ ଲୋମଟାଙ୍କୁରା ପ୍ରତିକ୍ରିୟାଟି ହେଉଛି ବୋଧହୁଏ ବେଶୀ ଗଣତାନ୍ତ୍ରିକ। ଅର୍ଥାତ୍ ରାଜାପ୍ରଜା, ନାରୀପୁରୁଷ ବା ଜାତିଧର୍ମ ନିର୍ବିଶେଷରେ ଏ ପ୍ରତିକ୍ରିୟାଟି ତା'ର ସାର୍ବଜନିନତା ଜାହିର କରିଥାଏ। କବି ହୁଅନ୍ତୁ କି ଅକବି, ରାଜନେତାଏ ହୁଅନ୍ତୁ କି ପାଗଳ ପ୍ରେମିକ ହୁଅନ୍ତୁ କି ନଛୋଡ଼ବନ୍ଧା ମିଛୁଆ ହୁଅନ୍ତୁ -ସଭିଙ୍କର ନିର୍ଭେଜାଲ ଗଣତାନ୍ତ୍ରିକ ମୌଳିକ ଅଧିକାର ହେଉଛି ଠିକଣା ପାଣିପାଗ ପାଇଲେ ଆପଣା ଦେହର ଥାନଅଥାନରେ ସୋରିଷ ପ୍ରମାଣ ହେଉ କି କୁଆପଥର ପ୍ରମାଣ ହେଉ, ଟାଙ୍କୁରିତ ଆବୁ ମେଞ୍ଚାଏ ମେଞ୍ଚାଏ ଗଜୁରେଇ ଆଣିବା।

କଳାବାଦଲ ତଳେ ପୁଞ୍ଜାଏ ଧୋବ ଫରଫର ବଗବଗୁଲି ଉଡ଼ିଯିବା ଦେଖିଲେ ଶିଶିରଭିଜା ଶରତ ସକାଳେ ଅଭିମାନିନୀ ଶେଫାଳି ଫୁଲଙ୍କ ଆଲୁଳାୟିତ ଭୂମିଲଗ୍ନ-ମୁଦ୍ରା ଦେଖିଲେ କବିମାନଙ୍କ ଲୋମଟାଙ୍କୁରି ଉଠିଥାଏ - କେତେବେଳେ ଘନ ଆବେଗର ଆତିଶଯ୍ୟରେ ତ ଆଉ କେତେବେଳେ ନଶ୍ୱରତାର ଚିନ୍ତନରେ, ଅନିତ୍ୟତାର ଭୟବିଜଡ଼ିତ କରୁଣ ଉପଲବ୍ଧିରେ। ପ୍ରଥମ ପ୍ରେମର ମହ୍ଲାର ରାଗର ଚୁନା ଚୁନା ଉର୍ମିରେ ଧୋଇ ହୋଇଗଲେ ରୋମାଞ୍ଚ, ବରଫଶୀତଳ ଝରଣାଜଳର ଲାଜୁଆ ଛୁଆଁରେ ରୋମାଞ୍ଚ ଏବଂ ନିର୍ଜନ ପ୍ରହରରେ ଗାଁ ଶ୍ମଶାନର ଅଶ୍ୱତ୍‌ଥ ବୃକ୍ଷର ପତ୍ରଗହଳିରେ ଅମାନିଆ ପବନ ରଚୁଥିବା ଶବ୍ଦ ଭଉଁରୀରେ ବି ରୋମାଞ୍ଚ। ଅପ୍ରତ୍ୟାଶିତ ଆନନ୍ଦ, ଅପ୍ରତ୍ୟାଶିତ ଭୟ, ଆତଙ୍କ ଓ ଛାତିକୁ ରୁନ୍ଧି ପକାଉଥିବା କୋହଉଚ୍ଛୁଳା ଆବେଗ ପରି ସ୍ୱାଭାବିକ ମାନବୀୟ ପ୍ରବୃତ୍ତିସବୁର ଏମିତି ଗୋଲ୍‌ଗୋଲ୍ ଅକ୍ଷରମାନ ଲେଖି ହୋଇଯାନ୍ତି ଅତି-ସଂବେଦୀ ଦେହାଚ୍ଛାଦିତ ଚର୍ମପୃଷ୍ଠାରେ। ଜମା କିଛି ବିରଳ କି ଅନାହୂତ ନୁହେଁ ଏ ରୋମାଞ୍ଚ, ଏ ଲୋମଟାଙ୍କୁରାର ସିରିସିରି ସ୍ପନ୍ଦନ। କିନ୍ତୁ ବିରଳ ବା ଅନାହୂତ ନିଶ୍ଚୟ ଯେତେବେଳେ କେହିଜଣେ ଆପଣାର ମନ୍ଦ ଉଦ୍ଦେଶ୍ୟଟିକୁ ଗୁପ୍ତ ରଖି ସର୍ବସାଧାରଣରେ ବଖାଣି ବସେ ତା'ର ଲୋମଟାଙ୍କୁରାର ଗାଥା, ଯେତେବେଳେ ଯେଉଁ କଥା କି ଘଟଣା ଯୋଗୁଁ ତା'ର ଲୋମଟାଙ୍କୁରେଇ ଯାଇଥିଲା, ଯେଉଁ ଉତ୍ସରୁ ତା' ଦେହର ସେ ଅନ୍ୟଥା ଟାଆଁସା ଚର୍ମ ଉପରେ ଲୋମଟାଙ୍କୁରାର ଚଅଁର ପବନ ଖେଳି ଯାଇଥିଲା, ସେ କଥା, ସେ ଘଟଣା ଓ ଉତ୍ସ କୌଣସି ସଚ୍ଚା ମଣିଷକୁ ତିଳପ୍ରମାଣେ ବି ଚହଲେଇ ଦେବନାହିଁ କିମ୍ବା ଯଦି ବା ଚହଲେଇ ଦେବ, ସେଇଟା ସତ -ରୋମାଞ୍ଚଜନିତ ନହୋଇ ହେବ କେବଳ ନିରୋଳା ବିରକ୍ତିଜନିତ। କାରଣ ସଚ୍ଚା ମଣିଷ ଜଣକ ଅତି ସହଜରେ ହଂସ ପରି ପାଣିରୁ କ୍ଷୀର ଅଲଗା କରିଦେଇଥାଏ, ସତ କାନ୍ଦଣା ଓ କୁମ୍ଭୀର କାନ୍ଦଣାର ଫରକଟିକୁ ବୁଝିଯାଇଥାଏ ଏବଂ ବୁଝି ବି ଯାଇଥାଏ ସତ୍‌ପ୍ରେମ, ସତ୍‌ଭାବ ଓ ସଦିଚ୍ଛା ପ୍ରେରିତ ଉଚ୍ଚାରଣର ଶ୍ରବଣରେ ଯେଉଁ ଲୋମଟାଙ୍କୁରାର ଅନୁଭବଟି ହୋଇଥାଏ, ତା'ର ଉତ୍ସ ସବୁବେଳେ ଖାଦହୀନ, ସବୁବେଳେ ଛଳନା-ନିର୍ମୋକରହିତ ଓ ବିଶୁଦ୍ଧ ଆବେଗପୂର୍ଣ୍ଣ।

କବି, ଭାବୁକ ଓ ଚିନ୍ତକ, ପ୍ରେମଭାବ ବା ମମତ୍ୱବୋଧରେ ସଦା ପୁଲକିତ ମଣିଷମାନେ ରୋମାଞ୍ଚିତ ହୋଇଥା'ନ୍ତି ବାରବାର। ସେମାନଙ୍କର ଏ ଅନୁଭବର ଉତ୍ସ ଅନେକ ସମୟରେ ଖୁବ୍ ମହନୀୟ, ଶୋଭନୀୟ, ଖୁବ୍ ପୂତପବିତ୍ର। ସରସୀ ଜଳରେ ପ୍ରସ୍ଫୁଟିତ ପଦ୍ମଫୁଲର ଶୋଭାରେ ମୋହିତ ହୋଇ କବି ରୋମାଞ୍ଚିତ ହୁଏ ଓ ଗାଇ ଉଠେ: 'କୋଟି ଲାବଣ୍ୟନିଧି ରେ ପଦ୍ମ ତୁହି'; ନଗାଧିରାଜ ହିମାଳୟରୁ କନ୍ୟାକୁମାରୀ ପର୍ଯ୍ୟନ୍ତ ବିସ୍ତୀର୍ଣ୍ଣ ଭୂଖଣ୍ଡର ଅନନ୍ୟ ସୌନ୍ଦର୍ଯ୍ୟର ସୁମରଣା କରି କବି ଗାଇ ଉଠେ; 'ସୁଜଳାଂ ସୁଫଳାଂ ଶସ୍ୟଶ୍ୟାମଳାଂ' ବା 'ସର୍ବେଷାଂ ନୋ ଜନନୀ ଭାରତ ବର୍ଷେ'; 'ବସୁଧୈବ କୁଟୁମ୍ବକମ୍'ର ସାରତତ୍ତ୍ୱଟି ବୁଝିଥିବା କବି ଗାଇଉଠେ: 'ନିଜ ସ୍ୱାର୍ଥ ଲାଗି ଜାତ ନୁହେଁ ହିନ୍ଦୁ / ବିଶ୍ୱ ହିତେ ତା'ର ପ୍ରତି ପ୍ରାଣବିନ୍ଦୁ' ଓ ପ୍ରତିଟି ମଣିଷର ଦୁଃଖକୁ ନିଜର କରିଥିବା କବି ଗାଇ ଉଠେ: 'ମୋ ଜୀବନ ପଛେ ନର୍କେ ପଡ଼ିଥାଉ / ଜଗତ ଉଦ୍ଧାର ହେଉ'। ରୋମାଞ୍ଚର ଶିହରଣରେ ଆମେ ଥରି ଉଠୁ ଉଡ୍ଡୀୟମାନ ତ୍ରିରଙ୍ଗାର ଅବଲୋକନରେ, ଥରି ବି ଉଠୁ ଯେତେବେଳେ ସ୍ୱାଧୀନତା ଦିବସର ମାହେନ୍ଦ୍ର ବେଳାରେ ଆମେ ଶୁଣିଥାଉ 'ଏ ମେରେ ୱତନ କେ ଲୋଗୋ'। ଏ ରୋମାଞ୍ଚସବୁ ସ୍ୱର୍ଗୀୟ ରୋମାଞ୍ଚ। ସତ୍-ରୋମାଞ୍ଚ ସବୁର ଉତ୍ସ ହେଉଛି ଆମକୁ କିୟତ୍‌କ୍ଷଣ ପାଇଁ ସ୍ତବଧ କରି ଦେଇଥିବା ଭାବାବେଗ, ଆମକୁ ବିମୋହିତ କରି ଦେଉଥିବା ସୌନ୍ଦର୍ଯ୍ୟ କିମ୍ବା ଆମର ମାନବତାକୁ ଉଜ୍ଜ୍ୱଳ, ପ୍ରଖର, ଜାଗରିତ କରିଦେଉଥିବା ପ୍ରେମ- ସେ ପ୍ରେମ ଦେଶପ୍ରେମ ହୋଇପାରେ, ବିଶ୍ୱପ୍ରେମ ହୋଇପାରେ, ହୋଇପାରେ ବି ଉଚ୍ଚାଙ୍ଗ ଭାବାଦର୍ଶର ପ୍ରେମ କିମ୍ବା ମହାନ୍ ସମ୍ବିଧାନ ପ୍ରତି ଆମର ସମ୍ମାନ, ଆନୁଗତ୍ୟ ଓ ଅଖଣ୍ଡ ପ୍ରେମ। ଏ ଧରଣର ରୋମାଞ୍ଚମାନ ସର୍ବଦା ବନ୍ଦନୀୟ ଓ ସେଥିପାଇଁ ବର୍ଣ୍ଣନୀୟ ମଧ୍ୟ - ସର୍ବସାଧାରଣରେ ହେଉ କି ଏକ କ୍ଷୁଦ୍ର ଅନ୍ତରଙ୍ଗ ମହଲରେ ହେଉ। କିନ୍ତୁ ଘୋର ବିଡ଼ମ୍ବନାର କଥା ଯେ ବର୍ତ୍ତମାନର ଏ 'ପୋଷ୍ଟ-ଟ୍ରୁଥ୍', ଏ 'ଫେକ୍ ବା ଡିପ୍‌ଫେକ୍' ର କାଳଖଣ୍ଡରେ, ଏ ଉଗ୍ର-ଦକ୍ଷିଣ ବା ଉଗ୍ର-ବାମ ଆଦର୍ଶରେ ଭ୍ରଷ୍ଟ-ମୋହିତ ମଣିଷଙ୍କ ଭିଡ଼ ଭିତରେ ପକ୍‌କା ଅଭିନୟ-ପ୍ରବଣ ଏମିତି କେତେ କେତେ ତଥାକଥିତ ରାଜନେତା ଓ ବୁଦ୍ଧିଜୀବୀମାନଙ୍କୁ ଆମେ ଦେଖୁଛେ, ଯେଉଁମାନେ ହଠାତ୍ ଆଦ୍ୟ ଆଷାଢ଼ର ବ୍ରାହ୍ମଣୀ ବେଙ୍ଗମାନଙ୍କ ପରି ଲମ୍ଫ ମାରିବା ଆରମ୍ଭ କରି ଦେଉଛନ୍ତି ଗୋଟିଏ ରାଜନୈତିକ ମଞ୍ଚରୁ ଅନ୍ୟ ଏକ ରାଜନୈତିକ ମଞ୍ଚକୁ; ଯେଉଁମାନେ ଆପଣାକୁ ସବୁପ୍ରକାର ଦୋଷବୋଧରୁ ମୁକ୍ତ କରିଦେବା ପାଇଁ ଏମନ୍ତ ଲମ୍ଫପ୍ରଦାନ, ଏମନ୍ତ 'ବୋଧିପ୍ରାପ୍ତି' ଓ ତଦ୍‌ଜନିତ 'ରୋମାଞ୍ଚ'ର କଥା ଓ ଗାଥାମାନ ବଖାଣି ବସୁଛନ୍ତି ସେମାନଙ୍କୁ ଅପର୍ଯ୍ୟାପ୍ତ ବିସ୍ମୟ, ଅପର୍ଯ୍ୟାପ୍ତ ଅବିଶ୍ୱାସର ସହ ଦେଖୁଥିବା, ଶୁଣୁଥିବା ଶ୍ରୋତା ବା ଦର୍ଶକମାନଙ୍କ ଆଗରେ।

ବିଜ୍ଞାନ କହେ, 'ରୋମାଞ୍ଚ' ବା 'ଲୋମଟାଙ୍କୁରା' ରୂପକ ଦୈହିକ ବ୍ୟାପାରଟିର ମୂଳରେ ରହିଛି ଆମର 'ଜେନିଟିକ୍' ବା 'ଜୈବ-କୋଷୀୟ' ସ୍ମୃତି; ରହିଛି ବି ବିବର୍ତ୍ତନୀୟ ଇତିହାସର ପ୍ରଥମ ପର୍ଯ୍ୟାୟମାନଙ୍କରେ ଆଦିମ ମଣିଷ ଭୋଗିଥିବା ଭିନ୍ନ ଭିନ୍ନ ଦୈହିକ କ୍ରିୟା-ପ୍ରତିକ୍ରିୟାମାନଙ୍କର ସ୍ମୃତି। ଆଦିମ ମଣିଷର ଶରୀର ଥିଲା ଲୋମବହୁଳ ଏବଂ ଯାବତୀୟ ପ୍ରାକୃତିକ ଦୁର୍ବିପାକ ଭିତରେ ପ୍ରତି ମୁହୂର୍ତ୍ତରେ ମରଣାନ୍ତକ ଭୟ, ଆତଙ୍କସବୁକୁ ସାମ୍ନା କରୁଥିବାବେଳେ 'ରୋମାଞ୍ଚ' ବା 'ଲୋମଟାଙ୍କୁରା' ଥିଲା ଲୋମଶ ମଣିଷର ସ୍ୱାଭାବିକ ଦୈହିକ ପ୍ରତିକ୍ରିୟା। ବାଘର ହେଣ୍ଟାଳ ଶୁଣିଲେ ଆଦିମ ମଣିଷର ଲୋମସବୁ ଠିଆ ହୋଇ ଯାଉଥିଲେ। ଏବେ କିନ୍ତୁ କତିପୟ ଅତ୍ୟାଧୁନିକ ମଣିଷମାନଙ୍କର ଲୋମସବୁ ଠିଆ ହୋଇଯାଉଛନ୍ତି ମାଇକ୍ରୋଫୋନ୍ ଆଗରେ ସେମାନେ ମିଛ ଆଦର୍ଶ, ମିଛ ଦେଶାତ୍ମବୋଧର ବନ୍ଦନା ଗାଉଥିବା ବେଳେ। ଏଣୁଅ ପରି ବାରମ୍ବାର ରଙ୍ଗ ବଦଳାଇବାରେ ଓସ୍ତାଦ କେତେଜଣ ଏବେ ଯେଉଁ 'ରୋମାଞ୍ଚ'ର ସିରିସିରି ଦହନ ଅନୁଭବ କରୁଛନ୍ତି, 'ଲୋମଟାଙ୍କୁରା'ର କଣ୍ଟକାଘାତ ସେମାନେ ଥରେ କେବେ ନିଶ୍ଚୟ ଭୋଗିଥିଲେ ବୋଲି କୋହକମ୍ପିତ ସ୍ୱରରେ ଉଦ୍‌ଗାରି ପକାଉଛନ୍ତି, ସେ ସବୁ ତୁଚ୍ଛା ମିଛ ରୋମାଞ୍ଚ, ମିଛ ଲୋମଟାଙ୍କୁରା। ସେମାନଙ୍କର ଏ ଦୈହିକ (ମାନସିକ ବି) ଅନୁଭବ ହୋଇଥାଏ କେବେ କେଉଁଠି କେଉଁ ମଞ୍ଚରେ କାହା ତୁଣ୍ଡରୁ ଘୃଣା, ଅସୂୟା ଓ ସାଂପ୍ରଦାୟିକତାର ବିଷମୟ ଭାଷଣବାଜି ଶୁଣିବା ପରେ ବା କାହା ତୁଣ୍ଡରୁ ଧର୍ମ, ସଂସ୍କୃତି ଓ ରାଷ୍ଟ୍ରପ୍ରେମ ନାମରେ ବିଭାଜନକାରୀ ମତମନ୍ତବ୍ୟମାନ ଶୁଣିବା ପରେ। ଏମାନଙ୍କର ଏ ଅନୁଭବ ହୋଇଥାଏ ବିକୃତ ଆବେଗ, ବିକୃତ ଆବେଶସବୁର ପ୍ରାବଲ୍ୟ ଯୋଗୁଁ ଏବଂ ଖାସ୍ ସେଥିଯୋଗୁଁ ଏ ଅନୁଭବ ପୂରାପୂରି ଶସ୍ତା, ପୂରାପୂରି ସାଧାରଣ, ଏପରିକି ପୂରାପୂରି ଖାଦହୀନ ଭାବରେ ହାସ୍ୟୋଦ୍ଦୀପକ ମଧ୍ୟ।

କଟାଫଳମାନଙ୍କର ଥାଳିଏ 'ସାଲାଡ୍'ର ଦର୍ଶନରେ କିମ୍ବା କୌଣସି ବିକ୍ରୟଯୋଗ୍ୟ ଲୋଭନୀୟ ଚିଜ ଉପରେ ମସ୍ତବଡ଼ ଆକର୍ଷଣୀୟ 'ଡିସକାଉଣ୍ଟ' ବା 'ରିହାତି'ଟିଏ ପାଇଲେ ଯେମିତି କେତେ କେତେ ଅବୋଧମଣିଷଙ୍କର ଲୋମଟାଙ୍କୁରି ଉଠିଥାଏ ଲଜ୍ଜାହୀନ ସୁଖବୋଧରେ, ସେମିତି ଏମାନଙ୍କର ବି ହୋଇଥାଏ ଠିକଣା ପାଣିପାଗରେ, କିମ୍ବା ଠିକଣା ମଞ୍ଚମାନଙ୍କରେ ଠିଆ ହୋଇଥିବା ବେଳେ। ମିଛ-ରୋମାଞ୍ଚ, ମିଛ ଲୋମଟାଙ୍କୁରା ବନ୍ଦନୀୟ କେବେ ନୁହେଁ, ତେଣୁ ବର୍ଣ୍ଣନୀୟ ବା କେମିତି ହେବ? ଯଦି ଏମିତି କପଟ-ରୋମାଞ୍ଚରେ କିଏ କେବେ ଥରି ଉଠିଥିବ, ସିଏ ଅନ୍ୟ କିଛି ହୋଇପାରେ, କିନ୍ତୁ କେବେ କ'ଣ ସିଏ ମଧୁ, ଗୋପବନ୍ଧୁ କି ଭୀମଭୋଇଙ୍କ ପରି ଜଣେ ସଚ୍ଚା ମଣିଷ, ଜଣେ ଶୁଦ୍ଧସୁବର୍ଣ୍ଣ ମଣିଷ ହୋଇପାରିବ?

(ଅବସରପ୍ରାପ୍ତ ଇଂରାଜୀ ପ୍ରାଧ୍ୟାପକ)
କୋଠିଆଁ ବାରଙ୍ଗ, ମୋ: ୯୮୫୩୩୫୫୧୦୭

# ଅପମିଶ୍ରଣର ସାମ୍ରାଜ୍ୟ

ସୁଧାଂଶୁ ପାତ୍ର

ପୁଷ୍ଟିକର ଖାଦ୍ୟ ଅମୃତ ସମାନ, ଯାହାକି ଶରୀରର ସମସ୍ତ ଆବଶ୍ୟକତା ପୂରଣ କରେ ଏବଂ ସୁସ୍ଥ ସ୍ୱାସ୍ଥ୍ୟ ଗଠନରେ ସହାୟକ ହୁଏ। କିନ୍ତୁ ଆଜି ଦେଶବାସୀଙ୍କ ସୁସ୍ଥ ଓ ନିରାମୟ ଜୀବନ ଏବେ ମୁନାଫାଖୋର ଅପମିଶ୍ରଣକାରୀ ବେପାରୀଙ୍କ ହାତରେ। ଏହାର ସଦ୍ୟତମ ଉଦାହରଣ ହେଉଛି କିଛିଦିନ ତଳେ ଭେଜାଲ କଫ୍ ସିରପ୍ ଖାଇ ୨୩/୨୫ ଶିଶୁଙ୍କ ମୃତ୍ୟୁ ଘଟଣା। କେନ୍ଦ୍ର ସରକାର କଠୋର ପଦକ୍ଷେପ ନେବା ପରିବର୍ତ୍ତେ ବିଜ୍ଞପ୍ତି ଜାରି କଲେ ଯେ ୨ ବର୍ଷରୁ କମ୍ ବୟସର ଶିଶୁକୁ କଫ୍ ଶିରପ୍ ଦେବା ଉଚିତ ନୁହେଁ। ବିଜ୍ଞପ୍ତି ଜାରି କରି ସରକାର ତାଙ୍କ ଦାୟିତ୍ୱ ସାରିଦେଲେ।

ବିଜ୍ଞାନ ଓ ଟେକ୍‌ନୋଲୋଜି ବିଭାଗ ଦ୍ୱାରା ପ୍ରକାଶିତ ରିପୋର୍ଟ ଅନୁସାରେ ଦେଶର ୯୦ ପ୍ରତିଶତ ଅପମିଶ୍ରଣ ଦୁଗ୍ଧ ଏବଂ ପନିର, ଖୁଆ, ଦେଶୀ ଘିଅ ପରି ଦୁଗ୍ଧଜାତ ଦ୍ରବ୍ୟରେ ମିଳୁଛି। ବିଭିନ୍ନ ପ୍ରକାର ମାରାତ୍ମକ ଦ୍ରବ୍ୟ ମିଶ୍ରଣ ଫଳରେ ମଣିଷ ଜୀବନ ପ୍ରତି ବିପଦ ସୃଷ୍ଟି ହେଉଛି। ଦେଶରେ ଦୈନିକ ୭୫ କୋଟି ଲିଟର ଦୁଗ୍ଧର ଆବଶ୍ୟକତା ଥିବା ବେଳେ ଆମ ଦେଶରେ ମାତ୍ର ୧୫ କୋଟି ଲିଟର ଦୁଗ୍ଧ ଉତ୍ପାଦନ ହେଉଛି, ଯାହାର ଭରପୂର ଫାଇଦା ଉଠାଉଛନ୍ତି ମୁନାଫାଖୋର ଅପମିଶ୍ରଣକାରୀ ବ୍ୟବସାୟୀ। ଦୁଗ୍ଧଜାତ ଦ୍ରବ୍ୟରେ ବିଭିନ୍ନ ମାରାତ୍ମକ ସାମଗ୍ରୀ ମିଶ୍ରଣ କରି ଦେଶର ବଳକା ୫୦ ପ୍ରତିଶତ ଚାହିଦା ମେଣ୍ଟାଉଛନ୍ତି ଦଲାଲଗୋଷ୍ଠୀ। ସବୁଠାରୁ ଆଶ୍ଚର୍ଯ୍ୟ ଯେ, ଏହି ମିଶ୍ରଣ ପ୍ରକ୍ରିୟା ଟେକ୍‌ନୋଲୋଜି ବୈଜ୍ଞାନିକ ପ୍ରଣାଳୀରେ କରାଯିବା ଦ୍ୱାରା ଅସଲି ଓ ନକଲିର ପ୍ରଭେଦ ପରିଖିବା କଷ୍ଟକର। ଅପମିଶ୍ରଣର ଏହି ଗୋଲକଧନ୍ଦା ଓ ଅର୍ଥ ରୋଜଗାରର ଲାଳସାରେ ସମାଜରେ ସାମୂହିକ କ୍ଷତି ଘଟୁଛି। ଅପମିଶ୍ରିତ ଖାଦ୍ୟ ଗ୍ରହଣ ଫଳରେ ଯକୃତ, ଅଗ୍ନାଶୟ, ବୃକକ୍, ହୃତପିଣ୍ଡ ଉପରେ ସାଂଘାତିକ ପ୍ରଭାବ ପଡୁଛି।

ନିକଟ ଅତୀତରେ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ଦ୍ୱାରା ପ୍ରକାଶିତ ଏକ ରିପୋର୍ଟରେ ଭାରତରେ ବିକ୍ରି ହେଉଥିବା ୬୫ କୋଟି ଲିଟର ଦୁଗ୍ଧରୁ ୫୦ କୋଟି ଲିଟର ନକଲି ଓ ଅପମିଶ୍ରିତ ବୋଲି ଜଣାପଡ଼ିଛି। ଭାରତରେ ଉତ୍ପାଦିତ ୭୦ ପ୍ରତିଶତ ଦୁଗ୍ଧ ରାଷ୍ଟ୍ରୀୟ ଖାଦ୍ୟ ସୁରକ୍ଷାମାନ ନିୟମାବଳୀ ପୂରଣ କରିପାରୁନାହିଁ। ଦୁଗ୍ଧଜାତ ଦ୍ରବ୍ୟରେ ହିଁ ଅପମିଶ୍ରଣ ମାତ୍ରାଧିକ। ଏକଦା ଘରେଘରେ ଦୁଧିଆଳି ଗାଈ ବନ୍ଧା ଯାଉଥିଲା। ଯାହାକି ଘରଘରର ଚାହିଦା ମେଣ୍ଟାଇବା ସହ ଦୁଗ୍ଧ ବ୍ୟବସାୟ ମାଧ୍ୟମରେ ଚାଷୀ ଭାଇ ୨ ପଇସା ରୋଜଗାର କରିପାରୁଥିଲା। ମାତ୍ର ଏବେ ସମୟ ବଦଳିଛି। ବର୍ତ୍ତମାନ ଦୁଗ୍ଧ ଚାହିଦା ମେଣ୍ଟାଉଛି ଅପମିଶ୍ରିତ କୃତ୍ରିମ ଦୁଗ୍ଧ। ବିଭିନ୍ନ ପ୍ରକାର ରାସାୟନିକ ଦ୍ରବ୍ୟ ମିଶାଇ ଏହି କୃତ୍ରିମ ଦୁଗ୍ଧ ଉତ୍ପାଦନ କରାଯାଉଛି। ଏଥିପାଇଁ ଦେଶରେ ଗଢ଼ିଉଠିଛି ହଜାର ହଜାର ଉଦ୍ୟୋଗ। ସେମାନଙ୍କ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାରେ ଆବଶ୍ୟକତା ରହିଛି ଏବଂ ସମୟ ମଧ୍ୟ ଆସିଯାଇଛି।

କିଛିଦିନ ତଳେ ଦୁଗ୍ଧ ଉତ୍ପାଦନରେ ଅପମିଶ୍ରଣ ସମ୍ପର୍କରେ କରାଯାଇଥିବା ଏକ ଜନସ୍ୱାର୍ଥ ମାମଲାର ଶୁଣାଣି ବେଳେ ପଞ୍ଜାବ ସରକାରଙ୍କ ତରଫରୁ କୋର୍ଟରେ ପ୍ରଦତ୍ତ ତଥ୍ୟକୁ ଅନୁଧ୍ୟାନ କଲେ ଜଣାପଡ଼େ ଯେ, ୨୦୧୯ ଡିସେମ୍ବରରୁ ୨୦୨୪ ମଧ୍ୟରେ କେବଳ ପଞ୍ଜାବରେ ୨୧୯୧ ମାମଲାରେ ଦଣ୍ଡବିଧାନ ହୋଇଛି। ୩ କୋଟି ଲକ୍ଷ ୭୫ ହଜାର ଟଙ୍କା ଜୋରିମାନା ଆଦାୟ କରାଯାଇଛି। ଏହି ପରିପ୍ରେକ୍ଷୀରେ ପ୍ରଚଳିତ ଆଇନର ସଂଶୋଧନ ଆବଶ୍ୟକ। ଜୋରିମାନା ଆଦାୟ ସହ ଆଜୀବନ କାରାଦଣ୍ଡର ବ୍ୟବସ୍ଥା ଲାଗୁ କରାଯିବାର ସମୟ ଆସିଛି। କାରଣ ଏହି ଅପମିଶ୍ରଣ ବର୍ତ୍ତମାନ ଦୁଗ୍ଧ କିମ୍ବା ଦୁଗ୍ଧଜାତ ଉତ୍ପାଦନରେ ସୀମିତ ନାହିଁ। ଏହା ଆଇସକ୍ରିମ, ଗୋଲାପଳଳ, ଡାଲି, ବିଭିନ୍ନ ପ୍ରକାର ମସଲା, ଲଙ୍କାଗୁଣ୍ଡ, ହଳଦୀ ଗୁଣ୍ଡ ଆଦି ବିଭିନ୍ନ ପ୍ରକାର ଖାଦ୍ୟ ସାମଗ୍ରୀରେ ସାମିଲ୍ ହେଲାଣି। ଅପମିଶ୍ରଣ ବିରୋଧରେ କାର୍ଯ୍ୟାନୁଷ୍ଠାନ କେବଳ କୋହଳ ଦଣ୍ଡ ଓ ଜୋରିମାନା ଆଦାୟରେ ସୀମିତ ରହୁଥିବାରୁ ଅପମିଶ୍ରଣକାରୀ ମୁନାଫାଖୋର ବେପାରୀ ଏହାକୁ ଖାତିର ନକରି ଅଧିକ ଉତ୍ସାହିତ ହେଉଛନ୍ତି ଏବଂ ଦିନକୁ ଦିନ ଏହି ଅପରାଧର ପରିସର ବୃଦ୍ଧି ପାଉଛି। କେତେକ କ୍ଷେତ୍ରରେ ଏହାକୁ ଦୃଢ଼ ଭାବେ ଦମନ କରିବା, ଧରପଗଡ଼ କରିବା ଏବଂ ମାମଲା ରୁଜୁ କରିବା ପାଇଁ ନିୟୋଜିତ ଅଧିକାରୀ ଓ କର୍ମଚାରୀମାନଙ୍କ କୋହଳ ମନୋଭାବ, ଅଣଦେଖା ବ୍ୟବହାର ଅପରାଧ ବୃଦ୍ଧିର ଅନ୍ୟ ଏକ କାରଣ।

ଏହି ପରିପ୍ରେକ୍ଷୀରେ ବେଳ ଥାଉଥାଉ ସାବଧାନ ନ ହେଲେ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନର ଆକଳନ ସତ ହେବ। ୨୦୨୫ ଶେଷ ବେଳକୁ ୮୮ ପ୍ରତିଶତ ଭାରତୀୟ ଘାତକ ରୋଗର ଶିକାର ହେବେ। ତେଣୁ ଏହା ବିରୁଦ୍ଧରେ ଏକ ପ୍ରବଳ ଜନଜାଗରଣର ଆବଶ୍ୟକତା ସହ ଅପମିଶ୍ରଣକୁ ଦେଶରୁ ସମୂଳେ ନିପାତ କରିବା ପାଇଁ ସମସ୍ତ ରାଜ୍ୟ, ଜିଲ୍ଲା, ପଞ୍ଚାୟତସ୍ତରରେ ଯୁଦ୍ଧକାଳୀନ ଭିତ୍ତିରେ ନିୟମିତ ଚଢ଼ାଉ ସହ ଦୋଷୀଙ୍କ ବିରୁଦ୍ଧରେ ଦୃଷ୍ଟାନ୍ତମୂଳକ ପଦକ୍ଷେପ ନିଆଯିବା ଦରକାର। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ସମ୍ବିଧାନ ସ୍ତରରେ ଆଇନକୁ କଡ଼ାକଡ଼ି କରାଯାଇ ଜୋରିମାନା ସହ ଦୋଷୀଙ୍କ ବିରୋଧରେ ଆଜୀବନ କାରାଦଣ୍ଡର ବ୍ୟବସ୍ଥା ଲାଗୁ କରାଯିବା ଉଚିତ୍।

ଭୁବନେଶ୍ୱର, ମୋ: ୯୦୯୦୩୨୩୨୬୦

# ଇନ୍ଦ୍ରଦ୍ୟୁମ୍ନ ଓ ଗୁଣ୍ଡିଚାଙ୍କୁ ଶ୍ରାଦ୍ଧ

ଲୋକକଥାରେ ଲୋକଦେବତା

ସ୍ୱପ୍ନେଶ୍ୱର

ନୀଳାଚଳରେ ବିଶାଳ ମନ୍ଦିର ଏବଂ ରତ୍ନବେଦୀରେ ଚତୁର୍ଦ୍ଧାମୂର୍ତ୍ତିଙ୍କ ପ୍ରତିଷ୍ଠାପନ ଉତ୍ସବ ବ୍ରହ୍ମାଙ୍କ ପୌରୋହିତ୍ୟରେ ମହାସମାରୋହରେ ସମାପନ ହେଲା। ଦେବତାମାନେ ନିଜ ନିଜର ବାହାନ ଆରୋହଣ କରି ସ୍ୱର୍ଗପୁରକୁ ଫେରିଗଲେ। ନିମନ୍ତ୍ରିତ ଅତିଥିମାନେ ନିଜ ନିଜ ରାଜ୍ୟକୁ ବାହୁଡ଼ି ଗଲେ। ପୁରୋହିତ ବ୍ରହ୍ମା ମଧ୍ୟ ରାଜାଙ୍କୁ ଆଶୀର୍ବାଦ କରି ମେଲାଣି ନେଲେ। ଶେଷକୁ ଚତୁର୍ଦ୍ଧାମୂର୍ତ୍ତିଙ୍କ ସମ୍ମୁଖରେ କେବଳ ଦୁଇଜଣ ଦଣ୍ଡାୟମାନ ଥିଲେ - ରାଜା ଇନ୍ଦ୍ରଦ୍ୟୁମ୍ନ ଓ ରାଣୀ ଗୁଣ୍ଡିଚା।

ରାଜା ଅପଲକ ନୟନରେ ଜଗନ୍ନାଥଙ୍କ ଶ୍ରୀମୁଖକୁ ଚାହିଁ ରହିଥା'ନ୍ତି। ଧାର ଧାର ଆନନ୍ଦାଶ୍ରୁ ଆଖିରୁ ବୋହି ଚାଲିଥାଏ। 'କାହିଁ ମାଳବ କାହିଁ ଉତ୍କଳ, ସେଠାରୁ ଆସି ଶିବିର ସ୍ଥାପନ କରି ଏକସହସ୍ର ଅଶ୍ୱମେଧ ଯଜ୍ଞ କରିବା, ସୁଦୂର ବିନ୍ଧ୍ୟ ପର୍ବତରୁ ପଥର ସଂଗ୍ରହ କରି ମନ୍ଦିର ନିର୍ମାଣ କରିବା, ମହାଦାରୁରେ ବୁଢ଼ା ବଢ଼େଇ ଦ୍ୱାରା ବିଗ୍ରହ ନିର୍ମାଣ କରିବା ଓ ବ୍ରହ୍ମଲୋକରୁ ବ୍ରହ୍ମାଙ୍କୁ ଆଣି ମନ୍ଦିର ଓ ବିଗ୍ରହ ପ୍ରତିଷ୍ଠା କରିବା- ଏ ସବୁ ରାଜାଙ୍କୁ ସ୍ୱପ୍ନ ପରି ଲାଗୁଥିଲା। ସେ ବିଶ୍ୱାସ କରି ପାରୁ ନ ଥିଲେ ଯେ ଏତେସବୁ କାର୍ଯ୍ୟ ତାଙ୍କ ଦ୍ୱାରା ସମ୍ପାଦିତ ହୋଇଥିଲା। ଏହା କେବଳ ମହାପ୍ରଭୁଙ୍କ ଅପାର କରୁଣା ଯୋଗୁଁ ସମ୍ଭବ ହୋଇଥିଲା ବୋଲି ଚିନ୍ତା କରି ରାଜା ଠାକୁରଙ୍କ ଉଦ୍ଦେଶ୍ୟରେ ଭୂମିଗତ ପ୍ରଣାମ କଲେ। ରାଜାଙ୍କୁ ଦେଖି ରାଣୀ ମଧ୍ୟ ସାଷ୍ଟାଙ୍ଗ ପ୍ରଣାମ କଲେ। ଏହି ସମୟରେ ମହାପ୍ରଭୁ କହିଲେ - 'ବତ୍ସ ଇନ୍ଦ୍ରଦ୍ୟୁମ! ମୋତେ ପ୍ରତିଷ୍ଠାପନ କରି ତୁମେ ମୋର ମହାନ ଭକ୍ତମାନଙ୍କ ଭିତରେ ଅଗ୍ରଗଣ୍ୟ ହେଲ। ଜଣେ ପରମ ବୈଷ୍ଣବ ରୂପେ ଯୁଗଯୁଗକୁ ତୁମର ନାମ ସ୍ୱର୍ଣ୍ଣାକ୍ଷରରେ ଲିପିବଦ୍ଧ ହୋଇ ରହିବ। ମୁଁ ଏହି ଧାମରେ ନିତ୍ୟ ବିରାଜମାନ କରିବି। ମୁଁ ଯେପରି ଚିରନ୍ତନ ଏ ଧାମ ସେହିପରି ଚିରନ୍ତନ। ଭକ୍ତ ମୁଖରେ ତୁମର ନାମ ମଧ୍ୟ ଚିରନ୍ତନ ହେବ। ବର୍ତ୍ତମାନ ମୁଁ ତୁମକୁ ଏକ ବର ଦେବାକୁ ଚାହେଁ। ତୁମେ ତୁମର ଇଚ୍ଛାନୁସାରେ ବର ମାଗି ପାର।'

'ମହାପ୍ରଭୁ! ଏ ଅକିଞ୍ଚନକୁ ଆପଣ ସ୍ୱଦେହରେ ଦର୍ଶନ ଦେଇଛନ୍ତି। ସେତିକି ମୋ ପାଇଁ ଯଥେଷ୍ଟ। ମୋର ଆଉ କୌଣସି ବରର ଆବଶ୍ୟକତା ନାହିଁ।' ଇନ୍ଦ୍ରଦ୍ୟୁମ୍ନ ଭାବବିଗଳିତ ସ୍ୱରରେ କହିଲେ। ମହାପ୍ରଭୁ କହିଲେ- 'କିନ୍ତୁ ତୁମକୁ କିଛି ଦେବା ପାଇଁ ମୋ ମନରେ ଆଗ୍ରହ ଅଛି। ମୋର ଇଚ୍ଛା ପୂରଣ କରିବା ପାଇଁ ତୁମକୁ ମୋତେ କିଛି ମାଗିବାକୁ ପଡ଼ିବ।' ତହୁଁ ଇନ୍ଦ୍ରଦ୍ୟୁମ୍ନ କହିଲେ- 'ପ୍ରଭୁ! କିଛି ମାଗିବା ପାଇଁ ଯେବେ ମୁଁ ନିର୍ଦ୍ଦେଶିତ ହୁଏ, ତା' ହେଲେ 'ତୁମ୍ଭେ ଯେବେ ବର ଦେବ ମାଗୁଅଛି ମୁହିଁ, ମୋହର ବଂଶରେ କେହି ନ ଥିବେ ଗୋସାଇଁ / ପୁତ୍ର ନାତି ବୋଲିବେ ଯେ ଦେଉଳ ଆମ୍ଭର, ଆମ୍ଭର ବୋଇଲେ ଧର୍ମ୍ମ ଯିବ ଯେ ମୋହର।' ମହାପ୍ରଭୁ 'ତଥାସ୍ତୁ' କହି ଇନ୍ଦ୍ରଦ୍ୟୁମ୍ନଙ୍କ ବର ଦେଲେ। କିନ୍ତୁ ରାଣୀ ଗୁଣ୍ଡିଚା ରାଜାଙ୍କୁ କହିଲେ- 'ମହାରାଜ! ଆପଣ ଏ କି ବର ପ୍ରାର୍ଥନା କରି ନେଲେ? ଆମେ ଅପୁତ୍ରିକ ହେଲେ, ଆମକୁ ପୁତ୍ ନର୍କରୁ ଉଦ୍ଧାର କରିବ କିଏ? ଆମର ମରଣ ପରେ ଆମକୁ ଶ୍ରାଦ୍ଧ ଦାନ କରିବ କିଏ? ଆପଣ ଏ ବର ଫେରେଇ ନେବା ପାଇଁ ମହାପ୍ରଭୁଙ୍କୁ ପ୍ରାର୍ଥନା କରନ୍ତୁ।'

ରାଣୀଙ୍କର ଅଭିଯୋଗ ମହାପ୍ରଭୁ ଶୁଣୁଥିଲେ। ରାଜା କିଛି କହିବା ଆଗରୁ ସେ କହିଲେ- 'ମାତା! ଥରେ ବର ଦେଲା ପରେ ଆଉ ତା'ର ପରିବର୍ତ୍ତନ ସମ୍ଭବ ହୁଏ ନାହିଁ। କିନ୍ତୁ କାଳକାଳକୁ ମୁଁ ତୁମ ଦୁହିଁଙ୍କୁ ପିତାମାତା ରୂପେ ସ୍ୱୀକାର କରୁଛି ଏବଂ ମୋତେ ତୁମର ପୁତ୍ର ରୂପେ ଘୋଷଣା କରୁଛି। ମୋର ପୂର୍ବଜନ୍ମର ପିତାମାତାଙ୍କ ସହ ମୁଁ ତୁମ ଦୁହିଁଙ୍କୁ ସମାନ ଆସନ ପ୍ରଦାନ କରୁଛି। ଦେବ ଦୀପାବଳୀ ତିନିଦିନ ମୁଁ ଆପଣମାନଙ୍କୁ ଦୀପ ଓ ଶ୍ରାଦ୍ଧ ଦାନ କରିବି। ପ୍ରଥମ ଦିନ ମୋର ବାମନାବତାରର ପିତାମାତା ଅଦିତି ଓ କାଶ୍ୟପଙ୍କୁ, ଦ୍ୱିତୀୟ ଦିନ ରାମାବତାରର ପିତାମାତା ଦଶରଥ ଓ କୌଶଲ୍ୟାଙ୍କୁ ଦୀପ ଓ ଶ୍ରାଦ୍ଧ ଦାନ କରିବି। ତୃତୀୟ ଦିନ ମୁଁ ମୋର କୃଷ୍ଣାବତାରର ଜନ୍ମିତ ପିତାମାତା ବସୁଦେବ ଓ ଦେବକୀ ଏବଂ ପାଳିତ ପିତାମାତା ନନ୍ଦ ଓ ଯଶୋଦାଙ୍କ ସହ ତୁମ ଦୁଇଜଣଙ୍କୁ ଦୀପ ଓ ଶ୍ରାଦ୍ଧ ଦାନ କରିବି। ତୁମେ ଏଠାରେ ମୋତେ ପ୍ରତିଷ୍ଠାପନ କରି ଥିବାରୁ ଧର୍ମ ବିଚାରରେ ମୋର ପିତାମାତା ପଦବାଚ୍ୟ ହେଲ। ତୁମକୁ ସେ ମର୍ଯ୍ୟାଦା ପ୍ରଦାନ କରି ମୁଁ ସଂସାରକୁ ଏକ ବାର୍ତ୍ତା ଦେବାକୁ ଚାହେଁ। ତା' ପରେ ସବୁବର୍ଷ ଘୋଷଯାତ୍ରା ସମୟରେ ମୁଁ ନଅ ଦିନ ପାଇଁ ତୁମ ମନ୍ଦିରରେ ଅବସ୍ଥାନ କରି ତୁମର ମାତୃସ୍ନେହ ଲାଭ କରିବି।'

ମୋ: ୯୯୦୦୦୮୩୪୩୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ବିଧାନସଭା ପରିଦର୍ଶନ କଲେ ୧୨ଟି ଦେଶର ୪୦ ଜଣ ପ୍ରତିନିଧି

ଭୁବନେଶ୍ୱର,୧୮।୧୧(ସମିସ): ନୂଆଦିଲ୍ଲୀସ୍ଥିତ ଲୋକସଭା ସଚିବାଳୟର ସଂସଦୀୟ ଲୋକତନ୍ତ୍ର ଗବେଷଣା ଏବଂ ପ୍ରଶିକ୍ଷଣ ସଂସ୍ଥାନ(ପ୍ରାଇଡ) ପକ୍ଷରୁ ୧୨ଟି ଦେଶର ୪୦ ଜଣ ବିଦେଶୀ ପ୍ରତିନିଧି ମଙ୍ଗଳବାର ଓଡ଼ିଶା ବିଧାନସଭା ପରିଦର୍ଶନ କରିଛନ୍ତି। ଏହି ଅବସରରେ ସେମାନେ ଓଡ଼ିଶା ବିଧାନସଭାର କାର୍ଯ୍ୟପ୍ରଣାଳୀ ଏବଂ ବିଧି ବ୍ୟବସ୍ଥା ବାବଦରେ ଅବଗତ ହୋଇଛନ୍ତି। ବିଧାନସଭା ସଚିବାଳୟ ସମ୍ମିଳନୀ କକ୍ଷରେ ଏନେଇ ଏକ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିବା ବେଳେ ବାଚସ୍ପତି



ସୁରମା ପାଢ଼ୀ ଏହାକୁ ଉଦଘାଟନ କରିଥିଲେ। ଉପସ୍ଥିତ ପ୍ରତିନିଧିମାନଙ୍କୁ ବାଚସ୍ପତି ସ୍ୱାଗତ କରିବା ସହ ବିଧାନସଭାର ଗୌରବମୟ ଇତିହାସ ଓ ଏହାର କାର୍ଯ୍ୟପ୍ରଣାଳୀ ସମ୍ପର୍କରେ ବିସ୍ତୃତ ସୂଚନା ପ୍ରଦାନ କରିଥିଲେ।

୧୭ ତମ ବିଧାନସଭାର ପ୍ରଥମ ବର୍ଷରେ ମୋଟ ୭୨ ଦିନ ଅଧିବେଶନ କାର୍ଯ୍ୟ ଦିବସ ସମ୍ପାଦନ ହୋଇପାରିଛି। ଏତଦ୍‌ବ୍ୟତୀତ ଓଡ଼ିଶା ବିଧାନସଭାର ସମସ୍ତ କାର୍ଯ୍ୟ ଡିଜିଟାଇଜେସନ୍ ଏବଂ କମ୍ପ୍ୟୁଟରୀକରଣ ହେବା ସହ ନେଭା ଦ୍ୱାରା ସମସ୍ତ କାର୍ଯ୍ୟକୁ କାଗଜ ଶୂନ୍ୟ କରିବା ପାଇଁ ପ୍ରୟାସ ଜାରି ରହିଛି ବୋଲି ବାଚସ୍ପତି ଏହି ଅବସରରେ ସୂଚନା ଦେଇଥିଲେ। କାର୍ଯ୍ୟକ୍ରମରେ ସମ୍ମାନିତ ଅତିଥି ଭାବରେ ଯୋଗଦେଇ ସଂସଦୀୟ ବ୍ୟାପାର ମନ୍ତ୍ରୀ ଡ଼. ମୁକେଶ ମହାଲିଙ୍ଗ ଓଡ଼ିଶା ବିଧାନସଭାର ବିଧି ବ୍ୟବସ୍ଥା ଓ କାର୍ଯ୍ୟ ପ୍ରଣାଳୀ ସମ୍ପର୍କରେ ପ୍ରତିନିଧିମାନଙ୍କୁ ଅବଗତ କରିଥିଲେ। ବିଭିନ୍ନ ଦେଶର ଲୋକଙ୍କ ମଧ୍ୟରେ ସଂସଦୀୟ ଓ ସାଂସ୍କୃତିକ ପରମ୍ପରାର ଆଦାନ ପ୍ରଦାନ କାର୍ଯ୍ୟକ୍ରମକୁ ଆହୁରି ନିବିଡ଼ କରିବା ପାଇଁ ଡ. ମହାଲିଙ୍ଗ ପରାମର୍ଶ ଦେଇଥିଲେ। ଅନ୍ୟତମ ଅତିଥି ରାଜ୍ୟସଭା ସାଂସଦ ସୁଜିତ କୁମାର ଭାରତୀୟ ସଂସଦୀୟ ପରମ୍ପରା ଓ କାର୍ଯ୍ୟ ପ୍ରଣାଳୀ ଉପରେ ଆଲୋକପାତ କରିଥିଲେ। ଏହି କାର୍ଯ୍ୟକ୍ରମରେ ବିଧାନସଭାର ସଚିବ ସତ୍ୟବ୍ରତ ରାଉତ, ବିଧାନସଭାର ଗବେଷଣା ନିର୍ଦ୍ଦେଶକ ତ୍ରିବିକ୍ରମ ପ୍ରଧାନ, ପ୍ରଶାନ୍ତ ମଲ୍ଲିକ, ପ୍ରାଇଡର ନିର୍ଦ୍ଦେଶକ ଏବଂ ବିଧାନସଭାର ଅଧିକାରୀମାନେ ଉପସ୍ଥିତ ଥିଲେ।

### ବହୁଚର୍ଚ୍ଚିତ କେ. ଆପଲା ନାରାୟଣ ହତ୍ୟା ମାମଲା

# ପରିବାରର ୫ ଜଣଙ୍କୁ ଆଜୀବନ ସଜା

ରାୟଗଡ଼ା, ୧୮।୧୧(ସମିସ): ୨୦୧୪ ମସିହାରେ ରାୟଗଡ଼ା ସହରରେ ସଂଘଟିତ ବହୁ ଚର୍ଚ୍ଚିତ କେ. ଆପଲା ନାରାୟଣ ହତ୍ୟା ମାମଲାର ଶୁଣାଣି କରି ରାୟଗଡ଼ା ଜିଲ୍ଲା ଓ ଦୌରାଜଜ୍ କୋର୍ଟର ବିଚାରପତି ସତ୍ୟନାରାୟଣ ଷଡ଼ଙ୍ଗୀ ଗୋଟିଏ ପରିବାରର ୫ଜଣଙ୍କୁ ଦୋଷୀ ସାବ୍ୟସ୍ତ କରିବା ସହ ଆଜୀବନ କାରାଦଣ୍ଡରେ ଦଣ୍ଡିତ କରିଛନ୍ତି। ଏହାସହ ୧୦ ହଜାର ଟଙ୍କା ଲେଖାଏଁ ଜରିମାନା ଦେବାକୁ ରାୟରେ ନିର୍ଦ୍ଦେଶ ରହିଛି। ଜରିମାନା ଅନାଦେୟ ହେଲେ ଅତିରିକ୍ତ ୧ବର୍ଷ ଜେଲରେ ରହିବାକୁ ପଡ଼ିବ। ଦୋଷୀ ସାବ୍ୟସ୍ତ ହୋଇଥିବା ଆସାମୀମାନେ ହେଲେ, ପି. ସୂରିଆ ରାଓ, ପି. ଶଙ୍କର ରାଓ, ପି. ଶ୍ରୀନୁ, ପି. ତ୍ରିନାଥ ରାଓ ଏବଂ ପି. ସତ୍ୟମ୍। ୧୪ ସାକ୍ଷୀଙ୍କ ବୟାନ ଓ ପ୍ରମାଣକୁ ଭିତ୍ତି କରି ଦୀର୍ଘ ୧୧ବର୍ଷ ପରେ ଅଦାଲତ ଉପରୋକ୍ତ ରାୟ ଶୁଣାଇଛନ୍ତି। ୨୦୧୪ ଅଗଷ୍ଟ ୯ରେ ରାୟଗଡ଼ା ସହରରେ ଏହି ଜଘନ୍ୟ ହତ୍ୟାକାଣ୍ଡ ଘଟିଥିଲା। ଭାରତୀୟ ଖାଦ୍ୟ ନିଗମ (ଏଫସିଆଇ)ରେ ଖଲାସି ରୂପେ କାର୍ଯ୍ୟ କରୁଥିବା ବୁଦୁରାବଲାସାର କେ. ଆପଲା ନାରାୟଣଙ୍କୁ ଅଭିଯୁକ୍ତମାନେ ସଂଘବଦ୍ଧ ଭାବେ ଆକ୍ରମଣ କରି ହତ୍ୟା କରିଥିଲେ। ପୂର୍ବଶତ୍ରୁତାକୁ ନେଇ ଉଦୟପ୍ଲାଜା ସିନେମା ହଲ ନିକଟରେ କୁକୁଡ଼ା ଫାର୍ମଠାରେ ଏହି ହତ୍ୟାକାଣ୍ଡ ଘଟିଥିଲା। ଅଭିଯୁକ୍ତ ପି. ସୂରିଆ ରାଓ, ପି. ଶଙ୍କର ରାଓ, ପି. ଶ୍ରୀନୁ, ପି. ତ୍ରିନାଥ ରାଓ ଏବଂ ପି. ସତ୍ୟମ୍ ମିଳିତ ଭାବେ ଆକ୍ରମଣ କରିଥିଲେ। ଏହି ଘଟଣା ନେଇ ମୃତକଙ୍କ ସମ୍ପର୍କୀୟ ଏ. ରାବଣା ରାୟଗଡ଼ା ଥାନାରେ ମାମଲା ରୁଜୁ କରିଥିଲେ। ପୁଲିସ ଏକ ମାମଲା ରୁଜୁ କରି ସମସ୍ତଙ୍କୁ ଗିରଫ କରିଥିଲା। ସରକାରୀ ଓକିଲ ବିକ୍ରମ କୁମାର କୁଣ୍ଡୁ ଏହି ମାମଲା ପରିଚାଳନା କରୁଥିଲେ।

### ଠକ ଅଜିତ୍ ସହ ଆଇଏଏସ୍ ଅଧିକାରୀଙ୍କ ସହ ଘନିଷ୍ଠ ସମ୍ପର୍କ!

# ସିବିଆଇ ସ୍କାନରରେ ସରକାରଙ୍କ ବରିଷ୍ଠ ଅଧିକାରୀ

ଭୁବନେଶ୍ୱର, ୧୮ ।୧୧(ସମିସ): ଜିଏସ୍‌ଟି ରେଡ୍‌ରୁ ବଞ୍ଚାଇବା ପାଇଁ ୧୮ ଲକ୍ଷ ଟଙ୍କା ଲାଞ୍ଚ କାରବାର ଘଟଣାରେ ଅଜିତ୍ କୁମାର ପାତ୍ର ଓ ତାର ସହଯୋଗୀ ମିକୁଲାଲ୍ ଜୈନଙ୍କ ଗିରଫ ପରେ ଅନେକ ଅଫିସରଙ୍କ ମନରେ ପଶିଛି ଛନକା। ଏହି ସର୍ବଭାରତୀୟ ଠକ ସହ ରାଜ୍ୟର ଅନେକ ବରିଷ୍ଠ ଅଫିସରଙ୍କ ସମ୍ପର୍କର ସୂତ୍ର ସିବିଆଇ ହାତରେ ଲାଗିଥିବା କୁହାଯାଉଛି ଏବଂ ଜଣେ ସଚିବସ୍ତରୀୟ ଅଧିକାରୀଙ୍କ ସହ ତାଙ୍କ ଘନିଷ୍ଠ ସମ୍ପର୍କ ଥିବା ପ୍ରାଥମିକ ତଦନ୍ତରୁ ସିବିଆଇ ଜାଣିବାକୁ ପାଇଛି। ସମ୍ପୃକ୍ତ ଅଧିକାରୀ ବଲାଙ୍ଗୀର ଜିଲ୍ଲାରେ ଜମିବାଡ଼ି କିଣାରେ ଅଜିତ୍ ମଧ୍ୟସ୍ଥତା କରିଥିବା ସିବିଆଇ ସୂଚନା ପାଇଛି । ଏ ସମ୍ପର୍କରେ ସିବିଆଇ ଡିଜିଟାଲ୍ ପ୍ରମାଣ ଯୋଗାଡରେ ଲାଗିଛି ଓ ଖୁବ୍ ଶୀଘ୍ର ତାଙ୍କୁ ଜେରା ଲାଗି ନୋଟିସ ହୋଇପାରେ ବୋଲି ଏହି ସୂତ୍ରରୁ ଜଣାପଡ଼ିଛି ।

ସମ୍ପୃକ୍ତ ଅଧିକାରୀ ଜଣକ ବିଭିନ୍ନ ଜିଲ୍ଲାରେ ଜିଲ୍ଲାପାଳ ଥିବାବେଳେ ଅଜିତ ତାଙ୍କର ପାଖଲୋକ ଭାବରେ ପରିଚିତ ଥିଲା। ତାଙ୍କ ମାଧ୍ୟମରେ ସେ ଆହୁରି ଅନେକ ଆଇଏଏସ୍ ଓ ଓଏଏସ୍‌ଙ୍କ ପାଖଲୋକ ହୋଇ ପାରିଥିଲା। ବଲାଙ୍ଗିର ଜିଲ୍ଲାରେ ଜମି କିଣିଥିବା ଏହି ଅଧିକାରୀମାନଙ୍କୁ ଅଜିତ୍ ସହଯୋଗ କରିଥିଲା। ସମ୍ପୃକ୍ତ ଅଧିକାରୀ ପାଟଣାଗଡ଼ ଓ ଟିଟିଲାଗଡ଼ରେ ନିଜର ସମ୍ପର୍କୀୟଙ୍କ ନାମରେ ବହୁ ଜମି କିଣିଛନ୍ତି ଏବଂ ଏଥିରେ ଅଜିତ୍‌ର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଥିଲା। ଜମି କିଣାବିକାରୁ କୋଟିକୋଟି ଟଙ୍କା ରୋଜଗାର କରିବା ସହିତ ନିଜ ନାମରେ ମଧ୍ୟ କିଛି ପ୍ଲଟ୍ କିଣିଥିଲା। ବ୍ୟାପକ କଳା ଟଙ୍କା କାରବାର କରିବାରେ ସେ ପ୍ରମୁଖ ମାଧ୍ୟମ ସାଜିବା ସହ ବାବୁଙ୍କ ପାଖଲୋକ ଭାବେ ବିଭିନ୍ନ ଅଫିସରେ ପତିଆରା ପ୍ରଦର୍ଶନ କରୁଥିଲା। ଏପରିକି ଉଚ୍ଚଶିକ୍ଷା ବିଭାଗର ବିଭିନ୍ନ କାର୍ଯ୍ୟକ୍ରମ ପରିଚାଳନା କରିବା ଦାୟିତ୍ୱ ଅଜିତ ନିଜେ ନେଉଥିଲା କିମ୍ବା ତା ସୁପାରିଶ କ୍ରମେ ହିଁ ଅନ୍ୟ ସଂସ୍ଥାକୁ କାମ ଦିଆଯାଉଥିଲା।

**ବଲାଙ୍ଗିର ଜମି କିଣା ମାମଲାରେ ହୋଇପାରେ ଜେରା**

ଆମ୍ବସାଡ଼ାର ଗାଡ଼ି ଭଡ଼ାରୁ ନିଜ ବ୍ୟବସାୟିକ ଜୀବନ ଆରମ୍ଭ କରିଥିବା ମାଟ୍ରିକ ପଢୁଆ ଅଜିତ ନିଜ ଜାଲରେ ବରିଷ୍ଠ ଅଧିକାରୀଙ୍କୁ ବାନ୍ଧି ରଖିବାରେ ସଫଳ ହୋଇଥିଲା। ତାଙ୍କ ମା'ଙ୍କ ଶ୍ରାଦ୍ଧବାର୍ଷିକୀରେ ବହୁ ବରିଷ୍ଠ ଅଧିକାରୀଙ୍କ ସମେତ ନେତାଙ୍କ ଭିଡ଼କୁ ଏହାର ପ୍ରମାଣ ବୋଲି ମନେ କରୁଛି ସିବିଆଇ। ସବୁ ସୂତାଖିଅକୁ ଯୋଡ଼ି ସିବିଆଇ ଅଜିତ୍ ବିରୋଧରେ ପ୍ରମାଣ ଏକାଠି କରୁଛି । ଏହା ସହ କେଉଁ କେଉଁ ଅଧିକାରୀଙ୍କ ସହ ତାହାର ଘନିଷ୍ଠତା ଥିଲା, ଲୋକଙ୍କୁ ଠକିବାରେ ସେ କିପରି ନକ୍ସା ପ୍ରସ୍ତୁତ କରୁଥିଲା ତାହାର ଅନୁସନ୍ଧାନ ସହ ଅଜିତ୍‌ର ବ୍ୟାଙ୍କ କାରବାର ସମ୍ପର୍କରେ ମଧ୍ୟ ତଦନ୍ତ ଆରମ୍ଭ ହୋଇଛି। ଏହା ସହ ଅଜିତ୍ ନାମରେ ଥିବା ୨୬ଟି ପ୍ଲଟ୍ ସମ୍ପର୍କରେ ଅଧିକ ତଥ୍ୟ ସଂଗ୍ରହ କରିବା ପାଇଁ ସମ୍ପୃକ୍ତ ସଚିବସ୍ତରୀୟ ଅଧିକାରୀଙ୍କୁ ସିବିଆଇ ପଚରାଉଚରା କରିପାରେ ବୋଲି କୁହାଯାଉଛି ।

# ପୁଣି ବିଦ୍ୟୁତ୍ ଆଘାତରେ ଦନ୍ତା ମୃତ!

ରେଢ଼ାଖୋଲ, ୧୮ ।୧୧ (ସମିସ): ସମ୍ବଲପୁର ଜିଲ୍ଲା ରେଢ଼ାଖୋଲ ବନଖଣ୍ଡ ଅନ୍ତର୍ଗତ ବଡ଼ବାହାଲ ରେଞ୍ଜ ଅଧୀନ ବଡ଼କୁଡ଼ାଗ୍ରାମ ନିକଟସ୍ଥ ପାଳଦର ଜଙ୍ଗଲରୁ ଆଜି ଏକ ଦନ୍ତାହାତୀର ମୃତଦେହ ଠାବ ହୋଇଛି। ଖବର ପାଇ ରେଢ଼ାଖୋଲ ଡିଏଫ୍ଓ, ସମ୍ବଲପୁର

- ବର୍ଷକରେ ମଲେଣି ୬ ହାତୀ
- ୧୮ ତାରିଖକୁ ନେଇ ଚର୍ଚ୍ଚା

ଆରସିସିଏଫ୍ ପ୍ରମୁଖ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛନ୍ତି। ହାତୀ ମୃତ୍ୟୁର କାରଣ ସ୍ପଷ୍ଟ ହୋଇନଥିବା ବେଳେ ବାର୍‌ହା ଶିକାର ପାଇଁ ବିଛାଯାଇଥିବା ବିଦ୍ୟୁତ୍ ଫାଶରେ ପଡ଼ି ଏହି ଅଘଟଣ ଘଟିଥିବା ସନ୍ଦେହ କରାଯାଉଛି। ଭୁବେନେଶ୍ୱରରୁ ଜେଟିଏଫ୍ ଟିମ୍ ଆସିବା ପରେ ହାତୀଟିର ବ୍ୟବଚ୍ଛେଦ ହେବ। ରିପୋର୍ଟ ଆସିବା ପରେ ମୃତ୍ୟୁର କାରଣ ଜଣାପଡ଼ିବ ବୋଲି ରେଢ଼ାଖୋଲ ବନଖଣ୍ଡ ଅଧିକାରୀ ଗୋପୀନାଥ ଯାଦବ କହିଛନ୍ତି। ମୃତ ଦନ୍ତାର ଆନୁମାନିକ ବୟସ ୨୦ ବୋଲି ଜଣାପଡ଼ିଛି।

ସୂଚନାନୁଯାୟୀ, ଗତ କିଛି ଦିନ ହେବ, ରେଢ଼ାଖୋଲ ବନଖଣ୍ଡକୁ ଲାଗି ରହିଥିବା ଚାଷ ଜମିଗୁଡ଼ିକରେ ହାତୀପଲଙ୍କ ଉପଦ୍ରବ ଲାଗି ରହିଛି। ହାତୀପଲ ଦିନବେଳେ ଜଙ୍ଗଲରେ ଲୁଚି ରହୁଥିବା ବେଳେ ସଂଧ୍ୟା ବେଳେ ଜନବସତିମୁହାଁ ହେଉଛନ୍ତି। ବିଲରେ ପଶି ଧାନ ଖାଇବା ସହ ବ୍ୟାପକ ନଷ୍ଟ କରୁଛନ୍ତି। ପ୍ରାଣ ହରାଇଥିବା ଦନ୍ତାଟି କିଛି ଦିନ ହେଲା ଗୋଠଛଡ଼ା ହୋଇ ଏକୁଟିଆ ଗାଁରୁ ଗାଁ ଘୂରି ବୁଲୁଥିଲା। ତାକୁ ଦେଖିଲେ ତା'ର ସ୍ୱାସ୍ଥ୍ୟବସ୍ଥା ମଧ୍ୟ ଖରାପ ଭଳି ଲାଗୁନଥିଲା। ତେଣୁ ଆଜି ତା'ର ହଠାତ୍ ମୃତ୍ୟୁକୁ ନେଇ ସନ୍ଦେହ ସୃଷ୍ଟି ହୋଇଛି।

ଅପରପକ୍ଷେ, ଏହି ବନଖଣ୍ଡରେ ପାଖାପାଖି ବର୍ଷକ ମଧ୍ୟରେ ହାତୀଙ୍କ ମୃତ୍ୟୁ ଘଟିଥିବା ବେଳେ ସମସ୍ତଙ୍କ ମୃତ୍ୟୁ ମାସର ୧୮ ତାରିଖରେ ହୋଇଛି। ହାତୀମୃତ୍ୟୁ ସହ ୧୮ ତାରିଖର ଆକସ୍ମିକ ସଂଯୋଗ, ଏଠାରେ ଚର୍ଚ୍ଚାର ବିଷୟ ହୋଇଛି। ସୂଚନାନୁସାରେ, ନାକଟିଦେଉଳ ରେଞ୍ଜରେ ୧୮.୮.୨୦୨୪ ରେ ଚହଡ଼ପଶିରେ ଗୋଟିଏ ମାଈ ହାତୀ ବିଦ୍ୟୁତ୍ ତାର ସଂସ୍ପର୍ଶରେ ଆସି ପ୍ରାଣ ହରାଇଥିଲା। ୧୮.୧୧.୨୦୨୪ରେ ଘୁଷୁରାମାଲର ବୁରମାଲ ଜଙ୍ଗଲରେ ୩ ଟି ହାତୀ ବିଦ୍ୟୁତ୍ ଆଘାତରେ ପ୍ରାଣ ହରାଇଥିଲେ। ଆଜି ପୁଣି ୧୮ ନଭେମ୍ବର ୨୦୨୫ରେ ଗୋଟିଏ ଦନ୍ତାହାତୀର ପ୍ରାଣ ଯାଇଛି। ତେବେ ଏ ସଂପର୍କରେ ଡିଏଫ୍ଓ କହିଛନ୍ତି ଯେ ଏହା ସଂଯୋଗମାତ୍ର ହୋଇପାରେ। ତାରିଖ ସହ ହାତୀମୃତ୍ୟୁର କୌଣସି କାରଣ ନାହିଁ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଜୁଆରେ ହାରିଲେ...

କରିଥିଲେ ବୋଲି ମହିଳା ଅଭିଯୋଗ କରିଛନ୍ତି। ଯୌତୁକ ଆଣି ନଥିବାରୁ ଶଶୁର ବାରମ୍ବାର ଦୁଷ୍କର୍ମ କରୁଥିଲେ ବୋଲି ମହିଳା ଜଣକ ଥାନରେ ଅଭିଯୋଗ କରିଛନ୍ତି। ଏହାପରେ ଗର୍ଭପାତ କରିବାକୁ ଶଶୁର ଘର ଲୋକ ବାରମ୍ବାର ଚାପ ପକାଉଥିଲେ। ତାଙ୍କ ଉପରକୁ ଏସିଡ୍ ମାଡ଼ କରି ହତ୍ୟା କରିବାକୁ ପ୍ରୟାସ କରାଯାଇଥିଲା। କିନ୍ତୁ ସେ କୌଣସି ପ୍ରକାରେ ସେଠାରୁ ମୁକୁଳି ବାପାଘରକୁ ପଳାଇ ଆସିଥିଲେ। ବାପଘର ଲୋକଙ୍କ ସହାୟତାରେ ସେ ଥାନାରେ ଏ ନେଇ ଅଭିଯୋଗ କରିଛନ୍ତି। ମାମଲା ପ୍ରତ୍ୟାହାର କରିବାକୁ ଶାଶୂଘର ଲୋକେ ତାଙ୍କ ବାପାଙ୍କ ଉପରେ ଚାପ ପ୍ରୟୋଗ କରୁଛନ୍ତି ବୋଲି ସେ କହିଛନ୍ତି। ପୁଲିସ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି ।

### ଆନ୍ଧ୍ରରେ ହେବ...

କମ୍ପୋଜିଟ୍ ଷ୍ଟ୍ରକଚର ତିଆରି କରାଯିବ। ସମ୍ପୂର୍ଣ୍ଣ କାର୍ଯ୍ୟକ୍ଷମ ହେବା ପରେ ଏହି କ୍ଲଷ୍ଟରରୁ ବାର୍ଷିକ ୧୦୦୦ଟି ପରବର୍ତ୍ତୀ ପିଢ଼ିର ବିମାନ ଉତ୍ପାଦନ କରାଯାଇପାରିବ। ଘୋଷଣାର ଦୁଇ ବର୍ଷ ମଧ୍ୟରେ ଆନ୍ଧ୍ରପ୍ରଦେଶରେ ପ୍ରଥମ ଡ୍ରୋନ୍ ଟ୍ୟାକ୍ସି ଆରମ୍ଭ ହେବ। ଏହି ପ୍ରକଳ୍ପ ୨୦୨୭ ସୁଦ୍ଧା ୪୦ଟି ସ୍ୱତନ୍ତ୍ର ନିଯୁକ୍ତି ଏବଂ ୧୪୦ଟି ପରୋକ୍ଷ ନିଯୁକ୍ତି ସୃଷ୍ଟି କରିବ। ଏହା ଉନ୍ନତ ଉତ୍ପାଦନ, ମହାକାଶ କ୍ଷେତ୍ରରେ ନବସୃଜନ ଏବଂ ଗ୍ରୀନ ଟେକ୍ନୋଲୋଜି କ୍ଷେତ୍ରରେ ଉଚ୍ଚ-ମୂଲ୍ୟର ନିଯୁକ୍ତି ସୃଷ୍ଟି କରିବ। ଏହି ପ୍ରକଳ୍ପ ଦ୍ୱାରା ଆନ୍ଧ୍ରପ୍ରଦେଶ ଏୟାର ଟ୍ୟାକ୍ସିର ଉତ୍ପାଦନର ରାଜଧାନୀ ହେବ। ଦୀର୍ଘକାଳୀନ ହିସାବରେ ଦେଖିଲେ ବିଶାଳ ଫ୍ରାଙ୍କି ହଜାର ହଜାର ନିଯୁକ୍ତି ସୃଷ୍ଟି କରିବ। ଆଉ ଏହା ସ୍ଥାନୀୟ ଅର୍ଥନୀତିକୁ ବୃଦ୍ଧି କରିବ।

### ଏସ୍‌ସିବିରେ ଲଜ୍ଜା...

ଏତଲା ଦେଇଥିଲେ। ଏହାପରେ ଏସ୍‌ସିବି ପରିସରରେ ପୁଲିସ ଚଢ଼଼ଉ କରି ଅଭିଯୁକ୍ତ ୱାର୍ଡ ଆଟେଣ୍ଡାଣ୍ଟ ମାନସକୁ ଗିରଫ କରିଥିଲା। ତାକୁ ଜେରା କରିବା ସମୟରେ ସେ ପୁଲିସ ସାମ୍ନାରେ ନିଜର ଅପରାଧ ସ୍ୱୀକାର କରିଥିବା ଜଣାପଡ଼ିଛି। ମାତ୍ରାଧିକ ମଦ୍ୟପାନ କରି ସେ ସମ୍ପୃକ୍ତ ଯୁବତୀଙ୍କୁ ଅସଦାଚରଣ କରିଛି ବୋଲି ପୁଲିସ ସାମ୍ନାରେ କହିଛି। ଅନ୍ୟପଟେ ଘଟଣା ସମ୍ପର୍କରେ ଏସ୍‌ସିବି ଅତିରିକ୍ତ ଅଧୀକ୍ଷକ ଜ୍ୟୋତିର୍ମୟ ନାୟକଙ୍କୁ ପଚାରିବାରୁ ସେ କହିଛନ୍ତି, ଅଭିଯୁକ୍ତ ବିରୋଧରେ ଆଇନ ଅନୁଯାୟୀ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ତାକୁ ଚାକିରିରୁ ବହିଷ୍କାର କରାଯିବା ପରେ ଆଗାମୀ ଦିନରେ ପ୍ରତ୍ୟେକ ଆଇସିୟୁ ଉପରେ ସ୍ୱତନ୍ତ୍ର ଧ୍ୟାନ ଦିଆଯିବ ବୋଲି ସେ କହିଛନ୍ତି।

### ଅମାନିଆ ବାବୁଙ୍କ...

ଉତ୍ତରଦାୟୀ ରହିବେ? ପଠାଣି ସାମନ୍ତଙ୍କ ଜୟନ୍ତୀ ଅବସରରେ ଖଣ୍ଡପଡ଼ାଠାରେ ଏକ ପ୍ଲାନେଟୋରିୟମ ପ୍ରତିଷ୍ଠା ପାଇଁ ମୁଁ ନିଜେ ପ୍ରତିଶ୍ରୁତି ଦେଇଥିଲି। ଏଦିଗରେ ନୟାଗଡ ଜିଲ୍ଲାପାଳ କ'ଣ ପଦକ୍ଷେପ ନେଇଛନ୍ତି ? ଗୋଦାବରୀଶ ମିଶ୍ର ଆଦର୍ଶ ପ୍ରାଥମିକ ବିଦ୍ୟାଳୟ ପାଇଁ ସରକାର ୨୦୨୫-୨୬ ଆର୍ଥିକ ବର୍ଷ ବଜେଟରେ ୨୯୬୦ କୋଟି ଟଙ୍କା ବରାଦ କରିଛନ୍ତି। ମାତ୍ର ଏଯାବତ୍ ଅଳ୍ପ କିଛି ବିଦ୍ୟାଳୟର ଭିତ୍ତିପ୍ରସ୍ତର ହୋଇଥିବା ବେଳେ ଯୋଜନାଟି ସଠିକ୍ ଭାବେ କାର୍ଯ୍ୟକାରୀ ହୋଇପାରି ନାହିଁ। ବାବଦ ଅର୍ଥ ଆଗାମୀ ୪-୫ ମାସ ମଧ୍ୟରେ କିପରି ଖର୍ଚ୍ଚ ହେବ, ତାହା ଆମ ପାଇଁ ବଡ଼ ଆହ୍ୱାନ। ଅନୁରୂପ ଭାବରେ ମୁଖ୍ୟମନ୍ତ୍ରୀ କନ୍ୟା ବିବାହ ଯୋଜନା, ଶ୍ରୀଜଗନ୍ନାଥ ଦର୍ଶନ ଯୋଜନା ପରି ଜନକଲ୍ୟାଣକାରୀ ଯୋଜନା ଆଜିଯାଏଁ ଆରମ୍ଭ ହୋଇପାରିଲା ନାହିଁ। ଏହାକୁ କିପରି କାର୍ଯ୍ୟକାରୀ କରାଯିବ, ତାହା ବର୍ତ୍ତମାନ ବଡ଼ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ବଜେଟ ଗୃହୀତ ହେବାକୁ ୮ ମାସ ପୂରି ସାରିଥିବା ବେଳେ ଆଉ ୪ ମାସ ପରେ ଆର୍ଥିକ ବର୍ଷ ସରିବାକୁ ଯାଉଛି। ଏଭଳି ଯୋଜନା ପାଇଁ ଯଦି ଦିଶା, ନିର୍ଦ୍ଦେଶ ପ୍ରସ୍ତୁତ ହୋଇପାରୁନାହିଁ, ତାହେଲେ ଜିଲ୍ଲାପାଳ ଏହାକୁ କିପରି କାର୍ଯ୍ୟକାରୀ କରିବେ ବୋଲି ମୁଖ୍ୟମନ୍ତ୍ରୀ ପ୍ରଶ୍ନ କରିଛନ୍ତି । ଏହା ସହ ସରକାରୀ ଯୋଜନା ଯେପରି ତୃଣମୂଳସ୍ତରରେ କାର୍ଯ୍ୟକାରୀ ହେବ, ସେ କ୍ଷେତ୍ରରେ ତତ୍ପରତା ପ୍ରକାଶ କରିବାର ସର୍ବାଧିକ ଆବଶ୍ୟକତା ଅଛି ବୋଲି ଉଲ୍ଲେଖ କରି ମୁଖ୍ୟ ସଚିବ ଏବଂ ଉନ୍ନୟନ କମିଶନର ବିଭିନ୍ନ ପ୍ରକଳ୍ପର ସମୟ ଅନୁସାରେ ସମୀକ୍ଷା କରନ୍ତୁ ବୋଲି ମୁଖ୍ୟମନ୍ତ୍ରୀ ନିର୍ଦ୍ଦେଶ ଦେଇଛନ୍ତି। ପୁନଶ୍ଚ ନିଜ ଅଭିଭାଷଣରେ ମାର୍ଚ୍ଚ ସିଣ୍ଡ୍ରୋମ ପ୍ରସଙ୍ଗ ମଧ୍ୟ ଉତ୍ଥାପନ କରିଛନ୍ତି ମୁଖ୍ୟମନ୍ତ୍ରୀ। ସେ କହିଛନ୍ତି ଯେ ମାର୍ଚ୍ଚ ମାସ ସିଣ୍ଡ୍ରୋମର ଅର୍ଥ ହେଉଛି ବର୍ଷ ସାରା କାମକୁ କଚ୍ଛପ ଗତିରେ ଚଳାଇବା ଏବଂ ମାର୍ଚ୍ଚ ମାସକୁ ଲକ୍ଷ୍ୟ ରଖି ନଭେମ୍ବର-ଡିସେମ୍ବରରୁ କାର୍ଯ୍ୟ ବେଗ ବଢ଼ାଇବା। ଏହି ମାସରୁ ମାର୍ଚ୍ଚ ମାସ ମଧ୍ୟରେ ଆବଣ୍ଟିତ ଅର୍ଥ ଖର୍ଚ୍ଚ କରିବାକୁ ଚେଷ୍ଟା କରାଯାଏ। ମାତ୍ର ଏହା ସମ୍ଭବ ପର ହୋଇପାରୁ ନାହିଁ। ଏହାଦ୍ୱାରା କାର୍ଯ୍ୟର ଗୁଣାତ୍ମକ ମାନ ହ୍ରାସ ପାଉଛି। ଏମିତି କଲେ ଆମେ ଆମ ଲକ୍ଷ୍ୟ ୨୦୩୬ ପ୍ରାପ୍ତ କରିପାରିବା ନାହିଁ। ଏହାକୁ ଆଗାମୀ ଦିନରେ ବନ୍ଦ କରିବା ଦରକାର ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ସେହିପରି ତୃଣମୂଳସ୍ତରରେ ବିଭିନ୍ନ ଯୋଜନା କାର୍ଯ୍ୟାନ୍ୱୟନରେ ଜିଲ୍ଲା ଜିଲ୍ଲା ମଧ୍ୟରେ ବହୁ ପାର୍ଥକ୍ୟ ରହୁଥିବା ନେଇ ମୁଖ୍ୟମନ୍ତ୍ରୀ ଅସନ୍ତୋଷ ବ୍ୟକ୍ତ କରିଛନ୍ତି । ମୁଖ୍ୟମନ୍ତ୍ରୀ କୁକୁଡା ପାଳନ ଯୋଜନା ୩୦ ଜିଲ୍ଲାରେ କାର୍ଯ୍ୟକାରୀ କରାଯାଉଛି। ମାତ୍ର କେଉଁଠି ଯୋଜନା ୮୦ ପ୍ରତିଶତ ସଫଳତାର ସହ କାର୍ଯ୍ୟକାରୀ ହୋଇଥିବା ବେଳେ କେଉଁ ଜିଲ୍ଲାରେ ୨୦ ପ୍ରତିଶତ କାର୍ଯ୍ୟକାରୀ ହୋଇଛି। ତେଣୁ ଅଧିକାରୀମାନେ ଏନେଇ ଉତ୍ତରଦାୟିତ୍ୱ ନିଅନ୍ତୁ। ତୃଣମୂଳସ୍ତରକୁ ନିୟମିତ ଗସ୍ତ କରି ଯୋଜନାର କାର୍ଯ୍ୟାନ୍ୱୟନରେ ଆଉଟଷ୍ଟାଣ୍ଡିଂ ସ୍ତରରେ ପହଞ୍ଚିବାକୁ ପଡ଼ିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

### କୁଖ୍ୟାତ ମାଓନେତା...

ନିପାତ କରିବା ପାଇଁ ସୁରକ୍ଷାବାହିନୀକୁ ୩୦ ତାରିଖ ପର୍ଯ୍ୟନ୍ତ ସମୟ ଦେଇଥିଲେ। ଏହା ପରେ ଆନ୍ଧ୍ର, ଛତିଶଗଡ଼ ଏବଂ ତେଲଙ୍ଗାନା ସୀମା ସ୍ଥିତି ମରେଡିମିଲ୍ଲିର ଘନ ଜଙ୍ଗଲରେ ତଲାସୀ ଅଭିଯାନ ଆରମ୍ଭ କରାଯାଇଥିଲା। ମାତ୍ର କଣ୍ଟ ସରିବାର ୧୨ ଦିନ ପୂର୍ବରୁ ସୁରକ୍ଷାବାହିନୀକୁ ଏହି ସଫଳତା ମିଳିଛି। ଗତ ୨ ଦଶନ୍ଧି ମଧ୍ୟରେ ହିଡ଼ମା ଜଙ୍ଗଲରେ ରହି ସୁରକ୍ଷାବାହିନୀ ଉପରେ କ୍ରମାଗତ ଭାବେ ଆକ୍ରମଣ କରୁଥିଲା। ସେ ୨୬ରୁ ଅଧିକ ବଡ଼ ଆକ୍ରମଣର ମାଷ୍ଟରମାଇଣ୍ଡ ଥିଲା। ଏଗୁଡ଼ିକ ମଧ୍ୟରେ ୨୦୧୦ ଦାନ୍ତେୱାଡ଼ା ଆକ୍ରମଣ ସାମିଲ ଥିଲେ। ଏଥିରେ ୭୬ ସିଆରପିଏଫ ଯବାନ ପ୍ରାଣ ହରାଇଥିଲେ। ଏହା ବ୍ୟତୀତ ୨୦୧୩ର ଝିରମ ଘାଟୀରେ ଚାରିପଟୁ ଘେରି ଆକ୍ରମଣ କରାଯାଇଥିଲା। ଏହି ଆକ୍ରମଣରେ ୨୭ ଜଣଙ୍କ ଜୀବନ ଯାଇଥିଲା। ୨୦୨୧ରେ ସୁକମା-ବିଜାପୁରରେ ମଧ୍ୟ ଏଭଳି ଆକ୍ରମଣ କରାଯାଇ ୨୧ ଯବାନଙ୍କୁ ହତ୍ୟା କରାଯାଇଥିଲା। ହିଡ଼ମାକୁ ମାରିବା ପରେ ସ୍ୱରାଷ୍ଟ୍ରମନ୍ତ୍ରୀ ଫୋନରେ ସୁରକ୍ଷାବାହିନୀ ସହ କଥା ହୋଇ ଶୁଭେଚ୍ଛା ଜଣାଇଛନ୍ତି। ୧୯୮୧ରେ ମଧ୍ୟପ୍ରଦେଶର ସୁକମାରେ ଜନ୍ମିତ ହିଡ଼ମା ପିପୁଲ୍ସ ଲିବରେସନ ଗରିଲା ଆର୍ମୀର ନେତୃତ୍ୱ ନେଉଥିଲା। ସେ ସିପିଆଇ ମାଓବାଦୀର ପ୍ରମୁଖ ନିଷ୍ପତ୍ତି ନେଉଥିବା ସଂଗଠନ କେନ୍ଦ୍ରୀୟ କମିଟିରେ ମଧ୍ୟ ସାମିଲ ହୋଇଥିଲା। ସେ ଏହି ସଂଗଠନର ସବୁଠାରୁ ଯୁବ ଏବଂ ବସ୍ତର କ୍ଷେତ୍ରର ଏକମାତ୍ର ସଦସ୍ୟ ଥିଲା। ହିଡ୍‌ମା ମୁଣ୍ଡ ଉପରେ ୫୦ ଲକ୍ଷ ଟଙ୍କା ପୁରସ୍କାର ଘୋଷଣା କରାଯାଇଥିଲା। ହିଡ୍‌ମାର ହତ୍ୟା ମାଓବାଦୀ ସଂଗଠନ ପାଇଁ ବଡ଼ ଝଟ୍‌କା ସାବ୍ୟସ୍ତ ହୋଇପାରେ। ସୁରକ୍ଷାବାହିନୀର କାର୍ଯ୍ୟାନୁଷ୍ଠାନ ପାଇଁ ସଦସ୍ୟ ଅଭାବ ସମସ୍ୟାର ସମ୍ମୁଖୀନ ହେଉଥିବା ମାଓବାଦୀଙ୍କ ନିମନ୍ତେ ଆତ୍ମସମର୍ପଣ ବ୍ୟତୀତ ଆଉ କିଛି ବାଟ ନାହିଁ ବୋଲି କୁହାଯାଉଛି। ପୂର୍ବରୁ ମଧ୍ୟ ଅନେକ ସଦସ୍ୟ ଆତ୍ମସମର୍ପଣ କରି ମୁଖ୍ୟ ଧାରାକୁ ଫେରିଛନ୍ତି।

### ଅକାଠୁଆ ଶୀତ...

ଆସନ୍ତା ୭ଦିନ ଯାଏଁ ପାଗ ମୁଖ୍ୟତଃ ଶୁଖିଲା ରହିବ। ଏହାସହ ୩ଦିନ ମଧ୍ୟରେ ରାଜ୍ୟରେ ତାପମାତ୍ରା ୨-୩ ଡିଗ୍ରୀ ବଢ଼ିବ। ସାମାନ୍ୟ ତାପମାତ୍ରା ବଢ଼ିଲେ ମଧ୍ୟ ଶୀତର ପ୍ରକୋପ ଜାରି ରହିବ ବୋଲି ପୂର୍ବାନୁମାନ କରାଯାଇଛି।

ଶ୍ରୀଲଙ୍କା ଉପକୂଳ ଦକ୍ଷିଣ-ପଶ୍ଚିମ ସମୁଦ୍ରରେ ସୃଷ୍ଟି ହୋଇଥିବା ଲଘୁଚାପ କ୍ଷେତ୍ର ପ୍ରଭାବରେ ଆଗାମୀ ୨୨ ତାରିଖ ଯାଏଁ ଦେଶର ବିଭିନ୍ନ ସ୍ଥାନରେ ବିଶେଷକରି ଦକ୍ଷିଣ ଭାରତରେ ବର୍ଷା ଆଶଙ୍କା ରହିଛି। ୨୨ ତାରିଖ ଯାଏଁ ତାମିଲନାଡୁରେ ପ୍ରବଳ ବର୍ଷା ହେବାକୁ ଥିବା ବେଳେ ୨୦ ତାରିଖ ଯାଏଁ କେରଳରେ ପ୍ରବଳ ବର୍ଷା ହୋଇପାରେ। ସେହିପରି ଉପକୂଳ ଆନ୍ଧ୍ରପ୍ରଦେଶରେ ବୁଧବାର ପର୍ଯ୍ୟନ୍ତ ବର୍ଷା ହେବାକୁ ଥିବା ବେଳେ ଆଣ୍ଡାମାନ ଓ ନିକୋବର ଦ୍ୱୀପପୁଞ୍ଜରେ କାଲିଠାରୁ ୨୧ତାରିଖ ଯାଏଁ ପ୍ରବଳ ବର୍ଷା ହେବ ବୋଲି ପାଣିପାଗ ବିଭାଗ ପୂର୍ବାନୁମାନ କରିଛି। ଗତ ୨୪ଘଣ୍ଟାରେ ରାଜ୍ୟରେ ଘୁ.ଉଦୟଗିରିରେ ରାଜ୍ୟର ସର୍ବନିମ୍ନ ତାପମାତ୍ରା ରେକର୍ଡ କରାଯାଇଛି। ଏଠାରେ ତାପମାତ୍ରା ୫.୩ ଡିଗ୍ରୀ ରେକର୍ଡ ହୋଇଥିବା ବେଳେ ସେମିଳିଗୁଡ଼ାରେ ୭.୭, ଦାରିଙ୍ଗବାଡ଼ି ଓ ଫୁଲବାଣୀରେ ୮, ଅନୁଗୁଳରେ ତାପମାତ୍ରା ୯.୮ ଡିଗ୍ରୀ ରେକର୍ଡ କରାଯାଇଛି।

### ସୁଶୀଲ ନୂଆ...

ମନୋଜ ସାହୁ 'ବସୁଦେବ', କାମରାଜ ଭୋଇ 'ନାରଦ', ଆର୍ତ୍ତତ୍ରାଣ ମହାପାତ୍ର 'ଉଗ୍ରସେନ', ହିମାଂଶୁ ସାହୁ 'ଚାଣୁର' ଏବଂ ପ୍ରଭାସ ତ୍ରିପାଠୀ 'ମୁଷ୍ଟିକ' ଭୂମିକାରେ ଅବତୀର୍ଣ୍ଣ ହେବେ। ୧୯୬୯ ମେ' ୨୯ରେ ଭେଡେନ୍ ବ୍ଲକ୍, ଚିଚିଣ୍ଡା ଗାଁର ଏକ ବୁଣାକାର ପରିବାରରେ ଜନ୍ମିତ ସୁଶୀଲ ଅନେକ ପୌରାଣିକ, କାଳ୍ପନିକ, ସାମାଜିକ ଏବଂ ସମ୍ବଲପୁରୀ ନାଟକରେ ଖଳନାୟକ ଭୂମିକାରେ ଅଭିନୟ କରିଛନ୍ତି। ୧୯୯୭ ମସିହାରେ ଚିଚିଣ୍ଡାର ବିରାଟ ଧନୁଯାତ୍ରା ମହୋତ୍ସବରେ ସେ ମହାମନ୍ତ୍ରୀ ଭୂମିକାରେ ଅଭିନୟ କରିଥିଲେ। ୬ ବର୍ଷ ପରେ ନୂଆପାଲି, ଭଟଲିର ବିରାଟ ଧନୁଯାତ୍ରାରେ କଂସ ଭୂମିକାରେ ଅବତୀର୍ଣ୍ଣ ହୋଇଥିଲେ। ଓଡ଼ିଶାର ୮ଟି ଜିଲ୍ଲା ତଥା ବରଗଡ଼, ସମ୍ବଲପୁର, ସୁବର୍ଣ୍ଣପୁର, ବୌଦ୍ଧ, ଝାରସୁଗୁଡ଼ା, ବଲାଙ୍ଗିର, କଳାହାଣ୍ଡି, ନୂଆପଡ଼ାରେ କଂସ ଭୂମିକାରେ ଅଭିନୟ କରିଆସିଛନ୍ତି। ରାଜ୍ୟ ବାହାରେ ଛତିଶଗଡ଼ରେ ମଧ୍ୟ ଅଭିନୟ କରିଛନ୍ତି। କଂସ, ରାବଣ, ମହିଷାସୁର, ତ୍ରିପୁରାସୁର, ତାରକାସୁର, ଜଳନ୍ଧର, ହରଣ୍ୟକଶିପୁ, କଳାପାହାଡ଼, ଶନିଦେବ, ମୁରାସୁର, କିଚକ ଆଦି ଭୂମିକାରେ ଦୀର୍ଘ ୨୪ବର୍ଷ ହେବ ଅଭିନୟ କରିଆସୁଛନ୍ତି। ମଞ୍ଚ ଅଭିନୟ ବ୍ୟତୀତ ସମ୍ବଲପୁରୀ ଚଳଚ୍ଚିତ୍ର ବା ଆଲବମରେ ମଧ୍ୟ ତାଙ୍କୁ ଦେଖିବାକୁ ମିଳିଥିଲା। କଲି ଯୁଗର୍ ଧନୁଯାତ୍ରା, ସମଲେଇ ଭଜନ, ସବ୍ୟସାଚୀ ମହାପାତ୍ରଙ୍କ ଦ୍ୱାରା ନିର୍ଦ୍ଦେଶିତ ସମ୍ବଲପୁରୀ କୋଶଳୀ ଚଳଚ୍ଚିତ୍ର ଆଦିମ୍ ବିଚାର୍, ଶଳାବୁଢ଼ାର ବଦଲା, ଓଡ଼ିଆ ଚଳଚ୍ଚିତ୍ର ରାଣ୍ଡି ପୁଅ ଅନନ୍ତାରେ ଆଦିରେ ଅଭିନୟ କରିଛନ୍ତି।


यूनियन बैंक ऑफ इंडिया Union Bank of India
भारत सरकार का उपक्रम A Government of India Undertaking

**ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ**
କ୍ଷେତ୍ରୀୟ କାର୍ଯ୍ୟାଳୟ: ଭୁବନେଶ୍ୱର
୩/୧ଏ, ସିଭିକ୍ ସେଣ୍ଟର, ଆଇଆରସି ଭିଲେଜ,
ନୟାପଲ୍ଲୀ, ଭୁବନେଶ୍ୱର-୭୫୧୦୧୫

**ଡିମାଣ୍ଡ ନୋଟିସ୍**

**ସିକ୍ୟୁରିଟି ଇଣ୍ଟରେଷ୍ଟର ଏନ୍‌ଫୋର୍ସମେଣ୍ଟ ନିମନ୍ତେ ସରଫେଶୀ ଆକ୍ଟ ୨୦୦୨ର ଧାରା ୧୩(୨) ଅନୁଯାୟୀ ନୋଟିସ୍**

**ବିଷୟ: ସିକ୍ୟୁରିଟାଇଜେସନ୍ ଆଣ୍ଡ୍ ରିକନ୍‌ଷ୍ଟ୍ରକସନ୍ ଅଫ୍ ଫାଇନାନ୍‌ସିଆଲ ଆସେଟ୍ସ ଆଣ୍ଡ୍ ଏନ୍‌ଫୋର୍ସମେଣ୍ଟ ଅଫ୍ ସିକ୍ୟୁରିଟି ଇଣ୍ଟରେଷ୍ଟ ଆକ୍ଟ, ୨୦୦୨ର ଧାରା ୧୩(୩) ସହିତ ଧାରା ୧୩(୨) ଅନୁଯାୟୀ ନୋଟିସ୍**

ଆମେ ନିମ୍ନଲିଖିତ ଋଣଗ୍ରହୀତା/ବନ୍ଧକଦାତା/ଗ୍ୟାରେଣ୍ଟିଦାତାମାନଙ୍କୁ ଜଣାଇ ଦେଉଛୁ କି ସେମାନେ ଆମର **ପୁବାଶାସନ ଶାଖାରୁ** ନିମ୍ନଲିଖିତ ଋଣ ସୁବିଧା ଉପଲବ୍ଧ କରିଛନ୍ତି ଏବଂ ସେମାନେ ବକେୟା ଦେୟ / କିସ୍ତି / ସୁଧ ପରିଶୋଧ କରିନଥିବାରୁ ଭାରତୀୟ ରିଜର୍ଭ ବ୍ୟାଙ୍କର ନିର୍ଦ୍ଦେଶାବଳୀ ଅନୁସାରେ ସେମାନଙ୍କର ନିମ୍ନଲିଖିତ ଆକାଉଣ୍ଟ ଏନ୍‌ପିଏ ଶ୍ରେଣୀଭୁକ୍ତ ହୋଇଛି। କ୍ଷମତାପ୍ରାପ୍ତ ଅଧିକାରୀଙ୍କ ଦ୍ୱାରା ସରଫେଶୀ ଆକ୍ଟ, ୨୦୦୨ର ଧାରା ୧୩(୨) ଅନୁଯାୟୀ **ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ, ପୁବାଶାସନ ଶାଖାର** ଋଣଗ୍ରହୀତା/ବନ୍ଧକଦାତା/ଗ୍ୟାରେଣ୍ଟିଦାତାମାନଙ୍କୁ ବ୍ୟାଙ୍କ ଦେୟ ପଇଠ କରିବା ନିମନ୍ତେ ଡ଼ିମାଣ୍ଡ ନୋଟିସ୍ ଜାରି କରାଯାଇଥିଲା କିନ୍ତୁ ନିମ୍ନଦର୍ଶିତ ପକ୍ଷମାନଙ୍କୁ ତାହା ପ୍ରଦାନ କରାଯାଇପାରିନଥିଲା। ତେଣୁ ଏହି ପ୍ରକାଶନଟି ସମସ୍ତ ପକ୍ଷଙ୍କୁ ଏକ ବିକଳ୍ପ ସେବା ଅଟେ। ସେମାନଙ୍କର ଆକାଉଣ୍ଟର ମୋଟ ବକେୟା ପରିମାଣ ନିମ୍ନ ଦର୍ଶିତ ସ୍ତମ୍ଭରେ ଦର୍ଶାଯାଇଛି। ସବିଶେଷ ବିବରଣୀ ନିମ୍ନରେ ପ୍ରଦତ୍ତ:

| ଶାଖା / ଋଣଗ୍ରହୀତା/ବନ୍ଧକଦାତା/ ଗ୍ୟାରେଣ୍ଟିଦାତାମାନଙ୍କ ନାମ ଓ ଠିକଣା | ଋଣ ପ୍ରକାର | ଏନ୍‌ପିଏ ତାରିଖ /ଡିମାଣ୍ଡ ତାରିଖ / ମୋଟ ବକେୟା | ସମ୍ପତ୍ତିଗୁଡ଼ିକର ବିବରଣୀ |
|---|---|---|---|
| **ପୁବାଶାସନ ଶାଖା /** **ଋଣଗ୍ରହୀତାମାନେ: ୧) ମେସର୍ସ ଲିଙ୍ଗରାଜ ଫ୍ଲାଏ ଆଶ୍ ବ୍ରିକ୍ସ, ସ୍ୱତ୍ୱାଧିକାରୀ: ଶ୍ରୀ ଆଶିଷ କୁମାର ସାହୁ, ୨) ଶ୍ରୀ ଆଶିଷ କୁମାର ସାହୁ,** ପିତା: ଯୋଗେନ୍ଦ୍ର ସାହୁ, ଉଭୟଙ୍କ ଠିକଣା- ପ୍ଲଟ୍ ନଂ.: ୩୪/୨୧୮୯, ସା: ଉତ୍ତରା, ଡେଲ୍ଟା କଲୋନୀ, କୌଶଲ୍ୟାଗଙ୍ଗ, ପୁବାଶାସନ, ପିପିଲି, ଜିଲ୍ଲା: ପୁରୀ, ଓଡ଼ିଶା-୭୫୨୦୦୨ / **ବନ୍ଧକଦାତା/ ଗ୍ୟାରେଣ୍ଟିଦାତା: ଶ୍ରୀ ଯୋଗେନ୍ଦ୍ର ସାହୁ,** ପିତା: ୰ କୃଷ୍ଣ ଚନ୍ଦ୍ର ସାହୁ, ପ୍ଲଟ୍ ନଂ.: ୩୪/୨୧୮୯, ସା: ଉତ୍ତରା, ଡେଲ୍ଟା କଲୋନୀ, କୌଶଲ୍ୟାଗଙ୍ଗ, ପୁବାଶାସନ, ପିପିଲି, ଜିଲ୍ଲା: ପୁରୀ, ଓଡ଼ିଶା-୭୫୨୦୦୨ | କ୍ୟାଶ କ୍ରେଡିଟ୍ | ୨୬.୦୮.୨୦୨୫ / ୧୦.୦୯.୨୦୨୫ / ୩୧.୦୮.୨୦୨୫ ସୁଦ୍ଧା ଟ.୨୫,୨୫,୬୧୧.୦୯ | **୧) ଶ୍ରୀ ଯୋଗେନ୍ଦ୍ର ସାହୁ,** ପିତା: ୰ କୃଷ୍ଣ ଚନ୍ଦ୍ର ସାହୁଙ୍କ ନାମରେ ଥିବା ବାସୋପଯୋଗୀ ଜମି ଏବଂ ଗୃହ ଯାହାର ପ୍ଲଟ୍ ନଂ.: ୩୪/୨୧୮୯, ଖାତା ନଂ.: ୭୬୭/୪୦୫, କ୍ଷେତ୍ର: ଏକର୦.୦୪୦ଡିସିମିଲି, ମୌଜା: ପୁବାଶାସନ, କିସମ: ଘରବାରୀ, ସ୍ୱତ୍ୱ: ସ୍ଥିତିବାନ, ଅନୁରୂପ ପୂର୍ବ ଖାତା ନଂ.: ୭୬୭/୧୬୨, ପ୍ଲଟ୍ ନଂ.: ୩୪, ପୋ.: ପିପିଲି, ଥାନା: ପିପିଲି, ଜିଲ୍ଲା: ପୁରୀ, ଓଡ଼ିଶା, ଏହାର ଚାରିପାର୍ଶ୍ୱରେ ଉତ୍ତର: ରାସ୍ତା, ଦକ୍ଷିଣ: ଭାଗବତ ବାସୁଦେବ, ପୂର୍ବ: ବସନ୍ତ ସ୍ୱାଇଁ, ପଶ୍ଚିମ: ପ୍ଲଟ୍ ନଂ.: ୨୨ର ଅଂଶ, **୨) ବନ୍ଧକପ୍ରାପ୍ତ କଳକବ୍ଜା, ଯନ୍ତ୍ରପାତି ଏବଂ ଷ୍ଟକ୍** |

ସରଫେଶୀ ଆକ୍ଟ ୨୦୦୨ର ଧାରା ୧୩(୨) ଅନୁଯାୟୀ ଆପଣମାନଙ୍କୁ ଉପରଦର୍ଶିତ ସ୍ତମ୍ଭରେ ଲିଖିତ ମୋଟ ବକେୟା ପରିମାଣ ସହିତ ଚୁକ୍ତି ହାରରେ ପରବର୍ତ୍ତୀ ସୁଧ ଏବଂ ଦେୟ, ଆପଣମାନଙ୍କ ଦ୍ୱାରା ସମ୍ପାଦିତ ଋଣ କାଗଜାତ୍‌ର ନିୟମ ଓ ସର୍ତ୍ତାବଳୀ ଅନୁଯାୟୀ ସମ୍ପୂର୍ଣ୍ଣ ବକେୟା ପରିମାଣ ଏହି ନୋଟିସ୍ ପାଇବାର **୬୦ ଦିନ** ମଧ୍ୟରେ ପୈଠ କରିବାକୁ ପଡ଼ିବ। ଅନ୍ୟଥା ଆମେ କଥିତ ବନ୍ଧକପ୍ରାପ୍ତ ସମ୍ପତ୍ତିକୁ କଥିତ ଆକ୍ଟରେ ଦିଆଯାଇଥିବା କୌଣସି କିମ୍ବା ସମସ୍ତ ଅଧିକାରର ପ୍ରୟୋଗ କରି ନିଜ ଦଖଲକୁ ନେବାକୁ ବାଧ୍ୟ ହେବୁ । ଆକ୍ଟର ଧାରା ୧୩(୧୩) ଅନୁଯାୟୀ ଆପଣମାନେ ଏହି ନୋଟିସ୍ ପାଇବା ପରେ ବ୍ୟାଙ୍କର ବିନା ଅନୁମତିରେ ଉପରବର୍ଣ୍ଣିତ ବନ୍ଧକ ସମ୍ପତ୍ତିକୁ ବିକ୍ରୟ କିମ୍ବା ସମ୍ପତ୍ତି ସହିତ କୌଣସି ପ୍ରକାର କାରବାର କରିପାରିବେ ନାହିଁ। **ଏତଦ୍‌ଦ୍ୱାରା ଆପଣମାନଙ୍କ ଦୃଷ୍ଟି ଆକର୍ଷଣ କରାଯାଉଅଛି କି କଥିତ ସରଫେଶୀ ଆକ୍ଟର ଧାରା ୧୩ ର ଉପଧାରା (୮) ଅନୁଯାୟୀ ସୁରକ୍ଷିତ ବନ୍ଧକ ସମ୍ପତ୍ତିଗୁଡ଼ିକୁ ସମୟ ଥିବା ପୂର୍ବରୁ ବନ୍ଧକମୁକ୍ତ କରିପାରିବେ।**

ସ୍ଥାନ: ଭୁବନେଶ୍ୱର, ତାରିଖ: ୧୮.୧୧.୨୦୨୫ — ସ୍ୱା/- କ୍ଷମତାପ୍ରାପ୍ତ ଅଧିକାରୀ, ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ

**AFFIDAVIT**

**I, Shreemati Ojha,** W/o.: Jitu Ojha, Permanent resident of At/PO.: Tukuda, P.S.: Jarapada, Dist.: Angul, Odisha-759127 declare by this Affidavit No.: 6015, sworn before Executive Magistrate, Angul on Dt.17.11.2025 that from now onwards my daughters name Sonalika Ojha will be known as **Muni Ojha** for all future legal purposes.

**AFFIDAVIT**

**I, Jaiga Sahu,** W/o.: Brahmananda Sahu, Permanent resident of At/PO.: Tukuda, P.S.: Jarapada, Dist.: Angul, Odisha-759127 declare by this Affidavit No.: 6016, sworn before Executive Magistrate, Angul on Dt.17.11.2025 that from now onwards my daughters name Pragyanparamita Sahoo will be known as **Prajna Paramita Sahu** for all future legal purposes.

**NAME CHANGE**

By virtue of an affidavit sworn before the Executive Magistrate, Tangi, Khordha CF.NO. 2682, dated 23/10/2025, I, **DEBDAS RAY**, S/o Bimal Ray resident of At: Gobardhanpur Colony Po: Bhusandpur, Ps - Tangi, Dist- Khordha, State- Odisha, Pin-752021 declare that I have changed my daughter's name from **KUMARI RIYA RAY** (Old Name) to **RIYA RAY** (New Name). Henceforth, she shall be known as **RIYA RAY** for all future purposes.

(Sd- **DEBDAS RAY**)

**AFFIDAVIT**

By virtue of an affidavit sworn before The Notary Public, Bhubaneswar, dated: 17/11/2025, I, Gayatri Choudhury, permanent resident of At: Bangarada, PO: Phasiguda, PS: Patapur, Dist. Ganjam, Odisha, currently residing at Plot No.1734/3740, Kalpana Flat Area, PO: BJB Nagar, PS: Laxmisagar, Bhubaneswar, Dist. Khordha, PIN: 751014, Odisha declare that I have changed the name of my daughter from Sunali Choudhury to Sonali Choudhury. Henceforth, she shall be known as Sonali Choudhury for all purposes.

**AFFIDAVIT**

I, Sushant Ranjan Chaini, S/o- Sudarshan Chaini, Resident of Plot No-54/1490, Flat No-207, Dream Avenue Apartment, Bhagabanpur, Patrapada, Bhubaneswar, Dist-Khurda, Odisha, Pin-752104 declare by this affidavit No. 949, dated-18/11/2025 that now onwards I shall be known as **SUSANTA RANJAN CHAINI** for all future purposes.

**AFFIDAVIT**

I, PURANDARA SAHU, aged about 42 years, S/o-Sidheswar Sahu, Resident of Vill: Majhipada, PO: Sonapur, Biramaharajpur, Dist.: Sonapur, Odisha, PIN-767017 declared by this Affidavit No.: 1484/2025, Dated: 18.11.2025. That now onwards I shall be known as **PURANDAR SAHU** for all future Purposes.

**AFFIDAVIT**

By virtue of an affidavit before the Notary Public, Titilagarh, on dated-16/11/2025. I, **Pramodini Naik** (applicant name), W/o Surendra Kumar Naik, permanent resident of AT- Bohidarpada W.N. 15, PO- Titilagarh, PS- Titilagarh, Dist- Balangir, (Odisha), PIN- 767033 now residing at the same place declare that I have changed my minor daughter's name from **Shennhamai Naik** (old name) to **Sneha Mayee Naik** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion she shall be known as **Sneha Mayee Naik** (new name) for all future purposes.

**Pramodini Naik**

**AFFIDAVIT**

By virtue of an affidavit sworn before Executive Magistrate, Aska vide no.-1672 dtd.14.11. 2025 I, Rabindra Nahak, S/o-Late Nilamani Nahak resident of Vill./Po.- Baragan, Ps.- Koti-nada, Dist.- Ganjam, Odisha, Pin- 761111 state that, in my Aadhaar Card my name has been mentioned as Rabindra Nahak. In my passport my name has been mentioned as Rabindra Kumar Nahak. That **Rabindra Nahak** and **Rabindra Kumar Nahak** is one and same person.i.e. myself.

**AFFIDAVIT (for Minor)**

By virtue of an affidavit sworn before Executive Magistrate, Banpur, vide No.- 4176, dated 14/11/2025 I, Buti Jani, aged about 44 years, Address W/o-Biranchi Jani, At- Baguda, Po.- Damiabarabara, Ps.- Banpur, Dist.- Khordha, Odisha, Pin-752035 declare that, I have changed the name of my son from **Rajendra Jani** to **Rajesh Jani**. Henceforth, he shall be known as **Rajesh Jani** for all purposes.

Rajesh Jani

**AFFIDAVIT**

I, Swetapadma Patnaik, aged about 46 years, W/o-shivnarayan Pattanaik, resident of At- Plot No-379, Cuttack Road, Bomikhal, Budheswari, Ps-Laxmisagar, Bhubaneswar, Dist- Khurda, Odisha, Pin-751006 declare by this affidavit No. 2252, dtd-16/11/2025, that now onwards I shall be known as **SWETAPADMA PATTNAIK** for all future purposes.

**AFFIDAVIT**

By virtue of an affidavit sworn before Executive Magistrate, Athagarh on dated, 27.10.2025, I Gobinda Sundi, resident of vill- Orda ( Gobara), Po- Gobara , Ps- Gurudijhatia Dist- Cuttack, Odisha, PIN-754028 declare that I have changed my name from Gobind Sundi to Gobinda Sundi . Henceforth, I shall be known as **GOBINDA SUNDI** for all purposes.

**AFFIDAVIT**

By virtue of an affidavit (CF No.02, dtd- 18/11/2025) sworn before the Executive Magistrate, Padampur. I, **Brundabana Rana,** S/o Shashikanta Rana, resident of At- Padampur (Kapsila), Po-Rajborasambar, Ps- Padampur, Dist- Bargarh, PIN- 768036, Odisha declare that I have changed my name from **Brundaban Rana** (old name) to **Brundabana Rana** (new name). Henceforth, I shall be known as **Brundabana Rana** (new name) for all purposes.

**Brundabana Rana**

**AFFIDAVIT**

Bikash kumar Agarwalla, S/O-Late Nanda kishore Agarwalla, Resident of ward no-2 Babusahi, po- Babusahi, ps-Baripada Town, Dist - Mayurbhanj -757001 Odisha, declared by this affidavit no-242,Dated-17/11/2025 that now onwards I shall be known as **BIKASH AGARWAL** for all future purpose.

# ଭାରତ କୋଲ୍ ଗ୍ୟାସିଫିକେସନ ପ୍ଲାଣ୍ଟର ଜନଶୁଣାଣି

ଇବଥର୍ମାଲ,୧୮।୧୧(ସମିସ):




ଭାରତ କୋଇଲା ଗ୍ୟାସିଫିକେସନ୍ ଆଣ୍ଡ କେମିକାଲ୍ସ ଲିମିଟେଡ ଓଡ଼ିଶାର ଝାରସୁଗୁଡ଼ା ଜିଲ୍ଲା ଲଖନପୁର ବ୍ଲକ୍ କୁଶ୍ରାଲୋଇ ପଞ୍ଚାୟତ ଲେଟୁଆପଡା ଠାରେ ପ୍ରସ୍ତାବିତ ହାଇ ଆସ୍ କୋଇଲାରୁ ଆମୋନିୟମ ନାଇଟ୍ରେଟ୍ ପ୍ରକଳ୍ପ ସ୍ଥାପନ ନିମନ୍ତେ ଜନ ଶୁଣାଣି ଅନୁଷ୍ଠିତ ହୋଇଯାଇଛି। ଭାରତ ସରକାରଙ୍କ ପରିବେଶ, ଜଙ୍ଗଲ ଏବଂ ଜଳବାୟୁ ମନ୍ତ୍ରଣାଳୟ ଦ୍ୱାରା ପରିବେଶୀୟ ମଞ୍ଜୁରୀ ନିମନ୍ତେ ଏହି ସର୍ବସାଧାରଣ ଶୁଣାଣିର ଆୟୋଜନ ହୋଇଥିଲା। ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ପକ୍ଷରୁ ଆୟୋଜିତ ଜନଶୁଣାଣି ପୁଲିସ ଛାଉଣୀ ମଧ୍ୟରେ ହୋଇଥିଲା। ଝାରସୁଗୁଡ଼ା ଉପଜିଲ୍ଲାପାଳ ସବ୍ୟସାଚୀ ପଣ୍ଡା ଓ ପ୍ରଦୂଷଣ ବୋର୍ଡ ଅଧିକାରୀ ହିରଣ୍ୟକ ନାଏକ ଲୋକଙ୍କ ଆପତ୍ତି ଅଭିଯୋଗ ଶୁଣିଥିଲେ। ଜନଶୁଣାଣିରେ ଦମୟନ୍ତୀ ବିଶି, ପ୍ରଶାନ୍ତ ବିଶି, ନେତ୍ରାନନ୍ଦ ଭୋଇ, ପିଣ୍ଟୁ ଖମାରୀ, ଶଙ୍କର ଖମାରୀ ପ୍ରମୁଖ ୭୦ବର୍ଷ ହେଲା ହୀରାକୁଦ ବିସ୍ଥାପିତ, ପରେ ଓପିଜିସି ଓ ଏମସିଏଲ୍ ବିସ୍ଥାପିତଙ୍କ ସମସ୍ୟା ସମାଧାନ ହୋଇନାହିଁ ବୋଲି କହିଥିଲେ। ସମଗ୍ର ଅଞ୍ଚଳରେ ଖଣି କାରଖାନା ସକାଶେ ବ୍ୟାପକ ପ୍ରଦୂଷଣ ହେଉଛି। ଏପରି ସ୍ଥଳେ ପୁଣି ଏକ ଗ୍ୟାସ୍ ପ୍ଲାଣ୍ଟ ହେଲେ ପ୍ରଦୂଷଣ ମାତ୍ରା ବଢ଼ିବ। ତାକୁ କିପରି ନିୟନ୍ତ୍ରଣ କରାଯିବ ବୋଲି ପ୍ରଶ୍ନ କରିବା ସହ ସ୍ଥାନୀୟ ନିଯୁକ୍ତି ଦିଆଯିବ, ଉନ୍ନତ ଶିକ୍ଷାର ଓ ସ୍ୱାସ୍ଥ୍ୟସେବାର ବ୍ୟବସ୍ଥା କରିବାକୁ ଦାବି ରଖିଥିଲେ।

ସେହିପରି କୁଶ୍ରାଲୋଇ ସରପଞ୍ଚ ରଘୁମଣି ପ୍ରଧାନ, ସମିତି ସଭ୍ୟା ଦମୟନ୍ତୀ ସା, ବିଶ୍ୱନାଥ ଭୋଇ, ସୁଧିର ସାହୁ, ସେନାପତି ପ୍ରଧାନ, ବିଜୟ ସେଠ୍, ରଞ୍ଜନ ଭୋଇ ପ୍ରମୁଖ ପ୍ଲାଣ୍ଟ ସ୍ଥାପନାକୁ ସ୍ୱାଗତ କରିଥିଲେ। ଅଡ଼ାପଡା ଗାଁ ଏହି ପ୍ଲାଣ୍ଟ ଠାରୁ ଶୂନ୍ୟ ପଏଣ୍ଟ ଦୂରତାରେ ଥିବାରୁ ବିଶେଷ ପ୍ରଭାବିତ ହେବ। ହୀରାକୁଦ ନଦୀବନ୍ଧ ଯୋଜନାରେ ବିସ୍ଥାପିତ ହେବାପରେ ୧୯୫୬ରେ ସରକାରଙ୍କ ଠାରୁ ୧୦୯୨.୫୬ ଏକର ଜମି ନେଇ ଅଡ଼ାପଡା ଗାଁ ହୋଇଛି। ହେଲେ ଆଜିଯାଏ ରାଜସ୍ୱ ଗାଁର ମାନ୍ୟତା ମିଳି ନାହିଁ କି ଲୋକଙ୍କୁ ନିଜ ଜମିର ପଟ୍ଟାପାଉତି ମିଳିନାହିଁ। ଜିଲ୍ଲା ପ୍ରଶାସନ ଅଡ଼ାପଡା ଗାଁ କୋଲ୍ ବିଅରିଂ ଆକ୍ଟରେ ଥିବାରୁ ପଟ୍ଟା ହୋଇ ପାରିବ ନାହିଁ ବୋଲି କହୁଛି। କୋଇଲାଖଣି ସକାଶେ ବିସ୍ଥାପନ ଜନିତ ସମସ୍ତ ସୁବିଧା ସୁଯୋଗ ଯୋଗାଇ ଦେବାକୁ ଲୋକମାନେ ଦାବି କରିଥିଲେ। ମୋଟାମୋଟି ଜନଶୁଣାଣିରେ ସମସ୍ତେ ପ୍ଲାଣ୍ଟକୁ ସ୍ୱାଗତ କରିଥିଲେ। ମୋଟ ୩୫ ଜଣ ମହିଳା ଓ ପୁରୁଷ ଭାଗନେଇ ନିଜ ଦାବି ଓ ମତ ରଖିଥିଲେ। ୧୦୦ରୁ ଊର୍ଦ୍ଧ୍ୱ ଲିଖିତ ଅଭିଯୋଗ ପତ୍ର ପ୍ରଦାନ କରାଯାଇଥିଲା। ଏହି ଗ୍ୟାସିଫିକେସନ୍ ପ୍ଲାଣ୍ଟ ମୁଖ୍ୟ ଡ.ପିଉଷ ତାଙ୍କର ବକ୍ତବ୍ୟରେ ପ୍ରଦୂଷଣ ଉପରେ ବିଶେଷ ଗୁରୁତ୍ୱ ଦେବାସହ, ନିଯୁକ୍ତି, ସ୍କିଲ୍ ଡେଭଲପମେଣ୍ଟ, ଉନ୍ନତ ସ୍ୱାସ୍ଥ୍ୟ ଓ ଶିକ୍ଷା ବ୍ୟବସ୍ଥା କରାଯିବା ସହ ଅଞ୍ଚଳର ବିକାଶ ପାଇଁ ସ୍ୱତନ୍ତ୍ର ଦୃଷ୍ଟି ଦିଆଯିବ ବୋଲି କହିଥିଲେ। ଭାରତବର୍ଷରେ ଏଭଳି ୩ଟି ପ୍ଲାଣ୍ଟ ହେବାକୁ ଯାଉଥିବା ବେଳେ ଓଡ଼ିଶାର ଏହି ପ୍ଲାଣ୍ଟ ପ୍ରଥମ ବୋଲି ପ୍ରକାଶ କରିଥିଲେ। ଜନଶୁଣାଣିରେ ଲଖନପୁର କୋଇଲା କ୍ଷେତ୍ର ମହାପ୍ରବନ୍ଧକ ଅଓ୍ୱଦ କିଶୋର ପାଣ୍ଡେ, ଲଖନପୁର ବିଡିଓ ବିନୟ ପଟେଲ, ତହସିଲଦାର ପ୍ରସନ୍ନ ପଟେଲ, ବ୍ରଜରାଜନଗର ଏସଡିପିଓ ଚିନ୍ତାମଣି ପ୍ରଧାନ, ଅତିରିକ୍ତ ତହସିଲଦାର ସନ୍ତୋଷ ନାଏକ, ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ଅଧିକାରିଣୀ ଅନୁଷ୍କା ଏକ୍କାଙ୍କ ସମେତ ଅନ୍ୟ ଅଧିକାରୀ ଗଣ ଉପସ୍ଥିତ ଥିଲେ।

# ଟିଆର୍‌ଏଲ୍ ପକ୍ଷରୁ ଫୁଟବଲ କୋଚିଂ ଶିବିର ଉଦ୍‌ଘାଟିତ



ଝାରସୁଗୁଡ଼ା,୧୮।୧୧(ସମିସ): ଝାରସୁଗୁଡ଼ା ଜିଲ୍ଲା ବେଲପାହାଡ ଗୁମାଡେରାରେ ଟିଆର୍‌ଏଲ୍ ପକ୍ଷରୁ ଟିଆର୍‌ଏଲ୍ କ୍ରୋସାକି ଫୁଟବଲ ଶିବିର ଆରମ୍ଭ ହୋଇଛି। ଟିଆର୍‌ଏଲ୍ କ୍ରୋସାକିର ମ୍ୟାନେଜିଂ ଡାଇରେକ୍ଟର ପ୍ରଶାନ୍ତ ନାଏକ ଏହାର ଉଦ୍‌ଘାଟନ କରିଛନ୍ତି। ସୁଶାନ୍ତ ଦାସ, ବିଶାଳ ସାହୁ, ସନ୍ତୋଷ ମିଶ୍ର, ଶଶାଙ୍କ ଦୀକ୍ଷିତ ପ୍ରମୁଖଙ୍କ ସହ ବରିଷ୍ଠ ଅଧିକାରୀ ମାନେ ଉପସ୍ଥିତ ଥିଲେ। ଶିବିରରେ ଜିଲ୍ଲାର ବଛା ବଛା ୫୦ ଜଣ ଖେଳାଳିଙ୍କୁ ଚୟନ କରି ତାଲିମ ପ୍ରଦାନ କରାଯାଉଛି। ୧ ମାସ ଯାଏଁ ଏହି ଶିବିର ମାଧ୍ୟମରେ ସେମାନଙ୍କୁ ତାଲିମ ଦିଆଯାଇ ଶ୍ରେଷ୍ଠ ୨୦ ଜଣଙ୍କୁ ବଛା ଯିବ। ଏହି ୨୦ ଜଣ ଖେଳାଳି ବେଲପାହାଡ ୟୁନାଇଟେଡ ଦଳ ଭାବେ ଆସନ୍ତା ଡିସେମ୍ବରରେ ରତନ ଟାଟା ଷ୍ଟାଡିଅମରେ ହେବାକୁ ଥିବା ଜାତୀୟ ସ୍ତରୀୟ ଫୁଟବଲ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ। ଏଥିପାଇଁ ଖେଳାଳି ମାନଙ୍କୁ ପ୍ରତିଦିନ ସକାଳ ୬ରୁ ୯ଟା ଏବଂ ଅପରାହ୍ଣ ୩ ଟାରୁ ୫ ଟା ଯାଏଁ ତାଲିମ ପ୍ରଦାନ କରାଯିବା ସହ ୧ ଘଣ୍ଟା ଥିଓରି କ୍ଲାସ କରାଯିବ। ଏହି ତାଲିମ ଶିବିରରେ ସୋମ୍ୟରଞ୍ଜନ ଦତ୍ତ, କାର୍ତ୍ତିକ ଦାସ, ଅଭିଲାଷ ସାହୁ ପ୍ରମୁଖ କୋଚ ଭାବେ ଯୋଗଦେଇ ତାଲିମ ପ୍ରଦାନ କରିବେ।

# ଅଖିଳ ଭାରତ ସମବାୟ ସପ୍ତାହ ଉପଲକ୍ଷେ ପଦଯାତ୍ରା



ଦେବଗଡ଼,୧୮।୧୧(ସମିସ): ଅଖିଳ ଭାରତ ସମବାୟ ସପ୍ତାହ ତଥା ଆନ୍ତର୍ଜାତିକ ସମବାୟ ବର୍ଷ ୨୦୨୫ ଅବସରରେ ଦେବଗଡ଼ ଜିଲ୍ଲା ସମବାୟ ବିଭାଗ ଅନୁକୂଲ୍ୟରେ ଏକ ଗଣ ପଦଯାତ୍ରା ଅନୁଷ୍ଠିତ ହୋଇଯାଇଛି। ପଦଯାତ୍ରାକୁ ସମବାୟ ସମିତି ସମୂହର ଉପନିବନ୍ଧକ ଭୀମସେନ ସାହୁ, ସମବାୟ ସମିତି ସମୂହର ସହକାରୀ ନିବନ୍ଧକ ସଚ୍ଚିଦାନନ୍ଦ ଜେନା, ଉପସହକାରୀ ନିବନ୍ଧକ ଭବାନୀ ଶଙ୍କର ପୃଷ୍ଟି ପତାକା ଦେଖାଇ ଶୁଭରାମ୍ଭ କରିଥିଲେ। ପଦଯାତ୍ରା ନୂଆ ବସଷ୍ଟାଣ୍ଡ ଠାରୁ ବାହାରି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଦେଇ ଉପନିବନ୍ଧକ କାର୍ଯ୍ୟାଳୟରେ ପହଞ୍ଚିଥିଲା। ଦେବଗଡ଼ ଜିଲ୍ଲାର ବିଭିନ୍ନ ପ୍ରାନ୍ତରୁ ଆସିଥିବା ସମସ୍ତ ୨୯ ଟି ସମବାୟ ସମିତିର ସମସ୍ତ ସମ୍ପାଦକ ଓ ଅନ୍ୟ କର୍ମଚାରୀ ଅଂଶଗ୍ରହଣ କରିଥିଲେ। ଏହି ଅବସରରେ ସମବାୟ ଉପନିବନ୍ଧକଙ୍କ କାର୍ଯ୍ୟାଳୟରେ ଏକ ସାଧାରଣ ସଭା ଅନୁଷ୍ଠିତ ହୋଇଥିଲା।

# ଜାତୀୟ ଜନଜାତି ଆୟୋଗ ସଭ୍ୟାଙ୍କ ଝାରସୁଗୁଡ଼ା ଗସ୍ତ




ଝାରସୁଗୁଡ଼ା,୧୮।୧୧(ସମିସ): ଜାତୀୟ ଜନଜାତି ଆୟୋଗର ସଭ୍ୟା ଡ.ଆଶା ଲାକ୍ରା ଝାରସୁଗୁଡ଼ା ଗସ୍ତ କରିଛନ୍ତି। ଏହି ଅବସରରେ ଜନଜାତିଙ୍କ ଉନ୍ନୟନ ଦିଗରେ ରହିଥିବା ଯୋଜନାଗୁଡ଼ିକର କାର୍ଯ୍ୟକାରିତା ନେଇ ସମୀକ୍ଷା କରିଛନ୍ତି। ସ୍ଥାନୀୟ ସର୍କିଟ ହାଉସଠାରେ ବିଭିନ୍ନ ଜନଜାତି ଅନୁଷ୍ଠାନର କର୍ମକର୍ତ୍ତାଙ୍କ ସହ ଆଲୋଚନା କରିଥିଲେ। ପରେ ଜିଲ୍ଲା ଖଣିଜ ପାଣ୍ଠି ସମ୍ମିଳନୀ କକ୍ଷରେ ଆୟୋଜିତ ସମୀକ୍ଷା ବୈଠକରେ ଅଧିକାରୀମାନଙ୍କ ସହିତ ଆଲୋଚନା କରିଥିଲେ। ଏହି ଅବସରରେ ଡ.ଲାକ୍ରା ଲଖନପୁର ବ୍ଲକ୍‌ରେ ବିସ୍ଥାପିତ ଜନଜାତି ଶ୍ରେଣୀ ଲୋକଙ୍କୁ ଜଙ୍ଗଲ ଅଧିକାର ଆଇନ ଅନ୍ତର୍ଭୁକ୍ତିକରଣ ପୂର୍ବକ ପଟ୍ଟା ଯୋଗାଇଦେବା, କିର୍ମିରା ଓ ଲଇକେରା ବ୍ଲକ୍‌ର ଜନଜାତି ବହୁଳ ଅଞ୍ଚଳରେ ରାସ୍ତା, ବିଦ୍ୟୁତ ଯୋଗାଣ ଓ ପୋଖରୀ ସୌନ୍ଦର୍ଯ୍ୟକରଣ ଓ ଉନ୍ନୟନ ଆଦି କାର୍ଯ୍ୟକ୍ରମ ସମ୍ପର୍କରେ ପଚାରି ବୁଝିଥିଲେ। ସେହିପରି ସ୍ୱୟଂ ସହାୟକ ଗୋଷ୍ଠୀଗୁଡିକ କିପରି ଅଦା, ଲଙ୍କା ଚାଷ ଏବଂ ଚୁଡ଼ି ବ୍ୟବସାୟରୁ ଲାଭ ପାଇ ପାରିବେ ସେଥିପାଇଁ ଗୁରୁତ୍ୱାରୋପ କରିଥିଲେ। ବୈଠକରେ ଝାରସୁଗୁଡ଼ା ଜିଲ୍ଲାପାଳ କୁଣାଲ ମୋତିରାମ ଚହ୍ୱାଣ, ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ସୂର୍ଯ୍ୟାଓଶ୍ରୁରୂତ୍‌ଙ୍କ ସମେତ ବିଭିନ୍ନ ବିଭାଗୀୟ ଅଧିକାରୀ ଉପସ୍ଥିତ ଥିଲେ। ଜିଲ୍ଲା ମଙ୍ଗଳ ଅଧିକାରୀ ଜୟଶ୍ରୀ ପିପିଟି ମାଧ୍ୟମରେ ବିଭିନ୍ନ ତଥ୍ୟ ଉପସ୍ଥାପନ କରିଥିଲେ।

# ଛୁଆଲିବେର୍ଣ୍ଣାରେ ସର୍ଗିଫୁଲ କାର୍ଯ୍ୟକ୍ରମ



ଝାରସୁଗୁଡ଼ା,୧୮।୧୧(ସମିସ): ଝାରସୁଗୁଡ଼ା ଜିଲ୍ଲା ବେଲପାହାଡ ଛୁଆଲିବେର୍ଣ୍ଣା ଆଶ୍ରମ ସ୍କୁଲରେ ଜିଲ୍ଲା ସ୍ତରୀୟ ଷ୍ଟୁଡେଣ୍ଟ ଫେଷ୍ଟିଭାଲ ସର୍ଗିଫୁଲ-୨୦୨୫ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଆଜି ପ୍ରଥମ ଦିନରେ ଅପରାହ୍ଣ ୪ ଟା ରୁ ରାତି ୮ ଟା ଯାଏଁ ତାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଉଦ୍‌ଘାଟନୀ ଉତ୍ସବରେ ଲଖନପୁର ବ୍ଲକ୍ ଶିକ୍ଷା ଅଧିକାରୀ ରାଜେନ୍ଦ୍ର ସାହୁ ଲଖନପୁର ମଙ୍ଗଳ ସମ୍ପ୍ରସାରଣ ଅଧିକାରୀ ଜୋସ୍ନା ରାଉତିଆ ଅଧ୍ୟକ୍ଷତା କରିଥିଲେ। ଛୁଆଲିବେର୍ଣ୍ଣା ଆଶ୍ରମ ସ୍କୁଲର ପ୍ରଧାନଶିକ୍ଷକ ସୁଶାନ୍ତ ତ୍ରିପାଠୀ ମଞ୍ଚ ପରିଚାଳନା କରିଥିଲେ। ଏହି ପ୍ରତିଯୋଗିତା ୨ଦିନ ଧରି ଚାଲିବ। ଏଥିରେ ଜିଲ୍ଲାର ମୋଟ ୩୭ଟି ଆଶ୍ରମ ସ୍କୁଲରୁ ୪ଶହ ଛାତ୍ରଛାତ୍ରୀ ଯୋଗ ଦେଇଛନ୍ତି।

# ନାବାଳିକା ଅପହରଣ ଓ ଦୁଷ୍କର୍ମ ଅଭିଯୁକ୍ତକୁ ଜେଲ୍

ଦେବଗଡ଼,୧୮।୧୧(ସମିସ): ବାରକୋଟ ଥାନାଞ୍ଚଳରୁ ଜଣେ ନାବାଳିକାକୁ ଅପହରଣ ମାମଲାରେ ମଙ୍ଗଳବାର ବାରକୋଟ ଥାନା ପୁଲିସ ଅପହୃତା ନାବାଳିକାକୁ ଉଦ୍ଧାର କରିଛି। ଏହାସହ ଅପହରଣକାରୀ ଯୁବକକୁ ଗିରଫ କରି କୋର୍ଟ ଚାଲାଣ କରିଛି। ଅଦାଲତରେ ଜାମିନ ନାମଞ୍ଜୁର ହେବାରୁ ଅଭିଯୁକ୍ତକୁ ଜେଲ ହାଜତକୁ ପଠାଇ ଦିଆଯାଇଛି। ପୁଲିସ ସୂଚନା ଅନୁଯାୟୀ, ବାରକୋଟ ଥାନାଞ୍ଚଳରୁ ଜଣେ ନାବାଳିକା ଗତ ଅକ୍ଟୋବର ୨୯ ତାରିଖ ଠାରୁ ନିଖୋଜ ହୋଇଯାଇଥିଲା। ପରିବାର ଲୋକ ବହୁ ଖୋଜାଖୋଜି ପରେ ମଧ୍ୟ କୌଣସି ସନ୍ଧାନ ନ ପାଇବାରୁ ଏ ନେଇ ବାରକୋଟ ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଅଭିଯୋଗ ଆଧାରରେ ବାରକୋଟ ଥାନା ପୁଲିସ ମାମଲା ରୁଜୁ କରି ଘଟଣାର ତଦନ୍ତ ଆରମ୍ଭ କରିଥିଲା। ତଦନ୍ତ ସମୟରେ ନିଖୋଜ ନାବାଳିକାକୁ କେନ୍ଦୁଝର ଜିଲ୍ଲା ତେଲକୋଇ ଥାନା ଅନ୍ତର୍ଗତ ବେରିଡା ଗାଁର ଜଣେ ଯୁବକ ଅପହରଣ କରିନେଇଥିବା ଜଣାପଡ଼ିଥିଲା। ଏହାପରେ ନାବାଳିକାକୁ ଉଦ୍ଧାର କରିବା ସହ ଅପହରଣ ଓ ଦୁଷ୍କର୍ମ ମାମଲାରେ ଅଭିଯୁକ୍ତକୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି।

# ବେଆଇନ ଗଞ୍ଜେଇ ଜବତ: ୨ ଅଭିଯୁକ୍ତ କୋର୍ଟ ଚାଲାଣ

ଦେବଗଡ଼,୧୮।୧୧(ସମିସ): ବେଆଇନ ଗଞ୍ଜେଇ କାରବାର ଅଭିଯୋଗରେ ଦେବଗଡ଼ ଥାନା ପୁଲିସ ଗତକାଲି ରାତିରେ କୁରଡ ଗାଁରୁ ୨ ଜଣଙ୍କୁ ଗିରଫ କରିଛି। ଏହାସହ ସେମାନଙ୍କ ନିକଟରୁ ବିପୁଳ ପରିମାଣର ବେଆଇନ ଗଞ୍ଜେଇ ଜବତ କରିଛି। ପୁଲିସ ଅନୁଯାୟୀ, ଇନ୍ସପେକ୍ଟର ବିନୟ କେର୍କେଟାଙ୍କ ନେତୃତ୍ୱରେ ଦେବଗଡ଼ ଥାନା ପୁଲିସ ପକ୍ଷରୁ ପାଟ୍ରୋଲିଂ ଚାଲିଥିଲା। କୁରଡ ଗାଁ ଛକରାସ୍ତା ପାର୍ଶ୍ୱରେ ଗାଁର କେଶବ ଚନ୍ଦ୍ର ପ୍ରଧାନ(୫୫) ଓ ସିପୁନ ଦାସ (୩୦) ୨ଜଣ ବ୍ୟକ୍ତି ସନ୍ଦେହ ଜନକ ଭାବେ ଛିଡା ହୋଇଥିଲେ। ପାଟ୍ରୋଲିଂ ରତ ପୁଲିସ ସେମାନଙ୍କୁ ଯାଞ୍ଚ କରିବାରୁ କେଶବ ପାଖରୁ ୨୯୨ ଗ୍ରାମ ଏବଂ ସିପୁନ ପାଖରୁ ୮୦୦ ଗ୍ରାମ ବେଆଇନ ଗଞ୍ଜେଇ ବାହାରିଥିଲା। ପୁଲିସ ସେମାନଙ୍କ ନିକଟରୁ ଗଞ୍ଜେଇ ଜବତ କରିବା ସହ ବେଆଇନ ଗଞ୍ଜେଇ କାରବାର ଅଭିଯୋଗରେ ଉଭୟଙ୍କୁ ଗିରଫ କରି ଥାନାକୁ ଆଣିଥିଲା। ଆଜି ସେମାନଙ୍କୁ କୋର୍ଟ ଚାଲାଣ କରାଯାଇଥିବା ଜଣାପଡିଛି।

# କିର୍ମିରା ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା




ଝାରସୁଗୁଡ଼ା,୧୮।୧୧(ସମିସ): ଝାରସୁଗୁଡ଼ା ଜିଲ୍ଲା କିର୍ମିରା ବ୍ଲକ୍‌ର ବାଗଡିହିର ଚମରାଡିହି ପଡିଆ ଠାରେ ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ମେଳା ଅନୁଷ୍ଠିତ ହୋଇଯାଇଛି। ମେଳାରେ ୮ଟି ପଞ୍ଚାୟତରୁ ୧୬୦ ଜଣରୁ ଊର୍ଦ୍ଧ୍ୱ ଚାଷୀ ଯୋଗ ଦେଇଥିଲେ। ମୁଖ୍ୟ ଅତିଥି ଭାବେ ଝାରସୁଗୁଡ଼ା ବିଧାୟକ ଟଙ୍କଧର ତ୍ରିପାଠୀ ଯୋଗ ଦେଇଥିଲେ। ଅମୁଲର ଆସିଷ୍ଟାଣ୍ଟ ମ୍ୟାନେଜର ସଞ୍ଜୀବ ଶତପଥୀ ମୁଖ୍ୟ ବକ୍ତା ଭାବେ ଯୋଗ ଦେଇ ଦୁଗ୍ଧ ଚାଷୀଙ୍କ ପାଇଁ ସରକାରଙ୍କ ବିଭିନ୍ନ ଯୋଜନା ଯେପରି ମୁଖ୍ୟମନ୍ତ୍ରୀ କାମଧେନୁ ଯୋଜନା ବିଷୟରେ ମତବ୍ୟକ୍ତ କରିଥିଲେ। ଅତିରିକ୍ତ ଜିଲ୍ଲା ମତ୍ସ୍ୟ ଅଧିକାରୀ ସମ୍ବଲପୁର ଭାବଗ୍ରାହୀ କିଷାନ, ସମ୍ମାନିତ ଅତିଥି ଭାବେ କିର୍ମିରା ବ୍ଲକ୍ ଅଧ୍ୟକ୍ଷା କୃଷପ୍ରିୟା ସାହୁ, ଜିଲ୍ଲା ପ୍ରାଣୀ ଚିକିତ୍ସକ ଡ.ଦୟାସାଗର ଦୁରିଆ ପ୍ରମୁଖ ଉପସ୍ଥିତ ଥିଲେ। ଡ.ରଶ୍ମିରଞ୍ଜନ ସଭା ପରିଚାଳନା କରିଥିଲେ। ଅତିରିକ୍ତ ଜିଲ୍ଲା ପ୍ରାଣୀ ଚିକିତ୍ସା ଅଧିକାରୀ ଏବଂ ଅତିରିକ୍ତ ମତ୍ସ୍ୟ ସହକାରୀ ଅଧିକାରୀ ଚାଷୀ ଓ ବୈଜ୍ଞାନିକ ଶୀର୍ଷକ ଆଲୋଚନାଚକ୍ରରେ ଅଂଶଗ୍ରହଣ କରିଥିଲେ। ମେଳାରେ ବ୍ଲକ୍‌ର ୮ ଜଣ ଚାଷୀଙ୍କୁ ସମ୍ମାନିତ କରାଯାଇଥିଲା। ଏହାସହ କାମଧେନୁ ଯୋଜନାରେ କିର୍ମିରା ବ୍ଲକ୍‌ର ୨ ଜଣ ଚାଷୀଙ୍କୁ ୧ଲକ୍ଷ ୬୧ ହଜାର ୨ ଶହ ଟଙ୍କା ସବସିଡି ଆକାରରେ ପ୍ରଦାନ କରାଯାଇଥିଲା। ମେଳାରେ ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ପରିଷଦ ସଭ୍ୟ ରିତା ବାଘ, ବ୍ଲକ୍ ଅଧ୍ୟକ୍ଷ କୃଷ୍ଣପ୍ରିୟା ସାହୁ, କିର୍ମିରା ସରପଞ୍ଚ ସନ୍ତୋଷିନୀ ପଟେଲ, କିର୍ମିରା ଭିଏସ କୃତାଞ୍ଜଳି ସ୍ୱାଇଁ, ବିଡିଓ ଅବିନାଶ ଲାକ୍ରା, ଲଇକେରା ଥାନା ଆଇଆଇସି ଦିଲୀପ ବେହେରା ପ୍ରମୁଖ ମଞ୍ଚାସୀନ ଥିଲେ। ଅନ୍ୟମାନଙ୍କ ମଧ୍ୟରେ ବିଧାୟକ ପ୍ରତିନିଧି ବିଜୟ ଶର୍ମା, କିର୍ମିରା ବ୍ଲକ୍ ମଣ୍ଡଳ ସଭାପତି ଉଦ୍ଧବ ସିଂ ନାୟକ, ରାଜ କିଷାନ, ଅଂଶୁଳ ଅଗ୍ରୱାଲ, ଯାମିନୀକାନ୍ତ ନାୟକ, ପଙ୍କଜ ଛତ୍ରିଆ, ସଞ୍ଜୀବ ପଟେଲ ଓ ପୱନ ଶର୍ମା ପ୍ରମୁଖଙ୍କ ସହିତ ବହୁ ସଂଖ୍ୟାରେ ଚାଷୀ ଉପସ୍ଥିତ ଥିଲେ।

# ଯୁବ ଭାରତ ପକ୍ଷରୁ ଜିଲ୍ଲାସ୍ତରୀୟ ଖେଳକୁଦ କାର୍ଯ୍ୟକ୍ରମ




ଦେବଗଡ଼,୧୮।୧୧(ସମିସ): ଭାରତ ସରକାରଙ୍କ ଯୁବ ବ୍ୟାପାର ଓ କ୍ରୀଡା ମନ୍ତ୍ରଣାଳୟ ଅଧୀନସ୍ତ ମେରା ଯୁବା ଭାରତ ଦେବଗଡ଼ ପକ୍ଷରୁ ସୁଗୁଡା ମିନି ଷ୍ଟାଡିୟମ ଠାରେ ଜିଲ୍ଲା ସ୍ତରୀୟ ଖେଳକୁଦ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଫୁଟବଲ୍, କବାଡି, ଦୌଡ, ଲମ୍ବ ଡିଆଁ, ବାଳିକା ମାନଙ୍କର ସ୍ଲୋ ସାଇକଲ ପ୍ରଭୃତି ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ମେରା ଯୁବା ଭାରତର ପ୍ରଦୀପ ବିଶ୍ୱାଳଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ପୁରସ୍କାର ବିତରଣ ଉତ୍ସବରେ ତିଳେଇବଣି ପଞ୍ଚାୟତ ସମିତିର ଅଧ୍ୟକ୍ଷା ବୃନ୍ଦାବତୀ ଭୋଇ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ଉପାଧ୍ୟକ୍ଷା ଆରତୀ ପ୍ରଧାନ, ସାଂସଦଙ୍କ ପ୍ରତିନିଧି ଯୋଗେଶ ପ୍ରଧାନ, ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ଦାଶରଥି ପ୍ରଧାନ, ଅପୂର୍ବ ସରକାରୀ ଉଚ୍ଚ ବିଦ୍ୟାଳୟର ସହକାରୀ ଶିକ୍ଷକ ହିମାଂଶୁ ଶେଖର ଦେହୁରୀ, ସୁଗୁଡା ପଞ୍ଚାୟତର ସମିତି ସଭ୍ୟ ଡମ୍ବରୁଧର ସାହୁ, ନେତାଜୀ କ୍ଲବ୍‌ର ସଭାପତି ଧରଣୀଧର ସାହୁ ପ୍ରମୁଖ ଯୋଗଦେଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରିଥିଲେ। ପରେଶ ପ୍ରଧାନ, ନୃପମଣି ସାହୁ, ବବୁଲୁ ବିଶ୍ୱାଳ, ପ୍ରଦୀପ ବିଶ୍ୱାଳ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# ଇଜେଭି ଫାଉଣ୍ଡେସନର ଶପଥ ଗ୍ରହଣ

ଝାରସୁଗୁଡ଼ା,୧୮।୧୧(ସମିସ): ଝାରସୁଗୁଡ଼ା ଜିଲ୍ଲା ଲିଟିଲ ଷ୍ଟାର ସ୍କୁଲ ପ୍ରାଙ୍ଗଣରେ ଇଜେଭି ଫାଉଣ୍ଡେସନର ଏକ ଶପଥ ଗ୍ରହଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଶପଥ ଗ୍ରହଣ ସମାରୋହରେ ୧୫ଜଣ ନୂତନ ସଦସ୍ୟ ସଦସ୍ୟା ଭାବେ ଶପଥ ଗ୍ରହଣ କରିଥିଲେ। ଅତିଥି ଭାବେ ସରୋଜ କୁଅଁର, ବାଲଗୋବିନ୍ଦ ମିଶ୍ର, ରମେଶ ଗାନ୍ଧୀ, ମାଧବ ଦୀକ୍ଷିତ ପ୍ରମୁଖ ବୟୋଜ୍ୟେଷ୍ଠ ବ୍ୟକ୍ତି ମାନେ ମଞ୍ଚାସୀନ ଥିଲେ। ଆସନ୍ତା କିଛିଦିନ ମଧ୍ୟରେ ଇଜେଭି ସଂଗଠନ ପକ୍ଷରୁ ଏକ ପାଇଁ ଅଙ୍ଗଦାନ ଶିବିର ଆୟୋଜିତ ହେବ ବୋଲି ଘୋଷଣା ହୋଇଥିଲା। ଜିଲ୍ଲାରେ ପ୍ରଥମ ଥର ବେସରକାରୀ ସ୍ତରରେ କେବଳ ଇଜେଭି ଫାଉଣ୍ଡେସନ ଏହି କାର୍ଯ୍ୟକ୍ରମକୁ ହାତକୁ ନେଇଥିବା କୁହାଯାଇଥିଲା। ଶେଷରେ ସଂଗଠନ ସମ୍ପାଦିକା ଧନ୍ୟବାଦ ଅର୍ପଣ କରିଥିଲେ।

# ଜାତୀୟ ନବଜାତ ଶିଶୁ ସପ୍ତାହ



ଦେବଗଡ଼,୧୮।୧୧(ସମିସ): ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ପୁରୁଣା କୋଠା ସମ୍ମିଳନୀ କକ୍ଷରେ ମଙ୍ଗଳବାର ଜାତୀୟ ନବଜାତ ଶିଶୁ ସପ୍ତାହ ପାଳିତ ହୋଇଯାଇଛି। ଶିଶୁରୋଗ ବିଶେଷଜ୍ଞ ଡାକ୍ତର ମାସାଙ୍ଗ ମୁର୍ମୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଡିପିଏମ ସୁଶାନ୍ତ ପ୍ରହରାଜ, ଭାରପ୍ରାପ୍ତ ଜନସ୍ୱାସ୍ଥ୍ୟ ଯୋଗାଯୋଗ ଅଧିକାରୀ ଅମରେଶ ଶତପଥୀ, ଡାକ୍ତର ସମ୍ବିତ ପ୍ରଧାନ, ଡିଏମଆରସିଏଚ ଦୁଷ୍ମନ୍ତ ସୂତାର ପ୍ରମୁଖ ଯୋଗ ଦେଇଥିଲେ। ନବଜାତ ଶିଶୁ ମାନଙ୍କର ଯତ୍ନ ସମ୍ପର୍କରେ ଆଲୋକପାତ କରିଥିଲେ। କାର୍ଯ୍ୟକ୍ରମରେ ଆଶାକର୍ମୀ ଓ ସ୍ୱାସ୍ଥ୍ୟ ବିଭାଗର କର୍ମଚାରୀମାନେ ଉପସ୍ଥିତ ଥିଲେ।

# ରାଜ୍ୟସ୍ତରୀୟ ବିଜ୍ଞାନଭିତ୍ତିକ ନାଟକ ପ୍ରତିଯୋଗିତାରେ ଦେବଗଡ଼ ପ୍ରଥମ

ଦେବଗଡ଼,୧୮।୧୧(ସମିସ):




ଶିକ୍ଷକ ଶିକ୍ଷା ନିର୍ଦ୍ଦେଶାଳୟ ରାଜ୍ୟ ଗବେଷଣା ଓ ପ୍ରଶିକ୍ଷଣ ପରିଷଦ ଓଡ଼ିଶା ଆନୁକୂଲ୍ୟରେ ରାଜ୍ୟ ସ୍ତରୀୟ ବିଜ୍ଞାନ ଭିତ୍ତିକ ଏକାଙ୍କିକା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଏଥିରେ ଦେବଗଡ଼ ଜିଲ୍ଲାରୁ ପ୍ରତିନିଧିତ୍ୱ କରିଥିବା ସର୍ବ ପୁରାତନ ରାଜା ବାସୁଦେବ ଉଚ୍ଚ ବିଦ୍ୟାଳୟର ଛାତ୍ର ମାନଙ୍କୁ ସଫଳତା ମିଳିଛି। ଆଜି ଭୁବନେଶ୍ୱର ସ୍ଥିତ ସରକାରୀ ପ୍ରାରମ୍ଭିକ ଶିକ୍ଷକ ଶିକ୍ଷା ପ୍ରତିଷ୍ଠାନ ପରିସରରେ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ପ୍ରତିଯୋଗିତାରେ ୩୦ଟି ଜିଲ୍ଲାରୁ ପ୍ରଥମ ସ୍ଥାନ ଅଧିକାର କରିଥିବା ବିଦ୍ୟାଳୟ ଭାଗ ନେଇଥିଲେ। ରାଜା ବାସୁଦେବ ଉଚ୍ଚ ବିଦ୍ୟାଳୟ ଛାତ୍ର ମାନଙ୍କ ଦ୍ୱାରା ଅଭିନୀତ ଓ ଗୌର ଚରଣ ସାହୁଙ୍କ ଦ୍ୱାରା ନିର୍ଦ୍ଦେଶିତ ଏକାଙ୍କିକା ନାଟକ ‘ଅନୁତାପ’ ରାଜ୍ୟସ୍ତରରେ ପ୍ରଥମ ସ୍ଥାନ ଅଧିକାର କରି ଜାତୀୟସ୍ତର ନିମନ୍ତେ ମନୋନୀତ ହୋଇଛି। ନାଟକ ପରିଚାଳନାରେ ବିଜ୍ଞାନ ଶିକ୍ଷକ ସଞ୍ଜୟ ଦେହୁରୀ ଓ ଭାଗ୍ୟଶ୍ରୀ ଗିରି ସହଯୋଗ କରିଥିଲେ। ଏହି ସଫଳତା ପାଇଁ ନିର୍ଦ୍ଦେଶକ, ଗାଇଡ ଶିକ୍ଷକ, ଶିକ୍ଷୟିତ୍ରୀ, ଛାତ୍ର ମାନଙ୍କୁ ଜିଲ୍ଲା ଶିକ୍ଷା ଅଧିକାରୀ ଗେନ୍ଦେରା କୁଜୁର, ଜିଲ୍ଲା ବିଜ୍ଞାନ ନିରୀକ୍ଷିକା ଇପ୍ସିତା ପଟ୍ଟନାୟକ, ବିଦ୍ୟାଳୟ ପ୍ରଧାନଶିକ୍ଷକ ବରୁଣ ପ୍ରଧାନ, ଶିକ୍ଷକ ଈଶ୍ୱର ଚନ୍ଦ୍ର ସାହୁ ପ୍ରମୁଖ ଛାତ୍ର ମାନଙ୍କୁ ଶୁଭେଚ୍ଛା ଜଣାଇଛନ୍ତି।

# ଆଶ୍ରମ ସ୍କୁଲରେ ଏକକ ବ୍ୟବହୃତ ପ୍ଲାଷ୍ଟିକ ମୁକ୍ତ ସଚେତନତା କାର୍ଯ୍ୟକ୍ରମ

ଅମ୍ବାଭୋନା,୧୮।୧୧(ସମିସ): ପ୍ଲାଷ୍ଟିକ ପ୍ରଦୂଷଣକୁ ରୋକିବା ନିମନ୍ତେ ଶିକ୍ଷାର୍ଥୀମାନଙ୍କୁ ସଚେତନ କରିବା ଉଦ୍ଦେଶ୍ୟରେ ବରଗଡ଼ ଜିଲ୍ଲା ଭଟଲି ବ୍ଲକ୍ ଅନ୍ତର୍ଗତ ଗୋପାଳପୁର ଆଶ୍ରମ ସ୍କୁଲ ପରିସରରେ ବିଦ୍ୟାଳୟର ଇକୋ କ୍ଲବ୍ ପକ୍ଷରୁ ଏକକ ବ୍ୟବହୃତ ପ୍ଲାଷ୍ଟିକ ମୁକ୍ତ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି।

ବିଦ୍ୟାଳୟର ଇକୋ କ୍ଲବ୍ ଶିକ୍ଷକ ଉଛବ ଭୁଏଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଇକୋ କ୍ଲବ୍ ମାଷ୍ଟର ଟ୍ରେନର ତଥା ପରିବେଶବିତ ସଞ୍ଜୟ ଖମାରୀ ଯୋଗ ଦେଇ ଏକକ ବ୍ୟବହୃତ ପ୍ଲାଷ୍ଟିକକୁ ବର୍ଜନ କରି ପ୍ଲାଷ୍ଟିକ ନିର୍ମିତ ସାମଗ୍ରୀର ବିକଳ୍ପକୁ ବ୍ୟବହାର କରିବା ସକାଶେ ସମସ୍ତଙ୍କୁ ଆହ୍ୱାନ କରିଥିଲେ। ମୁଖ୍ୟ ବକ୍ତା ଭଟଲି ବନପାଳ ରାଜେନ୍ଦ୍ର ସିଂ ପ୍ଲାଷ୍ଟିକ ପ୍ରଦୂଷଣର ପ୍ରତିକୂଳ ପ୍ରଭାବ ବିଷୟରେ ଆଲୋକପାତ କରିଥିଲେ। ସମ୍ମାନିତ ଅତିଥି ଭାବେ ବିଦ୍ୟାଳୟ ପରିଚାଳନା କମିଟିର ଅଧ୍ୟକ୍ଷ ଅନନ୍ତ ସାହୁ, ସଦସ୍ୟ ଅଶୋକ ସାହୁ ଯୋଗ ଦେଇଥିବା ବେଳେ ଇକୋ କ୍ଲବ୍ ସଦସ୍ୟ ସକ୍ରିୟ ଅଂଶଗ୍ରହଣ କରିଥିଲେ। ଏହି ଅବସରରେ ପରିଷ୍କାର ପରିଚ୍ଛନ୍ନତା ପାଇଁ ବିଦ୍ୟାଳୟ ପରିସରରେ ସଫେଇ କାର୍ଯ୍ୟକ୍ରମ ହୋଇଥିଲା। ଶେଷରେ ଇକୋ କ୍ଲବ୍ ଶିକ୍ଷକ ଉଛବ ଭୁଏ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

## ଜୟ କିଷାନ୍ ଆନ୍ଦୋଳନ ପକ୍ଷରୁ ସମ୍ମିଳନୀ

# ପଞ୍ଜୀକରଣ ନକରି ଧାନମଣ୍ଡି ଖୋଲିବା ନିଷ୍ପତ୍ତିକୁ ବିରୋଧ

ବରଗଡ଼,୧୮।୧୧(ସମିସ): ଅତାବିରା ବଜାର ପ୍ରାଙ୍ଗଣରେ ଜୟ କିଷାନ ଆନ୍ଦୋଳନର ବ୍ଲକ୍‌ସ୍ତରୀୟ କର୍ମୀ ସମ୍ମିଳନୀ ବ୍ଲକ୍ ସଭାପତି ଭଞ୍ଜନ ବାରିକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଚଳିତ ଖରିଫ ଋତୁର ଧାନ ବିକ୍ରି ବ୍ୟବସ୍ଥା କିପରି ହେବ ତାହାକୁ ନେଇ ଚାଷୀ ଆଶଙ୍କାରେ ଥିବାବେଳେ ସରକାର ସେ ବିଷୟରେ କୌଣସି ସ୍ୱଷ୍ଟଚିତ୍ର ଦେଉନାହାନ୍ତି। ଅନ୍ୟ ପକ୍ଷରେ ଜିଲ୍ଲାର ୪ ହଜାରରୁ ଅଧିକ ଚାଷୀଙ୍କ ପଞ୍ଜୀକରଣ ନ ହେବା ଏବଂ ନଭେମ୍ବର ୨୮ରେ ଧାନମଣ୍ଡି ଖୋଲିବା ନିଷ୍ପତ୍ତିକୁ ସମ୍ମିଳନୀରେ ନିନ୍ଦା କରାଯାଇଥିଲା। ଅତାବିରା ନିୟନ୍ତ୍ରିତ ବଜାର କମିଟି ତରଫରୁ ପ୍ରଚାରପତ୍ର ଜାରି କରାଯାଇଥିଲା। ସରକାର ବଦଳିଛି ହେଲେ ଚାଷୀଙ୍କ ସମସ୍ୟା ଆଦୌ ବଦଳି ନାହିଁ ବୋଲି ଚାଷୀ ମତପୋଷଣ କରିଥିଲେ। ଆଗ ସରକାର



ସମୟରେ ଯେପରି ଚାଷୀ କଟ୍‌ନିଛଟ୍‌ନି ଓ ଦଲାଲଙ୍କ ଦୌରାତ୍ମ୍ୟର ଶୀକାର ହେଉଥିଲେ ବର୍ତ୍ତମାନ ସରକାର ସମୟରେ ତାହା ବନ୍ଦ ହେବା ବଦଳରେ ଆହୁରି ଅଧିକ ମାତ୍ରାରେ ବୃଦ୍ଧି ପାଇଛି। କିନ୍ତୁ ଚଳିତ ଖରିଫ ଋତୁରେ ଏହାକୁ ବରଦାସ୍ତ କରାଯିବ ନାହିଁ ବୋଲି ସମ୍ମିଳନୀରେ ମତପ୍ରକାଶ ପାଇଥିଲା। ନୀତି, ଆଦର୍ଶ ଓ ନୈତିକତାକୁ ଆଧାର କରି ଲଢ଼େଇ କରିବା ବୋଲି ବକ୍ତା ମାନେ ମତବ୍ୟକ୍ତ କରିଥିଲେ। ସମ୍ମିଳନୀରେ ବରିଷ୍ଠ ଚାଷୀ ନେତା ଶିବ ପ୍ରସାଦ ପ୍ରଧାନ, ଜୟ କିଷାନ ଆନ୍ଦୋଳନର ସାଧାରଣ ସମ୍ପାଦକ ହର ବଣିଆଁ, ମହେଶ୍ୱର ପ୍ରଧାନ, ଚଞ୍ଚଳ ପ୍ରଧାନ, ଅରୁଣ ପ୍ରଧାନ, ଜିତୁ ବେହେରା ପ୍ରମୁଖ ମଞ୍ଚାସୀନ ଥିଲେ। ଆର୍ତ୍ତତ୍ରାଣ, କୁନା ବେହେରା, ମହାପାତ୍ର, ବିରଞ୍ଚି ମହାକୁଡ, ପଲଉ ମାଝୀ ପ୍ରମୁଖ ନିଜ ନିଜ ମତ ରଖିଥିଲେ।

## ଗୋବିନ୍ଦପୁର କୃଷି ସମବାୟ ସମିତିରେ ମୋ ସେବା କେନ୍ଦ୍ର ଉଦ୍‌ଘାଟିତ

ବରଗଡ଼,୧୮।୧୧(ସମିସ): ବରଗଡ଼ ବ୍ଲକ୍ ଅଧୀନ ଗୋବିନ୍ଦପୁର ସମବାୟ ସମିତିରେ 'ମୋ ସେବା କେନ୍ଦ୍ର' ଗୋବିନ୍ଦପୁର ସମବାୟ ସମିତିର ସଭାପତି ପ୍ରଫୁଲ୍ଲ ନାଏକଙ୍କ ଦ୍ୱାରା ଉଦ୍‌ଘାଟିତ ହୋଇଛି। ପାକ୍ସର ସମ୍ପାଦକ ଅଶୋକ ଥପା, ପାକ୍ସ ନିର୍ଦ୍ଦେଶକ ଅନନ୍ତ ମହାପାତ୍ର, ରାଜେଶ୍ୱର ସାହୁ, ଈଶ୍ୱର ବାଗ୍, ବୀରବଲ ମହାକୁର, ବ୍ୟାସଦେବ ନାଏକ, ତରୁଣ ନାଏକ, ଶ୍ରୀକାନ୍ତ ମହାପାତ୍ର, ଅଶୋକ ସାହୁ, ପ୍ରିୟାରିଲାଲ ସାହୁ, ଧବଳେଶ୍ୱର ମେହେର, ସରୋଜ ଭୋଇ, କୃଷ୍ଣଚନ୍ଦ୍ର ଦାସ, ଲକ୍ଷଣ ପଧାନ, ସୁଶିଲ ଖମାରୀଙ୍କ ସହ ବରିଷ୍ଠ ଚାଷୀ ଛତ୍ରପତି ଭୋଇ, ରଘୁନାଥ ମହାପାତ୍ର ସହ ପାକ୍ସର ସମସ୍ତ କର୍ମଚାରୀ ଏହି ଉଦ୍‌ଘାଟନୀ ଉତ୍ସବରେ ସାମିଲ ଥିଲେ।

# ଭେଡେନ ବ୍ଲକ୍‌ସ୍ତରୀୟ ବାଲ୍ ବୈଜ୍ଞାନିକ ପ୍ରଦର୍ଶନୀ ମେଳା

ଭେଡେନ,୧୮।୧୧(ସମିସ): ଭେଡେନ ବ୍ଲକ୍ ସ୍ତରୀୟ ବାଲ ବୈଜ୍ଞାନିକ ପ୍ରଦର୍ଶନୀ ୨୦୨୫ ବରପଦର ଅଛାଣ୍ଡପାଲି ଆଞ୍ଚଳିକ ନୋଡାଲ ଉଚ୍ଚ ବିଦ୍ୟାଳୟ, ବରପଦର ଠାରେ ଭେଡେନ ବିଇଓ ମଛିନ୍ଦ୍ର ମଲ୍ଲିକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଉଦ୍‌ଘାଟନୀ ଉତ୍ସବରେ ମୁଖ୍ୟ ଅତିଥି ଭାବେ ବରଗଡ଼ ଏଏଡିଇଓ ସରୋଜ ଭୁଏ ଓ ସମ୍ମାନିତ ଅତିଥି ଭାବେ ବରଗଡ଼ ଏଡିଇଓ ବିନୟ ସଏ, ସାଂସଦ ପ୍ରତିନିଧି ତୋଷବନ୍ତ ସେଠ୍, ବିଧାୟକ ବିଦ୍ୟାଳୟ ପ୍ରତିନିଧି ଦିଗାମ୍ବର ଦାଶ, ଭେଡେନ ବ୍ଲକ୍ ଅଧ୍ୟକ୍ଷା ସୁପ୍ରଭା ମହାଲିଙ୍ଗ, ଜିଲ୍ଲା ପରିଷଦ ସଭ୍ୟା ପଦ୍ମିନୀ ଗଡତିଆ, ଭେଡେନ ବିଡିଓ କର୍ଣ୍ଣ ସୁନା, ଅତାବିରା ବିଇଓ ମିଶ୍ରାଣୀ କୁମ୍ଭାର, ବିଜ୍ଞାନ ଶିକ୍ଷକ ଅମ୍ଳାନ ପାଣ୍ଡିଆ, ଲୁହାଖଣ୍ଡି ସରପଞ୍ଚ ମୀରା ମହାକୁର, ସମିତି ସଭ୍ୟା ପଙ୍କଜିନି ପଶାୟତ, ଏବିଇଓ ହେମବତି ମେହେର, ଅବସରପ୍ରାପ୍ତ ଶିକ୍ଷକ ଅଗ୍ନୀ ପଧାନ, ଭେଡେନ ସୂର୍ଯ୍ୟମଣି ଜନତା ଉଚ୍ଚ ବିଦ୍ୟାଳୟ ପଧାନଶିକ୍ଷକ ରଞ୍ଜନ ନାଏକ, ପ୍ରଧାନଶିକ୍ଷକ ରିମାଧର ଭୁଏ, ଭେଡେନ ବ୍ଲକ୍ ବିଜ୍ଞାନ ନିରୀକ୍ଷକ ସଞ୍ଜୀବ ପଧାନ, ସିଡିପିଓଙ୍କ ପ୍ରତିନିଧି ଭାବେ ପଙ୍କଜିନି ବିଶ୍ୱାଳ, ସୁଭାଷିନୀ ଧୂସର ଓ ସନ୍ତୋଷ ବାଗ ଚେୟାରମ୍ୟାନ ସ୍ଥାନୀୟ ବିଦ୍ୟାଳୟ ଯୋଗ ଦେଇଥିଲେ। ପ୍ରଦର୍ଶନୀରେ ମୋଟ ୧୩୭ଟି ପ୍ରକଳ୍ପ ସ୍ଥାନ ପାଇଥିଲା। ୮ଟି ବିଭାଗର ବିଭାଗରୁ ପ୍ରଥମ ସ୍ଥାନ ଅଧିକାର କରିଥିବା କୃତୀ ପ୍ରତିଯୋଗୀ ଜିଲ୍ଲାସ୍ତରୀୟ ବାଲ ବୈଜ୍ଞାନିକ ପ୍ରଦର୍ଶନୀରେ ଭାଗ ନେବେ। ଉଦ୍‌ଯାପନୀ ଉତ୍ସବରେ ବିଇଓ ଭେଡେନଙ୍କ ଅଧ୍ୟକ୍ଷତାରେ ମୁଖ୍ୟ ଅତିଥି ଭାବେ ବରଗଡ଼ ଡିଏସଏସ ଧିରଜ ପଟ୍ଟନାୟକ ଓ ସମ୍ମାନିତ ଅତିଥି ଭାବେ ଫକିର ମୋହନ ସାହୁ, ଯୋଗେଶ ଚନ୍ଦ୍ର ପଧାନ, ସନନ୍ତ ଦାସ, ଭେଡେନ ନାଗରିକ କମିଟିର ସଭାପତି ସ୍ୱାଧୀନ ରଥ, ଆନନ୍ଦ ଅଗ୍ରୱାଲ, ବରଗଡ଼ ପଞ୍ଚ ସଖା ଶିକ୍ଷା ସେତୁ ସଂଯୋଜକ ପ୍ରିୟବ୍ରତ ସାହୁ ପ୍ରମୁଖ ଯୋଗ ଦେଇଥିଲେ। ଶିକ୍ଷକ ସଞ୍ଜୀବ ପଧାନ ବାର୍ଷିକ ବିବରଣୀ ପଠନ କରିଥିଲେ। ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ ଅଧିକାର କରିଥିବା କୃତୀ ପ୍ରତିଯୋଗୀ ମାନଙ୍କୁ ପ୍ରମାଣପତ୍ର ଓ ଟ୍ରଫି ପ୍ରଦାନ କରାଯାଇଥିଲା।



ବିଚାରକ ଭାବେ ଅଶୋକ ପଣ୍ଡା, ମନୋଜ ବାରିକ, ସତ୍ୟନାରାୟଣ ମିଶ୍ର, ସରୋଜ ସାହୁ, ହେମନ୍ତ ମେହେର ଓ ଆନନ୍ଦ କର୍ଣ୍ଣ ପ୍ରମୁଖ ଯୋଗ ଦେଇଥିଲେ। ସେମାନଙ୍କୁ ପୁଷ୍ପଗୁଚ୍ଛ ଓ ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା। ଉଦ୍‌ଘାଟନୀ ଓ ଉଦ୍‌ଯାପନୀ ସଙ୍ଗୀତ ସ୍ଥାନୀୟ ବିଦ୍ୟାଳୟର ଛାତ୍ରୀ କାଜଲ ପଣ୍ଡାଙ୍କ ସଂଯୋଜନାରେ ପରିବେଷଣ କରାଯାଇଥିଲା। ଶିକ୍ଷକ ଗୋବିନ୍ଦ ସେଠ୍, ଛାତ୍ରୀ ସାଲୋନି ମହାକୁର ଓ ବିଜୟା ପଧାନ ମଞ୍ଚ ପରିଚାଳନା କରିଥିଲେ। ବିଭିନ୍ନ ବିଦ୍ୟାଳୟରୁ ଆସିଥିବା ଛାତ୍ରଛାତ୍ରୀଙ୍କ ଦଳଗତ ନୃତ୍ୟ ବେଶ ଚିତ୍ତାକର୍ଷକ ଥିଲା। ସେମାନଙ୍କୁ ପ୍ରମାଣପତ୍ର ଓ ଟ୍ରଫି ଦେଇ ସମ୍ମାନିତ କରାଗଲା। ପ୍ରଧାନଶିକ୍ଷକ ରିମାଧର ଭୁଏ ଧନ୍ୟବାଦ ଅର୍ପଣ କରିଥିଲେ।

## ପାଇକମାଳ କୁବେରସାଇର ବାର୍ଷିକ ଉତ୍ସବ

ପାଇକମାଳ,୧୮।୧୧(ସମିସ): ପାଇକମାଳ କୁବେର ସାଇର ବାର୍ଷିକ ଉତ୍ସବ ପାଇକମାଳ ସାଇ ମନ୍ଦିର ପରିସରରେ ଅନୁଷ୍ଠିତ ହୋଇଯାଇଛି। ପାଇକମାଳ କୁବେର ସାଇର ସଭାପତି ସୁରଥ ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି ଭାବେ ପଶ୍ଚିମାଞ୍ଚଳ ଓଡ଼ିଶା ଛତିଶଗଡ଼ କୁବେର ସମାଜ ମହାସଭା ସଭାପତି ଲକ୍ଷ୍ମଣ ସାହୁ, ସମ୍ମାନିତ ଅତିଥି ଭାବେ ମହାସଭା ଯୁବାମଞ୍ଚ ସଭାପତି ଲିଙ୍ଗରାଜ ସାହୁ, ମହାସଭା ମାତୃମଞ୍ଚ ସମ୍ପାଦିକା ରଶ୍ମିତା ସାହୁ ପ୍ରମୁଖ ଯୋଗ ଦେଇଥିଲେ। ପାଇକମାଳ ମାତୃମଞ୍ଚ ସଭାନେତ୍ରୀ ବଉଳ ସାହୁ ଓ ସମ୍ପାଦିକା ଲକ୍ଷ୍ମୀ ସାହୁ ଭାଗବତ ପଠନ କରି ସଭା ଆରମ୍ଭ କରାଯାଇଥିଲା। ସମ୍ପାଦକ ସୁଶାନ୍ତ ସାହୁ ବାର୍ଷିକ ବିବରଣୀ ସହ ଗତ ବର୍ଷର ଆୟ ବ୍ୟୟର ହିସାବ ପଠନ କରିଥିଲେ। ସାଇର ବୟୋଜ୍ୟେଷ୍ଠ ସଦସ୍ୟ ଜଗନ୍ନାଥ ସାହୁଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ପାଇକମାଳ କୁବେର ସାଇ ସଭାପତି ଭାବେ ସୁରଥ ସାହୁ ଓ ସମ୍ପାଦକ ଭାବେ ସୁଶାନ୍ତ ସାହୁଙ୍କୁ ପୁନର୍ବାର ମନୋନୀତ କରାଯାଇଥିଲା। ପାଇକମାଳ ସାଇର ବିଦ୍ୟୁଲତା ସାହୁ, ସରୋଜିନୀ ସାହୁ, ପିଙ୍କି ସାହୁ, ସଞ୍ଜୁଲତା ସାହୁ, ଧରଣୀଧର ସାହୁ, କୈଳାସ ସାହୁ, ପ୍ରଫୁଲ ସାହୁ, ସଚ୍ଚିଦାନନ୍ଦ ସାହୁ, ଭାଗ୍ୟଧର ସାହୁ, ନିଲେଶ ସାହୁ, ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ସାଇର ପ୍ରଫୁଲ ସାହୁ ଧନ୍ୟବାଦ ଦେଇଥିଲେ।

## ଜମୁର୍ଡା ଗାଁରେ ଆଇନ୍ ସଚେତନତା ଶିବିର

ବରଗଡ଼,୧୮।୧୧(ସମିସ): ବରଗଡ଼ ଜିଲ୍ଲା ଆଇନ ସେବା ପ୍ରାଧିକରଣ ଆନୁକୂଲ୍ୟରେ ୧୮ ତାରିଖ ଜର୍ମୁଡା ଗାଁର କଲ୍ୟାଣ ମଣ୍ଡପରେ ଏକ ଆଇନ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। ଶିବିରରେ ଜିଲ୍ଲା ଆଇନ ସେବା ପ୍ରାଧିକରଣ, ବରଗଡ଼ର ସଚିବ ବିଭୂତି ଭୂଷଣ ନାୟକ ମୁଖ୍ୟ ପ୍ରତିପକ୍ଷ ଓକିଲ ମନସୀ ସାହୁ ଯୋଗ ଦେଇଥିଲେ। ଛାତ୍ରଛାତ୍ରୀଙ୍କ ପାଇଁ ଉଦ୍ଦିଷ୍ଟ ଶିକ୍ଷା ଅଧିକାର ଆଇନ, ମାଗଣା ଶିକ୍ଷା ଓ ସର୍ବଶିକ୍ଷା ଅଭିଯାନ ଏବଂ ଆଗାମୀ ଦିନରେ କିପରି ଡ୍ରପଆଉଟ୍ ଷ୍ଟୁଡେଣ୍ଟ ସଂଖ୍ୟାରେ ହ୍ରାସ ପାଇବ ସେ ଉପରେ ଆଲୋଚନା କରାଯାଇଥିଲା।

## ଗାଇସୀମା ପଞ୍ଚାୟତରେ ଟିବି ମୁକ୍ତ କାର୍ଯ୍ୟକ୍ରମ



ବରଗଡ଼,୧୮।୧୧(ସମିସ): ଗାଇସୀମା ପଞ୍ଚାୟତ କାର୍ଯ୍ୟାଳୟରେ ଟିବି ମୁକ୍ତ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସରପଞ୍ଚ ଧିରନ ମହାପାତ୍ରଙ୍କ ନେତୃତ୍ୱରେ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। କାର୍ଯ୍ୟକ୍ରମରେ ଅଙ୍ଗନବାଡି କର୍ମୀ ମାନଙ୍କ ଦ୍ୱାରା ବିଭିନ୍ନ ବିଷୟରେ ଆଲୋଚନା କରାଯାଇଥିଲା। ସମସ୍ତଙ୍କ ସହମତିରେ ଗାଇସୀମା ପଞ୍ଚାୟତକୁ ଟିବି ମୁକ୍ତ କରିବା ପାଇଁ ଶପଥ ନିଆଗଲା। ସରକାରଙ୍କ ସହାୟତାରେ ସୁସ୍ଥ ହୋଇଥିବା ଟିବି ଯୋଦ୍ଧା ମାନଙ୍କୁ ପଞ୍ଚାୟତ ସରପଞ୍ଚ ଧିରନ ମହାପାତ୍ରଙ୍କ ଦ୍ୱାରା ରାସନ ସାମାନ ଏବଂ ଉପଢୌକନ ଦେଇ ସମ୍ମାନିତ କରାଯାଇଥିଲା। ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ସହଯୋଗ ସହ କାର୍ଯ୍ୟକ୍ରମରେ ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀ ମିଲୁ ଭୋଇ, ଅଙ୍ଗନବାଡି କର୍ମୀ, ଏମବିକେ, ସିଆରପି, ବ୍ୟାଙ୍କମିତ୍ର, ସ୍ୱୟଂ ସହାୟିକା ଗୋଷ୍ଠୀ ମହିଳା ସହ ଗ୍ରାମବାସୀ ଉପସ୍ଥିତ ଥିଲେ।

## କଫ ସିରପ୍ ଜବତ କଲା ଅବକାରୀ ବିଭାଗ

ବରଗଡ଼,୧୮।୧୧(ସମିସ): ଜିଲ୍ଲା ଅବକାରୀ ବିଭାଗ ପକ୍ଷରୁ ବେଆଇନ କଫ ସିରପ ଜବତ କରାଯାଇଛି। ଅବକାରୀ ଅଧୀକ୍ଷକ ସୁବନ ନାୟକଙ୍କ ନିର୍ଦ୍ଦେଶାନୁସାରେ ଉପଅଧୀକ୍ଷକ ଦିବ୍ୟରଞ୍ଜନ ରାଉତଙ୍କ ତତ୍ତ୍ୱାବଧାନରେ ଅବକାରୀ ନିରୀକ୍ଷକ ରଶ୍ମିତା ଲାକ୍ରା ଓ ଗୋକୁଳ ଧରଙ୍କ ନେତୃତ୍ୱରେ ଦୁଇଟି ଟିମ ମହୁଲପାଲି ତୁରୁମ ଅଞ୍ଚଳରେ ରାତ୍ରିରେ ପାଟ୍ରୋଲିଂ କରୁଥିଲେ। ଏହି ସମୟରେ ଭେଡେନ ପଟକୁ ଆସୁଥିବା ଏକ ବାଇକ ଉପରେ ସନ୍ଦେହ ହେବାରୁ ତାହାକୁ ଅଟକାଇ ତଲାସୀ କରିଥିଲେ। ଏଥିରେ ୧୯୪ ଟି କଫସିରପ୍ ବୋତଲ ଜବତ କରିଛନ୍ତି। ଏହାର ସମ୍ପୃକ୍ତିରେ ରୁଷୁଡାର ରୋଶନ ଦେହେରୀକୁ ଗିରଫ କରି କୋର୍ଟ ଚାଲାଣ କରାଯାଇଥିବା ସୂଚନା ରହିଛି। ଜବତ ତଥା ତଦନ୍ତ ଅଧିକାରୀ ନିରୀକ୍ଷକ ଗୋକୁଳ ଧରଙ୍କ ଅନୁସାରେ ସମ୍ପୃକ୍ତ ଆସାମୀକୁ ଭୋର ସମୟରେ ରୁଷୁଡା ଛକରୁ ଗିରଫ କରାଯାଇଥିଲା।

## ଦୁର୍ଗେଇ ଖୋଲ ଯାତ୍ରା ପାଇଁ ପ୍ରସ୍ତୁତି

ପାଇକମାଲ,୧୮।୧୧(ସମିସ): ପ୍ରସିଦ୍ଧ ଗନ୍ଧମାର୍ଦ୍ଦନ ପର୍ବତରେ ଥିବା ଦୁର୍ଗେଇ ଖୋଲରେ ପ୍ରତିବର୍ଷ ଦୁର୍ଗେଇ ଖୋଲ ଦୁର୍ଗା ଦେବୀଙ୍କ ମାର୍ଗଶିର ମାସ ଶେଷ ଗୁରୁବାର ପୂର୍ଣ୍ଣିମା ଦିନ ପୂଜା ସହ ଯାତ୍ରା ଅନୁଷ୍ଠିତ ହୋଇଥାଏ। ଏନେଇ ବରଗଡ଼ ଜିଲ୍ଲା ପାଇକମାଳ ବ୍ଲକ୍ ମିଠାପାଲି ପଞ୍ଚାୟତ ମନଭଙ୍ଗ ଡ୍ୟାମ ନିକଟରେ ଦୁର୍ଗେଇ ଖୋଲ ଯାତ୍ରା ପାଇଁ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଯାତ୍ରା ପରିଚାଳକ କମିଟି ସଭାପତି ମଧୁସୂଦନ ପାଣ୍ଡେଙ୍କ ଅଧ୍ୟକ୍ଷତାରେ ମଙ୍ଗଳବାର ବୈଠକ ବସିଥିଲା। ବୈଠକରେ ଆସନ୍ତା ଡିସେମ୍ବର ୪ ଓ ୫ ତାରିଖ ଦୁଇଦିନ ଧରି ଯାତ୍ରା ଅନୁଷ୍ଠିତ ହେବ ବୋଲି କମିଟି ପକ୍ଷରୁ ନିଷ୍ପତ୍ତି ନିଆଯାଇଛି। ମାଁଙ୍କ ପୂଜନୋତ୍ସବ କିପରି ଶାନ୍ତି ଶୃଙ୍ଖଳାରେ ସମାପନ ହେବା ସହ କୌଣସି ମାଦକ ଦ୍ରବ୍ୟ ବିକ୍ରୟ ନ ହେବ ସେଥିପ୍ରତି ଦୃଷ୍ଟି ଦେବାକୁ ସଭାପତି ଶ୍ରୀ ପାଣ୍ଡେ ମତବ୍ୟକ୍ତ କରିଥିଲେ। ପୀଠର ଉନ୍ନତି ନେଇ ଆଲୋଚନା କରାଯାଇଥିଲା। ବୈଠକରେ ଅନ୍ୟମାନଙ୍କ ମଧ୍ୟରେ କନ୍ଧ ସମାଜର ସଭାପତି ରଣଜିତ ମଲ୍ଲିକ, ମାଁ ଦୁର୍ଗେଇ ଦେବୀ କମିଟି ସମ୍ପାଦକ ବେଣୁଧର ଧରୁଆ, ମନଭଙ୍ଗ ଗୌନ୍ତିଆ ମହେନ୍ଦ୍ର ମଲ୍ଲିକ, ପୂଜକ ସୁବାଷ ମଲ୍ଲିକ, ସଚିଦା ମଲ୍ଲିକ, ମହେନ୍ଦ୍ର ମଲ୍ଲିକ, ତ୍ରିନାଥ ମଲ୍ଲିକ, ବକୁଳ ମଲ୍ଲିକ, ଦେହେରୀ ବିଶିକେଶନ ମଲ୍ଲିକ, ପାନ୍ତି ନୂତନ ଭୂଏଙ୍କ ସମେତ ଭଦ୍ରବ୍ୟକ୍ତି ମଦନ ମାଝୀ, ରାଧେଶ୍ୟାମ ମେହେର, ନିର୍ମଳ ପଟେଲ, ୱାର୍ଡ ମେମ୍ବର ସୁରେନ୍ଦ୍ର ମଲ୍ଲିକ, ଗୋବିନ୍ଦ ଭୂଏ, ନକୁଳ କଲେତ, ଗୋପାଳ ମାଝୀ, ନୁତନ ଭୁଏ, ଗୋପାଳ ମାଝୀଙ୍କ ସମେତ ମନଭଙ୍ଗ, କୁଡାରୀଫସା, ଲଉଡିମାଲ, ପିପଲଖୁଣ୍ଟା, ମୋତିପାଲି, ପତ୍ରାପାଲି, ବିଜୟ ନଗର, ଲୁକୁପାଲି, ମନ୍ମଥପାଲି, ନୂଆଁଗାଁ ଓ ମିଠାପାଲି ପଞ୍ଚାୟତର ବହୁ ମାନ୍ୟଗଣ୍ୟ ବ୍ୟକ୍ତି ଯୋଗ ଦେଇଥିଲେ। ଶେଷରେ ସଭାପତି ମଧୁସୂଦନ ପାଣ୍ଡେ ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ।

## ଟ୍ରାଫିକ ସମସ୍ୟାରେ ସୂର୍ଯ୍ୟନଗର ପଡ଼ାବାସୀ ଅତିଷ୍ଠ



ପଦ୍ମପୁର,୧୮।୧୧(ସମିସ): ପଦ୍ମପୁର ସୂର୍ଯ୍ୟ ନଗରରେ ଏବେ ଟ୍ରାଫିକ୍ ସମସ୍ୟା ଉକ୍ରଟ ହେବାରେ ଲାଗିଛି। ରାସ୍ତା ଜବରଦଖଲ, ଅବରୋଧ ଏବଂ ଅଞ୍ଚଳରେ ଛତୁ ଫୁଟିବା ଭଳି ଖୋଲିଥିବା କ୍ଲିନିକ୍ ଓ ପାଥୋଲୋଜି ସେଣ୍ଟର ଗୁଡିକ କାରଣରୁ ସ୍ୱଚ୍ଛତା ସମସ୍ୟା ମଧ ଦେଖାଦେଇଛି। ଅଞ୍ଚଳର ସଙ୍କୀର୍ଣ୍ଣ ରାସ୍ତାଗୁଡ଼ିକ ଏବେ ଦୁଇଚକିଆ ଯାନବାହାନରେ ଭର୍ତ୍ତି ହୋଇଛି। କ୍ଲିନିକ୍ ଓ ପାଥୋଲୋଜି ସେଣ୍ଟରକୁ ଆସୁଥିବା ରୋଗୀ ମାନଙ୍କ ଯୋଗୁ ରାସ୍ତା ଅବରୋଧ ହେଉଛି। ଫଳରେ ଟ୍ରାଫିକ ଜାମ୍ ହେଉଥିବାରୁ ସ୍ଥାନୀୟ ବାସିନ୍ଦା ହଇରାଣ ହେଉଛନ୍ତି। ଟ୍ରାଫିକ୍ ସମସ୍ୟା ସହିତ ସ୍ୱଚ୍ଛତା ଏକ ବଡ଼ ସମସ୍ୟା ଭାବେ ଉଭା ହୋଇଥିବା ସ୍ଥାନୀୟ ବାସିନ୍ଦା ଅଭିଯୋଗ କରିଛନ୍ତି। ରାସ୍ତା କଡରେ ପ୍ଲାଷ୍ଟିକ ଆବର୍ଜନା, ପରିତ୍ୟକ୍ତ ରାପର, ବ୍ୟବହୃତ ଡାଇପର, କାଗଜର ଆଦି ପଡ଼ି ରହୁଛି। ଏହି କ୍ଲିନିକ୍ ଗୁଡ଼ିକର ଉପସ୍ଥିତି ସ୍ୱଚ୍ଛତାକୁ ସହ ବାସିନ୍ଦାଙ୍କ ଗୋପନୀୟତାକୁ ମଧ୍ୟ କ୍ଷୁର୍ଣ୍ଣ କରିଛି। ଲୋକେ ଏହି ସବୁ ବ୍ୟବସାୟିତ ପ୍ରତିଷ୍ଠାନର ବୈଧତାକୁ ନେଇ ପ୍ରଶ୍ନ କରିଛନ୍ତି। ସୂର୍ଯ୍ୟ ନଗର ମୁଖ୍ୟତଃ ଆବାସିକ ଅଞ୍ଚଳ ହୋଇଥିବାରୁ ସେଠାରେ କ୍ଲିନିକ୍ କିମ୍ବା ପାଥୋଲୋଜି ସେଣ୍ଟର ପ୍ରତିଷ୍ଠା ପାଇଁ କିଏ ଅନୁମତି ଦେଲା ବୋଲି ସେମାନେ କହିଛନ୍ତି। ଆବାସିକ ଅଞ୍ଚଳରେ କ୍ଲିନିକ୍ ଓ ପାଥୋଲୋଜି ସେଣ୍ଟର ପ୍ରତିଷ୍ଠାକୁ ନିୟନ୍ତ୍ରଣ କରିବା ପାଇଁ ଉପଯୁକ୍ତ ପଦକ୍ଷେପ ଗ୍ରହଣ କରିବାକୁ ସ୍ଥାନୀୟ ଲୋକେ ପୌରପାଳିକାକୁ ଅନୁରୋଧ କରିଛନ୍ତି।

# ଜିଲ୍ଲା ସମାଜସେବୀ ସଂଘ ପକ୍ଷରୁ ରାଜ୍ୟସ୍ତରୀୟ ବନ୍ଧୁମିଳନ

ବରଗଡ଼,୧୮।୧୧(ସମିସ): ଜିଲ୍ଲା ସମାଜସେବୀ ସଂଘ ବରଗଡ଼ ତରଫରୁ ରାଜ୍ୟସ୍ତରୀୟ ସମାଜସେବୀ ବନ୍ଧୁମିଳନ ୨୦୨୫ ଯଦୁମଣି ପ୍ରଧାନ ଅଡିଟୋରିୟମ ଠାରେ ଅନୁଷ୍ଠିତ ହୋଇଛି। ରାଜ୍ୟର ସମାଜସେବୀ ମାନଙ୍କ ମଧ୍ୟରେ ସମ୍ପର୍କ ସ୍ଥାପନ ଏହାର ଉଦ୍ଦେଶ୍ୟ ରହିଥିଲା। ମୁଖ୍ୟ ଅତିଥି ରୂପେ ପଦ୍ମଶ୍ରୀ ଭାଗବତ ପ୍ରଧାନ, ସମ୍ମାନିତ ଅତିଥି ଡ.ଶଙ୍କର ରାମଚନ୍ଦାନି, ଜିଲ୍ଲା ପରିଷଦ ସଭାପତି ମାନିନୀ ଭୋଇ, ସମାଜସେବୀ ଗୀତା ମିଶ୍ର, ଡ.ସସ୍ମିତା ଦାଶ, ବିଶ୍ୱହିନ୍ଦୁ ପରିଷଦର ଅଶ୍ୱିନୀ ମେହେର, ସମାଜସେବୀ ମମତା ପୁରୋହିତ, ଅଞ୍ଜନା ଦାଶ, ସଂଘର ମାର୍ଗଦର୍ଶକ ବିକାଶ ସେନ, ବିରେନ ପଧାନ, ଅକ୍ରୁର ମଲ୍ଲିକ ପ୍ରମୁଖ ଉପସ୍ଥିତ ଥିଲେ।

କଣ୍ଠଶିଳ୍ପୀ ଏମଡି ଟଫିକ ଖାନ ସମଲେଇ ଭଜନ ପରିବେଷଣ କରି କାର୍ଯ୍ୟକ୍ରମ ଆରମ୍ଭ କରିଥିଲେ। କାର୍ଯ୍ୟକ୍ରମରେ ୬ ଜଣ ଶାରୀରିକ ଅକ୍ଷମ ବ୍ୟକ୍ତି ସୁଜାତା ବର୍ଗତି, ମାନସ ବାଗ, ମାଗଦାରୀ ସୁନା, କୁଲ ମହାକୁଡ, ରୋହିତ ବନଛୋର, ରଜତ ଭୋଇଙ୍କୁ ତିନି ଚକିଆ ସାଇକଲ ବଣ୍ଟନ କରାଯାଇଥିଲା। ସଂଘ ପକ୍ଷରୁ ନିଶୁଳ୍କ କମ୍ପ୍ୟୁଟର ଶିକ୍ଷାର ପରୀକ୍ଷାରେ ଉତ୍ତୀର୍ଣ୍ଣ ପ୍ରଥମ ୩ ଜଣ ଛାତ୍ରଙ୍କୁ କମ୍ପ୍ୟୁଟର ପ୍ରଦାନ କରା ଯାଇଥିଲା। ରାଜ୍ୟର ୨୭ଟି ଜିଲ୍ଲାର ସମାଜସେବୀ ସଂଘ ତଥା ସ୍ୱାଭିମାନ ସେବା ସଂଘ, ପଞ୍ଚବଟୀ କମ୍ୟୁନିଟି ମ୍ୟାନେଜେମେଣ୍ଟ ଗ୍ରୁପ, ଏଶିନେଶ୍ୱର ଶିଶୁ ସୁରକ୍ଷା ଟ୍ରଷ୍ଟ, ସୁଚିନ୍ତା ଚାରିଟେବୁଲ ଟ୍ରଷ୍ଟ, ମାନବସେବା ଚାରିଟେବଲ ଟ୍ରଷ୍ଟ, କନ୍ଧମାଳ ଜିଲ୍ଲା ସବୁଜ ବିଦ୍ୟା ସଂଗଠନ, ପତିତପାବନ ଫାଉଣ୍ଡେସନ, ଶ୍ରୀ ସାଇ ସେବା ସଂଘ, ବର୍ଣ୍ୟକ ଫାଉଣ୍ଡେସନ, ଗୋପବନ୍ଧୁ ସେବକ ସେନା, ଆସ ଖୁସି ବାଣ୍ଟିବା, ଗୋପବନ୍ଧୁ ଚାରିଟେବଲ ଟ୍ରଷ୍ଟ, ଆମେ ଆପଣଙ୍କ ସେବାରେ ସଂଗଠନ, ଡିଆର୍‌କେ ଫାଉଣ୍ଡେସନ, ସୋସିଆଲ ୱର୍କ ଆଣ୍ଡ ସୋସିଆଲ ମିଡ଼ିଆ, ସିଦ୍ଧାର୍ଥ ସାହା ଗ୍ରୁପ, ଫାଇଟର ଗ୍ରୁପ, ବୁଢ଼ାରଜା ଯୁବ ସମାଜସେବୀ ସଂଗଠନ, ସମର୍ପିତ ସେବା ସଂସ୍ଥାନ, ଗଙ୍ଗାଧର ମେହେର ସ୍ୱେଚ୍ଛାସେବୀ ସମିତି, ଏଇତ ଜୀବନ ଚାରିଟେବଲ ଟ୍ରଷ୍ଟ, ବଲାଙ୍ଗିର ସ୍ୱେଚ୍ଛାସେବୀ ସଂଗଠନ, ଛାତ୍ରରକ୍ତଦାତା ମହାସଂଘ, ଜିଲ୍ଲା ଭିନ୍ନକ୍ଷମ ସମିତି, ହେଲଫିଂ ଫର ହେଲ୍ପଲେସ ପିପୁଲ, ଦେବଦୂତ ସେବା ପରିଷଦ ଆଦି ସଂଗଠନ ଯୋଗ ଦେଇଥିଲେ। ବ୍ୟକ୍ତି ବିଶେଷ ଯଥା ଅଶୋକ ଅଗ୍ରୱାଲ, ମମତା ଅଗ୍ରୱାଲ, ରୀନା ମହାପାତ୍ର, ପ୍ରେମାନନ୍ଦ ଥପା, ଅସମାନ ପାତ୍ର, ଆମରନାଥ ଭୋଇ, ରାଜକିଶୋର ପାଣିଗ୍ରାହୀ, ସଞ୍ଜୀବ ମେହେର, ସୁଶାନ୍ତ ସାହୁ, ଅଶୋକ ଛତର, ସଞ୍ଜୀବ ସୁନା, ରାଜୁ ମହାନନ୍ଦ, ବିଭୁଦତ୍ତ ବିଶ୍ୱାଳ, ମୁକୁନ୍ଦ ବିଶ୍ୱାଳ, କୁଶ ମଲ୍ଲିକ, ରାଜେଶ ନନ୍ଦ, ସଂସ୍କାର ଗ୍ରୁପ, ସୁଖ ମଲ୍ଲିକ, ସୁରେନ୍ଦ୍ର ତାଣ୍ଡି, କଳାକାନହୁ ଦୀପ, ନଟେଶ, ବାପୁଜୀ ସ୍ୱତନ୍ତ୍ର ବିଦ୍ୟାଳୟ, ମହାବୀର ନରସିଂହ କଲେଜ, ପାଇନର କୋସିଙ୍ଗ, ମୀଟ କମ୍ପ୍ୟୁଟର, ଅପ୍ରିଇଜ କଲେଜ, ବିଦ୍ୟାଶ୍ରୀ ବିଜ୍ଞାନ ଶିକ୍ଷାନୁଷ୍ଠାନ, ଯୁବଶକ୍ତି ଗ୍ରୁପଙ୍କୁ ଉପଢୌକନ ଓ ମାନପତ୍ର ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା। କାର୍ଯ୍ୟକ୍ରମ ସମାଜସେବୀ ସଂଘ ବରଗଡ଼ର ସଭାପତି ବଳିଷ୍ଠ ଦୁର୍ଗାଙ୍କ ନେତୃତ୍ୱରେ ହୋଇଥିଲା। କଣ୍ଠଶିଳ୍ପୀ ବୁଲୁ ପଣ୍ଡା, ତପସ୍ୱିନୀ, ସୁଶାନ୍ତ ଗର୍ତିଆ ସଂଗୀତ ପରିବେଷଣ କରି କରିଥିଲେ। ରାଜ୍ୟର ୯୨ଟି ସ୍ୱେଚ୍ଛାସେବୀ ସଂଗଠନକୁ ନେଇ ଆଜି ଗୋଟିଏ ରାଜ୍ୟ ସମାଜସେବୀ ସଂଘ ଗଠନ କରାଯାଇ ସମାଜସେବୀ ବଳିଷ୍ଠ ଦୁର୍ଗାଙ୍କୁ ରାଜ୍ୟ ସଭାପତି ରୂପେ ଘୋଷଣା କରାଗଲା। କାର୍ଯ୍ୟକ୍ରମରେ ଜିଲ୍ଲା ସମାଜସେବୀ ସଂଘର ସକ୍ରିୟ ସଦସ୍ୟ ମିଠାରାମ ସାହୁ, ଧୀରେନ୍ଦ୍ର ପୃଷ୍ଟି, ମୋହନଲାଲ ଅଗ୍ରୱାଲ, ଅନନ୍ତ ପ୍ରଧାନ, ରତନ ନାୟକ, ବିକ୍ରମ ଦାଶ, ଜୟନ୍ତ ଭୋଇ, ନାରାୟଣ ସିଂ, ଶିବ ଲୁହା ପରମେଶ୍ୱର ନାଥ, ବସନ୍ତ ବାଗ, ଆକାଶ ନାୟକ, କୀର୍ତ୍ତି ମହାନନ୍ଦ, ଚଉବର୍ଗ ପ୍ରଧାନ, ପ୍ରବେଶରାୟ, ମନୋଜ ବାଗ, ଅନିଲ ପାଇକ, ରାଜେଶ ଶର୍ମା, ରାଜେଶ ପୁରୋହିତ, ରଞ୍ଜନ ସାହୁ, ଦୀପକ ଦାଶ, ବିଭୁତି ଦୀପ, ଅନିଲ ବେହେରା, ଅନିଲ ସୁନା, ବବଲୁ ବାଗ, ହରମିତ ସିଂ, ପ୍ରବୀଣ ସାହୁ ଓ ଅନ୍ୟାନ୍ୟ ସଦସ୍ୟ ଉପସ୍ଥିତ ଥିଲେ।




## ଉପଖଣ୍ଡସ୍ତରୀୟ କୃଷି ଯନ୍ତ୍ରପାତି ମେଳା ଉଦ୍‌ଯାପିତ

# ଶ୍ରେଷ୍ଠ ଷ୍ଟଲ୍ ଭାବେ ମଞ୍ଜରୀ ରୋବୋଟିକ ପୁରସ୍କୃତ

ପଦ୍ମପୁର,୧୮।୧୧(ସମିସ)

ପଦ୍ମପୁର ଅଶୋକ ପଡିଆରେ ଅନୁଷ୍ଠିତ ଉପଖଣ୍ଡସ୍ତରୀୟ କୃଷି ଯନ୍ତ୍ରପାତି ମେଳା ମଙ୍ଗଳବାର ଉଦ୍‌ଯାପିତ ହୋଇଯାଇଛି। ଉଦ୍‌ଯାପନୀ ଦିବସରେ ମୁଖ୍ୟ ଅତିଥି ଭାବେ ପଦ୍ମପୁର ବିଧାୟିକା ବର୍ଷା ସିଂ ବରିହା ଯୋଗଦେଇ ଆଧୁନିକ ଯନ୍ତ୍ରପାତି ବ୍ୟବହାର କରି ଚାଷୀ ଭାଇ ମାନେ କିପରି ସ୍ୱାବଲମ୍ବି ହୋଇ ଆୟ କରି ପାରିବେ ସେ ସମ୍ପର୍କରେ ଆଲୋକପାତ କରିଥିଲେ। ସେହିପରି ସମ୍ମାନିତ ଅତିଥି ଭାବେ ଉପଖଣ୍ଡ ପୁଲିସ ଅଧିକାରୀ ପାଣ୍ଡବ ଶବର ଯୋଗ ଦେଇଥିଲେ। ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ ଲୋଚନ ଚନ୍ଦ୍ର ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସମାପନ ସମାରୋହରେରେ ପଦ୍ମପୁର ଜିଲ୍ଲା କୃଷି ଅଧିକାରୀ ପ୍ରଭାସ ଚନ୍ଦ୍ର ପଣ୍ଡା ଚାଷୀ ଓ ଅତିଥି ମାନଙ୍କୁ ସ୍ୱାଗତ କରିଥିଲେ। ଏଥିରେ ଜଳଛାୟା ବିଭାଗର ପ୍ରକଳ୍ପ ନିର୍ଦ୍ଦେଶକ ଶୁସେନ ମିର୍ଦ୍ଧା, ଜିଲ୍ଲା କୃଷି ବିଭାଗର ଡକ୍ଟର ଅଞ୍ଜନ ନାଏକ, ବରଗଡ଼ ଜିଲ୍ଲା କୃଷିନିର୍ବାହୀ ଯନ୍ତ୍ରୀ ତ୍ରିଲୋକେଶ୍ୱର ନାଏକ ସୁପ୍ରିୟା ସାହୁ, ଭଟଲି ସହକାରୀ କୃଷି ଅଧିକାରୀ ସ୍ମିତା ପଣ୍ଡା ଯୋଗଦେଇ ଚାଷୀଙ୍କୁ ବିଭିନ୍ନ ଚାଷ ଯନ୍ତ୍ରପାତି ଉପଯୋଗ ସମ୍ପର୍କରେ କହିଥିଲେ। ଶ୍ରେଷ୍ଠ ପ୍ରଦର୍ଶନୀ ଷ୍ଟଲ ଭାବେ ମଞ୍ଜରୀ ରୋବେଟିକଙ୍କୁ ମୁଖ୍ୟ ଅତିଥି ସମ୍ମାନିତ କରିଥିଲେ। ଶେଷରେ ପଦ୍ମପୁର ଜିଲ୍ଲା କୃଷି ଅଧିକାରୀ ପ୍ରଭାସ ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ।




# ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା

ବରପାଲି/ମହଦା,୧୮।୧୧(ସମିସ): ବରପାଲି ହାଇସ୍କୁଲ ଖେଳ ପଡିଆ ପରିସରରେ ବ୍ଲକ୍‌ସ୍ତରୀୟ ମତ୍ସ୍ୟ ଓ ପ୍ରାଣୀସମ୍ପଦ ମେଳା ଆୟୋଜିତ ହୋଇଯାଇଛି। ମତ୍ସ୍ୟ ଓ ପ୍ରାଣୀ ସମ୍ପଦର ଅଭିବୃଦ୍ଧି, ରାଜ୍ୟର ଚାଷୀଙ୍କ ସମୃଦ୍ଧି ସକାଶେ ବରଗଡ଼ ଜିଲ୍ଲା ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ବିକାଶ ବିଭାଗ



ଦ୍ୱାରା ପ୍ରାଣୀ ଚିକିତ୍ସାଳୟରେ ଚାଷୀ - ବିଶେଷଜ୍ଞ ଆଲୋଚନାଚକ୍ର, ସଚେତନତା ଓ ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜନ ହୋଇଥିଲା। ବରପାଲି ବ୍ଲକ୍‌ର ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ବିକାଶ ସମ୍ବନ୍ଧରେ ବିସ୍ତୃତ ଆଲୋଚନା ହୋଇଥିଲା। ଏହି ଅବସରରେ ସଫଳ ଚାଷୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ବରପାଲି ପ୍ରାଣୀ ଚିକିତ୍ସା ଅଧିକାରୀ ଡ.ଜ୍ୟୋତି ପ୍ରକାଶ ପଧାନଙ୍କ ଅଧ୍ୟକ୍ଷତାରେ କାର୍ଯ୍ୟକ୍ରମ ପରିଚାଳିତ ହୋଇଥିଲା। ମୁଖ୍ୟ ଅତିଥି ଭାବେ ବିଜେପୁର ବିଧାୟକ ସନତ ଗଡତିଆ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବେ ପଞ୍ଚାୟତ ସମିତି ଅଧ୍ୟକ୍ଷା, ଶୁଭସ୍ମିତା ଘଡେଇ ଜିଲ୍ଲା ମତ୍ସ୍ୟ ଅଧିକାରୀ, ମୁଖ୍ୟ ବକ୍ତା ରୂପେ ଜିଲ୍ଲା ମୁଖ୍ୟ ପ୍ରାଣୀ ଚିକିତ୍ସା ଅଧିକାରୀ ଡ.ନିଗମାନନ୍ଦ ପାଢ଼ୀ ଯୋଗ ଦେଇଥିଲେ। ସ୍ଥାନୀୟ ଗୋଷ୍ଠୀ ଉନ୍ନୟନ ଅଧିକାରୀ ସୁମନ୍ତ କୁମ୍ଭାରଙ୍କ ଅଧ୍ୟକ୍ଷତାରେ ମେଳା କାର୍ଯ୍ୟ ପରିଚାଳିତ ହୋଇଥିଲା। ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ବିକାଶ ବିଭାଗ କାର୍ଯ୍ୟକର୍ତ୍ତା ଅତିଥିଙ୍କୁ ପୁଷ୍ପଗୁଚ୍ଛ ଦେଇ ସ୍ୱାଗତ ଜଣାଇଥିଲେ। ପ୍ରଥମ ପର୍ଯ୍ୟାୟରେ ବ୍ଲକ୍ ପ୍ରାଣୀ ଚିକିତ୍ସା ଅଧିକାରୀ ସ୍ୱାଗତ ଅଭିଭାଷଣ ପ୍ରଦାନ କରିଥିଲେ। ସମ୍ମାନିତ ଅତିଥି ମାନଙ୍କ ଅଭିଭାଷଣ ପରେ ସଫଳ ମତ୍ସ୍ୟ ଚାଷ ଏବଂ ପ୍ରାଣୀ ସମ୍ପଦ ବିକାଶର ସଫଳ କାହାଣୀ ଭିଡିଓ ମାଧ୍ୟମରେ ପ୍ରଦର୍ଶିତ କରାଯାଇଥିଲା। ସେହିପରି ସଫଳ ଚାଷୀ ଓ ଉଦ୍ୟୋଗୀ ଅନୁଭୂତି ବର୍ଣ୍ଣନା କରିଥିଲେ। ପରେ ଚାଷୀ-ବିଶେଷଜ୍ଞ ମାନଙ୍କୁ ନେଇ ଆଲୋଚନା ଏବଂ ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମ କରାଯାଇଥିଲା। ଅପରାହ୍ଣରେ ବ୍ଲକ୍ କଳା ସଂସ୍କୃତି ସଂଘ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ହୋଇଥିଲା। ବ୍ଲକ୍ ମତ୍ସ୍ୟ ଅଧିକାରୀ ଧନ୍ୟବାଦ ଅର୍ପଣ କରିଥିଲେ।

# ଏମ୍‌ଏସ୍‌ଏମ୍‌ଇ ପକ୍ଷରୁ କ୍ଷମତା-ନିର୍ମାଣ କର୍ମଶାଳା



ରାଉରକେଲା,୧୮ ।୧୧(ସମିସ): ଓଡ଼ିଶା ସରକାରଙ୍କ ଅଣୁ, କ୍ଷୁଦ୍ର ଏବଂ ମଧ୍ୟମ ଉଦ୍ୟୋଗ (ଏମ୍‌ଏସ୍‌ଏମ୍‌ଇ) ବିଭାଗ ପକ୍ଷରୁ ଆଜି ରାଉରକେଲାରେ ଆରଏମଏପି ପଦକ୍ଷେପ ଅଧୀନରେ ଟ୍ରେଡସ ଏବଂ ଏମଏସଏମଇ ପ୍ରତିଯୋଗିତାମୂଳକ ଲିନ୍ ଯୋଜନା ମାଧ୍ୟମରେ ବିଲ୍ ରିହାତିକୁ ସକ୍ଷମ କରିବା ଉପରେ ଏକ କ୍ଷମତା-ନିର୍ମାଣ କର୍ମଶାଳା ଆୟୋଜନ ହୋଇଥିଲା । ଏହି କର୍ମଶାଳାରେ ପାନପୋଷ ରାଉରକେଲାର ଅତିରିକ୍ତ ସବକଲେକ୍ଟର ଚାନ୍ଦନୀ ଯୋଗ ଦେଇ ସମୟୋଚିତ ଦେୟ, ଡିଜିଟାଲ୍ ଆର୍ଥିକ ପ୍ଲାଟଫର୍ମ ଗ୍ରହଣ ଏବଂ ବିକଶିତ ବଜାରରେ ପ୍ରତିଯୋଗିତାମୂଳକ ରହିବା ପାଇଁ ଏମଏସଏମଇ ଗୁଡ଼ିକର ଗୁଣାତ୍ମକ ମାନକ ଗ୍ରହଣ କରିବାର ଆବଶ୍ୟକତା ଉପରେ ଆଲୋକପାତ କରିଥିଲେ । ସ୍ଥାନୀୟ ଉଦ୍ୟୋଗଗୁଡ଼ିକ ପାଇଁ ଏକ ଅନୁକୂଳ ଇକୋସିଷ୍ଟମ ସକ୍ଷମ କରିବାରେ ଜିଲ୍ଲା ପ୍ରଶାସନର ନିରନ୍ତର ସମର୍ଥନକୁ ସେ ପୁନଃନିର୍ଦ୍ଦେଶ ଦେଇଥିଲେ । ଏହି କାର୍ଯ୍ୟକ୍ରମରେ ରାଉରକେଲାର ଡିଆଇସିର ସହକାରୀ ନିର୍ଦ୍ଦେଶକ, ଡିଭିଜନାଲ୍ ଫରେଷ୍ଟ ଅଫିସର, ରାଉରକେଲା ଏବଂ ସୁନ୍ଦରଗଡ଼ର ଲିଡ୍ ଡିଷ୍ଟ୍ରିକ୍ଟ ମ୍ୟାନେଜର ସମେତ ବରିଷ୍ଠ ଅଧିକାରୀମାନେ ଅଂଶଗ୍ରହଣ କରିଥିଲେ । ଇନଭଏସମାର୍ଟର ବିଶେଷଜ୍ଞ ପ୍ରତିନିଧିଙ୍କ ଦ୍ୱାରା ବାଣିଜ୍ୟ ଗ୍ରହଣୀୟ ରିହାତି ସିଷ୍ଟମ (ଟିରେଡସ) ଉପରେ ଏକ ବିସ୍ତୃତ ବୈଷୟିକ ଅଧିବେଶନ ଆୟୋଜିତ ହୋଇଥିଲା । ଏହି ଅଧିବେଶନରେ ଇନଭଏସ୍ ଅପଲୋଡ୍, କ୍ରେତା ଅନୁମୋଦନ, ଏକାଧିକ ବ୍ୟାଙ୍କ/ଏନବିଏଫସି ଦ୍ୱାରା ବିଡ୍ ପାଣ୍ଠି ଏବଂ ସମାଧାନ ଭଳି ପ୍ରମୁଖ ପ୍ରକ୍ରିୟାଗୁଡ଼ିକ ଅନ୍ତର୍ଭୁକ୍ତ କରାଯାଇଥିଲା । ଜାତୀୟ ଉତ୍ପାଦକତା ପରିଷଦ (ଏନପିସି) ପ୍ରତିନିଧିମାନେ ଗୁଣବତ୍ତା ବୃଦ୍ଧି ଏବଂ କାର୍ଯ୍ୟକ୍ଷମ ଉତ୍କର୍ଷତା ଫ୍ରେମୱାର୍କ ଉପରେ ଧ୍ୟାନ ଦେବା ସହ ଏମଏସଏମଇ ପ୍ରତିଯୋଗିତାମୂଳକ ଲିନ୍ ଯୋଜନା ଉପରେ ଅଧିବେଶନର ନେତୃତ୍ୱ ନେଇଥିଲେ । କିପରି ୫ ଏସ, କାଇଜେନ୍, ଜଷ୍ଟ-ଇନ୍-ଟାଇମ୍ ଏବଂ ଭାଲ୍ୟୁ ଷ୍ଟ୍ରିମ୍ ମ୍ୟାପିଂ ଭଳି ଲିନ୍ ଉପକରଣଗୁଡ଼ିକ ଏମଏସଏମଇଗୁଡ଼ିକୁ ଅଧକ୍ଷତା ହ୍ରାସ କରିବା, ଖର୍ଚ୍ଚ ହ୍ରାସ କରିବା ଏବଂ ଉତ୍ପାଦ ଗୁଣବତ୍ତା ଉନ୍ନତ କରିବା ପାଇଁ ସକ୍ଷମ କରିବା, ଘରୋଇ ଏବଂ ରପ୍ତାନି ବଜାରରେ ଏକ ପ୍ରତିଯୋଗିତାମୂଳକ ଧାର ସୃଷ୍ଟି କରିବା ଆଦି ଉପରେ ସେମାନେ ବ୍ୟାଖ୍ୟା କରିଥିଲେ । ଏହି କର୍ମଶାଳାର ପରିଚାଳନାରେ ରାଉରକେଲା ଡିଆଇସି ମହାପ୍ରବନ୍ଧକ ଏବଂ ରାଉରକେଲା ଡିଆଇପିଏ ସହଯୋଗ କରିଥିଲେ ।

### ସରକାରୀ ସ୍କୁଲରେ ତାଲା ମାରିଲେ ଜମି ମାଲିକ

# ଅଭିଭାବକ, ଛାତ୍ରଛାତ୍ରୀଙ୍କ ରାସ୍ତାରୋକ

ବୌଦ୍ଧ,୧୮ ।୧୧(ସମିସ)



କଣ୍ଟାମାଳ ବ୍ଲକ ଆମ୍ବଗାଁ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଜମିଜମା ବିବାଦକୁ ନେଇ ଛାତ୍ରଛାତ୍ରୀ ଓ ଅଭିଭାବକ ରାଜ୍ୟ ରାଜପଥ ଅବରୋଧ କରି ଧାରଣାରେ ବସିଛନ୍ତି । ବିଦ୍ୟାଳୟ ଆରମ୍ଭ ହେବା ପୂର୍ବରୁ ଗ୍ରାମର ଜଣେ ବ୍ୟକ୍ତି ବିଦ୍ୟାଳୟ ନିର୍ମାଣ ପାଇଁ ନିଜ ପୈତୃକ ଜମି ଦାନ କରିଥିଲେ; ହେଲେ ଏହା ସ୍କୁଲ ନାଁରେ ରେକର୍ଡ ହୋଇନି । ଏଣୁ ଜମି ପ୍ରଦାନ କରିଥିବା ବ୍ୟକ୍ତିଙ୍କ ଉତ୍ତରାଧିକାରୀମାନେ ଜମି ମାଡି ବସିଥିଲେ । ରାଜସ୍ୱ ବିଭାଗ ଉଚ୍ଛେଦ କରି ଜମିରେ ନାଲି ଫିତା ଲଗାଇଛି । ଏହାକୁ ନେଇ ବିରୋଧ କରି ଜମି ମାଲିକଙ୍କ ଉତ୍ତରାଧିକାରୀମାନେ ନିଜ ନାମରେ ସ୍କୁଲ ଜମି ଥିବାରୁ ସ୍କୁଲରେ ତାଲା ପକାଇଛନ୍ତି । ବିଦ୍ୟାଳୟରେ ତାଲା ପଡିଥିବାରୁ ପାଠପଢା ବନ୍ଦ ରହିଛି । ଏଣୁ ଛାତ୍ରଛାତ୍ରୀ ଓ ଅଭିଭାବକ ଆମ୍ବଗାଁଠାରେ ୪୧ ନମ୍ବର ରାଜ୍ୟ ରାଜପଥ ଅବରୋଧ କରି ଧାରଣାରେ ବସିବା ସହ ପ୍ରଶାସନର ଦୃଷ୍ଟି ଆକର୍ଷଣ କରିଥିଲେ । କଣ୍ଟାମାଳ ଗୋଷ୍ଠୀ ଶିକ୍ଷାଧିକାରୀ ଅଶୋଭା ରଞ୍ଜନ ମାଲି ପହଞ୍ଚି ଜମି ଉତ୍ତରାଧିକାରୀଙ୍କୁ ବୁଝାଇଥିଲେ; ହେଲେ ସେମାନେ ଜମି ଦେବାକୁ ରାଜି ହୋଇ ନ ଥିଲେ । ପରେ ଘଟଣା ସ୍ଥଳରେ ପୁଲିସ ପହଞ୍ଚି ଥିଲା । ଏ ନେଇ ଅଭିଭାବକମାନେ ଘଣ୍ଟାପଡା ଥାନାର ଦ୍ୱାରସ୍ଥ ହୋଇଛନ୍ତି । ତେବେ ଏହାର ସମାଧାନ ହୋଇ ପାରିନି ।

## ଅବସରପ୍ରାପ୍ତ ଶିକ୍ଷକ ଶଙ୍କର୍ଷଣ ପ୍ରଧାନଙ୍କ ପରଲୋକ

ବୌଦ୍ଧ,୧୮ ।୧୧(ସମିସ): ବୌଦ୍ଧ ବ୍ଲକ ତେଲିବନ୍ଧ ପଞ୍ଚାୟତ ଧୁଡୁରୁବାହାଲ ଗ୍ରାମର ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ଶଙ୍କର୍ଷଣ ପ୍ରଧାନଙ୍କ ୧୦୩ ବର୍ଷ ବୟସରେ ପରଲୋକ ହୋଇ ଯାଇଛି । ସ୍ଥାନୀୟ ସ୍ମଶାନରେ ତାଙ୍କ ଶେଷ କୃତ୍ୟ ସମ୍ପନ୍ନ ହୋଇଛି । ବଡ଼ପୁଅ ସତ୍ୟ ନାରାୟଣ ପ୍ରଧାନ ମୁଖାଗ୍ନି ଦେଇଥିଲେ । ସେ ୧୯୮୬ ମସିହାରେ ପ୍ରଥମେ କମିରା ପ୍ରାଥମିକ ବିଦ୍ୟାଳୟରେ ଶିକ୍ଷକତା ଆରମ୍ଭ କରି କରିଥିଲେ । ୧୯୮୬ ମସିହାରେ ସାହାଯପାଲ ପ୍ରାଥମିକ ବିଦ୍ୟାଳୟରୁ ଅବସର ଗ୍ରହଣ କରିଥିଲେ ।

## ମହାନଦୀକୁ ଡେଇଁ ନାବାଳିକା ଛାତ୍ରୀ ଗୁରୁତର

ବୌଦ୍ଧ,୧୮ ।୧୧(ସମିସ): ବୌଦ୍ଧ ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ +୨ ଦ୍ୱିତୀୟ ବର୍ଷର ଜଣେ ନାବାଳିକା ଛାତ୍ରୀ ବୌଦ୍ଧ ମହାନଦୀ ବ୍ରିଜ ଉପରୁ ଡେଇଁ ଗୁରୁତର ଆହତ ହୋଇଛନ୍ତି । ଖବର ପାଇ ବୌଦ୍ଧ ଦମକଳ ବାହିନୀ ନଦୀରୁ ଗୁରୁତର ଅବସ୍ଥାରେ ତାଙ୍କୁ ଉଦ୍ଧାର କରି ବୌଦ୍ଧ ଡାକ୍ତରଖାନାରେ ଭର୍ତ୍ତି କରିଥିଲେ । କୌଣସି କାରଣରୁ ଛାତ୍ରୀ ଜଣକ ବୌଦ୍ଧ -କିଆକଟା ମହାନଦୀ ବ୍ରିଜ ଉପରୁ ନଦୀକୁ ଡେଇଁ ପଡିଥିଲେ । ପାଖରେ ଥିବା ଲୋକମାନେ ଏ ସମ୍ପର୍କରେ ବୌଦ୍ଧ ଦମକଳ ବାହିନୀକୁ ଖବର ଦେଇଥିଲେ । ଖବର ପାଇ ବୌଦ୍ଧ ତହସିଦାର ଅନୀତା ସାହୁ, ଅତିରିକ୍ତ ତହସିଲଦାର ମହମ୍ମଦ ରୋଜାଏ ରସୁଲ, ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଅଧକ୍ଷ ରବିନ୍ଦ୍ର ଗୁରୁ ଡାକ୍ତରଖାନାରେ ପହଞ୍ଚି ଛାତ୍ରୀଙ୍କ ସ୍ୱାସ୍ଥ୍ୟ ଅବସ୍ଥା ପଚାରି ବୁଝିଥିଲେ । ଛାତ୍ରୀଙ୍କ ସ୍ୱାସ୍ଥ୍ୟ ଅବସ୍ଥା ସ୍ଥିର ରହିଛି । ଛାତ୍ରୀ ଜଣକ ବଡିଗାଁ ପଞ୍ଚାୟତ ଅଞ୍ଚଳର ବୋଲି ସୂଚନା ମିଳିଛି ।

## ସରପଞ୍ଚଙ୍କୁ ଗିରଫ ଦାବି

ଡୁଙ୍ଗୁରିପାଲି,୧୮ ।୧୧(ସମିସ): ସୁବର୍ଣ୍ଣପୁର ଜିଲ୍ଲା ଡୁଙ୍ଗୁରିପାଲି ବ୍ଲକ ଲକ୍ଷେଘର ଗଣ୍ଡା ସମାଜ ଡୁଙ୍ଗୁରିପାଲି ଥାନାରେ ଏକ ଦାବିପତ୍ର ପ୍ରଦାନ କରିଛି । ଡୁଙ୍ଗୁରିପାଲି ବ୍ଲକର ଚେରୁପାଲିରେ ୨୬ନମ୍ବର ଜାତୀୟ ରାଜପଥରୁ ଶିବ ମନ୍ଦିର ରାସ୍ତାର କଂକ୍ରିଟକରଣ କାମ ଚାଲିଥିବାବେଳେ କାର୍ଯ୍ୟ ପରିଦର୍ଶନରେ ଯାଇଥିବା ମହିଳା କନିଷ୍ଠ ଯନ୍ତ୍ରୀ ପ୍ରିୟମ୍ବଦା କୁଳଦୀପଙ୍କୁ ସ୍ଥାନୀୟ ସରପଞ୍ଚ ଦୀଲିପ ଶତପଥୀ ଜାତିଆଣ ଆକ୍ଷେପ କରି ଅଶାଳୀନ ଭାଷାରେ ଗାଳିଗୁଲଜ କରିଥିବା ଓ



ଜୀବନରେ ମାରି ଦେବା ପାଇଁ ଧମକ ଦେଇଛନ୍ତି । ଏ ନେଇ ଶ୍ରୀମତୀ କୁଳଦୀପ ଡୁଙ୍ଗୁରିପାଲି ଥାନାରେ ଲିଖିତ ଅଭିଯୋଗ କରିଛନ୍ତି । ପୁଲିସ କିନ୍ତୁ ପଦକ୍ଷେପ ନେଇନି । ଡୁଙ୍ଗୁରିପାଲି ବ୍ଲକ ଲକ୍ଷେଘର ଗଣ୍ଡା ସମାଜ ସଭାପତି ନିତେଇ ପାଲ ଓ କାର୍ଯ୍ୟକାରୀ ସଭାପତି କୃଷ୍ଣଚନ୍ଦ୍ର ବାଗ ଏସପିଙ୍କ ଉଦ୍ଦେଶ୍ୟରେ ଥାନାରେ ଏକ ଦାବିପତ୍ର ଦେଇଛନ୍ତି । ଏଥିରେ ତୁରନ୍ତ ସରପଞ୍ଚଙ୍କୁ ଗିରଫ ଲାଗି ଦାବି କରାଯାଇଛି ।

### ବୌଦ୍ଧରେ ଜିଲ୍ଲାସ୍ତରୀୟ ଏକତା ପଦଯାତ୍ରା


# ସ୍ୱଦେଶୀ ଉତ୍ପାଦ ବ୍ୟବହାର ପାଇଁ ସଂକଳ୍ପ

ବୌଦ୍ଧ,୧୮ ।୧୧(ସମିସ): ବୌଦ୍ଧରେ ଜିଲ୍ଲାସ୍ତରୀୟ ଏକତା ପଦଯାତ୍ରା ଅନୁଷ୍ଠିତ ହୋଇଯାଇଛି । ବୌଦ୍ଧ ଜଗନ୍ନାଥ ମନ୍ଦିରଠାରୁ ଏହା ବାହାରିଥିଲା । ସର୍ଦ୍ଦାର ବଲ୍ଲଭ ଭାଇ ପଟେଲଙ୍କ ୧୫୦ତମ ଜୟନ୍ତୀ ଅବସରରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଜିଲ୍ଲା ପ୍ରଶାସନ ଏବଂ ଭାରତ ସରକାରଙ୍କ ଖେଳ ମନ୍ତ୍ରଣାଳୟ ଅଧୀନ ମାଇଁ ଭାରତ ଆନୁକୂଲ୍ୟରେ ଏହି ଜିଲ୍ଲାସ୍ତରୀୟ ପଦଯାତ୍ରା ଶୁଭାରମ୍ଭ ହୋଇଥିଲା । କନ୍ଧମାଳ ସାଂସଦ ସୁକାନ୍ତ ପାଣିଗ୍ରାହୀ, ବୌଦ୍ଧ ବିଧାୟକ ସରୋଜ ପଧାନ, ଅତିରିକ୍ତ ଜିଲ୍ଲାପାଳ ଅନିରୁଦ୍ଧ ପଧାନ, ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ପ୍ରଭାସ ଚନ୍ଦ୍ର ଦଣ୍ଡସନା, ବୌଦ୍ଧ ବ୍ଲକ ଅଧକ୍ଷ ପ୍ରିୟଦର୍ଶୀ ପ୍ରତ୍ୟୁଷ ରଥଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲାସ୍ତରୀୟ ଏବଂ ବ୍ଲକସ୍ତରୀୟ ଅଧିକାରୀ, କର୍ମଚାରୀ, ଆରକ୍ଷୀ ବାହିନୀ, ଜନପ୍ରତିନିଧି, ଗଣମାଧ୍ୟମ ପ୍ରତିନିଧି, ବୁଦ୍ଧିଜୀବୀ, ଜନସାଧାରଣ, ଅଧ୍ୟାପକ, ଅଧ୍ୟାପିକା, ଶିକ୍ଷକ, ଶିକ୍ଷୟତ୍ରୀ, ଛାତ୍ରଛାତ୍ରୀ, ସ୍ୱୟଂ ସହାୟକ ଗୋଷ୍ଠୀର ସଦସ୍ୟା, ଅଙ୍ଗନବାଡି କର୍ମୀ, ଆଶାକର୍ମୀ, ସ୍ୱେଚ୍ଛାସେବୀ ସଂଗଠନ ର କର୍ମକର୍ତ୍ତା, ସାଂସ୍କୃତିକ ଦଳ, ବ୍ୟାଣ୍ଡ ଦଳ ପଦଯାତ୍ରାରେ ଯୋଗ ଦେଇଥିଲେ । ପଦଯାତ୍ରା ଜଗନ୍ନାଥ ମନ୍ଦିରଠାରୁ ବାହାରି କୋର୍ଟ ଛକ, ହାତୀଶାଳ ଛକ, ବୁଟୁପାଲି, ମାଉଲସିଙ୍ଗା ଛକ, ପଲାଶ ଛକ, ରାଜନପାଲୀ, ବାଘଗୁଡ଼ା ଛକ, ପୁରୁଣା ବ୍ଲକ ଛକ ଦେଇ ବ୍ରିଜ ଛକଠାରେ ଉଦ୍‌ଯାପିତ ହୋଇଥିଲା । ପଲାସ ଛକ, ବାଘଗୁଡ଼ା ଛକ ଓ ବ୍ରିଜ ଛକ ନିକଟ ଅସ୍ଥାୟୀ ମଣ୍ଡପରେ ଜଗଦୀଶ ପ୍ରଧାନ ଏବଂ ସାଥି ପାଲା ପରିବେଷଣ କରିଥିଲେ । ଗେହ୍ଲା ମାଆ କଳା ନିକେତନ, ଆକୃତି ଡାନ୍ସ ଗ୍ରୁପ, ପ୍ରଣାମ ଡ୍ୟାନ୍ସ ଗ୍ରୁପ, ବୁଟୁପାଲି ଉଚ୍ଚ ବିଦ୍ୟାଳୟ ଏବଂ ବୁଟୁପାଲି ଉପ୍ରା ବିଦ୍ୟାଳୟ, ପଲାଶ ଉପ୍ରା ବିଦ୍ୟାଳୟ, ଓଡିଶା ଆଦର୍ଶ ବିଦ୍ୟାଳୟ, ତେତେଲେଙ୍ଗା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରିଥିଲେ । ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର, ଯୋଗୀନ୍ଦ୍ରଦେବ ଉଚ୍ଚ ବିଦ୍ୟାଳୟ, ବାଳିକା ଉଚ୍ଚ ବିଦ୍ୟାଳୟର ଛାତ୍ରଛାତ୍ରୀ ବ୍ୟାଣ୍ଡ ବାଦନ କରିଥିଲେ । ବ୍ରିଜ ଛକଠାରେ ଆୟୋଜିତ ସଭାରେ ଅତିଥିମାନେ ଉଦ୍‌ବୋଧନ ଦେଇଥିଲେ । ପଲାଶ, ବାଘଗୁଡା ଛକ ଏବଂ ବ୍ରିଜ ଛକଠାରେ ନିଜ ଜୀବନ ଶୈଳୀରେ ସ୍ୱଦେଶୀ ଆଚରଣ, ଦୈନନ୍ଦିନ ଜୀବନରେ ଭାରତ ନିର୍ମିତ ଉତ୍ପାଦଗୁଡିକୁ ବ୍ୟବହାର କରିବା ପାଇଁ ସମସ୍ତଙ୍କୁ ଶପଥ ପାଠ କରାଯାଇଥିଲା । ପଦଯାତ୍ରାରେ ବିଦ୍ୟାଳୟ ଓ ମହାବିଦ୍ୟାଳୟର ଛାତ୍ରଛାତ୍ରୀଙ୍କ ସମେତ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ମହିଳା, ପୁଲିସ ବାହିନୀ, ଆମ୍ବୁଲାନ୍ସ ବାହିନୀ ସାମିଲ ହୋଇଥିଲେ । ପଦଯାତ୍ରା ଉପଲକ୍ଷେ ୨ଟି ସୁସଜ୍ଜିତ ରଥ ସାମିଲ ହୋଇଥିଲା । ୧୦ କିମିରୁ ଅଧିକ ଦୂର ସମସ୍ତେ ଚାଲି ଚାଲି ପଦଯାତ୍ରାରେ ସାମିଲ ହୋଇଥିଲେ । ପୂର୍ବରୁ ଅନୁଷ୍ଠିତ ଓଡ଼ିଆ ବକ୍ତୃତା, ଓଡ଼ିଆ ପ୍ରବନ୍ଧ, ଓଡ଼ିଆ ସ୍ଲୋଗାନ, ଚିତ୍ରାଙ୍କନ, ପୋଷ୍ଟର ମେକିଙ୍ଗ ପ୍ରତିଯୋଗିତାର ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ ଲାଭ କରିଥିବା କୃତୀ ଛାତ୍ରଛାତ୍ରୀ, ସାଂସ୍କୃତିକ ଦଳ, ବିଭିନ୍ନ ବିଦ୍ୟାଳୟରୁ ଆସିଥିବା ବ୍ୟାଣ୍ଡକୁ ପୁରସ୍କୃତ କରାଯାଇଥିଲା । ଡ. ପ୍ରବୀର ଦାଶ, ନବ କିଶୋର ଦୀପ, ଚନ୍ଦ୍ରକାନ୍ତ ନାୟକ, ଅଶ୍ବିନ୍ ମହାକୁଡ, ପ୍ରେମଜିତ ଝାଙ୍କରଙ୍କୁ ସମର୍ଦ୍ଧିତ କରାଯାଇଥିଲା । ଏଥିସହ ଅପରେସନ ସିନ୍ଦୂର ଉପରେ ବାନ୍ଧକଳା ଡିଜାଇନକୁ ନିଖୁଣ ଭାବ ରେ ତିଆରି କରିଥିବା ବାଉଁଶୁଣୀର ମହେଶ୍ୱର ମେହେରଙ୍କୁ ସମ୍ବର୍ଦ୍ଧିତ କକରାଯାଇଥିଲା । ଜିଲ୍ଲା କ୍ରୀଡା ଅଧିକାରୀ ଅକ୍ରୁର ଜାନି, ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ରିତାକାନ୍ତି ବଳିୟାର ସିଂହ, ସହକାରୀ ଜିଲ୍ଲାପାଳ ଚାନ୍ଦିନୀ ମେହେର, ଜିଲ୍ଲା ସ୍ୱଚ୍ଛ ସଞ୍ଚୟ ଅଧିକାରୀ ଧରିତ୍ରୀ ପ୍ରଧାନ, ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ରାହୁଲ ପ୍ରଧାନ, ତହସିଲଦାର ଅନିତା ସାହୁ କାର୍ଯକ୍ରମ ପରିଚାଳନା କରିଥିଲେ । କମଳ ସା ଧନ୍ୟବାଦ ଅର୍ପଣ କରିଥିଲେ । ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ସାର୍ଥକ ରାୟ, ଏସଡିପିଓ ଲରେନସ ରାଉତରାୟ, ଉପ ଜିଲ୍ଲାପାଳ ବିନୟ ଭୋଇ, ଅତିରିକ୍ତ ମୁଖ୍ୟ ନିର୍ବାହୀ ଅଧିକାରୀ ଚାର୍ଲସ ନାୟକ, ତହସିଲଦାର ଅନିତା ସାହୁ, ଅତିରିକ୍ତ ତହସିଲଦାର ମହମ୍ମଦ ରାଜେ ରସୁଲ ପ୍ରମୁଖ ସହଯୋଗ କରିଥିଲେ ।

### ରାଉରକେଲା ସ୍ମାର୍ଟ ସିଟି ଲିମିଟେଡର ନିର୍ଦ୍ଦେଶକ ମଣ୍ଡଳୀ ବୈଠକ

# ସ୍ଥାନ ପାଇଲାନି ରାଉରକେଲା ବିମାନ ବନ୍ଦର ପ୍ରସଙ୍ଗ

ରାଉରକେଲା,୧୮ ।୧୧(ସମିସ): ରାଉରକେଲା ସ୍ମାର୍ଟ ସିଟି ଲିମିଟେଡର ୩୧ତମ ନିର୍ଦ୍ଦେଶକ ମଣ୍ଡଳୀ ବୈଠକ ଆଭାସୀ ମାଧ୍ୟମରେ ଅନୁଷ୍ଠିତ ହୋଇଛି । ଏହି ବୈଠକରେ ଅନେକ ବିକାଶମୂଳକ ପ୍ରସ୍ତାବ ସ୍ଥାନ ପାଇଥିବା ବେଳେ ରାଉରକେଲା ସହରବାସୀଙ୍କ ସବୁଠାରୁ ବଡ ଦାବି ଓ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ରାଉରକେଲାରେ




ବିମାନବନ୍ଦରର ସମ୍ପ୍ରସାରଣ ଏବଂ ରାଉରକେଲା ବିମାନବନ୍ଦରକୁ ପୂର୍ଣ୍ଣାଙ୍ଗ କାର୍ଯ୍ୟକ୍ଷମ କରାଯିବା ନେଇ କୌଣସି ଆଲୋଚନା ସ୍ଥାନ ନ ପାଇବା ଅତ୍ୟନ୍ତ ବିଡମ୍ବନାର ବିଷୟ ବୋଲି ବୁଦ୍ଧିଜୀବି ମହଲରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି । ସୂଚନାଯୋଗ୍ୟ, ରାଜ୍ୟ ଉନ୍ନୟନ କମିଶନର ତଥା ଅତିରିକ୍ତ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ରାଉରକେଲା ସ୍ମାର୍ଟ ସିଟି ଲିମିଟେଡର ୩୧ତମ ନିର୍ଦ୍ଦେଶକ ମଣ୍ଡଳୀ (ବୋର୍ଡ ଅଫ୍ ଡାଇରେକ୍ଟର) ବୈଠକରେ ଗୃହ ଓ ନଗର ଉନ୍ନୟନ ବିଭାଗର ପ୍ରମୁଖ ସଚିବ ଉଷା ପାଢ଼ୀ ପ୍ରମୁଖ ଉପସ୍ଥିତ ଥିଲେ । ଏହି ବୈଠକରେ ରାଉରକେଲା ସ୍ମାର୍ଟ ସିଟି ଲିମିଟେଡ ଅଧୀନରେ କାର୍ଯ୍ୟକାରୀ ହେଉଥିବା ବିଭିନ୍ନ ଜନକଲ୍ୟାଣକାରୀ ପ୍ରକଳ୍ପ ଗୁଡ଼ିକର ସମୀକ୍ଷା କରାଯିବା ସହ ଆଗାମୀ ଦିନରେ ବିଭିନ୍ନ ଉନ୍ନୟନମୂଳକ ପ୍ରକଳ୍ପ ଗୁଡିକୁ ହାତକୁ ନେଇ ରାଉରକେଲା ସହରକୁ ଯେପରି ଏକ ବିକଶିତ ସହରରେ ପରିଣତ କରାଯିବ ସେ ନେଇ ଆଲୋଚନା କରାଯାଇଥିଲା । ରାଉରକେଲା ୱାନ୍‌ଠାରେ ନିର୍ମାଣାଧୀନ ସମନ୍ୱିତ ନିର୍ଦ୍ଦେଶ ଓ ନିୟନ୍ତ୍ରଣ କକ୍ଷ (ଇଣ୍ଟିଗ୍ରେଟେଡ କମାଣ୍ଡ ଆଣ୍ଡ କଣ୍ଟ୍ରୋଲ ସେଣ୍ଟର) ଓ ଆଦିବାସୀ ସଂଗ୍ରହାଳୟକୁ ଖୁବ୍‌ଶୀଘ୍ର କାର୍ଯ୍ୟକ୍ଷମ ପାଇଁ ଲକ୍ଷ୍ୟ ରଖାଯାଇଥିବା ନେଇ ମତପ୍ରକାଶ

### ଡେଲି ମାର୍କେଟ ଓ ଉଦିତନଗରରେ ହେବ ବହୁତଳ କାର ପାର୍କିଂ

ପାଇଥିଲା । ଆଦିବାସୀ ସଂଗ୍ରହାଳୟର ନିର୍ମାଣ କାର୍ଯ୍ୟ ଶେଷ ପର୍ଯ୍ୟାୟରେ ପହଞ୍ଚିଥିବା ବେଳେ ଏହା ଖୁବ୍‌ଶୀଘ୍ର ଲୋକଙ୍କ ପାଇଁ ଖୋଲାଯିବ ବୋଲି ବୈଠକରେ ନିଷ୍ପତ୍ତି ନିଆଯାଇଥିଲା । ସେହିପରି ବ୍ୟବସାୟୀ ଓ ଗ୍ରାହକମାନଙ୍କ ସବୁ ସୁବିଧାକୁ ପ୍ରାଧାନ୍ୟ ଦେଇ ସିଭିଲ ଟାଉନସିପଠାରେ ଏକ ମାର୍କେଟ କମ୍ପ୍ଲେକ୍ସ ତିଆରି କରାଯିବା ସହ ସେହି ସିଭିଲ ଟାଉନସିପରେ ଏକ ପାର୍କିଂ ସ୍ଥଳ ନିର୍ମାଣ କରାଯିବ । ଡେଲି ମାର୍କେଟ ଓ ଉଦିତନଗରଠାରେ ଗୋଟିଏ ଲେଖାଏଁ ବହୁତଳ ବିଶିଷ୍ଟ କାର ପାର୍କିଂ କ୍ଷେତ୍ର ନିର୍ମାଣ କରାଯିବ । ଉପରୋକ୍ତ ସବୁ ପ୍ରକଳ୍ପଗୁଡ଼ିକୁ ଏହି ବୈଠକରେ ଅନୁମୋଦନ ମିଳିଥିବା ବେଳେ ଅନୁମୋଦିତ ପ୍ରକଳ୍ପ ଗୁଡିକର ଖୁବ୍‌ଶୀଘ୍ର ନିର୍ମାଣ କାର୍ଯ୍ୟ ମଧ୍ୟ ଆରମ୍ଭ କରାଯିବ ବୋଲି ସୂଚନା ମିଳିଛି । ଏହି ବୈଠକରେ ସୁନ୍ଦରଗଡ଼ ଜିଲ୍ଲାପାଳ ଡାକ୍ତର ଶୁଭଙ୍କର ମହାପାତ୍ର, ରାଉରକେଲା ସ୍ମାର୍ଟ ସିଟିର କାର୍ଯ୍ୟନିର୍ବାହୀ ଅଧିକାରୀ ସୁଶ୍ରୀ ଦୀନା ଦସ୍ତଗୀର୍‌ଙ୍କ ସହ ଅନ୍ୟ ବିଭାଗୀୟ ଅଧିକାରୀ ଉପସ୍ଥିତ ଥିଲେ ।

## ୬ ଚୋରି ଗ୍ୟାସ୍ ସିଲିଣ୍ଡର ଜବତ: ୩ ଗିରଫ

ରାଉରକେଲା,୧୮ ।୧୧(ସମିସ): ସ୍ଥାନୀୟ ସେକ୍ଟର-୧୫ ଥାନା ଅନ୍ତର୍ଗତ ସେକ୍ଟର- ୧୪ ସ୍ଥିତ ମାର୍କେଟ କମ୍ପ୍ଲେକ୍ସରେ ଥିବା ପି. ଭକ୍ତ ନାଲସଲାନ ନାୟାରଙ୍କ ଜଳଖିଆ ଦୋକାନରୁ ଗତ ଅକ୍ଟୋବର ୨୫ ତାରିଖ ରାତିରେ କେହି ଦୁର୍ବୃତ୍ତ ଦୋକାନ କବାଟ ଭାଙ୍ଗି ୪ଟି ରନ୍ଧନ ଗ୍ୟାସ ସିଲିଣ୍ଡରକୁ ଚୋରି କରି ନେଇଥିଲା । ଏନେଇ ସେ ଥାନାରେ କରିଥିବା ଅଭିଯୋଗକୁ ନେଇ



ସେକ୍ଟର-୧୫ ଥାନା ଅଧିକାରୀ ସିନ୍ମୟ ବଳ ଘଟଣାର ତଦନ୍ତ କରିଥିଲେ । ଚଢଉ କରି ୩ ଜଣ ଅଭିଯୁକ୍ତଙ୍କୁ ଗିରଫ କରିବା ସହ ସେମାନଙ୍କ ନିକଟରୁ ୬ଟି ରନ୍ଧନ ଗ୍ୟାସ ସିଲିଣ୍ଡର, ଗୋଟିଏ କଟର ଏବଂ ୪୦୦ ଟଙ୍କା ଜବତ କରିଥିବା ସୂଚନା ମିଳିଛି । ଗିରଫ ୩ ଜଣ ହେଲେ ସମ୍ବଲପୁର ବରପାଲି ନିବାସୀ ଶିବଦାସ ହରିପାଲ୍ ଓରଫ ଡୁଲୁ(୧୯), ସେକ୍ଟର-୧୭ ଅଞ୍ଚଳର ଆକାଶ ହରିପାଲ୍ ଓରଫ ଗୁଲଟି(୩୦) ଏବଂ ସେକ୍ଟର-୨ ଏଚ୍‌ବ୍ଲକ ଅଞ୍ଚଳର ରାକେଶ ଦାସ ଓରଫ ଗୁଲଟି (୩୦) । ଗିରଫ ଶିବଦାସ ହରିପାଲ୍ ନାଁରେ ସେକ୍ଟର-୧୫ ଥାନାରେ ୧୦ ଟି ମାମଲା ଓ ସେକ୍ଟର- ୭ ଥାନାରେ ୨ଟି, ପ୍ଲାଣ୍ଟସାଇଟ୍ ଥାନାରେ ୧ଟି, ସେକ୍ଟର - ୩ ଥାନାରେ ୩ଟି, ଝିରପାଣି ଥାନାରେ ୨ଟି ମାମଲା ରହିଥିବା ଜଣାପଡିଛି ।

## ବରଗାଁ ଉନ୍ନୀତ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ ଉଦ୍‌ଘାଟନୀ ଉତ୍ସବ



କଣ୍ଟାମାଳ,୧୮ ।୧୧(ସମିସ): ବୌଦ୍ଧ ଜିଲ୍ଲା କଣ୍ଟାମାଳ ବ୍ଲକ ବରଗାଁ ପଞ୍ଚାୟତସ୍ଥିତ ବରଗାଁ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଉଦ୍‌ଘାଟନୀ ଓ ସ୍ୱାଗତ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ରାଜ୍ୟ ସରକାରଙ୍କ ଉଚ୍ଚ ମାଧ୍ୟମିକ ଶିକ୍ଷା ବିଭାଗ ପକ୍ଷରୁ ନୂତନ ଭାବେ ଉଚ୍ଚ ବିଦ୍ୟାଳୟରୁ ଉନ୍ନୀତ ମାଧ୍ୟମିକ ବିଦ୍ୟାଳୟକୁ ସ୍ୱୀକୃତି ପାଇଥିବା ଏହି ବିଦ୍ୟାଳୟକୁ କଣ୍ଟାମାଳ ବିଧାୟକ କହ୍ନେଇ ଚରଣ ଡାଙ୍ଗ ମୁଖ୍ୟଅତିଥି ଭାବେ ଯୋଗଦେଇ ଉଦ୍‌ଘାଟନ କରିଛନ୍ତି । ରେଢ଼ାଖୋଲ ଭୀମଭୋଇ ମହାବିଦ୍ୟାଳୟର ଅବସରପ୍ରାପ୍ତ ଅଧକ୍ଷ ହରପ୍ରସାଦ ମିଶ୍ର ମୁଖ୍ୟବକ୍ତା, ସମ୍ମାନୀତ ଅତିଥିଭାବେ ଜିଲ୍ଲା ଶାରୀରିକ ଶିକ୍ଷାଧିକାରୀ ଆନନ୍ଦ ଚନ୍ଦ୍ର ବେହେରା, ୧ନଂ ଜୋନ ଜିଲ୍ଲାପରିଷଦ ସଭ୍ୟା ସୁମିତ୍ରା ସାହୁ, ବରଗାଁ ସରପଞ୍ଚ ରଶ୍ମିତା ରଣା, ସମିତିସଭ୍ୟା ଅଙ୍ଗୁରି ତାଣ୍ଡି, ନୀଳାଞ୍ଚଳ ଭୋଇ ପ୍ରମୁଖ ଯୋଗ ଦେଇଥିଲେ । ଆଭ୍ୟନ୍ତରୀଣ ଗ୍ରାମାଞ୍ଚଳରେ ଯୁକ୍ତ ଦୁଇ ଶିକ୍ଷାର ଉନ୍ନତି ହେବା ସହ ଗମନା ଗମନ ଅସୁବିଧା କାରଣରୁ ଯୁକ୍ତ ଦୁଇ ଶିକ୍ଷାରୁ ମେଧା ଛାତ୍ରୀଛାତ୍ର ବଞ୍ଚିତ ହୋଇ କିଭଳି ପାଠ ପଢାରେ ଡୋରି ବନ୍ଧୁଥିଲେ ସେସମ୍ପର୍କରେ ଅତିଥିଗଣ ବକ୍ତବ୍ୟ ରଖିଥିଲେ । ବିଦ୍ୟାଳୟ ପ୍ରଧାନଶିକ୍ଷକ ତ୍ରିଲୋଚନ ସାହୁ ସଭାରେ ସଭାପତିତ୍ୱ କରିଥଲେ । ଶିକ୍ଷକ ନୀତେଶ ବାରିକ ସଭା ପରିଚାଳନା କରିଥିଲେ । ଅଧ୍ୟାପିକା ରବିତା ମହାକୁଲ ଧନ୍ୟବାଦ ଦେଇଥିଲେ । ବିଦ୍ୟାଳୟ ଛାତ୍ରୀଙ୍କ ଦ୍ୱାରା ସ୍ୱାଗତ ସଙ୍ଗୀତ ଓ ନୃତ୍ୟ ପରିବେଷିତ ହୋଇଥିଲା । ଏହି ଅବସରରେ ଏକ ଶୋଭାଯାତ୍ରା ଗାଁ ପରିକ୍ରମା କରିଥିଲା ।

## ୩୨.୪୦ ଏକର ଜମିରୁ ୩୮୮୮୦ ଗଞ୍ଜେଇ ଗଛ ନଷ୍ଟ



ବୌଦ୍ଧ,୧୮ ।୧୧(ସମିସ): ବୌଦ୍ଧ ଜିଲ୍ଲାରେ ଗଞ୍ଜେଇ ଚାଷ କମୁନି । ଜିଲ୍ଲାକୁ ଗଞ୍ଜେଇ ମୁକ୍ତ କରିବା ଦିଗରେ ଜିଲ୍ଲା ପ୍ରଶାସନର ମୁଣ୍ଡବ୍ୟଥାର କାରଣ ପାଲଟିଛି । କଣ୍ଟାମାଳ ବନାଞ୍ଚଳର ଗ୍ରାମ୍ୟଜଙ୍ଗଲ, ରାଜସ୍ୱ ଫରେଷ୍ଟ ଜଙ୍ଗଲ ଓ ରିଜର୍ଭ ଜଙ୍ଗଲରେ ବିପୁଳ ପରିମାଣରରେ ଗଞ୍ଜେଇ ଚାଷ ହେଉଛି । ଯେତେ ଗଞ୍ଜେଇ ଗଛ କଟା ହେଲେ ବି ପୂର୍ଣ୍ଣଚ୍ଛେଦଦ ପଡୁନି । ନର୍ସରୀ ପାଖରେ ମଧ ଗଞ୍ଜେଇ ଚାଷ ହେଉଛି । ଏଣୁ ବନ ବିଭାଗ ସବୁ ଜାଣିଛି । ତେବେ ବୌଦ୍ଧ ଜିଲ୍ଲା କଣ୍ଟାମାଳ ଥାନା ବରଗାଁ ପଞ୍ଚାୟତ ଅଧୀନ କାକେନଜୋର ରାଜସ୍ୱ ଫରେଷ୍ଟ ଜଙ୍ଗଲ, ଅଳିକୁଦ ଗ୍ରାମ୍ୟ ଓ ରିଜର୍ଭ ଜଙ୍ଗଲର ୩୨.୪୦ ଏକର ପରିମିତ ସ୍ଥାନରୁ ୩୮୮୮୦ ଗଞ୍ଜେଇ ଗଛ କଟା ଯାଇଛି । ଅବକାରୀ, ବନବିଭାଗ, ପୁଲିସ ଓ ରାଜସ୍ୱ ବିଭାଗର ମିଳିତ ସହଯୋଗରେ ଏହି ଗଞ୍ଜେଇ କଟା ଅଭିଯାନ କରାଯାଇଥିବା ଅବକାରୀ ଅଧିକାରୀ ସତ୍ୟନରାୟଣ ପ୍ରଧାନ ସୂଚନା ଦେଇଛନ୍ତି ।

# ଜିଲ୍ଲାସ୍ତରୀୟ ନକ୍‌ଆଉଟ ଫୁଟ୍‌ବଲ୍ ଟୁର୍ଣ୍ଣାମେଣ୍ଟ; ଝରନି, ଦର୍ଲିମୁଣ୍ଡା ବିଜୟୀ



ବେଲପଡା,୧୮ ।୧୧(ସମିସ): ବଲାଙ୍ଗୀର ଜିଲ୍ଲା ବେଲପଡା ବ୍ଲକ୍ ଉରୁଆପାଳି ଗାଁରେ ୨୨ତମ ଜିଲ୍ଲାସ୍ତରୀୟ ନକଆଉଟ ଫୁଟବଲ ଟୁର୍ଣ୍ଣାମେଣ୍ଟ ଅନୁଷ୍ଠିତ ହୋଇଯାଇଛି । ମଙ୍ଗଳବାର ଦ୍ୱିତୀୟ ଦିନରେ ପ୍ରଥମ ମ୍ୟାଚ ତେନ୍ତୁଲିମୁଣ୍ଡା ଓ ଝରନି ମଧ୍ୟରେ ଅନୁଷ୍ଠିତ ହୋଇଥିଲା । ତେନ୍ତୁଲିମୁଣ୍ଡା ଦଳକୁ ୨ଟି ଗୋଲ୍ ଦେଇ ଝରନି ବିଜୟ ହାସଲ କରିଥିଲା । ସେହିପରି ଦ୍ୱିତୀୟ ମ୍ୟାଚ ସଲଣ୍ଡି ଓ ଦର୍ଲିମୁଣ୍ଡା ମଧ୍ୟରେ ଅନୁଷ୍ଠିତ ହୋଇଥିଲା । ସଲଣ୍ଡିକୁ ୪ଟି ଗୋଲ୍ ଦେଇ ଦର୍ଲିମୁଣ୍ଡା ବିଜୟ ହାସଲ କରିଥିଲା । ମ୍ୟାଚରେ ମୁଖ୍ୟ ଅତିଥି ଭାବେ ସ୍ଥାନୀୟ ସରପଞ୍ଚ ପଦ୍ମବତୀ ବାଗ, ସମ୍ମାନୀୟ ଅତିଥି ଭାବେ ପୁରନ୍ଦର ବାଗ, ବରିଷ୍ଠ ସାମ୍ବାଦିକ ବନମାଳୀ ମହାକୁଡ଼, ସାମ୍ବାଦିକ ନଟବର ମହାନନ୍ଦ, ଅନାଦି କରୁଆ, ବଳରାମ କରୁଆ ପ୍ରମୁଖ ଉପସ୍ଥିତ ଥିଲେ । ରେଫରୀ ଭାବେ ବିବଚ୍ଛ ମାଝୀ ମ୍ୟାଚ୍ ପରିଚଳନା କରିଥଲେ । ନବୀନ ସରାଫ ଓ ବୈଷ୍ଣବ ତାଣ୍ଡି ସହଯୋଗ କରିଥିଲେ । ସୁଧାଂଶୁ ମହକୁଡ଼, ପ୍ରେମାନନ୍ଦ କରୁଆଙ୍କ ସହ ଗ୍ରାମବାସୀ ସହଯୋଗ କରିଥିଲେ ।

## କଣ୍ଟାବାଞ୍ଜିରେ ହ୍ୟୁମାନଙ୍କ ପାଇଁ ଶୋକସଭା



କଣ୍ଟାବାଞ୍ଜି,୧୮ ।୧୧(ସମିସ): ଓଡ଼ିଶାର ଲୋକପ୍ରିୟ କଣ୍ଠଶିଳ୍ପୀ ହ୍ୟୁମାନ ସାଗରଙ୍କ ପରଲୋକରେ ମଙ୍ଗଳବାର ସନ୍ଧ୍ୟାରେ ବଲାଙ୍ଗୀର ଜିଲ୍ଲା କଣ୍ଟାବାଞ୍ଜି ସହରରେ ଶୋକସଭା ଅନୁଷ୍ଠିତ ହୋଇଯାଇଛି । ଟିଟିଲାଗଡ଼ ଭଳି ଅଞ୍ଚଳରୁ ଯାଇ ସେ ସାରା ଓଡ଼ିଶାରେ ବହୁତ କମ୍ ସମୟ ମଧ୍ୟରେ ଏକ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିପାରିଥିଲେ ବୋଲି ଏଥିରେ ମତ ପ୍ରକାଶ ପାଇଛି । ଶାନ୍ତନୁ ବିଭାଗ, ରମେଶ ମହାନନ୍ଦ, ରଶ୍ମିରଞ୍ଜନ ନାଗ, ଅଶୋକ କୁମାର, ବିଭୁତି ବାଗ, ମାଧବ ବଏ, ସୁଶୀଲ ତାଣ୍ଡି, ହିମାଂଶୁ ବଏ, ପଞ୍ଚମ ତାଣ୍ଡି ପ୍ରମୁଖ ହ୍ୟୁମାନଙ୍କ ଉଦ୍ଦେଶ୍ୟରେ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ ।

## ଆଜିର ରାଶିଫଳ

**ମେଷ:** ପାରିବାରିକ ସମସ୍ୟା ଦେଖାଦେବ। ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ। ବ୍ୟବସାୟ ପାଇଁ ନୂଆ ଯୋଜନା ପ୍ରସ୍ତୁତ କରିବେ। ପ୍ରେମ ସମ୍ପର୍କରେ ସମସ୍ୟା ସୃଷ୍ଟି ହେବ।

**ବୃଷ:** ବନ୍ଧୁ ତଥା ଭାଇଙ୍କ ସହଯୋଗ ମିଳିବ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ। ସାମାଜିକ ପ୍ରତିଷ୍ଠା ବଢ଼ିବ। ପ୍ରତିଯୋଗିତାମୂଳକ ପରୀକ୍ଷାରେ ବିଦ୍ୟାର୍ଥୀ କୃତକାର୍ଯ୍ୟ ହେବେ।

**ମିଥୁନ:** ଦିନଟି ଶୁଭଫଳ ପ୍ରଦାନ କରିବ। ଆର୍ଥିକ ମାମଲାରେ ସୁଧାର ଆସିବ। ସହକର୍ମୀଙ୍କ ସହଯୋଗରୁ ଅଫିସ୍ କାର୍ଯ୍ୟରେ ସଫଳତା ମିଳିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**କର୍କଟ:** ଆତ୍ମବିଶ୍ୱାସ ବୃଦ୍ଧି ପାଇବ। ବାର୍ଯିଦିନରୁ ଅଟକି ରହିଥିବା କାର୍ଯ୍ୟ ପୂରା ହେବ। ପାରିବାରିକ ଜୀବନ ସୁଖମୟ ହେବ। ପରିବାର ସହିତ ସୁଖଦ ସମୟ ଅତିବାହିତ କରିବେ।

**ସିଂହ:** ସୃଜନାତ୍ମକ କାର୍ଯ୍ୟରେ ସଫଳତା ମିଳିବ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ। ମନ ପ୍ରସନ୍ନ ରହିବ। ପ୍ରେମ ସମ୍ବନ୍ଧ ମଜବୁତ୍ ହେବ। ବିଦ୍ୟାର୍ଥୀ ମନୋରଞ୍ଜନ କାର୍ଯ୍ୟରେ ସମୟ ଅତିବାହିତ କରିବେ।

**କନ୍ୟା:** ଶିକ୍ଷା କ୍ଷେତ୍ରରେ ସଫଳତା ପ୍ରାପ୍ତି ହେବ। ରାଜନୀତିରେ ସାମିଲ ହେବେ। ଆର୍ଥିକ ସ୍ଥିତିରେ ସୁଧାର ଆସିବ। ବୈବାହିକ ଜୀବନରେ ସମସ୍ୟା ଆସିବ। ସାଙ୍ଗଙ୍କ ସହ ଦୂରସ୍ଥାନକୁ ଯାତ୍ରା କରିବେ।

**ତୁଳା:** ଅଫିସ୍ କାର୍ଯ୍ୟରେ ବିଦେଶ ଯାତ୍ରା ଯୋଗ ଅଛି। ଧାରକରଜରୁ ଦୂରେଇ ରହିବେ। ମାଆଙ୍କ ସ୍ୱାସ୍ଥ୍ୟ ସମସ୍ୟାରେ ଉନ୍ନତି ପରିଲକ୍ଷିତ ହେବ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ।

**ବିଛା:** କର୍ମଚଞ୍ଚଳ ରହିବେ। ମନ ପ୍ରଫୁଲ୍ଲିତ ରହିବ। ଆୟଠୁ ବ୍ୟୟ ଅଧିକ ହେବ। ଅଯଥା ଖର୍ଚ୍ଚରୁ ଦୂରେଇ ରହିବେ। ଘର ପାଇଁ ନୂଆ ଜିନିଷ କିଣିବେ। କଳା, ସାହିତ୍ୟ କ୍ଷେତ୍ରରେ ସଫଳତା ମିଳିବ।

**ଧନୁ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଧାର୍ମିକ କାର୍ଯ୍ୟ କରିବେ। ସମାଜରେ ମାନ, ପ୍ରତିଷ୍ଠା ବଢ଼ିବ। ସମାଜସେବାରେ ନିଜକୁ ନିୟୋଜିତ କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ।

**ମକର:** ଶାରୀରିକ ଯନ୍ତ୍ରଣା ଭୋଗିବେ। ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ। ବୁଲାବୁଲି ପାଇଁ ଯୋଜନା ପ୍ରସ୍ତୁତ କରିବେ। ଖେଳାଳିଙ୍କୁ ସଫଳତା ମିଳିବ। ବ୍ୟବସାୟରେ କ୍ଷତି ଘଟିବ।

**କୁମ୍ଭ:** ନିବେଶରୁ ଲାଭ ମିଳିବ। କାର୍ଯ୍ୟରୁ ଆଶାଜନକ ଫଳ ମିଳିବ। ଆତ୍ମବିଶ୍ୱାସର ସହ କାର୍ଯ୍ୟ ସମ୍ପାଦନ କରିବେ। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି।

**ମୀନ:** ସନ୍ତାନଙ୍କ ଭବିଷ୍ୟତ ପାଇଁ ନୂଆ ଯୋଜନା କରିବେ। ବିଦ୍ୟାର୍ଥୀ ପଢ଼ାରେ ମନଯୋଗ ଦେବେ। ପଡ଼ୋଶୀଙ୍କ ସହ ବିବାଦ ଦେଖା ଦେବ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଉତ୍ତମ ବୁଝାମଣା ରହିବ।

## ଆଜିର ଇତିହାସ

- ୧୮୨୪- ରୁଷ୍‌ର ସେଣ୍ଟ ପିଟର୍ସବର୍ଗ ବନ୍ୟାରେ ଦଶହଜାର ଲୋକଙ୍କର ମୃତ୍ୟୁ ହୋଇଥିଲା।
- ୧୮୨୮- ଝାନ୍‌ସୀ ରାଣୀ ଲକ୍ଷ୍ମୀବାଈଙ୍କ ଜନ୍ମ।
- ୧୮୩୮- ସ୍ୱାଧୀନତା ସଂଗ୍ରାମୀ କେଶବ ଚନ୍ଦ୍ର ସେନ୍‌ଙ୍କ ଜନ୍ମ।
- ୧୯୪୬- ସ୍ୱେଜ୍ ୟୁନେସ୍କୋର ସଦସ୍ୟ ହେଲା।
- ୧୯୮୬- ପରିବେଶ ସଂରକ୍ଷଣ ଅଧିନିୟମ ଲାଗୁ ହେଲା।
- ୧୯୯୪- ଐଶ୍ୱର୍ଯ୍ୟା ରାୟ ବିଶ୍ୱସୁନ୍ଦରୀ ମୁକୁଟ ପିନ୍ଧିଲେ।

# ଲୌହ ମାନବୀ ଇନ୍ଦିରା




ଇନ୍ଦିରା ଗାନ୍ଧୀ ଭାରତୀୟ ରାଜନୀତିରେ ଏପରି ନାମ, ଯାହାଙ୍କ ବ୍ୟକ୍ତିତ୍ୱ ଏବଂ କାର୍ଯ୍ୟ ସବୁବେଳେ ଚର୍ଚ୍ଚାରେ ରହିଆସିଛି। ଇନ୍ଦିରା ତାଙ୍କ ଦୃଢ଼ ନେତୃତ୍ୱ ଓ କୂଟନୈତିକ ଦକ୍ଷତା ପାଇଁ ଜଣାଯାଆନ୍ତି। ସେ ଦେଶର ପ୍ରଥମ ତଥା ଏକମାତ୍ର ମହିଳା ପ୍ରଧାନମନ୍ତ୍ରୀ ଥିଲେ। ଇନ୍ଦିରା ଜଣେ ପ୍ରଭାବଶାଳୀ ନେତ୍ରୀ ହେବା ସହ ରାଜନୀତିରେ ଅତି ପାରଙ୍ଗମ ମହିଳା ଥିଲେ। ଲୌହ ମାନବୀ ଇନ୍ଦିରା ଗାନ୍ଧୀ ୧୯୧୭ ମସିହା ଆଜିର ଦିନରେ ଆହ୍ଲାବାଦସ୍ଥିତ 'ଆନନ୍ଦଭବନ'ଠାରେ ଜନ୍ମଗ୍ରହଣ କରିଥିଲେ। ଜବାହରଲାଲ ନେହରୁ ଏବଂ କମଳା ନେହରୁଙ୍କର ସେ ଏକମାତ୍ର ସନ୍ତାନ ଥିଲେ। ମାତାଙ୍କ ସହ ଆନନ୍ଦ ଭବନରେ ତାଙ୍କ ପିଲାଦିନ କଟିଥିଲା। ମହାତ୍ମା ଗାନ୍ଧୀଙ୍କ ଆଦର୍ଶରେ ଅନୁପ୍ରାଣିତ ଇନ୍ଦିରା, ପିଲାବେଳୁ ହିଁ ବେଶ ସଚ୍ଚୋଟ ଓ ନିର୍ଭୀକ ଥିଲେ। ତାଙ୍କର ପ୍ରାରମ୍ଭିକ ଶିକ୍ଷା ସୁଇଜରଲ୍ୟାଣ୍ଡରେ ହୋଇଥିଲା। 'ବିଶ୍ୱଭାରତୀ ବିଶ୍ୱବିଦ୍ୟାଳୟ'ରେ ଭର୍ତ୍ତି ହେବା ସମୟରେ ଇନ୍ଦିରା ବିଶ୍ୱକବି ରବୀନ୍ଦ୍ରନାଥ ଠାକୁରଙ୍କ ସଂସ୍ପର୍ଶରେ ଆସିଥିଲେ। ରବୀନ୍ଦ୍ରନାଥ ଠାକୁର ହିଁ ତାଙ୍କ ନାମ 'ପ୍ରିୟଦର୍ଶିନୀ' ରଖିଥିଲେ। ସେହିଦିନଠାରୁ ତାଙ୍କ ନାମ ଇନ୍ଦିରା ପ୍ରିୟଦର୍ଶିନୀ ହୋଇଥିଲା। ସେ ଆନୁଷ୍ଠାନିକ ଭାବରେ ୧୯୩୮ ମସିହାରେ ଭାରତୀୟ ଜାତୀୟ କଂଗ୍ରେସରେ ଯୋଗ ଦେଇଥିଲେ। ଜବାହରଲାଲ ନେହରୁ ଭାରତର ପ୍ରଧାନମନ୍ତ୍ରୀ ଥିବାବେଳେ ଇନ୍ଦିରା ତାଙ୍କ ସହ କାମ କରିବା ଆରମ୍ଭ କରି ଦେଇଥିଲେ। ନେହରୁଙ୍କ ମୃତ୍ୟୁ ପରେ କଂଗ୍ରେସ ଦଳରେ ଇନ୍ଦିରା ଗାନ୍ଧୀଙ୍କ ଆଧିପତ୍ୟ ବୃଦ୍ଧି ପାଇଲା। ତାଙ୍କୁ ଲାଲ ବାହାଦୂର ଶାସ୍ତ୍ରୀଙ୍କ କ୍ୟାବିନେଟରେ ସୂଚନା ଓ ପ୍ରସାରଣ ମନ୍ତ୍ରୀ କରାଯାଇଥିଲା। ୧୯୬୬ ମସିହାରେ ଶାସ୍ତ୍ରୀଙ୍କ ମୃତ୍ୟୁ ପରେ ଇନ୍ଦିରା ଗାନ୍ଧୀ ଦେଶର ପ୍ରଧାନମନ୍ତ୍ରୀ ହେବାର ସୁଯୋଗ ପାଇଲେ। ୧୯୬୬ ମସିହାରୁ ୧୯୭୭ ଏବଂ ୧୯୮୦ରୁ ମୃତ୍ୟୁ ପର୍ଯ୍ୟନ୍ତ ସେ ଭାରତର ପ୍ରଧାନମନ୍ତ୍ରୀ ଥିଲେ। ଭାରତର ପ୍ରଥମ ମହିଳା ପ୍ରଧାନମନ୍ତ୍ରୀ ଭାବେ ଇନ୍ଦିରା ଗାନ୍ଧୀଙ୍କୁ ନେଇ ଯେତେ ଚର୍ଚ୍ଚା ହୁଏ, ତାଙ୍କର କଠୋର ନିଷ୍ପତ୍ତି ଓ ଅଦମ୍ୟ ସାହସକୁ ଭାରତୀୟ ରାଜନୀତିରେ ଏକ ଭିନ୍ନ ଦୃଷ୍ଟିକୋଣରେ ଦେଖାଯାଏ। ଇନ୍ଦିରା ଗାନ୍ଧୀଙ୍କ ସମୟରେ ହିଁ ୨୫ ଜୁନ୍ ୧୯୭୫ ମସିହାରେ ଭାରତରେ ଜରୁରୀକାଳୀନ ପରିସ୍ଥିତି ଲାଗୁ ହୋଇଥିଲା। ପଞ୍ଜାବର ସ୍ୱର୍ଣ୍ଣ ମନ୍ଦିରରୁ ଆତଙ୍କବାଦୀଙ୍କୁ ବାହାର କରିବା ପାଇଁ କରାଯାଇଥିବା ଅପରେସନ୍ ବ୍ଲୁ ଷ୍ଟାର ଇନ୍ଦିରାଙ୍କ ଶାସନ ସମୟରେ ହିଁ କରାଯାଇଥିଲା। ୧୯୬୯ରେ 'ବ୍ୟାଙ୍କ୍ ଜାତୀୟକରଣ' ଏବଂ ୧୯୭୧ରେ ରାଜା-ମହାରାଜାଙ୍କ 'ପ୍ରିଭି ପର୍ସ'ର ଉଚ୍ଛେଦ କଲେ, ଯାହା ତାଙ୍କ ଦୃଢ଼ ନିଷ୍ପତ୍ତିର ପରିଚାୟକ ଥିଲା। ୧୯୭୧ ମସିହାରେ ବଂଲାଦେଶ ମୁକ୍ତି ଯୁଦ୍ଧରେ ଭାରତ ଜିତିବା ପରେ ଇନ୍ଦିରାଙ୍କୁ ଭାରତର ସର୍ବୋଚ୍ଚ ନାଗରିକ ସମ୍ମାନ 'ଭାରତ ରତ୍ନ' ପ୍ରଦାନ କରାଯାଇଥିଲା। ୧୯୮୪ ଅକ୍ଟୋବର ୩୧ରେ ସୁରକ୍ଷାକର୍ମୀଙ୍କ ଗୁଳିରେ ଇନ୍ଦିରା ପ୍ରାଣ ହରାଇଥିଲେ।

# 'ତେରେ ଇସ୍କ ମେଁ' ମନ ଜିଣିଲା ଟ୍ରେଲର୍



ସାଉଥ୍ ଇଣ୍ଡଷ୍ଟ୍ରୀର ଲୋକପ୍ରିୟ ଅଭିନେତା ଧନୁଷ ଓ କ୍ରିତି ସାନନ୍‌ଙ୍କ ମ୍ୟୁଜିକାଲ ରୋମାଣ୍ଟିକ୍ ଫିଲ୍ମ 'ତେରେ ଇସ୍କ ମେଁ'ର ଟ୍ରେଲର୍ ନିକଟରେ ରିଲିଜ୍ ହୋଇଛି। ଏହାର ନିର୍ଦ୍ଦେଶନା ଦେଇଛନ୍ତି 'ତନୁ ୱେଡସ୍ ମନୁ' ଫେମ୍ ଆନନ୍ଦ ଏଲ୍ ରାୟ। ପୂର୍ବରୁ ଫିଲ୍ମର ଗୀତ ଓ ଟିଜର୍ ଦର୍ଶକଙ୍କ ଉତ୍ସାହ ବଢାଇଥିବା ବେଳେ ଏବେ ଟ୍ରେଲର ସମସ୍ତଙ୍କ ମନକୁ ଛୁଇଁଛି ଓ ଫିଲ୍ମ ଦେଖିବାର ଉତ୍ସାହକୁ ଦ୍ୱିଗୁଣିତ କରିଛି। ଟ୍ରେଲର୍ ଆରମ୍ଭରେ ଧନୁଷ ଭାରତୀୟ ବାୟୁସେନା ଅଧିକାରୀ ଫ୍ଲାଇଟ୍ ଲେଫଟନାଣ୍ଟ ଶଙ୍କର ଭୂମିକାରେ ଦେଖାଯାଇଛନ୍ତି। ସେହିଭଳି କ୍ରିତିଙ୍କ ଆଖିରେ ଯନ୍ତ୍ରଣା ଓ ପଶ୍ଚାତାପ ଦେଖିବାକୁ ମିଳିଛି। ଏହାପରେ ଫ୍ଲାସ୍‌ବ୍ୟାକ୍‌କୁ ଯାଇ ସେମାନଙ୍କ ପ୍ରେମସମ୍ପର୍କ ଦେଖାଯାଇଛି। ଶଙ୍କରଙ୍କୁ ପ୍ରାରମ୍ଭରେ ଜଣେ ହିଂସ୍ର ଉଗ୍ର ପ୍ରକୃତିର ଯୁବକ ଭାବେ ଦେଖାଯାଇଛି। କ୍ରିତିଙ୍କୁ ଦେଖିବା ମାତ୍ରେ ସେ ତାଙ୍କ ପ୍ରେମରେ ପଡ଼ିଯାଏ। ଶଙ୍କର ଚରିତ୍ରକୁ ଏକତରଫା ପ୍ରେମରେ ପଡ଼ିଥିବା ଜଣେ ପାଗଳ ପ୍ରେମିକ ଭାବରେ ଦର୍ଶାଯାଇଛି। ପରେ କ୍ରିତି ତାଙ୍କ ପ୍ରେମରେ ପଡ଼ିଥିବାର ଦେଖାଯାଇଛି। ଫିଲ୍ମରେ ଜବରଦସ୍ତ ଆକ୍ସନ୍ ସିନ୍ ସହ ବେଶ୍ ସୁନ୍ଦର ସଂଳାପ ରହିଛି, ଯାହା ଦର୍ଶକଙ୍କୁ ବେଶ୍ ପସନ୍ଦ ଆସିଛି। ହିମାଂଶୁ ଶର୍ମା ଏବଂ ନୀରଜ ଯାଦବ ଏହାର କାହାଣୀ ଲେଖିଛନ୍ତି। ଏହା ୨୮ ନଭେମ୍ବରରେ ପରଦାକୁ ଆସିବ। ତେବେ ଏହାର ଟ୍ରେଲର୍ ଦେଖି ଏହି ଫିଲ୍ମ ବ୍ଲକ୍‌ବଷ୍ଟର ହେବ ବୋଲି ସାମାଜିକ ଗଣମାଧ୍ୟମରେ ଚର୍ଚ୍ଚା ହେଉଛି।

# ବିଶ୍ୱ ଶୌଚାଳୟ ଦିବସ



ବିଶ୍ୱ ପରିମଳ ସଙ୍କଟର ମୁକାବିଲା ପାଇଁ ପ୍ରତିବର୍ଷ ନଭେମ୍ବର ୧୯ ତାରିଖକୁ ବିଶ୍ୱ ଶୌଚାଳୟ ଦିବସ ଭାବରେ ପାଳନ କରାଯାଏ। ପରିମଳର ପ୍ରଭାବ କିପରି ଭୂତଳ ଜଳ ଉପରେ ପ୍ରଭାବ ପକାଇଥାଏ ଏବଂ ଖୋଲା ସ୍ଥାନରେ ମଳତ୍ୟାଗ ଦ୍ୱାରା କି କି ସମସ୍ୟା ସୃଷ୍ଟି ହୋଇଥାଏ ସେଦିଗରେ ସଚେତନତା ସୃଷ୍ଟି ଉଦ୍ଦେଶ୍ୟରେ ଏହି ଦିବସ ପାଳନ କରାଯାଏ।

ଖାଦ୍ୟ, ବସ୍ତ୍ର, ବାସଗୃହ ପରି ଶୌଚାଳୟ ମଧ୍ୟ ମଣିଷର ଏକ ମୌଳିକ ଆବଶ୍ୟକତା ହୋଇଯାଇଛି। ବିଶ୍ୱରେ ଏବେ ବି ପ୍ରତି ତିନି ଜଣରେ ଜଣେ ମହିଳା ସୁରକ୍ଷିତ ଶୌଚାଳୟ ସୁବିଧା ପାଇବାରୁ ବଞ୍ଚିତ। ଖୋଲାରେ ଶୌଚ କରିବାକୁ ବାଧ୍ୟ ହେଉଥିବା ମହିଳା ତଥା ବାଳିକାମାନେ ନିଜର ସମ୍ମାନହାନି ସହ ଅପରାଧର ଶିକାର ହୋଇଥାନ୍ତି। ଏସବୁ ସମସ୍ୟାକୁ ଦେଖି ୨୦୦୧ ନଭେମ୍ବର ୧୯ ରେ 'ବିଶ୍ୱ ଶୌଚାଳୟ ସଂଗଠନ' ଗଢ଼ା ଯାଇଥିଲା। ୨୦୧୩ରେ ମିଳିତ ଜାତିସଂଘ ଦ୍ୱାରା ବିଶ୍ୱ ଶୌଚାଳୟ ଦିବସ ପାଳନ କରିବା ନେଇ ଆନୁଷ୍ଠାନିକ ଭାବେ ଘୋଷଣା ହୋଇଥିଲା। ସେବେଠାରୁ ପ୍ରତିବର୍ଷ ନଭେମ୍ବର ୧୯ ତାରିଖକୁ 'ବିଶ୍ୱ ଶୌଚାଳୟ ଦିବସ' ଭାବେ ପାଳନ କରାଯାଏ। ଏହି ଅବସରରେ ପରିମଳ ବାବଦରେ ଲୋକଙ୍କୁ ସଚେତନ ତଥା ଶୌଚାଳୟ ବ୍ୟବହାର ପ୍ରତି ଉତ୍ସାହିତ କରାଯାଏ। ତା'ସହ ସ୍ୱଚ୍ଛତା, ସ୍ୱାସ୍ଥ୍ୟ ଓ ସୁରକ୍ଷା ଭିତ୍ତିଭୂମିକୁ ସୁଦୃଢ଼ କରିବା ମଧ୍ୟ ଏହି ଦିବସର ଅନ୍ୟତମ ଉଦ୍ଦେଶ୍ୟ। ମିଳିତ ଜାତିସଂଘର ଏକ ତଥ୍ୟ ଅନୁସାରେ, ସାରା ବିଶ୍ୱର ଯେତେ ଲୋକ ଖୋଲାରେ ଶୌଚ କରନ୍ତି, ତା'ର ପ୍ରାୟ ଅର୍ଦ୍ଧାଂଶ ଲୋକ ହେଉଛନ୍ତି ଭାରତର। ଭାରତର ୨୦୧୧ ଜନଗଣନା ଅନୁସାରେ, ଗାଁ ଗହଳିରେ ୬୭ ପ୍ରତିଶତ ଏବଂ ସହରାଞ୍ଚଳରେ ୧୩ ପ୍ରତିଶତ ଲୋକ ଖୋଲାରେ ଶୌଚ କରନ୍ତି। ଖୋଲା ସ୍ଥାନରେ ଶୌଚ ଯିବାର ଅର୍ଥ ବିଭିନ୍ନ ରୋଗକୁ ଆମନ୍ତ୍ରଣ କରିବା। କେବଳ ସେତିକି ନୁହେଁ, ଏହାଦ୍ୱାରା ପରିବେଶ ମଧ୍ୟ ଦୂଷିତ ହୋଇଥାଏ। ଅନ୍ୟପଟେ ଏହାର ପ୍ରଭାବ ମୁଖ୍ୟତଃ ମହିଳା ଓ ଶିଶୁଙ୍କ ସ୍ୱାସ୍ଥ୍ୟ ଉପରେ ପଡ଼ିଥାଏ। ଏବେ ବି ଅନେକ ସ୍ଥାନରେ ଶୌଚାଳୟର ଉଚିତ ସୁବିଧା ସୁଯୋଗ ନ ଥିବାରୁ ଲୋକେ ଖୋଲାରେ ଶୌଚ ଯିବାକୁ ବାଧ୍ୟ ହେଉଛନ୍ତି। ଏହାବାଦ୍ ଶୌଚାଳୟ ବ୍ୟବହାରର ଗୁରୁତ୍ୱ ଜଣା ନ ଥିବାରୁ ଅନେକ ବାହାରେ ଶୌଚ ଯାଆନ୍ତି। ଏ ସବୁକୁ ଦୃଷ୍ଟିରେ ରଖି ଏହି ଦିନ ଖୋଲାରେ ଶୌଚ ଯିବାକୁ ବାରଣ କରାଯାଏ। ଏ ଦିଗରେ ଭାରତ ସରକାରଙ୍କ ସ୍ୱଚ୍ଛ ଭାରତ ଅଭିଯାନ ବିଶେଷ ଫଳପ୍ରଦ ହୋଇପାରିଛି। ବିଶ୍ୱ ଶୌଚାଳୟ ଦିବସ ପାଳନ ଅବସରରେ ଏ ସମ୍ପର୍କିତ କର୍ମଶାଳା, ସଚେତନତା ପଦଯାତ୍ରା, ସଫେଇ କାର୍ଯ୍ୟକ୍ରମ ତଥା ଗଣଦୌଡ଼ର ଆୟୋଜନ ହୋଇଥାଏ। ଏଭଳି କାର୍ଯ୍ୟକ୍ରମ ସବୁ ସରକାରୀ ସଂସ୍ଥା ସହ ବେସରକାରୀ ସଂସ୍ଥା ତଥା ସ୍ୱେଚ୍ଛାସେବୀ ସଂଗଠନମାନଙ୍କ ମାଧ୍ୟମରେ ହୋଇଥାଏ।

# ୨୦୨୮ ସୁଦ୍ଧା ଆସିବ ଭଏସ୍ ଏଆଇ ଟେକ୍ନୋଲୋଜି



**ଆଗାମି ଦିନରେ କି-ବୋର୍ଡର ଯୁଗ ଶେଷ ହେବ। ଏବେ ଏକ ନୂତନ ଗବେଷଣା ଅନୁସାରେ, କିଛି ବର୍ଷ ମଧ୍ୟରେ ଲୋକେ ହାତରେ ଟାଇପ୍ କରିବା ଭୁଲିଯିବେ। ଏହାର କାରଣ ହେବ କୃତ୍ରିମ ବୁଦ୍ଧିମତା। ଏଆଇର ବଢ଼ୁଥିବା ପ୍ରଭାବ ଟେକ୍ନିକ୍‌ର ବ୍ୟବହାରକୁ ସମ୍ପୂର୍ଣ୍ଣ ବଦଳାଇ ରଖିଥିବା ବେଳେ ୨୦୨୮ ସୁଦ୍ଧା ଭଏସ୍ ଏଆଇ ଲୋକଙ୍କ କାମ କରିବାର ମୁଖ୍ୟ ସାଧନ ପାଲଟିବ ବୋଲି କୁହାଯାଉଛି।**

ଲଣ୍ଡନ ସ୍କୁଲ ଅଫ୍ ଇକୋନମିକ୍ସ ଏବଂ ଜେବ୍ରା କମ୍ପାନି ସହଯୋଗରେ ଏହି ଗବେଷଣା କରାଯାଇଛି। ଅଧ୍ୟୟନରୁ ଜଣାପଡ଼ିଛି, ଭଏସ୍ ଟେକ୍ନୋଲୋଜି କାମ କରିବାର ପ୍ରତ୍ୟେକ ପାରମ୍ପରିକ ଉପାୟକୁ ପ୍ରଭାବିତ କରିବ। ଆଗାମୀ ଦିନରେ ଲାପଟପ୍, ମୋବାଇଲ ଏବଂ କମ୍ପ୍ୟୁଟରରେ ଟାଇପ୍ କରିବା ପରିବର୍ତ୍ତେ ଲୋକେ କେବଳ କଥା ମାଧ୍ୟମରେ ନିଜ କାମକୁ ପୂରା କରିବେ। ବୈଜ୍ଞାନିକଙ୍କ କହିବା କଥା, ମଣିଷର ଚିନ୍ତାଧାରା ସହିତ କଥା ଅଧିକ ମେଳ ଖାଇଥାଏ। ତେଣୁ ଏହା ଟାଇପିଂ ତୁଳନାରେ ଅଧିକ ସହଜ, ଦ୍ରୁତ ଏବଂ ପ୍ରଭାବୀ ହେବ।

ସେହିପରି ଜେନରସନ ଆଲ୍‌ଫା ୱାର୍କଫୋର୍ସରେ ସାମିଲ ହେଲା ବେଳକୁ ଏଆଇ ସମ୍ପୂର୍ଣ୍ଣ ନିତିଦିନ ଜୀବନର ଅଂଶ ହୋଇଯିବ। ସେତେବେଳେ ଲୋକେ ଟାଇପ୍ କରିବା ପରିବର୍ତ୍ତେ ଡିଭାଇସ ସହ କଥା ହୋଇ ସମସ୍ତ କାମ ପୂରା କରିବେ। ତେବେ ଏହା ଦ୍ୱାରା ଲୋକେ କେବଳ ଶୀଘ୍ର ନୁହେଁ, ବରଂ ସୃଜନାତ୍ମକ ଶୈଳୀରେ ବି କାମ କରିପାରିବେ।

ଅବଶ୍ୟ କିଛି ବିଶେଷଜ୍ଞଙ୍କ ମତରେ, ଏଆଇ ସମ୍ପୂର୍ଣ୍ଣ ଭାବେ କି-ବୋର୍ଡ ଯୁଗକୁ ଶେଷ କରିପାରିବ ନାହିଁ। ହେଲେ ଗୋଟିଏ କଥା ସ୍ପଷ୍ଟ ହେଉଛି, ଟେକ୍ନିକ ଦ୍ରୁତ ଗତିରେ ଜୀବନରେ ପରିବର୍ତ୍ତନ ଆଣୁଛି। ଯେଉଁଭଳି ଭାବେ ସିଡି ଏବଂ ଡିଭିଡ଼ି କିଛି ବର୍ଷ ମଧ୍ୟରେ ହଜିଗଲା, ସେହି ପ୍ରକାରେ କି-ବୋର୍ଡ ମଧ୍ୟ ଆଗାମୀ ଦିନରେ ପୁରୁଣା ଯୁଗର ଜିନିଷ ହୋଇଯିବ। ଅବଶ୍ୟ ଲୋକେ ଏବେ ସ୍ମାର୍ଟଫୋନ୍, ଟିଭି ଏବଂ ଲାପଟପ୍ ଭଳି ଡିଭାଇସ୍‌ରେ ଭଏସ୍ କମାଣ୍ଡର ବ୍ୟବହାର କରାଯାଉଛି। ଯଦି ଏହା ଧାରା ଏମିତି ଜାରି ରହେ, ୨୦୨୮ ସୁଦ୍ଧା ଡିଭାଇସ୍ ସହ କଥା ହେଇ ହିଁ ଲୋକେ ସେମାନଙ୍କ କାମ ପୂରା କରିବେ।

# ସମ୍ଭାବନା



## ଡିଗ୍ରୀ ନୁହେଁ, ସଫଳତାର ଆଧାର



**ପୂର୍ବରୁ ଲୋକଙ୍କୁ ସରକାରୀ ଚାକିରି, ଡାକ୍ତର ଏବଂ ଇଞ୍ଜିନିୟର ବ୍ୟତୀତ ଅନ୍ୟ କୌଣସି ଚାକିରି ଠିକ୍ ଲାଗୁ ନ ଥିଲା। ହେଲେ ଏବର ପିଢ଼ି ସେହି ଚିରାଚରିତ କ୍ୟାରିୟର ବିକଳ୍ପ ବାଛିବାକୁ ଭଲ ପାଉ ନାହାନ୍ତି। ସୋସିଆଲ ମିଡିଆ, ଟେକ୍ନୋଲୋଜି ଏବଂ ଡିଜିଟାଲ ଦୁନିଆର ଚାହିଦା ବଢ଼ୁଥିବାରୁ ଜେନ୍ ଜେଡ୍‌ଙ୍କ ପାଇଁ ଅନେକ ସୁଯୋଗ ରହିଛି।**

**କୌଶଳ ଉପରେ ପ୍ରାଥମିକତା:** ଦେଶର ଯୁବପିଢ଼ି ଏବେ ଡିଗ୍ରୀ ନୁହେଁ, ସ୍କିଲ ବା କୌଶଳ ପଛରେ ଦୌଡ଼ୁଛନ୍ତି। ଏଣୁ ଯୁବପିଢ଼ି ଡିଗ୍ରୀ ସହିତ ସ୍କିଲ ଉପରେ ବିଶେଷ ଧ୍ୟାନ ଦେଉଛନ୍ତି। ଜେନ୍ ଜେଡ୍ ଚାକିରିର ସ୍ଥିରତା ସାଙ୍ଗକୁ ନିଶା ଓ ସ୍ୱାଧୀନତାକୁ ଗୁରୁତ୍ୱ ଦେଉଛନ୍ତି। କଣ୍ଟେଣ୍ଟ କ୍ରିଏସନ, ଡିଜିଟାଲ ମାର୍କେଟିଂ, ୟୁଏକ୍ସ ଡିଜାଇନ, ଗେମିଂ, ଡାଟା ଆନାଲିଟିକ୍ସ, ଫେଶନ ଡିଜାଇନିଂ, ସଷ୍ଟେନବଲ ବିଜନେସ ଭଳି କ୍ୟାରିୟର ଲୋକପ୍ରିୟ ହେଉଛି।

**ମାନସିକ ସ୍ୱାସ୍ଥ୍ୟ:** ପୂର୍ବରୁ ଲୋକେ କେବଳ ଚାକିରି ପଛରେ ଦୌଡ଼ୁଥିଲେ ଏବଂ ଚାକିରି ମିଳିଲେ ଏହାକୁ ସୁରକ୍ଷିତ ରଖିବା ପ୍ରୟାସ କରୁଥିଲେ। ପୂର୍ବରୁ ଲୋକେ ଏତେ ବ୍ୟସ୍ତ ରହୁଥିଲେ ଯେ, ସେମାନେ ଘର ପରିବାରକୁ ସମୟ ଦେଇପାରୁ ନ ଥିଲେ। ହେଲେ ଆଜିର ପିଢ଼ି ମାନସିକ ସ୍ୱାସ୍ଥ୍ୟ ଏବଂ ପରିବାରକୁ ବେଶି ଗୁରୁତ୍ୱ ଦେଉଛନ୍ତି।

**କ୍ୟାରିୟର ବିକଳ୍ପ:** ଆଜିର ଯୁବପିଢ଼ି ପଢ଼ା ସହିତ ୟୁଟ୍ୟୁବ, ଇନଷ୍ଟାଗ୍ରାମ୍, ପଡକାଷ୍ଟିଂ, ବ୍ଲଗିଂ ଭଳି ଜିନିଷ ପ୍ରତି ରୁଚି ଦେଖାଉଛନ୍ତି। ବହୁତ ଲୋକ ଡିଜିଟାଲ ମାର୍କେଟିଂ ଏବଂ ସୋସିଆଲ ମିଡିଆ ମ୍ୟାନେଜମେଣ୍ଟ ଭଳି ପେଶାରେ ଯୁବପିଢ଼ି ପାଦ ରଖୁଛନ୍ତି। ତେଣୁ ଟେକ୍ନୋଲୋଜି ସହିତ ଜଡ଼ିତ ଚାକିରି ଜେନ ଜେଡ୍‌ଙ୍କର ପ୍ରଥମ ପସନ୍ଦ ପାଲଟିଛି। ସେହିପରି ୟୁଏକ୍ସ ଏବଂ ୟୁଆଇ ଡିଜାଇନ, ଡାଟା ସାଇନ୍ସ, ଏଆଇ ଡେଭଲପମେଣ୍ଟ, ଆପ୍ ଡିଜାଇନିଂ ଭଳି କ୍ୟାରିୟର ସବୁଠୁ ଉତ୍ତମ ବିକଳ୍ପ। ଫେଶନ ଫଟୋଗ୍ରାଫି, ଟ୍ରାଭେଲ ବ୍ଲଗିଂ ଏବଂ ସଷ୍ଟେନବଲ ବ୍ୟବସାୟ ଭଳି କ୍ରିଏଟିଭ୍ ଫିଲ୍ଡ ବହୁତ ଲୋକଙ୍କୁ କ୍ୟାରିୟରରେ ନୂଆ ଦିଗ ପ୍ରଦାନ କରୁଛି। ଅନ୍ୟପଟେ ଜେନ୍ ଜେଡଙ୍କ ଲାଗି କ୍ୟାରିୟରର ଅର୍ଥ କେବଳ ଟଙ୍କା କମାଇବା ନୁହେଁ, ନିଜର ପରିଚୟ ସୃଷ୍ଟି କରିବା। ଏହି ଜେନରେସନ ପ୍ରମାଣିତ କରି ଦେଇଛନ୍ତି ସଫଳତାର ଆଧାର କେବଳ ଡିଗ୍ରୀ ନୁହେଁ, ବରଂ ଦକ୍ଷତା, କ୍ରିଏଟିଭିଟି ଏବଂ କୌଶଳ।

# ବୋର୍ଡ ପରୀକ୍ଷା ପ୍ରସ୍ତୁତି

**ବୋର୍ଡ ପରୀକ୍ଷାରେ ଭଲ ନମ୍ବର ଆଣିବା ଦ୍ୱାରା ବିଦ୍ୟାର୍ଥୀଙ୍କ ଭବିଷ୍ୟତ ଉଜ୍ଜ୍ୱଳ ହୋଇଥାଏ। ଏଥିପାଇଁ ପୂର୍ବରୁ ଯୋଜନା ମୁତାବକ ପ୍ରସ୍ତୁତି କରିବାକୁ ହୋଇଥାଏ। ତେବେ ଏ ଲାଗି ପରୀକ୍ଷା ପ୍ରସ୍ତୁତି କିଭଳି କରିବେ, ଜାଣିବା ସେ ସମ୍ପର୍କରେ।**




- ସମୟ ସାରଣୀ ପ୍ରସ୍ତୁତ କରିବା ସମୟରେ ପ୍ରତ୍ୟେକ ବିଷୟ ପାଇଁ ଠିକ୍ ଭାବେ ସମୟ ଧାର୍ଯ୍ୟ କରନ୍ତୁ। ଏହା ଦ୍ୱାରା ପଢ଼ା ସମୟରେ ଅସୁବିଧା ହୋଇ ନ ଥାଏ।
- ବୋର୍ଡ ପରୀକ୍ଷା ପୂର୍ବରୁ ପାଠ୍ୟକ୍ରମକୁ ଧ୍ୟାନରେ ପଢ଼ନ୍ତୁ। ଯେଉଁ ବିଷୟ ଉପରେ ଅଧିକ ଧ୍ୟାନ କେନ୍ଦ୍ରିତ କରିବାର ଅଛି, ତାହାକୁ ପ୍ରଥମେ ପ୍ରାଧାନ୍ୟ ଦିଅନ୍ତୁ।
- ପରୀକ୍ଷା ପ୍ୟାଟର୍ଣ୍ଣ ଏବଂ ପ୍ରଶ୍ନକୁ ବୁଝନ୍ତୁ। ପୂର୍ବବର୍ଷର ପରୀକ୍ଷା ପ୍ରଶ୍ନ ସଂଗ୍ରହ କରି ତା'କୁ ଅଭ୍ୟାସ କରନ୍ତୁ। ଏହା ଦ୍ୱାରା ଲିଖନ ଶୈଳୀ ଉନ୍ନତ ହୋଇଥାଏ ଏବଂ ବିଷୟ ଭଲ ମନେ ରହେ।
- ପରୀକ୍ଷାର କିଛିଦିନ ପୂର୍ବରୁ ରିଭିଜନ୍ କରିବା ଆରମ୍ଭ କରନ୍ତୁ। ରିଭିଜନ ଦ୍ୱାରା ଲର୍ଣ୍ଣିଂ ସ୍କିଲ୍ ବୃଦ୍ଧି ପାଏ। ଏହାସହ ଆତ୍ମବିଶ୍ୱାସ ମଧ୍ୟ ବୃଦ୍ଧି ପାଏ।
- ପଢ଼ା ମଝିରେ ଛୋଟ ଛୋଟ ବ୍ରେକ୍ ନେବା ଜରୁରି। ବ୍ରେକ୍‌ରୁ ଫୁର୍ତ୍ତି ଲାଗେ ଓ ବିଷୟ ମନେ ରଖିବା ସହଜ ହୁଏ।
- ପରୀକ୍ଷା ପ୍ରସ୍ତୁତି ସମୟରେ ସକାରାତ୍ମକ ଚିନ୍ତାଧାରାରେ ରହିବା ଜରୁରି। ଚିନ୍ତାଗ୍ରସ୍ତ ରହିବା ଦ୍ୱାରା ପ୍ରସ୍ତୁତି ବାଧା ପ୍ରାପ୍ତ ହୋଇପାରେ।
- ମସ୍ତିଷ୍କକୁ ଶାନ୍ତ ରଖିବା ପାଇଁ ସନ୍ତୁଳିତ ଖାଦ୍ୟ ସହିତ ଉପଯୁକ୍ତ ନିଦ୍ରା ଯିବା ଜରୁରି। ଏଭଳି କରିବା ଦ୍ୱାରା ଏକାଗ୍ରତା ବୃଦ୍ଧି ପାଏ ଏବଂ ପଢ଼ା ଲାଗି ଅଧିକ ଶକ୍ତି ମିଳେ।

# ସମାଲୋଚକଙ୍କ ସହ କିଭଳି କରିବେ ଆଲୋଚନା

**ଅଫିସ୍ ସହକର୍ମୀ ହୁଅନ୍ତି ଅବା ପ୍ରତିଦ୍ୱନ୍ଦ୍ୱୀ କିମ୍ବା ସାଙ୍ଗସାଥୀ ଅନେକ ସମୟରେ ସେମାନେ ସମାଲୋଚନା କରିଥାନ୍ତି। ଯାହାକୁ ଶୁଣିବା ପରେ ଜଣେ ଉତ୍ତେଜିତ ହୋଇ ଅନେକ କିଛି କହି ବସନ୍ତି। ଏଭଳି ସ୍ଥିତିରେ ଉତ୍ତେଜିତ ନ ହୋଇ ସେମାନଙ୍କ ସହ କିଭଳି ଆଲୋଚନା କରିବା ଦରକାର, ସେ ସମ୍ପର୍କରେ ଜାଣିବା।**

- କାହାକୁ କିଛି କହିବା ପୂର୍ବରୁ କିଛି ସମୟ ପାଇଁ ଶାନ୍ତିରେ ଅଲଗା ସ୍ଥାନରେ ବସନ୍ତୁ।
- କ୍ରୋଧବଶତଃ ସମାଲୋଚକଙ୍କ ବିରୋଧରେ ସାମାଜିକ ଗଣମାଧ୍ୟମରେ କିଛି ନ ଲେଖିବା ଭଲ।
- ଏଭଳି ସ୍ଥଳେ କିଛି ପ୍ରତିକ୍ରିୟା ନ ଦେଇ କ'ଣ କରିବେ, ସେନେଇ ଭରସାଯୋଗ୍ୟ ବ୍ୟକ୍ତିଙ୍କ ପରାମର୍ଶ ନେଇପାରିବେ।
- ସମାଲୋଚକଙ୍କ କଥାକୁ ଗୁରୁତ୍ୱ ନ ଦେଇ, ତାହାକୁ ହାଲୁକା ଭାବେ ଗ୍ରହଣ କରନ୍ତୁ।
- ନମ୍ର ତଥା ଶାନ୍ତ ସ୍ୱଭାବରେ ସମାଲୋଚକଙ୍କୁ ତାଙ୍କ ଭୁଲ୍ ଜଣାଇବାକୁ ଚେଷ୍ଟା କରିବା ଉଚିତ।






### ନାଗାଲାଣ୍ଡ ବିପକ୍ଷ ରଣଜୀରେ ସ୍ୱସ୍ତିକ-ଶୁଭ୍ରାଂଶୁଙ୍କ ଶତକ

# ପ୍ରଥମ ବିଜୟ ଅଭିମୁଖେ ଓଡ଼ିଶା

ଭୁବନେଶ୍ୱର, ୧୮ ।୧୧ (ସମିସ): ଭ୍ରମଣକାରୀ ନାଗାଲାଣ୍ଡ ବିପକ୍ଷରେ ସ୍ଥାନୀୟ କିଟ୍ କ୍ରିକେଟ ଗ୍ରାଉଣ୍ଡରେ ଚାଲିଥିବା ରଣଜୀ ଟ୍ରଫି ମୁକାବିଲାରେ ଓଡ଼ିଶା ଦୃଢ଼ସ୍ଥିତିରେ ରହିଛି । ଘରୋଇ ଓଡ଼ିଶା ପକ୍ଷରୁ ୪୬୫

## ଶେଷ ଦିନ ନାଗାଲାଣ୍ଡ ସାମ୍ନାରେ ୪୨୪ ଲକ୍ଷ୍ୟ

ରନର ବିଶାଳ ଟାର୍ଗେଟ୍ ନାଗାଲାଣ୍ଡ ସାମ୍ନାରେ ଧାର୍ଯ୍ୟ କରାଯାଇଛି । ଏହି କଷ୍ଟସାଧ ଲକ୍ଷ୍ୟକୁ ପିଛା କରି ନାଗାଲାଣ୍ଡ ମଙ୍ଗଳବାର ୩ୟ ଦିବସ ଷ୍ଟମ୍ପ ସୁଦ୍ଧା ୧୮ ଓଭରରେ ଗୋଟିଏ ୱିକେଟ୍ ହରାଇ ୪୧ ରନ ସଂଗ୍ରହ କରିଛି । ବୁଧବାର ମ୍ୟାଚର ଅନ୍ତିମ ତଥା ୪ର୍ଥ ଦିବସ । ନାଗାଲାଣ୍ଡକୁ ବିଜୟ ଲାଗି ବଳକା ୯ ୱିକେଟ୍‌ରେ ଆହୁରି ୪୨୪ ରନ ଆବଶ୍ୟକ ହେଉଛି । ଯାହାକି ଅପେକ୍ଷାକୃତ ଦୁର୍ବଳ ନାଗାଲାଣ୍ଡ ପାଇଁ ଏକପ୍ରକାର ଅସମ୍ଭବ କହିଲେ ଅତ୍ୟୁକ୍ତି ହେବ ନାହିଁ । ସେହିଭଳି ଘରୋଇ ଓଡ଼ିଶା ବଳକା ୯ ୱିକେଟ୍ ନେଇ ସିଜନର ପ୍ରଥମ ବିଜୟ ପଏଣ୍ଟ ହାସଲ କରିବା ଲକ୍ଷ୍ୟରେ ରହିଛି ।

## ୨୬୧ ରନର ଭାଗୀଦାରି; ଦ୍ୱିତୀୟ ଇନିଂସରେ ଓଡ଼ିଶା ୩୫୦/୫

୧୧୪ ରନରେ ଅଗ୍ରଣୀ ରହିଥିବା ଘରୋଇ ଓଡ଼ିଶା ଦ୍ୱିତୀୟ ପାଳିରେ ଦମ୍‌ଦାର ବ୍ୟାଟିଂ କରିଥିଲା । ପୂର୍ବଦିନର ଅସମାପ୍ତ ଦ୍ୱିତୀୟ ଇନିଂସ ସ୍କୋର ୧୬/୨ରୁ ମଙ୍ଗଳବାର ଖେଳ ଆରମ୍ଭ କରି ଓଡ଼ିଶା ଦ୍ରୁତଗତିରେ ରନ ସଂଗ୍ରହ କରିଥିଲା । ବିଶେଷ କରି ଅଧିନାୟକ ଶୁଭ୍ରାଂଶୁ ସେନାପତିଙ୍କ ସହ ଓପନର ସ୍ୱସ୍ତିକ ସାମଲ ପ୍ରତିପକ୍ଷ ନାଗାଲାଣ୍ଡ ବୋଲରଙ୍କୁ ଅନାୟାସରେ ଖେଳିଥିଲେ । ଉଭୟ ନିଜ ନିଜର ଶତକ ହାସଲ କରିବା ସହ ୩ୟ ୱିକେଟ୍‌ରେ ୨୬୧ ରନର ବିଶାଳ ଭାଗୀଦାରି ଗଢ଼ିଥିଲେ । ଯାହାକି ଘରୋଇ ଦଳକୁ ଏକ ବିଶାଳ ସ୍କୋର ଦିଗରେ ଅଗ୍ରସର କରାଇଥିଲା । ତେବେ ଦଳୀୟ ସ୍କୋର ୨୭୭ ରନ ହୋଇଥିବାବେଳେ ସ୍ୱସ୍ତିକଙ୍କୁ ଆଉଟ୍ କରି ପ୍ରତିପକ୍ଷ ଅଧିନାୟକ ରଙ୍ଗସେନ ନାଗାଲାଣ୍ଡକୁ ପ୍ରତୀକ୍ଷିତ ବ୍ରେକ୍ ଥ୍ରୁ ଦେଇଥିଲେ ।

ପ୍ରଥମଶ୍ରେଣୀ କ୍ୟାରିୟରର ଦ୍ୱିତୀୟ ଶତକ ହାସଲ କରିଥିବା ସ୍ୱସ୍ତିକ ୧୯୫ ବଲରେ ୧୬୯ ରନ କରି ଆଉଟ୍ ହୋଇଥିଲେ । ଏହି ପାଳିରେ ସେ ୧୧ ଚୌକା ଓ ୬ଟି ଛକା ମାରିଥିଲେ । ଏହାପରେ ଗୋବିନ୍ଦ ପୋଦ୍ଦାର ତାଙ୍କ ଖରାପ ଫର୍ମ ଜାରି ରଖି ମାତ୍ର ୧୨ ରନରେ ପ୍ୟାଭିଲିୟନ ଫେରିଥିଲେ । ତେବେ ଦଳୀୟ ସ୍କୋର ୩୫୦ ରନ ହୋଇଥିବାବେଳେ ପଞ୍ଚମ ବ୍ୟାଟର୍ ଭାବେ ଶୁଭ୍ରାଂଶୁ ଆଉଟ୍ ହୋଇଥିଲେ । ଶୁଭ୍ରାଂଶୁଙ୍କ ଆଉଟ୍ ସହ ଓଡ଼ିଶା ପାଳି ମଧ୍ୟ ଘୋଷଣା କରିଥିଲା । ଶୁଭ୍ରାଂଶୁ ୧୧ ଚୌକା ଓ ୪ ଛକା ସହ ୧୬୮ ବଲରେ ୧୩୭ ରନ କରିଥିଲେ । ପ୍ରଥମଶ୍ରେଣୀ କ୍ରିକେଟରେ ଏହା ତାଙ୍କର ୯ମ ଶତକ ଥିଲା । ସମ୍ବିତ ବରାଳ ୧୯ ରନ କରି ଅପରାଜିତ ରହିଥିଲେ । ନାଗାଲାଣ୍ଡ ପକ୍ଷରୁ ଜୋନାଥନ ଓ ଭିନୋ ଝିମୋମି ୨ଟି ଲେଖାଏ ୱିକେଟ୍ ନେଇଥିଲେ । ପୂର୍ବରୁ ପ୍ରଥମ ପାଳିରେ ଓଡ଼ିଶା ୨୭୫ ଓ ନାଗାଲାଣ୍ଡ ୧୬୧ ରନ କରିଥିଲା ।




### ସଂକ୍ଷିପ୍ତ ସ୍କୋର

ଓଡ଼ିଶା ପ୍ରଥମ ଇନିଂସ: ୨୭୫/୧୦
ନାଗାଲାଣ୍ଡ ପ୍ରଥମ ଇନିଂସ: ୧୬୧/୧୦
ଓଡ଼ିଶା ୨ୟ ଇନିଂସ: ୩୫୦/୫, ଘୋଷଣା (ସ୍ୱସ୍ତିକ- ୧୬୯, ଶୁଭ୍ରାଂଶୁ- ୧୩୭, ସମ୍ବିତ- ଅପରାଜିତ ୧୯, ପୋଦ୍ଦାର- ୧୨, ଭିନୋ- ୨/୭୯)
ନାଗାଲାଣ୍ଡ ୨ୟ ଇନିଂସ: ୪୧/୧, ୧୮ ଓଭର (ଟାର୍ଗେଟ- ୪୬୫)

## ହାରିବା ପରେ ଇଡେନ୍‌ରେ ଭାରତର ଜୋର୍‌ଦାର୍ ଅଭ୍ୟାସ



କୋଲକାତା,୧୮ ।୧୧(ଏଜେନ୍ସି): ବିଶ୍ୱ ଟେଷ୍ଟ ଚାମ୍ପିଅନ ଦକ୍ଷିଣ ଆଫ୍ରିକାଠାରୁ ୩୦ ରନ୍‌ରେ ପ୍ରଥମ ଟେଷ୍ଟ ହାରିଯିବା ପରେ ଗୌହାଟୀର ବର୍ଷାପଡ଼ା ଷ୍ଟାଡିୟମ୍‌ରେ ଆସନ୍ତା ୨୨ରୁ ଖେଳାଯିବାକୁ ଥିବା ଦ୍ୱିତୀୟ ଟେଷ୍ଟ ଲାଗି ଭାରତୀୟ କ୍ରିକେଟ ଦଳ ଇଡେନ ଗାର୍ଡେନ୍ସରେ ଆଜି ଜୋରଦାର ଅଭ୍ୟାସ କରିଛି । ପ୍ରଥମ ଟେଷ୍ଟଟି ଅଢ଼େଇ ଦିନରେ ଶେଷ ହୋଇଯାଇଥିବାରୁ ଭାରତ ଏଠାରେ ଅଟକି ରହିଥିଲା । ଆସନ୍ତାକାଲି ବା ବୁଧବାର ଦଳ ଗୌହାଟୀ ଯିବ । କିନ୍ତୁ ଏହା ପୂର୍ବରୁ ଅର୍ଥାତ ମଙ୍ଗଳବାର ଭାରତୀୟ କ୍ରିକେଟ ଦଳ ଦୀର୍ଘ ୩ଘଣ୍ଟାରୁ ଊର୍ଦ୍ଧ୍ୱ ଇଡେନ୍‌ରେ ଅଭ୍ୟାସ କରିଥିଲା । ବିଶେଷ କରି ଖେଳାଳିମାନେ ସ୍ପିନ୍ ବୋଲିଂକୁ ଗୁରୁତ୍ୱ ଦେଇ ଖେଳିଥିଲେ । ବ୍ୟାଟର ହୁଅନ୍ତୁ କିମ୍ବା ସ୍ପିନରଙ୍କୁ କୋଚ୍ ଗୌତମ ଗମ୍ଭୀର ପରାମର୍ଶ ଦେଉଥିବା ଦେଖାଯାଇଥିଲା । ବିଶେଷ କରି ବି. ସାଇ ସୁଦର୍ଶନ ଓ ଧ୍ରୁବ ଜୁରେଲ ଗୋଟିଏ ଗୋଡରେ ପ୍ୟାଡ୍ ପିନ୍ଧି ଟର୍ଣ୍ଣିଂ ବଲ୍‌କୁ ଖେଳିଥିଲେ । ଯେଉଁ ସବୁ ବିଭାଗରେ ଭାରତୀୟ ବ୍ୟାଟର ଇଡେନ୍‌ରେ ଫେଲ ମାରିଥିଲେ, ସେହି ବିଭାଗରେ ବ୍ୟାଟରମାନେ ଅଧିକ ଖେଳିଥିଲେ । ଗୋଟିଏ ଗୋଡରେ ପ୍ୟାଡ୍ ପିନ୍ଧିବା ଫଳରେ ଏଲବିଡବ୍ଲ୍ୟୁକୁ କିପରି ଏଡାଯାଇପାରିବ ତାହା ଉପରେ ଗୁରୁତ୍ୱ ଦିଆଯାଇଥିଲା ।

■ ରାଇଜିଂଷ୍ଟାର ଏସିଆ କପ୍

## ୱାସିମ୍‌ଙ୍କ ଲଢୁଆ ବ୍ୟାଟିଂ

ଦୋହା,୧୮ ।୧୧(ଏଜେନ୍ସି): ଏଠାରେ ମଙ୍ଗଳବାର ଖେଳାଯାଇଥିବା ରାଇଜିଂଷ୍ଟାର ଏସିଆ କପ୍ କ୍ରିକେଟ ପ୍ରତିଯୋଗିତାର ଭାରତ ବିପକ୍ଷ ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରିଥିବା ଓମାନ ୭ ୱିକେଟରେ ୧୩୫ ରନ୍ କରିଛି । ଦଳ ପକ୍ଷରୁ ୱାସିମ ଅଲି ସର୍ବାଧିକ ୫୪ ଓ ହାମଦ ମିର୍ଜା ୧୬ ବଲ୍‌ରେ ୩୨ ରନ୍ କରିଥିଲେ । ଭାରତ ପକ୍ଷରୁ ସୂୟାଶ ଶର୍ମା ଓ ଗୁରଜାନପ୍ରୀତ୍ ସିଂହ ୨ଟି ଲେଖାଏଁ ୱିକେଟ ପାଇଥିଲେ । ଜବାବରେ ୧୩୬ ରନ୍‌ର ବିଜୟ ଲକ୍ଷ୍ୟକୁ ପିଛା କରି ୮ ଓଭର ଶେଷରେ ଭାରତ ୨ ଓପନର ବୈଭବ ସୂର୍ଯ୍ୟବଂଶୀ (୧୨) ଓ ପ୍ରିୟାଂଶ ଆର୍ଯ୍ୟ (୧୦)ଙ୍କ ୱିକେଟ ହରାଇ ୫୮ ରନ୍ କରିନେଇଛି । ଗ୍ରୁପ-ଏ'ରେ ପାକିସ୍ତାନ ସମସ୍ତ ୩ଟି ଯାକ ମ୍ୟାଚ୍ ଜିତି ସେମିଫାଇନାଲରେ ପ୍ରବେଶ କରିଛି । ଏହି ମ୍ୟାଚ୍‌ର ବିଜୟୀ ଦଳ ପାକିସ୍ତାନ ସହ ଫାଇନାଲ ଖେଳିବ ।

## ଭାରତ-ବାଂଲା ମହିଳା ସିରିଜ୍ ବାତିଲ

ନୂଆଦିଲ୍ଲୀ,୧୮ ।୧୧(ଏଜେନ୍ସି): ଭାରତରେ ଆଶ୍ରୟ ନେଇଥିବା ବାଂଲାଦେଶର ବିତାଡିତ ପୂର୍ବତନ ପ୍ରଧାନମନ୍ତ୍ରୀ ଶେଖ୍ ହାସିନାଙ୍କୁ ବାଂଲାଦେଶରେ ଗଠିତ ଅନ୍ତର୍ଜାତୀୟ ନ୍ୟାୟାଳୟ ଫାଶୀଦଣ୍ଡରେ ଦଣ୍ଡିତ କରିଛି । ଏହି ନିଷ୍ପତ୍ତିର ସିଧାସଳଖ ପ୍ରଭାବ ପଡ଼ିଛି ଆସନ୍ତାମାସ ଭାରତରେ ଖେଳାଯିବାକୁ ଥିବା ବାଂଲାଦେଶ ବିପକ୍ଷ ମହିଳା ସୀମିତ ଓଭର କ୍ରିକେଟ୍ ସିରିଜ୍ ଉପରେ । କୋଲକତା ଓ କଟକରେ ହେବାକୁ ଥିବା ତିନୋଟି ଲେଖାଏଁ ଦିନିକିଆ ଓ ଟି-୨୦ ସିରିଜ୍‌କୁ ବାତିଲ କରିଦିଆଯାଇଛି । ଏହା ବଦଳରେ ଆଉ ଏକ ସିରିଜ୍ ଆୟୋଜନ ଲାଗି ବିସିସିଆଇ ଯୋଜନା କରିଛି ।

● କୁଚ୍ ବିହାର ଟ୍ରଫି କ୍ରିକେଟ

## ଓଡ଼ିଶାର ଇନିଂସ ପରାଜୟ

କଟକ,୧୮ ।୧୧(ସମିସ): ମହାରାଷ୍ଟ୍ରର ନାଗାଥୋନେରେ ଆଜି ଶେଷ ହୋଇଥିବା ୧୯ ବର୍ଷରୁ କମ୍ କୁଚ୍ ବିହାର ଟ୍ରଫିର ପ୍ରଥମ ମୁକାବିଲାରେ ଓଡ଼ିଶା ଏକ ଇନିଂସ ଓ ୨୫୦ ରନ୍‌ରେ ମହାରାଷ୍ଟ୍ରଠାରୁ ପରାଜିତ ହୋଇଛି । ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ମହାରାଷ୍ଟ୍ର ପ୍ରଥମ ଇନିଂସରେ ୫୨୮ ରନ୍ କରିଥିଲା । ଜବାବରେ ଓଡ଼ିଶା ପ୍ରଥମ ଇନିଂସରେ ୨୦୦ ରନ୍ କରି ଫଲୋଅନ୍ ହୋଇଥିଲା । ଫଲୋଅନ ହେବା ପରେ ଦ୍ୱିତୀୟ ଇନିଂସରେ ଓଡ଼ିଶା ଦଳ ମାତ୍ର ୨୭.୫ ଓଭରରେ ମାତ୍ର ୭୮ ରନ୍‌ରେ ଅଲଆଉଟ ହୋଇଯାଇଥିଲା । ଫଳରେ ମହାରାଷ୍ଟ୍ର ଏକ ଇନିଂସ ଓ ୨୫୦ ରନ୍‌ରେ ବୃହତ୍ ବିଜୟ ହାସଲ କରିଥିଲା ।

### ଜାତୀୟ ପାରା ସୁଇମିଂ ଉଦ୍‌ଯାପିତ

## ୮ ସ୍ୱର୍ଣ୍ଣ ସହ ଓଡ଼ିଶା ସପ୍ତମ


ଭୁବନେଶ୍ୱର, ୧୮ ।୧୧ (ସମିସ): ହାଇଦରାବାଦ୍‌ରେ ଉଦ୍‌ଯାପିତ ହୋଇଥିବା ୨୫ତମ ଜାତୀୟ ପାରା ସୁଇମିଂ ଚାମ୍ପିଅନସିପ୍‌ରେ ଓଡ଼ିଶା ଦମ୍‌ଦାର ପ୍ରଦର୍ଶନ କରି ମୋଟ୍ ୩୯ଟି ପଦକ ବିଜୟୀ ହୋଇଛି । ଯେଉଁଥିରେ ୮ଟି



ସ୍ୱର୍ଣ୍ଣ, ୧୮ଟି ରୌପ୍ୟ ଓ ୧୩ଟି କାଂସ୍ୟ ପଦକ ରହିଛି । ଏହି ଚାମ୍ପିଅନସିପ୍‌ରେ ଓଡ଼ିଶାର ୩୨ଜଣ ସନ୍ତରଣକାରୀ ଅଂଶଗ୍ରହଣ କରିଥିଲେ । ୨୮ଟି ରାଜ୍ୟର ୬୨୮ ସନ୍ତରଣକାରୀ ଏଥିରେ ଭାଗନେଇଥିବାବେଳେ କର୍ଣ୍ଣାଟକ ଓଭରଅଲ୍ ଚାମ୍ପିଅନ ଟ୍ରଫି ହାସଲ କରିଛି । ଓଡ଼ିଶା ପଦକ ତାଲିକାର ସପ୍ତମ ସ୍ଥାନରେ ରହିଛି । ଓଡ଼ିଶାର ଏହି ସଫଳତାରେ ଓଡ଼ିଶା ପାରା କ୍ରୀଡ଼ା ସଂଘର ସମ୍ପାଦକ ସୁନିଲ ପ୍ରଧାନ ସମସ୍ତ ଖେଳାଳିଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ଗତ ସଂସ୍କରଣରେ ଓଡ଼ିଶା ୨୭ଟି ପଦକ ବିଜୟୀ ହୋଇଥିଲା । ଓଡ଼ିଶା ସନ୍ତରଣକାରୀମାନେ ଏଥିରେ ଅଂଶଗ୍ରହଣ କରିବା ପୂର୍ବରୁ କଳିଙ୍ଗ ଷ୍ଟାଡିୟମ ସୁଇମିଂ ଏଚ୍‌ପିସିରେ ୧୫ ଦିନ ଧରି ପ୍ରଶିକ୍ଷଣ ନେଇଥିଲେ । ସୁନିତା ବହିଦାର ଓ ପୂର୍ଣ୍ଣଚନ୍ଦ୍ର ସେଠୀ ଓଡ଼ିଶା ଦଳର କୋଚ୍ ଦାୟିତ୍ୱ ତୁଲାଇଥିଲେ ।

## ସୁବ୍ରତଙ୍କୁ ହରାଇ ଆଶୁତୋଷ ବିଲିୟାର୍ଡ୍ସ ଚାମ୍ପିଅନ

ଭୁବନେଶ୍ୱର,୧୮ ।୧୧(ସମିସ): ଗୁରୁ ସୁବ୍ରତ ଦାସ୍‌ଙ୍କୁ ହରାଇ ଶିଷ୍ୟ ତଥା ରାଜ୍ୟର ଆଶୁତୋଷ ପାଢ଼ୀଙ୍କ ମଧ୍ୟରେ ସିନିଅର ର୍‍ୟାଙ୍କିଙ୍ଗ୍ ବିଲିଆର୍ଡ୍ସ ଟାଇଟଲ ବିଜୟୀ ହୋଇଛନ୍ତି । ପଟିଆ



ଛକସ୍ଥିତ ସିକ୍ସ ପକେଟସ କ୍ଲବ୍ ପରିସରରେ ଆଜି ଅନୁଷ୍ଠିତ ଫାଇନାଲରେ ଆଶୁତୋଷ ୪-୧ ଫ୍ରେମ୍‌ରେ ସୁବ୍ରତଙ୍କୁ ହରାଇ ୬ଷ୍ଠ ଥର ଟାଇଟଲ ହାସଲ କରିଛନ୍ତି । ଆଜି ଅନୁଷ୍ଠିତ ସିନିଅର ର୍‍ୟାଙ୍କିଙ୍ଗ୍ ସ୍ନୁକର ବିଭାଗରେ ଚେତନ ଆନନ୍ଦ, ଅବିନାଶ ମହାପାତ୍ର, ବିଶେଷ ସିଂଘାଲ, ଜ୍ଞାନ ଦାସ, ଶୁଭାଶିଷ ସେଠୀ, ଅମିତ ସିଂ ବିଜୟୀ ହୋଇଛନ୍ତି । ୱାକ୍ ଓଭର ପାଇ ହରି କ୍ରିଷ୍ଣା ଓ ଆୟାମ ସିଂ ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି ।

## ଏଫ୍‌ଆଇଏଚ୍‌ର ଶ୍ରେଷ୍ଠ ଅମ୍ପାୟର ପୁରସ୍କାର ଜିତିଲେ ରଘୁ



ନୂଆଦିଲ୍ଲୀ, ୧୮ ।୧୧ (ଏଜେନ୍ସି): ଭାରତର ରଘୁ ପ୍ରସାଦ ଅନ୍ତର୍ଜାତୀୟ ହକି ମହାସଂଘ (ଏଫ୍‌ଆଇଏଚ୍) ପକ୍ଷରୁ ବର୍ଷର ଶ୍ରେଷ୍ଠ ପୁରୁଷ ଅମ୍ପାୟର ପୁରସ୍କାର ଜିତିଛନ୍ତି । ମ୍ୟାଚ୍ ପରିଚାଳନାରେ ତାଙ୍କର ବୃତ୍ତିଗତତା, ସମର୍ପଣ ଓ ଉତ୍କର୍ଷତା ଲାଗି ଏଫ୍‌ଆଇଏଚ୍ ଅମ୍ପାୟରିଂ କମିଟି ତାଙ୍କୁ ଏହି ସମ୍ମାନଜନକ ପୁରସ୍କାର ପ୍ରଦାନ କରିଛି । କର୍ଣ୍ଣାଟକ ଜନ୍ମିତ ରଘୁ ୨୨ ବର୍ଷର ଲମ୍ବା ଅମ୍ପାୟରିଂ କ୍ୟାରିୟରରେ ୧୯୮ଟି ଅନ୍ତର୍ଜାତୀୟ ହକି ମ୍ୟାଚ୍ ପରିଚାଳନା କରିଛନ୍ତି । ସେହିଭଳି ୩୩ଟି ମ୍ୟାଚରେ ଭିଡିଓ ଅମ୍ପାୟର ଭୂମିକା ତୁଲାଇଛନ୍ତି । ସେ ୪ଟି ବିଶ୍ୱକପ୍ ଓ ୩ଟି ଅଲିମ୍ପିକ୍ସରେ ମ୍ୟାଚ୍ ପରିଚାଳନା କରିବାର ସୌଭାଗ୍ୟ ଲାଭ କରିଛନ୍ତି । ଅପରପକ୍ଷରେ ଆର୍ଜେଣ୍ଟିନାର ଇରେନି ପ୍ରିସେନକ୍ସି ବର୍ଷର ଶ୍ରେଷ୍ଠ ମହିଳା ହକି ଅମ୍ପାୟର ବିବେଚିତ ହୋଇଛନ୍ତି ।

## ମ୍ୟାଚ୍‌ବେଳେ ଷ୍ଟମ୍ପ୍ ଭାଙ୍ଗି ବାବର ଦଣ୍ଡିତ

ଦୁବାଇ,୧୮ ।୧୧(ଏଜେନ୍ସି): ପାକିସ୍ତାନର ଶୀର୍ଷ ବ୍ୟାଟର ବାବର ଆଜମ ଆଇସିସି ଆଚରଣ ସଂହିତା ଉଲ୍ଲଙ୍ଘନ କରି ଦଣ୍ଡିତ ହୋଇଛନ୍ତି । ଦଣ୍ଡ ଆକାରରେ ତାଙ୍କ ମ୍ୟାଚ୍ ଫି'ର ୧୦ ଶତକଡ଼ା କାଟିନିଆଯିବା ସହ ଗୋଟିଏ ଡିମେରିଟ୍ ପଏଣ୍ଟ ଦିଆଯାଇଛି । ଗତ ୨୪ ମାସରେ ଏହା ତାଙ୍କର ପ୍ରଥମ ଅପରାଧ ହୋଇଥିବାରୁ ଏଭଳି ଦଣ୍ଡ ମିଳିଛି । ଘଟଣାରୁ ଜଣାଯାଇଛି, ଶ୍ରୀଲଙ୍କା ସହ ତୃତୀୟ ଦିନିକିଆ ମ୍ୟାଚ୍ ଖେଳୁଥିଲାବେଳେ ପାକିସ୍ତାନ ଇନିଂସର ୨୧ତମ ଓଭରରେ ସେ ୫୬ ବଲ୍‌ରୁ ୩୪ ରନ୍ କରି ଆଉଟ ହୋଇଥିଲେ । ଆଉଟ ହେବା ପରେ ବାବର ତାଙ୍କ ବ୍ୟାଟ୍‌ରେ ଷ୍ଟମ୍ପ୍‌କୁ ବାଡେଇ ଭାଙ୍ଗିଦେଇଥିଲେ । ଏହା ଆଇସିସି ଆଚରଣ ସଂହିତାର ଧାରା ୨.୨କୁ ଉଲ୍ଲଙ୍ଘନ କରିଥିଲା । ଯାହା ଫଳରେ ତାଙ୍କୁ ଦଣ୍ଡିତ କରାଯାଇଥିଲା । ଦୀର୍ଘ ୮୦୭ ଦିନ ପରେ ଦିନିକିଆ ମ୍ୟାଚ୍‌ରେ ଶତକ ହାସଲ କରିଥିବା ଆଜମ ଏହି ସିରିଜ୍‌ରେ ସର୍ବାଧିକ ୧୬୫ ରନ୍ କରିଥିଲେ ଓ ପାକିସ୍ତାନ ୩-୦ରେ ଏହି ସିରିଜ୍‌କୁ ଜିତିନେଇଥିଲା ।

## ମହିଳା କବାଡ଼ି ବିଶ୍ୱକପ୍: ଭାରତର ବିଜୟ ଅଭିଯାନ

ଢାକା, ୧୮ ।୧୧ (ଏଜେନ୍ସି): ଡିଫେଣ୍ଡିଂ ଚାମ୍ପିଅନ ଭାରତୀୟ ଦଳ ଚଳିତ ମହିଳା କବାଡ଼ି ବିଶ୍ୱକପ୍‌ର ଦ୍ୱିତୀୟ ସଂସ୍କରଣରେ ବିଜୟରୁ ଅଭିଯାନ ଆରମ୍ଭ କରିଛି । ମଙ୍ଗଳବାର ଗ୍ରୁପ୍-ଏ'ର ଏକ ମ୍ୟାଚରେ ଭାରତୀୟ ମହିଳା ଦଳ ୪୫ ପଏଣ୍ଟ (୬୫-୨୦)ରେ ଥାଇଲାଣ୍ଡକୁ ପରାସ୍ତ କରିଛି । ଏହି ବିଜୟ ସହ ୨ ପଏଣ୍ଟ ପାଇ ଭାରତ ଖାତା ଖୋଲିଛି ।

## ଅଷ୍ଟ୍ରେଲିଆନ୍ ଓପନ୍ ସାତ୍ତ୍ୱିକ୍-ଚିରାଗଙ୍କ ବିଜୟ

ସିଡ୍‌ନୀ, ୧୮ ।୧୧ (ଏଜେନ୍ସି): ତାରକା ଭାରତୀୟ ଯୋଡ଼ି ସାତ୍ତ୍ୱିକସାଇରାଜ ରାଙ୍କିରେଡ୍ଡୀ ଓ ଚିରାଗ ସେଟ୍ଟୀ ଏଠାରେ ଚାଲିଥିବା ଅଷ୍ଟ୍ରେଲିଆନ୍ ଓପନ୍ ବ୍ୟାଡ୍‌ମିଣ୍ଟନ ପ୍ରତିଯୋଗିତାରେ ବିଜୟରୁ ଅଭିଯାନ ଆରମ୍ଭ କରିଛନ୍ତି । ମଙ୍ଗଳବାର ଅନୁଷ୍ଠିତ ପୁରୁଷ ଡବଲ୍ସ ପ୍ରଥମ ରାଉଣ୍ଡ ମୁକାବିଲାରେ ସାତ୍ତ୍ୱିକ-ଚିରାଗ ଯୋଡ଼ି ୨୫-୨୩, ୨୧-୧୬ ଗେମରେ ଚାଇନିଜ ତାଇପେଇର ଚାଙ୍ଗ୍ କୋ-ଚି ଓ ପୋଲି-ୱି ଯୋଡ଼ିଙ୍କୁ ହରାଇଛନ୍ତି । ପ୍ରି-କ୍ୱାର୍ଟରରେ ସାତ୍ତ୍ୱିକ-ଚିରାଗ ଅନ୍ୟତମ ଚାଇନିଜ ତାଇପେଇ ଯୋଡ଼ି ସୁ ଚିଙ୍ଗ ହେଙ୍ଗ ଓ ଗୁଆନ ଜୁନଙ୍କୁ ଭେଟିବେ । ଲକ୍ଷ୍ୟ ସେନ, କିଦାମ୍ବୀ ଶ୍ରୀକାନ୍ତ, ଏଚଏସ୍ ପ୍ରଣୟ ପ୍ରମୁଖ ବୁଧବାର ସେମାନଙ୍କ ଅଭିଯାନ ଆରମ୍ଭ କରିବେ ।

ସକାଳ THE SAKALA
A Unit of Nandighosha Network Pvt. Ltd.
ନନ୍ଦିଘୋଷ

'ସକାଳ'ର ପଞ୍ଚମ ସ୍ୱନକ୍ଷତ୍ର ଉପଲକ୍ଷେ ରାଜ୍ୟସ୍ତରୀୟ

ବିତର୍କ ପ୍ରତିଯୋଗିତା ୨୦୨୫

ଭାଷା: ଓଡ଼ିଆ

5th Anniversary

Presented by:
BHARAT MASALA
AN ISO 9001 : 2015 & HACCP CERTIFIED COMPANY
The Taste of New India

In Association with:
CBSE-XI & XII
SRI VINAYAKA Concept School
BHUBANESWAR

ପ୍ରତିଯୋଗିତା ସ୍ଥାନ ଓ ଯୋଗାଯୋଗ ନଂ.

| | | |
|---|---|---|
| ବଲାଙ୍ଗିର | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଗାନ୍ଧୀନଗରପଡ଼ା, ବଲାଙ୍ଗିର | ଅଭିଳାଷ ହୋତା - ୭୦୦୮୦୮୪୨୪୭ |
| ଦେବଗଡ଼ | ଅପ୍ରାଇଜ ଏଜୁକେଶନାଲ ଇନ୍‌ଷ୍ଟିଚ୍ୟୁଟ, ପୁରୁଣାଗଡ଼, ଦେବଗଡ଼ | ବ୍ରିଜେଶ ସାହୁ - ୭୮୪୭୦୨୩୩୦୩ |
| କଳାହାଣ୍ଡି | ପିଏମ୍ ଶ୍ରୀ ମ୍ୟୁନିସିପାଲ ସରକାରୀ ଉଚ୍ଚ ବିଦ୍ୟାଳୟ, ଭବାନୀପାଟଣା, କଳାହାଣ୍ଡି | ସ୍ୱାଧୀନ ପାତ୍ର - ୯୪୩୭୨୨୨୯୨୨ |
| ନୂଆପଡା | ନ୍ୟାସନାଲ ହାଇସ୍କୁଲ ନୂଆପଡା | ଘନଶ୍ୟାମ ଭୋଇ - ୯୯୩୭୬୭୯୧୩୨ |
| ସମ୍ବଲପୁର | ଗୁରୁନାନକ ପବ୍ଲିକ ସ୍କୁଲ, ସମ୍ବଲପୁର | ସୁକାନ୍ତ କର - ୯୪୩୭୧୪୯୧୬୬ |
| ଝାରସୁଗୁଡା | PKSS କଲେଜ, ଝାରସୁଗୁଡା | ତୁଳେଶ୍ୱରୀ ପ୍ରଧାନ - ୯୬୬୭୩୪୩୬୯୩ |
| ବୌଦ୍ଧ | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ବୌଦ୍ଧ | ବବୁଲ ପାଢ଼ୀ - ୯୪୩୭୫୨୯୪୪୦ |
| ବରଗଡ଼ | ରାଣା ପ୍ରତାପ ଉଚ୍ଚ ବିଦ୍ୟାଳୟ ବରଗଡ଼ | ସରୋଜ ଷଡଙ୍ଗୀ - ୯୯୩୭ ୦୭୧୩୩୦ |
| ରାଉରକେଲା | ରାଉରକେଲା ମୁନିସିପାଲ ମହାବିଦ୍ୟାଳୟର ଅଡିଟୋରିୟମ୍ ଉଦିତନଗର, ରାଉରକେଲା - ୭୬୯୦୦୨ | ଦେବବ୍ରତ ପଟ୍ଟନାୟକ - ୯୪୩୭୦୮୨୭୭୭ |

୨୩ ନଭେମ୍ବର ୨୦୨୫ । ରବିବାର

ଜୁନିୟର: ହାଇସ୍କୁଲ ଛାତ୍ରଛାତ୍ରୀ
ସିନିୟର: କଲେଜ / ବିଶ୍ୱବିଦ୍ୟାଳୟ ଛାତ୍ରଛାତ୍ରୀ

ପ୍ରାରମ୍ଭିକ ବିତର୍କ ପ୍ରତିଯୋଗିତାର ବିଜେତାମାନଙ୍କୁ ପୁରସ୍କୃତ କରାଯିବ ।
ଭାଗ ନେଉଥିବା ସମସ୍ତ ପ୍ରତିଯୋଗୀମାନଙ୍କୁ ସାର୍ଟିଫିକେଟ୍ ଅଫ୍ ପାର୍ଟିସିପେସନ୍ ପ୍ରଦାନ କରାଯିବ ।

ଜିଲ୍ଲାସ୍ତରୀୟ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରିଥିବା ପ୍ରତିଯୋଗୀଙ୍କୁ ରାଜ୍ୟସ୍ତରର ପ୍ରତିଯୋଗିତା ପାଇଁ ଭୁବନେଶ୍ୱର ଡକାଯିବ ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS